# ସକାଳ
THE SAKALA
PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

- RNI REGD NO: 42041/83
- www.sakalaepaper.com
- /sakalanews
- /sakalanews
- www.thesakala.in

•VOLUME- 43 •ISSUE-1 •BHUBANESWAR •WEDNESDAY •25 JUNE 2025 •PAGE-12 •₹ 6.00 | BHUBANESWAR | •ବର୍ଷ-୪୩ •ସଂଖ୍ୟା-୧ •ଭୁବନେଶ୍ୱର •ବୁଧବାର •୨୫ ଜୁନ୍ ୨୦୨୫ •ପୃଷ୍ଠା-୧୨ •ଟ.୬.୦୦




ଉକେଟ୍ ମ୍ୟାନ୍ ଅଫ୍ ଦି ମ୍ୟାଚ୍

▶ପୃଷ୍ଠା ୧୨ ଦେଖନ୍ତୁ...




# ଗୋଷ୍ଠୀ ସଂଘର୍ଷରେ ଗଡ଼ିଲା ମୁଣ୍ଡ

**ଫୁଟିଲା ଗୁଳି, ବୁଲିଲା ଖଣ୍ଡା**

## ପୁଅ ମୃତ, ମା' ସମେତ ୩ ଦରମରା

**ଅଶାନ୍ତ ମୟୂରଭଞ୍ଜ**

■ ବାରିପଦା, ୨୪।୬ (ସମିସ): ଅଶାନ୍ତ ମୟୂରଭଞ୍ଜ। ଜିଲ୍ଲାରେ ଆଇନଶୃଙ୍ଖଳା ବ୍ୟବସ୍ଥା ବିପର୍ଯ୍ୟସ୍ତ ହୋଇପଡ଼ିଥିବା ବେଳେ ଦିନକୁ ଦିନ ଅପରାଧର ଗ୍ରାଫ୍ ଉପରମୁହାଁ ହେବାରେ ଲାଗିଛି। ଗତକାଲି ଏକ ମଦ ଦୋକାନର ସେଲ୍ସ ମ୍ୟାନେଜରଙ୍କୁ ଗୁଳିମାଡ଼ ଘଟଣାକୁ ୨୪ ଘଣ୍ଟା ନ ପୂରୁଣୁ ଆଜି ଦୁଇ ଦୁଇଟି ଆପରାଧିକ ଘଟଣା ଜିଲ୍ଲାବ୍ୟାପୀ ତୀବ୍ର ଆଲୋଡ଼ନ ସୃଷ୍ଟି କରିଛି। ଦୁଇ ଗୋଷ୍ଠୀ ମଧ୍ୟରେ ସଂଘର୍ଷକୁ କେନ୍ଦ୍ର କରି ଆଜି ବାରିପଦା ସହରରେ ଗୁଳି ଫୁଟିବା ଓ ଖଣ୍ଡା ବୁଲିବା ସହ ଜଣଙ୍କର ମୁଣ୍ଡ ଗଡ଼ିଛି। ସେହିପରି ଜିଲ୍ଲାର କୁଳିଅଣା ଥାନା ଅଞ୍ଚଳରେ ଥିବା ଏକ ଗ୍ରାମ୍ୟ ବ୍ୟାଙ୍କରୁ ସ୍ପଷ୍ଟ ଦିବାଲୋକରେ ଡକାୟତମାନେ ବନ୍ଧୁକ ମୁନରେ ୮ ଲକ୍ଷରୁ ଉର୍ଦ୍ଧ୍ୱ ଟଙ୍କା ଲୁଟି ନେଇଛନ୍ତି।

ସୂଚନାନୁଯାୟୀ, ବାରିପଦା ଟାଉନ୍ ଥାନା ଅଧୀନ କାଳିକାପୁରରେ ଆଜି ଦୁଇ ଗୋଷ୍ଠୀ ମଧ୍ୟରେ ସଂଘର୍ଷ ଘଟିଥିଲା। ଗୁଳିମାଡ଼ ଓ ଖଣ୍ଡାଚୋଟରେ ପୁଅର ମୃତ୍ୟୁ ଘଟିଥିବା ବେଳେ ମା' ସମେତ ୩ଜଣ ଗୁରୁତର ଆହତ ହୋଇଛନ୍ତି। ମୃତକ ହେଲେ, କାଳିକାପୁର ୱାର୍ଡ ନଂ୨୪ର ରାଜୁ ଘଡ଼େଇ(୩୫)। ଆହତମାନେ ହେଲେ, ମୃତ ରାଜୁର ମାଆ ସାବିତ୍ରୀ ଘଡ଼େଇ ଓ ଆକାଶ ମୁଖୀ ଓ କୁନ୍ଦନ ମୁଖୀ। ସେମାନଙ୍କୁ ପ୍ରଥମେ ବାରିପଦା ପିଆରଏମ୍ ମେଡିକାଲରେ ଭର୍ତ୍ତି କରାଯାଇଥିଲା। କିନ୍ତୁ ଅବସ୍ଥା ସଂକଟାପନ୍ନ ହେବାରୁ କଟକ ବଡ଼ ମେଡିକାଲକୁ ସ୍ଥାନାନ୍ତର କରାଯାଇଛି। ସେହିପରି ଅନ୍ୟ ଜଣେ ଆହତ ଶିଲ୍ପା ମୁଖୀ ବାରିପଦାରେ ଚିକିତ୍ସାଧୀନ ଅଛନ୍ତି। ଛେଳି ଚୋରିକୁ ନେଇ ଆଜି ଅପରାହ୍ଣ ପ୍ରାୟ ୩ଟାରେ ରାଜୁ ଓ ଆକାଶଙ୍କ ପରିବାର ମଧ୍ୟରେ ବଚସା ହୋଇଥିଲା। ଏଥିରେ ଉତ୍ତ୍ୟକ୍ତ ହୋଇ ରାଜୁ ଏବଂ ତାଙ୍କ ମା' ସାବିତ୍ରୀ ଅସ୍ତ୍ରଶସ୍ତ୍ର ଧରି ମରଣାନ୍ତକ ଆକ୍ରମଣ କରିଥିଲେ। ଏହା ଦେଖି ଉତ୍ତ୍ୟକ୍ତ ଆକାଶ ପାଖରେ ରଖିଥିବା ଏକ ବନ୍ଧୁକରୁ ଗୁଳି ଚଳାଇବାରୁ ରାଜୁ ଗୁରୁତର ହୋଇଥିଲା। ଉଭୟ ପକ୍ଷ ମଧ୍ୟରେ ଖଣ୍ଡା ଓ ଭୁଜାଲିରେ ହଣାକଟା ହେବାରୁ ୫ଜଣ ଗୁରୁତର ଆହତ ହୋଇଥିଲେ। ସମସ୍ତଙ୍କୁ ବାରିପଦା ପିଆର୍ଏମ୍ ହସ୍ପିଟାଲରେ ଭର୍ତ୍ତି କରାଯାଇଥିବା ବେଳେ ସେଠାରେ ରାଜୁର ମୃତ୍ୟୁ ଘଟିଥିଲା।


ଏହି ଖବର ପ୍ରଚାରିତ ହେବା ପରେ ଉଭୟ ପରିବାର ପକ୍ଷରୁ ଶତାଧିକ ମହିଳା ପୁରୁଷ ଡାକ୍ତରଖାନାରେ ପହଞ୍ଚି ପାଟିତୁଣ୍ଡ କରିଥିଲେ। ଏପରିକି, ଘଟଣାସ୍ଥଳକୁ ଆସିଥିବା ପୁଲିସ୍‌କୁ ମଧ୍ୟ ଉତ୍ତ୍ୟକ୍ତ ଲୋକେ ଠେଲାପେଲା କରିଥିଲେ। ଫଳରେ ପରିସ୍ଥିତି ନିୟନ୍ତ୍ରଣ କରିବା ପାଇଁ ପୁଲିସ୍‌କୁ ବି ନାକେଦମ୍ ହେବାକୁ ପଡ଼ିଥିଲା। ପରେ ଡାକ୍ତରଖାନା ପରିସରରେ ଅଧିକ ପୁଲିସ୍ ମୁତୟନ କରାଯିବାରୁ ପରିସ୍ଥିତି ଶାନ୍ତ ପଡ଼ିଛି।

# ଗ୍ରାମ୍ୟ ବ୍ୟାଙ୍କରୁ ସଶସ୍ତ୍ର ଡକାୟତି

ବାରିପଦା/କୁଳିଅଣା, ୨୪।୬ (ସମିସ): କୁଳିଅଣା ଥାନା ଅନ୍ତର୍ଗତ ୧୮ ନଂ. ଜାତୀୟ ରାଜପଥର କୁଚେଇ ଛକରେ ଥିବା ଓଡ଼ିଶା ଗ୍ରାମ୍ୟ ବ୍ୟାଙ୍କ ଶାଖାରୁ ଆଜି ଏକ ବଡ଼ଧରଣର ସଶସ୍ତ୍ର ଡକାୟତି ହୋଇଛି। ଅପରାହ୍ଣରେ ଦୁଇଟି ବାଇକ୍‌ରେ ୬ଜଣ ଡକାୟତ ବ୍ୟାଙ୍କ୍ ଭିତରକୁ ଧସେଇ ପଶିବା ସହ କର୍ମଚାରୀ ଓ ଲୋକଙ୍କୁ ଖଣ୍ଡା, ଭୁଜାଲି ଦେଖାଇ ୮ ଲକ୍ଷରୁ ଉର୍ଦ୍ଧ୍ୱ ଟଙ୍କା, ୯ ଗ୍ରାମ୍ ସୁନା, ମୋବାଇଲ୍ ଲୁଟି ନେଇଛନ୍ତି। ପ୍ରମାଣ ନଷ୍ଟ କରିବା ପାଇଁ ସେମାନେ ବ୍ୟାଙ୍କରେ ଲାଗିଥିବା ସିସିଟିଭିର ହାର୍ଡଡିସ୍କକୁ ବି ନେଇ ଯାଇଛନ୍ତି। ଏପରିକି, ଗଲାବେଳେ ସେମାନେ ସମସ୍ତଙ୍କୁ ବାହାରୁ ତାଲା ପକାଇ ଫେରାର୍ ହୋଇଯାଇଥିଲେ। ଖବର ପାଇ କୁଳିଅଣା ପୁଲିସ୍ ସଦଳବଳ ପହଞ୍ଚି ତଦନ୍ତ ଆରମ୍ଭ କରିଛି। ପରେ ବାଲେଶ୍ୱର ଡିଆଇଜି ସତ୍ୟଜିତ ନାୟକ, ମୟୂରଭଞ୍ଜ ଏସ୍‌ପି ବରୁଣ ଗୁଣ୍ଟପାଲ୍ଲି, ସଦର ଏସ୍‌ଡିପିଓ ପ୍ରଭାତ କୁମାର ମଲ୍ଲିକ, ସଦର ଥାନା ଆଇଆଇସି ଆଦିତ୍ୟ ପ୍ରସାଦ ଜେନା ଓ ସାଇଣ୍ଟିଫିକ୍ ଟିମ୍ ପହଞ୍ଚି ତଦନ୍ତ କରି ଫେରିଛନ୍ତି। ଖବର ଲେଖାହେବା ସୁଦ୍ଧା ଏହି ଘଟଣାରେ ପୁଲିସ୍ କାହାରିକୁ ଗିରଫ କରିପାରିନାହିଁ। ଏହି ଖବର ଆଜି ଜିଲ୍ଲାରେ ଭୟର ବାତାବରଣ ସୃଷ୍ଟି କରିଛି। ସୂଚନାନୁଯାୟୀ, ଡକାୟତମାନେ ଉପରମହଲାରେ ଥିବା ବ୍ୟାଙ୍କ ପ୍ରକୋଷ୍ଠରେ ବନ୍ଧୁକ ଓ ଭୁଜାଲି ଧରି ପଶିଥିଲେ। ସେତେବେଳେ ବ୍ୟାଙ୍କ ଭିତରେ ବ୍ୟାଙ୍କ ମ୍ୟାନେଜର୍ ରଞ୍ଜିତା ସୋରେନ, କ୍ୟାସିୟର ସୂର୍ଯ୍ୟପ୍ରଭା ମଲ୍ଲିକଙ୍କ ସହ ୩ ମହିଳା କର୍ମଚାରୀ ଏବଂ ୮ରୁ ୧୦ଜଣ ଗ୍ରାହକ ଉପସ୍ଥିତ ଥିଲେ। ଦୁର୍ବୃତ୍ତମାନେ ପ୍ରଥମେ ୫ଜଣ ଗ୍ରାହକଙ୍କୁ ବନ୍ଧୁକ ଓ ଭୁଜାଲି ଦେଖାଇ ଗୋଟିଏ ପଟକୁ ନେଇଯିବା ପରେ ମ୍ୟାନେଜରଙ୍କୁ ଡରାଇ ଧମକାଇ ତାଙ୍କ ପାଖରୁ ଷ୍ଟ୍ରଙ୍ଗରୁମ୍‌ର ଚାବି ଛଡ଼ାଇ ନେଇଥିଲେ। ପରେ ସେମାନେ ଷ୍ଟ୍ରଙ୍ଗରୁମ୍‌ର ତାଲା ଖୋଲି ୮ ଲକ୍ଷରୁ ଅଧିକ ଟଙ୍କା ଓ ୯ ଗ୍ରାମ୍ ସୁନା ନେଇ ପଳାଇଥିଲେ। ଦୁର୍ବୃତ୍ତମାନେ ହିନ୍ଦୀ ଓ ବଙ୍ଗଳା ଭାଷାରେ କଥା ହେଉଥିଲେ। ଯିବାବେଳେ ବ୍ୟାଙ୍କର ବାହାର ପଟୁ ଚାବି ପକାଇଦେଇ ପଳାଇଥିଲେ। ପରେ ମୋବାଇଲ ଗୁଡିକୁ ତଳେ ପକାଇ ୨ଟି ବାଇକରେ ଖସି ପଳାଇଥିଲେ।

# ନିବେଶ ନାଁରେ ୬କୋଟି ଠକେଇ

## 'ଏମ୍‌ବିଏ ଠକ' ସହ ୩ ଗିରଫ







କଟକ, ୨୪।୬(ସମିସ): ଦୁଇଟି ପୃଥକ୍ ଘଟଣାରେ ଅନଲାଇନ୍ ନିବେଶ ନାଁରେ ଲୋଭ ଦେଖାଇ ଠକିଥିବା ମୋଟ ୩ ସାଇବର୍ ଠକକୁ ଗିରଫ କରିଛି କ୍ରାଇମବ୍ରାଞ୍ଚ। ଗିରଫ ଅଭିଯୁକ୍ତଙ୍କ ମଧ୍ୟରେ ଜଣେ ଏମବିଏ ଡିଗ୍ରୀଧାରୀ ରହିଥିବା ଜଣାପଡ଼ିଛି। ଆଇପିଓ ଓ ଓଟିସି ଟ୍ରେଡିଂରେ ଟଙ୍କା ନିବେଶ କରି ଅଧିକ ଅର୍ଥ ପାଇବାର ପ୍ରଲୋଭନ ଦେଖାଇ ଜଣେ ବ୍ୟକ୍ତିଙ୍କଠାରୁ ୧କୋଟି ୩ଲକ୍ଷ ୫୦ ହଜାର ଟଙ୍କା ଠକିନେବା ଅଭିଯୋଗରେ ଜଣେ ସାଇବର ଠକକୁ ଗିରଫ କରିଛି କ୍ରାଇମବ୍ରାଞ୍ଚ। ସେ ହେଲା, ବେଙ୍ଗାଲୁରୁ ବିସିସି ଲେଆଉଟ୍ ନିବାସୀ ତଥା ଡିସିଏକ୍ସ ଟେକ୍ନୋଲୋଜିର ଫାଇନାନ୍ସ ମ୍ୟାନେଜର ଗଣେଶ କେ.ସେଟ୍ଟୀ(୪୮)। ଅଭିଯୁକ୍ତକୁ କଟକ ଜେଏମଏଫସି ଅଦାଲତରେ ହାଜର କରାଯାଇଛି। ସେହିଭଳି ଆଉ ଜଣେ ବ୍ୟକ୍ତିଙ୍କଠାରୁ ୬କୋଟି ୪ଲକ୍ଷ୫୩ହଜାର ଟଙ୍କା ଠକେଇ ଘଟଣାରେ ମହାରାଷ୍ଟ୍ର ଓ ପୁଣେରୁ ଦୁଇ ଠକ ଗିରଫ ହୋଇଛନ୍ତି। ସେମାନେ ହେଲେ, ଏମ୍‌ବିଏ ଡିଗ୍ରୀ ଧାରୀ ସ୍ୱପ୍ନିଲ ଗୋରଖା ଢୋକାଲେ ଓ ସ୍ନାତକ ଡିଗ୍ରୀଧାରୀ ଆଜାଜ ସାଫିକ। ତଦନ୍ତକାରୀ ଟିମ୍ ଅଭିଯୁକ୍ତମାନଙ୍କଠାରୁ ମୋବାଇଲ୍, ସିମ୍ କାର୍ଡ, ଆଧାର କାର୍ଡ, ପ୍ୟାନ୍ କାର୍ଡ ଇତ୍ୟାଦି ସାମଗ୍ରୀ ଜବତ କରିଛି। ଏହି ମାମଲାରେ ଠକମାନଙ୍କର ଏକାଧିକ ବ୍ୟାଙ୍କ ଆକାଉଣ୍ଟକୁ ଅଚଳ କରାଯାଇଛି।

■ ମହାକାଳପଡ଼ାର 'କ୍ରୋକୋଡାଇଲ୍ ମ୍ୟାନ୍'

# କୁମ୍ଭୀର ସହ ଲଢ଼ି ଜୀବନ ବଞ୍ଚାଇଲେ

ମହାକାଳପଡ଼ା,୨୪।୬(ସମିସ): ମହି ନଦୀରେ କୁମ୍ଭୀର ସହ ଲଢ଼ି ଜଣେ ୬୦ବର୍ଷୀୟ ବୃଦ୍ଧ ନିଜ ଜୀବନ ବଞ୍ଚାଇଛନ୍ତି। କେନ୍ଦ୍ରାପଡ଼ା ଜିଲ୍ଲା



ମହାକାଳପଡ଼ା ବ୍ଲକ୍ ବଉଳକଣି ପଞ୍ଚାୟତର ଅରୁଣନଗର ଗାଁରେ ଘଟିଥିବା ଏହି ଘଟଣା ଜିଲ୍ଲାବ୍ୟାପୀ ଚର୍ଚ୍ଚାର ବିଷୟ ହୋଇଛି। ବୃଦ୍ଧଜଣଙ୍କ ହେଲେ, ଗାଁର ପ୍ରଭାତ ମଣ୍ଡଳ।

ପ୍ରଭାତ ରାମଚଣ୍ଡୀ ଗଳିଆ ନଦୀ ପାର୍ଶ୍ୱରେ ଥିବା ନିଜ ଚାଷ ଜମିରେ ତଳି ପକାଇବା ପାଇଁ ଯାଇଥିଲେ। ଏହା ପୂର୍ବରୁ ସେ ଶୌଚ ହେବାକୁ ନଦୀକୂଳକୁ ଯାଇଥିବା ବେଳେ ସେଠାରେ ଏକ ଗଛ ମୂଳେ ଛକି ରହିଥିବା ବିଶାଳକାୟ କୁମ୍ଭୀର ତାଙ୍କୁ ଆକ୍ରମଣ କରି ନଦୀ ମଝିକୁ ଟାଣିନେଇଥିଲା। କିନ୍ତୁ ନଦୀର ପ୍ରଖର ସୁଅ ମଧ୍ୟରେ ପ୍ରଭାତ କୁମ୍ଭୀର ସହ ପାଖାପାଖି ୧୦ ମିନିଟ୍ ଲଢ଼େଇ କରି ନିଜ ଜୀବନ ବଞ୍ଚାଇଥିଲେ। କୁମ୍ଭୀର ଆଖିରେ ଆଙ୍ଗୁଠି ଗେଞ୍ଜି ସେ ଚତୁରତାର ସହ ଉପରକୁ ଉଠି ଆସିଥିଲେ। ଖବର ପାଇ ପରିବାରଲୋକ ଘଟଣାସ୍ଥଳରେ ପହଞ୍ଚି ରକ୍ତ ଜୁଡୁବୁଡୁ ଅବସ୍ଥାରେ ପ୍ରଭାତଙ୍କୁ ଉଦ୍ଧାର କରି ସ୍ଥାନୀୟ ମହାକାଳପଡ଼ା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରାଇଥିଲେ। ପ୍ରଭାତଙ୍କ ଡାହାଣ ହାତରେ ୧୦ଟି ଷ୍ଟିଚ୍ ପଡ଼ିଥିବା ବେଳେ ଜଙ୍ଘରେ ୪ଟି ଷ୍ଟିଚ୍ ପଡ଼ିଛି। ବର୍ତ୍ତମାନ କୁମ୍ଭୀର ପ୍ରଜନନ ଋତୁ ଚାଲିଥିବାରୁ ଏହି ସମୟରେ ସେମାନେ ଅଧିକ ହିଂସ୍ର ହୋଇଥା'ନ୍ତି। ତେବେ ପ୍ରଭାତଙ୍କ ପରିବାରକୁ କ୍ଷତିପୂରଣ ଯୋଗାଇଦେବାକୁ ଗ୍ରାମବାସୀମାନେ ଦାବି କରିଛନ୍ତି।

**ବିଧାୟକଙ୍କୁ ବିରୋଧରୁ ହିଂସା**

# ବିଜେପି କର୍ମୀଙ୍କ ଢ଼େଲାମାଡ଼ରେ ପୁଲିସ୍ ଘାଇଲା

ଆଠଗଡ଼, ୨୪।୬ (ସମିସ): ଆଠଗଡ଼ ପଞ୍ଚାୟତ ସମିତିର ୧୦ମ ବୈଠକ ହେବା ପୂର୍ବରୁ ଆଜି ପଞ୍ଚାୟତ ସମିତି କାର୍ଯ୍ୟାଳୟ ରଣକ୍ଷେତ୍ର ପାଲଟିଛି। ସମିତିର ୧୦ମ ବୈଠକରେ ସ୍ଥାନୀୟ ବିଧାୟକ ଯୋଗଦେବାକୁ ସହ୍ୟ କରି ନପାରି ବିଜେପି କର୍ମୀମାନେ ରକ୍ତମୁଖା ହୋଇପଡ଼ିଥିଲେ। ବିଧାୟକ ଆସିବା ପୂର୍ବରୁ ବିଜେପି କର୍ମୀମାନଙ୍କ ଉତ୍ପାତ ଚରମସୀମାରେ ପହଞ୍ଚିଥିଲା।

**■ ଢେଲାମାଡ଼ରେ ଏସ୍‌ଡିପିଓଙ୍କ ଆଖିପତା ଫାଟିଲା**
**■ ପୁଲିସର ଲାଠିଚାର୍ଜ, ୧୬୩ ଧାରା ଲାଗୁ**

ସେମାନେ ପୁଲିସ୍ ଉପରକୁ ଢେଲା, ପଥର, ଚପଲ, ପାଣିବୋତଲ ଓ ଅଣ୍ଡାମାଡ଼ କରିଥିଲେ। ଏଥିରେ ଏସ୍‌ଡିପିଓ ବିଶ୍ୱଜିତ ମହାନ୍ତିଙ୍କ ସମେତ ବହୁ ପୁଲିସ୍ ଲହୁଲୁହାଣ ହୋଇଛନ୍ତି। ସେମାନଙ୍କ ମଧ୍ୟରୁ ୨ଜଣଙ୍କୁ କଟକର ଏକ ଘରୋଇ ହସ୍ପିଟାଲରେ ଭର୍ତ୍ତି କରାଯାଇଛି। ଅପରପକ୍ଷେ, ଘଟଣାସ୍ଥଳରେ ପରିସ୍ଥିତି ଅଣାୟତ୍ତ ହୋଇପଡ଼ିବାରୁ ଆଠଗଡ଼ ପୁଲିସ୍ ମୃଦୁ ଲାଠିଚାଳନା କରିବାକୁ ବାଧ୍ୟ ହୋଇଥିଲା।

ସୂଚନା ମୁତାବକ, ଆଠଗଡ଼ ପଞ୍ଚାୟତ ସମିତି ବୈଠକ ମଙ୍ଗଳବାର ଅନୁଷ୍ଠିତ ହୋଇଥିଲା। ଏହି ପରିପ୍ରେକ୍ଷୀରେ ସମିତି କାର୍ଯ୍ୟାଳୟ ସମ୍ମୁଖରେ ବହୁ ବିଜେପି କର୍ମୀ ସମବେତ ହୋଇ ବିଧାୟକ ରଣେନ୍ଦ୍ର ପ୍ରତାପ ସ୍ୱାଇଁଙ୍କ ଆଗମନ ବା ପଞ୍ଚାୟତ ସମିତି ବୈଠକରେ ଯୋଗଦାନକୁ ବିରୋଧ କରିଥିଲେ।







ବିଜେପି କର୍ମୀଙ୍କ ବିରୋଧକୁ ଖାତିର ନ କରି ବିଧାୟକ ଶ୍ରୀ ସ୍ୱାଇଁ ଦିନ ପ୍ରାୟ ୧୧ଟାରେ ବୈଠକ ଗୃହକୁ ଯାଇଥିଲେ। ତେବେ ବିଜେପି କର୍ମୀମାନେ ହୋ-ହଲ୍ଲା କରିବାରୁ ପୁଲିସ ସେମାନଙ୍କୁ ଘଉଡ଼ାଇ ଦେଇଥିଲା। ସେମାନେ ବନଖଣ୍ଡ ଅଧିକାରୀଙ୍କ କାର୍ଯ୍ୟାଳୟ ଆଡ଼କୁ ପଳାଇ ଯାଇ ପୁଲିସ୍ ଉପରକୁ ଅଣ୍ଡା ଓ ଢ଼େଲା ପଥର ମାଡ଼ କରିଥିଲେ। ତେବେ ସ୍ଥିତି ନିୟନ୍ତ୍ରଣ ପାଇଁ ପୁଲିସ୍ ଘଟଣାସ୍ଥଳରେ ବିଏନ୍ଏସ୍ ଧାରା ୧୬୩ ଲାଗୁ କରିଥିଲା। ଏହାକୁ ଖାତିର୍ ନକରି କର୍ମୀମାନେ ଆଖିବୁଜା ପଥର ମାଡ଼ କରିଥିଲେ। ଏଥିରେ ଆଠଗଡ଼ ଏସ୍‌ଡିପିଓ ବିଶ୍ୱଜିତ ମହାନ୍ତିଙ୍କ ଆଖିରେ ଢ଼େଲାମାଡ଼ ହୋଇ ଗୁରୁତର କ୍ଷତ ହୋଇଥିଲା। ସେହିଭଳି ଟିଗିରିଆ ଥାନା ସବଇନ୍ସପେକ୍ଟର୍ ବିଶ୍ୱଜିତ ଜେନାଙ୍କ ମୁଣ୍ଡ ଫାଟି ପ୍ରଚୁର ରକ୍ତସ୍ରାବ ହୋଇଥିଲା। ଏତଦ୍‌ବ୍ୟତୀତ ଅନ୍ୟ ପୁଲିସ କର୍ମଚାରୀମାନେ ଆହତ ହୋଇଥିଲେ। ସମସ୍ତ ଆହତଙ୍କୁ ପ୍ରଥମେ ଆଠଗଡ଼ ଓ ପରେ କଟକର ଏକ ଘରୋଇ ହସ୍ପିଟାଲକୁ ସ୍ଥାନାନ୍ତର କରାଯାଇଛି।

ବିଜେପି କର୍ମୀଙ୍କ ଆକ୍ରମଣରେ ପୁଲିସ ପ୍ରତିକ୍ରିୟାଶୀଳ ହୋଇ ଲାଠିଚାର୍ଜ କରିଥିଲା। ଦିନତମାମ ଆଠଗଡ଼ ଏନ୍ଏସି ଅଫିସ୍‌ଠାରୁ ଅଦାଲତ ସମ୍ମୁଖ ପର୍ଯ୍ୟନ୍ତ ପୁଲିସ ଛାଉଣୀ ଓ କାର୍ଯ୍ୟାନୁଷ୍ଠାନ ଭୟର ବାତାବରଣ ସୃଷ୍ଟି କରିଥିଲା। ଏହି ଘଟଣାକୁ ନେଇ ଆଠଗଡ଼ ସହରରେ ଚାପା ଉତ୍ତେଜନା ଦେଖାଦେଇଥିଲା।

ଅପରପକ୍ଷେ, ବିଜେପି କର୍ମୀଙ୍କ ଏତାଦୃଶ କାର୍ଯ୍ୟକୁ ସାଧାରଣରେ ଦୃଢ଼ ନିନ୍ଦା କରାଯାଇଛି। କଟକ ଜିଲ୍ଲା (ଗ୍ରାମାଞ୍ଚଳ) ବିଜେପି ସଭାପତି ରାମନାରାୟଣ ମହାନ୍ତି ଏ ଘଟଣାକୁ ଦୃଢ଼ ନିନ୍ଦା କରିବା ସହ ବିଜେପି ଦଳ ଗୋଟିଏ ଶୃଙ୍ଖଳିତ ଦଳ ଓ ଶାନ୍ତିପୂର୍ଣ୍ଣ ଭାବେ ବିକ୍ଷୋଭ କରାଯିବା ଉଚିତ ବୋଲି ମତବ୍ୟକ୍ତ କରିଛନ୍ତି। ଅନ୍ୟପକ୍ଷରେ, ବୈଠକ ସରିବା ପରେ ବିଧାୟକ ଶ୍ରୀ ସ୍ୱାଇଁ ଆଠଗଡ ସରକାରୀ ଡାକ୍ତରଖାନାକୁ ଯାଇ ଆହତମାନଙ୍କୁ ଭେଟିଛନ୍ତି। ଆହତ ପୁଲିସ କର୍ମଚାରୀମାନଙ୍କୁ ପ୍ରାଥମିକ ଚିକିତ୍ସା ପରେ କଟକର ଏକ ଘରୋଇ ଡାକ୍ତରଖାନାରେ ଭର୍ତ୍ତି କରାଯାଇଛି।

**ରଥଯାତ୍ରା ସମୀକ୍ଷା କଲେ ପୁଲିସ ଡିଜି**

# ପ୍ରଥମଥର ମୁତୟନ ହେବେ ଏନ୍‌ଏସ୍‌ଜି ସ୍ନାଇପର

ପୁରୀ,୨୪।୬(ସମିସ): ଚଳିତବର୍ଷ ରଥଯାତ୍ରାରେ ଲକ୍ଷ ଲକ୍ଷ ଶ୍ରଦ୍ଧାଳୁଙ୍କ ସମାଗମ ହେବା ସମ୍ଭାବନା ରହିଛି। ତେଣୁ ଶାନ୍ତିଶୃଙ୍ଖଳା ରକ୍ଷା, ଭକ୍ତଙ୍କ ସୁରକ୍ଷା ପାଇଁ ପୁଲିସ ପକ୍ଷରୁ ଟାଉନ୍ ହଲ୍ ପରିସରରେ ଗୁରୁବାର ବୈଠକ ଅନୁଷ୍ଠିତ ହୋଇଛି। ଭକ୍ତଙ୍କ ଶୃଙ୍ଖଳିତ ଦର୍ଶନ, ସୁରକ୍ଷା, ଟ୍ରାଫିକ୍ ସୁପରିଚାଳନାକୁ ଗୁରୁତ୍ୱ ଦେବାକୁ ପରାମର୍ଶ ଦିଆଯାଇଛି। ସମସ୍ତେ ଯେପରି ଶ୍ରୀକ୍ଷେତ୍ର ମାଟିରୁ ଭଲ ଅନୁଭୂତି ନେଇ ଫେରିବେ ସେ ନେଇ ପରାମର୍ଶ ଦେଇଛନ୍ତି ପୁଲିସ ଡିଜି ୱାଇ.ବି. ଖୁରାନିଆ। ଅପରପକ୍ଷରେ ଚଳିତବର୍ଷ ପ୍ରଥମଥର ପାଇଁ ରଥଯାତ୍ରାରେ ଏନ୍‌ଏସ୍‌ଜି ସ୍ନାଇପର ମୁତୟନ ହେବେ ବୋଲି ଡିଜି କହିଛନ୍ତି।




ଡିଜିପି କହିଛନ୍ତି, ରଥଯାତ୍ରା କିପରି ସୁରକ୍ଷିତ ଓ ଶୃଙ୍ଖଳିତ ଭାବେ ସମ୍ପନ୍ନ ହେବ ତାହା ଉପରେ ପୁଲିସ ଗୁରୁତ୍ୱ ଦେଇଛି। ପୁଲିସ ଶ୍ରଦ୍ଧାଳୁଙ୍କ ପ୍ରତି ଭଲ ବ୍ୟବହାର ପ୍ରଦର୍ଶନ ପାଇଁ ପରାମର୍ଶ ଦିଆଯାଇଛି। ଗତବର୍ଷ ତୁଳନାରେ ଏବର୍ଷ ଅଧିକ ପୁଲିସ ବ୍ୟବସ୍ଥା କରାଯିବ। ବିଭାଗ ତରଫରୁ ସବୁ ପ୍ରସ୍ତୁତି ଶେଷ ହୋଇଛି। ୮ଟି ଭାଗରେ ସୁରକ୍ଷା ଓ ଶୃଙ୍ଖଳା ବ୍ୟବସ୍ଥାକୁ ବିଭକ୍ତ କରାଯାଇଛି। ଟ୍ରାଫିକ୍, ମନ୍ଦିର ଭିତର, ମନ୍ଦିର ବାହାର, ଭିତର କର୍ଡନ୍, ଗହଳି ନିୟନ୍ତ୍ରଣ ଆଦିକୁ ନେଇ ହୋଇଛି ବ୍ୟବସ୍ଥା। ନୂଆକରି ଇଣ୍ଟିଗ୍ରେଟେଡ୍ କମାଣ୍ଡ ଆଣ୍ଡ କଣ୍ଟ୍ରୋଲ ରୁମ୍ ବ୍ୟବସ୍ଥା ହୋଇଛି। ୨୭୫ଟି ଏଆଇ କ୍ୟାମେରା ନଜରରେ ରହିଛି ଶ୍ରୀକ୍ଷେତ୍ର। ଉତ୍ତରାରୁ ପୁରୀ, ପୁରୀରୁ କୋଣାର୍କ ସିସିଟିଭି ଆଚ୍ଛାଦିତ ରହିବ। ଲାଇଭ୍ ଫିଡ୍‌କୁ ଦେଖି କଣ୍ଟ୍ରୋଲ ହେବ। ଟ୍ରାଫିକ୍ ମୋମେଣ୍ଟ ପାଇଁ ସ୍ୱତନ୍ତ୍ର ପ୍ଲାନ୍ ରହିବ। ଆଣ୍ଟି ଡ୍ରୋନ୍ ସିଷ୍ଟମ୍, ଆଣ୍ଟି ସାବୁଟେଜ୍, ଡଗ୍ ସ୍କ୍ୱାଡ୍ ମୁତୟନ ହେବେ। ବିଏସ୍ଏଫ୍, ସିଆର୍‌ପିଏଫ୍, ଆର୍ଏଏଫ୍‌କୁ ମିଶାଇ ୮ କମ୍ପାନୀ ଫୋର୍ସ ରହିବେ। ତଟ ସୁରକ୍ଷା ପାଇଁ ମେରାଇନ୍, କୋଷ୍ଟଗାର୍ଡ, ନ୍ୟାଭି ମିଳିତ ପାଟ୍ରୋଲିଂ କରିବେ। ଏରିୟଲ ସର୍ଭେ ହେବା ସହ ଆକାଶ ମାର୍ଗରୁ ତୀକ୍ଷ୍ଣ ନଜର ରଖାଯିବ। ରୁଟ୍ ମ୍ୟାପ୍ ଏବଂ କେଉଁଠି ସଠିକ୍ ଭାବେ ପାର୍କିଂ କରିହେବ ସେଥିଲାଗି ଚାଟ୍‌ବୋଟ୍ ଆପ୍ ବ୍ୟବସ୍ଥା ହୋଇଛି। ଶୃଙ୍ଖଳିତ ରଥଯାତ୍ରା ପାଇଁ ପୁଲିସ ତରଫରୁ ହୋଇଛି ବ୍ୟାପକ ବ୍ୟବସ୍ଥା। ୧୦ ହଜାର ପୁଲିସ, ସିଏପିଏଫ୍, ହୋମ୍‌ଗାର୍ଡ ମୁତୟନ ରହିବେ।

# ଚାକିରି ବୟସ ୪୨, ପଢ଼ିବା ପାଇଁ ୩୦!

ଭୁବନେଶ୍ୱର,୨୪।୬(ସମିସ): ରାଜ୍ୟରେ ବିଭିନ୍ନ ଚାକିରି ପାଇଁ ଆବେଦନ ବୟସ ସୀମା ବଢ଼ାଯାଇଛି। ଶାରୀରିକ ଦକ୍ଷତା ପରୀକ୍ଷା ରହୁଥିବା ପଦ ବ୍ୟତୀତ ଅନ୍ୟ ପଦ ପାଇଁ ବୟସ ସୀମା ୩୨ରୁ ୪୨ ବର୍ଷ ହଇଛି। ସାଧାରଣ ବର୍ଗ ପ୍ରାର୍ଥୀଙ୍କ ପାଇଁ ୪୨ ବର୍ଷ ଓ ଅନ୍ୟବର୍ଗର ପ୍ରାର୍ଥୀମାନଙ୍କ ବୟସ ଏହା ଉପରେ ଅଧିକ କୋହଳ କରାଯାଇଛି। ଏକ ପକ୍ଷରେ ଚାକିରି ବୟସ ୪୨ ବର୍ଷ କରାଯାଇଥିବାବେଳେ ସିଟି ବା ଡିଇଏଲ୍‌ଇଡି ପଢ଼ିବା ପାଇଁ ସାଧାରଣ ବର୍ଗ ପ୍ରାର୍ଥୀଙ୍କ ପାଇଁ ସର୍ବୋଚ୍ଚ ବୟସ ୩୦ ବର୍ଷ ରଖାଯାଇଛି। ସେହିପରି ଅନୁସୂଚୀତ ଜାତି, ଜନଜାତି ଓ ସାମାଜିକ ଆର୍ଥୀକ ପଛୁଆ ବର୍ଗ (ଏସ୍‌ଇବିସି) ବର୍ଗ ପ୍ରାର୍ଥୀଙ୍କ ପାଇଁ ୩୫ ଓ ଦିବ୍ୟାଙ୍ଗଙ୍କ କ୍ଷେତ୍ରରେ ୪୦ ବର୍ଷ ରହିଛି। ଯଦି ୪୨ ବର୍ଷ ପର୍ଯ୍ୟନ୍ତ ଜଣେ ନିଯୁକ୍ତି ପରୀକ୍ଷା ଦେଇ ପାରିବ, ତାହେଲେ ଅଧିକ ବୟସ ପର୍ଯ୍ୟନ୍ତ ଜଣେ କାହିଁକି ପାଠ ପଢ଼ି ପାରିବ ନାହିଁ ବୋଲି ପ୍ରଶ୍ନ ଉଠିଛି। ଚଳିତ ଶିକ୍ଷାବର୍ଷ ସିଟି ନାମଲେଖା ପାଇଁ ଆବେଦନ ଆରମ୍ଭ ହୋଇଛି। ଜୁଲାଇ ୯ ତାରିଖ ପର୍ଯ୍ୟନ୍ତ ଛାତ୍ରଛାତ୍ରୀମାନେ ଆବେଦନ କରପାରିବେ। ହେଲେ ଆବେଦନ ପୂର୍ବରୁ ପ୍ରକାଶିତ ସୂଚନା ପୁସ୍ତିକାରେ ଆବେଦନକାରୀଙ୍କ ବୟସସୀମା ନିର୍ଦ୍ଧାରଣ କରାଯାଇଛି। ଫଳରେ ବୟସ ଅତିକ୍ରମ କରିଥିବା ବହୁ ଆଶାୟୀ ଆବେଦନରୁ ବଞ୍ଚିତ ହୋଇଛନ୍ତି। ନିଯୁକ୍ତି ପାଇଁ ବୟସ ବଢ଼ାଯାଇଥିବାବେଳେ ପାଠ ପଢ଼ିବାକୁ କାହିଁକି ଅଙ୍କୁଶ ଲଗାଯାଇଛି ବୋଲି ଆଶାୟୀମାନେ ପ୍ରଶ୍ନ କରିଛନ୍ତି। ଶିକ୍ଷକତା ପରି ଶାରୀରିକ ପରୀକ୍ଷା ନ ଥିବା ଚାକିରି ପାଇଁ ଯଦି ସେମାନଙ୍କୁ ସୁଯୋଗ ଦିଆ ନ ଯିବ, ତାହେଲେ ବର୍ଦ୍ଧିତ ବୟସ ସୀମା କାହା ପାଇଁ ରଖାଯାଇଛି ବୋଲି ଆଶାୟୀ ପ୍ରଶ୍ନ କରିଛନ୍ତି।

# ବ୍ୟାଙ୍କ ବ୍ୟାନ୍: ତିନି ଦିନରେ ୟୁ-ଟର୍ଣ୍ଣ

## ୩ ଘରୋଇ ବ୍ୟାଙ୍କ ସହ ଜାରି ରହିବ ନିର୍ଦ୍ଦିଷ୍ଟ ଅର୍ଥ କାରବାର

ଭୁବନେଶ୍ୱର,୨୪।୬(ସମିସ): ଗତ ୨୧ତାରିଖରେ ଦେଶର ସବୁଠାରୁ ବଡ଼ ଘରୋଇ ବ୍ୟାଙ୍କ ତାଲିକାର ପ୍ରଥମରେ ଥିବା ଏଚ୍‌ଡ଼ିଏଫ୍‌ସି, ତୃତୀୟ ଓ ଚତୁର୍ଥ ସ୍ଥାନରେ ଥିବା ଆଇସିଆଇସିଆଇ ଓ ଆକ୍ସିସ ବ୍ୟାଙ୍କ ସହ ସବୁ କାରବାର ବନ୍ଦ କରିବାକୁ ରାଜ୍ୟ ସରକାର ନିଷ୍ପତ୍ତି ନେଲେ। ଏପରିକି ସରକାରୀ ଅନୁବନ୍ଧିତ ସୂଚୀରୁ ଏହି ତିନିଟି ବ୍ୟାଙ୍କକୁ ବାଦ ଦେଲେ। ସରକାରୀ ଯୋଜନା ଓ କାର୍ଯ୍ୟକ୍ରମରେ ଅସହଯୋଗ ଯୋଗୁଁ ଏହି ବ୍ୟାଙ୍କଗୁଡ଼ିକୁ ଅନୁବନ୍ଧିତ ସୂଚୀରୁ ବାଦ ଦିଆଗଲା ବୋଲି ସେତେବେଳେ କୁହାଗଲା। ରାଜ୍ୟ ସରକାରଙ୍କ ଏପରି ନିଷ୍ପତ୍ତି ସେତେବେଳେ ଅନେକ ପ୍ରଶ୍ନବାଚୀ ସୃଷ୍ଟି କରିଥିଲା ଓ ଏହା ପଛରେ ଅନେକ ରହସ୍ୟ ଥିବା ଚର୍ଚ୍ଚା ହେଲା।

ମାତ୍ର ତିନି ଦିନ ନ ଯାଉଣୁ ପୁଣି ଅକସ୍ମାତ ସରକାରଙ୍କ ଆଭିମୁଖ୍ୟରେ ପରିବର୍ତ୍ତନ ଘଟିଛି। ଆଶ୍ଚର୍ଯ୍ୟଜନକ ଭାବରେ ଅର୍ଥ ବିଭାଗ ଏ ସଂପର୍କରେ ଏକ ସ୍ପଷ୍ଟୀକରଣ ଜାରିକରି ଏହି ବ୍ୟାଙ୍କ ସହ ସମ୍ପର୍କ ସମ୍ପୂର୍ଣ୍ଣ ଛିନ୍ନ ନ କରି ନିର୍ଦ୍ଦିଷ୍ଟ କାରବାର ଜାରି ରହିବ ବୋଲି କୁହାଯାଇଛି। ମାତ୍ର ତିନିଦିନ ମଧ୍ୟରେ ଅର୍ଥ ବିଭାଗର ନିଷ୍ପତ୍ତି ପରିବର୍ତ୍ତନ ପରେ ପୂର୍ବରୁ ସନ୍ଦେହ କରାଯାଉଥିବା ରହସ୍ୟକୁ ଦୃଢ଼ୀଭୂତ କରିଛି। ଯାହାକୁ ନେଇ ଏବେ କ୍ଷମତା ଅଳିନ୍ଦରେ ବେଶ୍ ଚର୍ଚ୍ଚା। ଅଧିକାଂଶ ରାଷ୍ଟ୍ରାୟତ୍ତ ବ୍ୟାଙ୍କଗୁଡ଼ିକରେ ସରକାରୀ ଯୋଜନାର ଉପଭୋକ୍ତାମାନେ ଦୁର୍ବ୍ୟବହାର ଶିକାର ହେଉଥିବା, ଉପଯୁକ୍ତ ସେବା ପାଉ ନ ଥିବା ଅଭିଯୋଗ କରିବା ସହ ଘରୋଇ ବ୍ୟାଙ୍କଗୁଡ଼ିକରେ ଜମାଖାତା ଖୋଲୁଛନ୍ତି। ଦେଶର ତିନି ଶୀର୍ଷ ଘରୋଇ ବ୍ୟାଙ୍କ କୁହାଯାଉଥିବା ଏଚ୍‌ଡ଼ିଏଫ୍‌ସି, ଆଇସିଆଇସିଆଇ ଓ ଏକ୍ସିସ ବ୍ୟାଙ୍କ ଓଡ଼ିଶାର ବିଭିନ୍ନ ଅଞ୍ଚଳରେ ସେବା ଯୋଗାଇ ଦେଉଛନ୍ତି। ମାତ୍ର ଏହି ବ୍ୟାଙ୍କ ସହ କାରବାର ବନ୍ଦ କରିବାକୁ ରାଜ୍ୟ ସରକାର କାହିଁକି ନିଷ୍ପତ୍ତି ନେଇଥିଲେ ଓ କେଉଁ ବାଧବାଧକତାରୁ ଏହି ନିଷ୍ପତ୍ତିରେ ପରିବର୍ତ୍ତନ କଲେ ତାହା ସ୍ୱାଭାବିକ ସନ୍ଦେହ ସୃଷ୍ଟି କରିଛି।

ଅର୍ଥ ବିଭାଗର ପ୍ରମୁଖ ସଚିବ ଶାଶ୍ୱତ ମିଶ୍ରଙ୍କ ଚିଠି ଅନୁଯାୟୀ ଉପରୋକ୍ତ ୩ ଘରୋଇ ବ୍ୟାଙ୍କ ସହ ରାଜ୍ୟ ସରକାର କେତେକ ନିର୍ଦ୍ଦିଷ୍ଟ କାରବାର ଜାରି ରଖିବେ। ରାଜ୍ୟ ସରକାରଙ୍କ ସଂସ୍ଥାର ଏସଏନଏ (ସିଙ୍ଗଲ ନୋଡାଲ ଏଜେନ୍ସି) ବ୍ୟାଙ୍କ ଆକାଉଣ୍ଟ, ପେମେଣ୍ଟ ଏଗ୍ରିଗେଟ୍ ଅବା ପେମେଣ୍ଟ ଗେଟୱେ ବ୍ୟାଙ୍କ ଆକାଉଣ୍ଟ, ଏଜେନ୍ସି ବ୍ୟାଙ୍କ ଆକାଉଣ୍ଟ(ସରକାରୀ ରାଜସ୍ୱ ସଂଗ୍ରହ ହେଉଥିବା ଆକାଉଣ୍ଟ) ଏବଂ ଏନପିଏସ/ପେନସନ୍ ଟ୍ରଷ୍ଟ ବ୍ୟାଙ୍କ ଆକାଉଣ୍ଟ ଜାରି ରହିବ। ଏଠାରେ ଉଲ୍ଲେଖଯୋଗ୍ୟ ଯେ ୨୧ ତାରିଖରେ ଏହି ୩ଟି ଘରୋଇ ବ୍ୟାଙ୍କକୁ ରାଜ୍ୟ ସରକାର ନିଜର ତାଲିକାଭୁକ୍ତ ବ୍ୟାଙ୍କ ତାଲିକାରୁ ବାଦ୍ ଦେବାକୁ ନିଷ୍ପତ୍ତି ନେଇଥିବା ସମ୍ପର୍କରେ ଅର୍ଥ ବିଭାଗ ପକ୍ଷରୁ ବିଭିନ୍ନ ବିଭାଗର ସଚିବଙ୍କୁ ଅବଗତ କରାଯାଇଥିଲା। ଏହି ୩ଟି ବ୍ୟାଙ୍କରେ ଥିବା ଫିକ୍ସଡ୍ ଡିପୋଜିଟ୍ ଓ ଟର୍ମ ଡିପୋଜିଟକୁ ବାଦ୍ ଦେଇ ଅନ୍ୟ ସମସ୍ତ କାରବାର ବନ୍ଦ କରିବା ଓ ଅର୍ଥ ଅନ୍ୟ ତାଲିକାଭୁକ୍ତ ବ୍ୟାଙ୍କକୁ ସ୍ଥାନାନ୍ତର ପାଇଁ ଅର୍ଥ ବିଭାଗ ନିର୍ଦ୍ଦେଶ ଦେଇଥିଲେ।

# ଗୁଟ୍‌ଖା ଖାଇଦେଲା ପାନ ବେଉସା

## ଆୟକୁ ବଳି ଗଲାଣି ବ୍ୟୟ, ଦୁର୍ଦ୍ଦିନରେ ଚାଷୀ

ଭୁବନେଶ୍ୱର, ୨୪।୬(ସମିସ): ରାଜ୍ୟର ଲକ୍ଷାଧିକ ସଂଖ୍ୟାରେ ପାନ ଚାଷୀ ଏବେ ଦୁର୍ଦ୍ଦିନରେ ଦିନ କାଟୁଛନ୍ତି। ପାନ ବରଜ ପାଇଁ ଯେତିକି ମୂଳ ଧନ ଖର୍ଚ୍ଚ କରୁଛନ୍ତି, ସେତିକି ବି ଆଦାୟ କରିପାରୁନାହାନ୍ତି। ଫଳରେ ବାପା, ଅଜା ଅମଳରୁ ପାନ ଚାଷ କରି ଗୁଜୁରାଣ ମେଣ୍ଟାଇ ଆସୁଥିବା ହଜାର ହଜାର ଚାଷୀ ଏବେ ବୃତ୍ତି ବଦଳାଇବାକୁ ବାଧ ହେଉଛନ୍ତି। ଯେତିକି ବି ଚାଷୀ ଚାଷ କରୁଛନ୍ତି, ଅଧିକାଂଶ କ୍ଷତି ସହୁଛନ୍ତି। ଗୁଟ୍‌ଖାର ବହୁଳ ପ୍ରଚାର ଓ ବିକ୍ରି ଭିତରେ ପାରମ୍ପରିକ ପାନକୁ ଲୋକେ ଆଉ ପସନ୍ଦ କରୁନାହାନ୍ତି। ପୂର୍ବରୁ

**■ ଧାର୍ଯ୍ୟ ହେଉନାହିଁ ସର୍ବନିମ୍ନ ସହାୟକ ମୂଲ୍ୟ**
**■ କରୋନା ପରଠୁ ବିଦେଶକୁ ରପ୍ତାନୀ ବନ୍ଦ**

ରାଜ୍ୟ ତଥା ଦେଶ ବାହାରକୁ ଓଡ଼ିଶା ପାନ ରପ୍ତାନୀ ହେଉଥିଲା। ମାତ୍ର କରୋନା ପରଠୁ ଏହି ରପ୍ତାନୀ ସଂପୂର୍ଣ୍ଣ ବନ୍ଦ ହୋଇଯାଇଛି। ତେଣୁ ଏବେ ଯେତିକି ଚାଷ ହେଉଛି, ଓଡ଼ିଶାର ବିଭିନ୍ନ ଜିଲ୍ଲାରେ ବିକ୍ରିବଟା ହେଉଛି। ଏଥିରେ ଚାଷୀ ଯେତିକି ଟଙ୍କା ପାଉଛି, ତା' ତୁଳନାରେ ମଧ୍ୟସ୍ଥି ଅଧିକ ଲାଭ ରଖି ଦେଉଛି। ତେଣୁ ଧାନ ଭଳି ପାନର ସର୍ବନିମ୍ନ ସହାୟକ ମୂଲ୍ୟ ଧାର୍ଯ୍ୟ କରାଯାଉ ବୋଲି ଚାଷୀମାନେ ଦାବି କରୁଛନ୍ତି। ସର୍ବଭାରତୀୟସ୍ତରରେ ପାନ ଚାଷରେ ଓଡ଼ିଶାର ସ୍ଥାନ ତୃତୀୟ ସ୍ଥାନ। ପଶ୍ଚିମବଙ୍ଗରେ ୨୦ ହଜାର ହେକ୍ଟର ଜମିରେ ପାନ ଚାଷ ହେଉଥିବାବେଳେ କର୍ଣ୍ଣାଟକରେ ପ୍ରାୟ ୬ହଜାର ହେକ୍ଟର ଓ ଓଡ଼ିଶାରେ ୩ହଜାର ହେକ୍ଟର ଜମିରେ ପାନ ଚାଷ ହୋଇଥାଏ। ପୂର୍ବରୁ ଉତ୍ତର ଓ ଉପକୂଳ ଓଡ଼ିଶାରେ ପ୍ରଚୁର ପରିମାଣରେ ପାନ ଚାଷ କରାଯାଉଥିଲା। ବାଲେଶ୍ୱର, ଜଗତସିଂହପୁର, କଟକ, ପୁରୀ ଆଦି ଜିଲ୍ଲାରେ ହଜାର ହଜାର ହେକ୍ଟର ଜମିରେ ଲୋକମାନେ



ପାନ ବରଜ କରୁଥିଲେ। ଧାନ ଭଳି ପାନ ଚାଷକୁ ବିଶେଷ ଗୁରୁତ୍ୱ ଦେଉଥିଲେ। ମୁମ୍ବାଇ, ସୁରଟ ଆଦି ସହରରେ ଓଡ଼ିଶା ପାନର ବେଶ୍ ଚାହିଦା ବି ଥିଲା। ଆମର ଏଠି ଉଭୟ ପାଚିଲା ଓ କଞ୍ଚାପାନ ବାହାରକୁ ରପ୍ତାନୀ ହେଉଥିଲା। ଜଗତସିଂହପୁର ଜିଲ୍ଲା କୁଜଙ୍ଗ ଅଞ୍ଚଳର ପାଚିଲା ପାନର ବେଶ୍ ଚାହିଦା ଦେଶ ବିଦେଶରେ ମଧ ଥିଲା। ଏଠାରୁ ଉତ୍ପାଦିତ ପାନକୁ ଭାଟିରେ ପଚାଯାଉଥିଲା। ପାନ ପାଚିବା ପରେ ହଳଦିଆ ରଙ୍ଗରେ ପରିଣତ ହେଉଥିଲା ଏବଂ ତାହାକୁ ବାହାରକୁ ପଠାଯାଉଥିଲା। କୁଜଙ୍ଗ ଅଞ୍ଚଳରେ ପାନ ପଚାଇବା କାର୍ଯ୍ୟରେ ମୟୂରଭଞ୍ଜ ଜିଲ୍ଲାରେ ଅନେକ ଶ୍ରମିକ ନିଯୋଜିତ ହୋଇଥିଲେ। ତେବେ ମହାବାତ୍ୟା ଓ ପରେ ପୋସ୍କୋ ବିବାଦ ପରଠାରୁ ସେଠାରେ ଏହି ବେଉସା ଏକପ୍ରକାର ବନ୍ଦ ହୋଇଯାଇଛି।

ଓଡ଼ିଶା ପାନ ଚାଷୀ ମହାସଂଘର ସହ ସମ୍ପାଦକ ସର୍ବେଶ୍ୱର ଦାସ କହିଛନ୍ତି ଯେ ପାନ ବରଜ ପାଇଁ ବାଉଁଶ ଫାଳିଆ ଯୋଗାଡ଼ କରିବାରେ ବହୁ ସମସ୍ୟା ହେଉଛି। ଗାଁ ଗହଳିରୁ ଧୀରେ ଧୀରେ ବାଉଁଶ ବୁଦା ଲୋପ ପାଇବାରେ ଲାଗିଛି। ଲୋକମାନେ ବାଡ଼ି ବଗିଚାରେ ଆଉ ବାଉଁଶ ରଖୁନାହାନ୍ତି। ତେଣୁ ବାଉଁଶ ଫଳିଆ ଦାମ୍ ଦିନକୁ ଦିନ ବୃଦ୍ଧି ପାଇବାରେ ଲାଗିଛି। ଯେଉଁ ଛୋଟ ବାଉଁଶ ଫାଳିଆ ୧୦୦ଟାକୁ ୨୫୦୦ଟଙ୍କା ଥିଲା ତାହା ଏବେ ୫ହଜାର ଟଙ୍କାରେ ବିକ୍ରି ହେଉଛି। ବଡ଼ ଫାଳିଆ ୧୦୦ଟାକୁ ୫ହଜାର ଟଙ୍କାରେ ବିକ୍ରି ହେଉଥିଲା ତାହା ଏବେ ୮ହଜାର ଟଙ୍କାରେ ବିକ୍ରି ହେଉଛି। ପାନ ବରଜ ଭିଡ଼ିବାକୁ ପୂର୍ବରୁ ଯେଉଁମାନେ ହଜାରେ ଟଙ୍କା ମଜୁରି ନେଉଥିଲେ ସେ ଏବେ ୧୫୦୦ଟଙ୍କା ଦାବି କରୁଛନ୍ତି। ଲକ୍ଷେ ଟଙ୍କା ଖର୍ଚ୍ଚ କରି ବରଜଟିଏ କଲେ, ୭୦ରୁ ୮୦ ହଜାର ଆଦାୟ ହେଉଛି। ସବୁବେଳେ ପ୍ରାୟ ୨୦-୩୦ ହଜାର କ୍ଷତି ହେଉଛି। ପାନ କଡ଼ାକୁ ଅତି ବେଶୀରେ ବେପାରୀ ୩୫ରୁ ୫୦ ଟଙ୍କାରେ କିଣି ନେଉଛି। ସେମାନେ ଦୋକାନୀଙ୍କୁ ୭୦ରୁ ୮୦ ଟଙ୍କାରେ ବିକ୍ରି କରୁଛନ୍ତି। ତେଣୁ ଚାଷୀ ଅଧିକାଂଶ ସମୟରେ କ୍ଷତି ସହୁଛି। ତେଣୁ ସରକାରୀ ସହାୟତା ଯୋଗାଇଦେଲେ ପାନ ଚାଷ ବଞ୍ଚିରହିବ ବୋଲି ସେ କହିଛନ୍ତି।

ସକାଳ
THE SAKALA
PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI
♦VOLUME- 43 ♦ISSUE-1 ♦BHUBANESWAR ♦WEDNESDAY ♦25 JUNE 2025 ♦PAGE-12 ♦₹ 6.00
♦ବର୍ଷ-୪୩ ♦ସଂଖ୍ୟା-୧ ♦ଭୁବନେଶ୍ୱର ♦ବୁଧବାର ♦୨୫ ଜୁନ୍ ୨୦୨୫ ♦ପୃଷ୍ଠା-୧୨ ♦ଟ.୬.୦୦

## ଜୁଲାଇ ପହିଲାରୁ ମହଙ୍ଗା ହେବ ରେଳ ଯାତ୍ରା

■ **ନୂଆଦିଲ୍ଲୀ, ୨୪।୬ (ଏଜେନ୍ସି):** ଆସନ୍ତା ମାସରୁ ରେଳଯାତ୍ରୀଙ୍କୁ ବଡ଼ ଝଟକା ଲାଗିବାକୁ ଯାଉଛି । କୋଭିଡ୍-୧୯ ମହାମାରୀ ପରେ ପ୍ରଥମ ଥର ପାଇଁ ଜୁଲାଇ ପହିଲାରୁ ବର୍ଦ୍ଧିତ ଯାତ୍ରୀଭଡ଼ା ଲାଗୁ ହେବ । ଏଥିରେ ଲୋକାଲଠାରୁ ଆରମ୍ଭ କରି ମେଲ୍ ଏକ୍ସପ୍ରେସ୍‌ର ଭଡ଼ା ବୃଦ୍ଧି ହେବାକୁ ଯାଉଛି । ଏହାସହିତ, ତତ୍କାଳ ଟିକଟ୍ ବୁକିଂର ନିୟମ ମଧ୍ୟ ପରିବର୍ତ୍ତନ ହେଉଛି ।

ସାଧାରଣ ମେଲ୍ / ଏକ୍ସପ୍ରେସ୍ ଟ୍ରେନ (ନନ୍-ଏସି) ଭଡା କିଲୋମିଟର ପିଛା ୧ ପଇସା ବୃଦ୍ଧି ପାଇବ । ଏସି ଶ୍ରେଣୀରେ ଯାତ୍ରୀଭଡା କିଲୋମିଟର ପିଛା ୨ ପଇସା ବୃଦ୍ଧି ପାଇବ । ସେହିପରି ୫୦୦ କିମି ଯାତ୍ରା ପାଇଁ ସହର ତଳି ଟିକଟ୍ ଓ ଦ୍ୱିତୀୟ ଶ୍ରେଣୀ ଯାତ୍ରା ଭଡ଼ାରେ କୌଣସି ବୃଦ୍ଧି ହେବ ନାହିଁ । ୫୦୦ କିମିରୁ ଅଧିକ ଦୂରତା ପାଇଁ ବୃଦ୍ଧି ଅଧ ପଇସା ପ୍ରତି କିଲୋମିଟର ହେବ । ମାସିକ ସିଜନ ଟିକଟ୍‌ରେ କୌଣସି ବୃଦ୍ଧି ହେବନାହିଁ । ଏହାବ୍ୟତୀତ, ଅନ୍‌ଲାଇନ୍ ତତ୍କାଳ ଟିକେଟ୍ ସିଷ୍ଟମରେ ଦୀର୍ଘ ଦିନଧରି ଚାଲିଥିବା ହେରଫେରକୁ ଦେଖି ନିକଟରେ ରେଳବାଇ ତତ୍କାଳ ଟିକଟ୍‌ର ବୁକିଂ ପ୍ରକ୍ରିୟାରେ ପରିବର୍ତ୍ତନ କରିଛି । ଜୁଲାଇ ପହିଲାରୁ ତତ୍କାଳ ଟିକଟ ବୁକ୍ କରିବା ପାଇଁ ଆଧାର ପ୍ରମାଣୀକରଣ ଆବଶ୍ୟକ ହେବ । ଜୁନ୍ ୧୦ରେ ରେଳ ମନ୍ତ୍ରଣାଳୟ ସମସ୍ତ ରେଳ ଜୋନ୍‌କୁ ଏନେଇ ନୋଟିସ୍ ଦେଇଛି । ▶ପୃଷ୍ଠା-୭

# ଟ୍ରମ୍ପଙ୍କୁ ମାନିଲେନି ଇରାନ-ଇସ୍ରାଏଲ୍

## ଯୁଦ୍ଧବିରତି ଘୋଷଣାର ଅଢ଼େଇ ଘଣ୍ଟାରେ ପୁଣି କ୍ଷେପଣାସ୍ତ୍ର/ବୋମା ମାଡ଼

■ **ତେହରାନ/ୱାସିଂଟନ, ୨୪।୬ (ଏଜେନ୍ସି):** ୧୨ ଦିନର ଘମାଘୋଟ ଲଢ଼େଇ ପରେ ଶାନ୍ତ ପଡ଼ିଛି ମଧ୍ୟପ୍ରାଚ୍ୟ । ପରସ୍ପର ଉପରେ ଆକ୍ରମଣ ଚଳାଇଥିବା ଇରାନ ଏବଂ ଇସ୍ରାଏଲ ଯୁଦ୍ଧବିରତି ଲାଗି ଆମେରିକାର ରାଷ୍ଟ୍ରପତି ଟ୍ରମ୍ପଙ୍କ ପ୍ରସ୍ତାବରେ ରାଜି ହୋଇଛନ୍ତି । ତେବେ ଟ୍ରମ୍ପଙ୍କ ଅସ୍ତ୍ରବିରତି ଘୋଷଣାର ଅଢ଼େଇ ଘଣ୍ଟା ଭିତରେ ଉଭୟ ଦେଶ ପରସ୍ପର ଉପରେ ପୁଣି ଥରେ ଆକ୍ରମଣ କରିବାରୁ ଉତ୍ତେଜନା ସୃଷ୍ଟି ହୋଇଥିଲା । କିନ୍ତୁ ଟ୍ରମ୍ପଙ୍କ ଉଦ୍‌ବେଗ ପରେ ଉଭୟ ଦେଶ ଆକ୍ରମଣରୁ ବିରତ ରହିଛନ୍ତି । ତାଙ୍କର ଅନୁରୋଧ ସତ୍ତ୍ୱେ ଇସ୍ରାଏଲ ଇରାନ ଉପରେ ବୋମାମାଡ଼ କରିଥିବାରୁ ଟ୍ରମ୍ପ ଭୀଷଣ ଅସନ୍ତୋଷ ପ୍ରକାଶ କରିଛନ୍ତି ।

ଆଜି ସକାଳେ ରାଷ୍ଟ୍ରପତି ଟ୍ରମ୍ପ ଅସ୍ତ୍ରବିରତି କଥା ଘୋଷଣା କରିଥିଲେ । ସେ କହିଥିଲେ ଯେ ଆକ୍ରମଣ ବନ୍ଦ କରିବା ଲାଗି ଉଭୟ ଦେଶ

### କ୍ଷୁବ୍ଧ ଟ୍ରମ୍ପଙ୍କ ମୁହଁରୁ ବାହାରିଲା ଅଶ୍ଳୀଳ ଶବ୍ଦ

ରାଜି ହୋଇଛନ୍ତି । ଏଥିପାଇଁ ଉଭୟ ଇରାନ ଓ ଇସ୍ରାଏଲକୁ ସେ ଧନ୍ୟବାଦ ଦେଇଥିଲେ । ସାମାଜିକ ଗଣମାଧ୍ୟମ 'ଏକ୍ସ'ରେ ସେ କହିଥିଲେ ଯେ ଯୁଦ୍ଧବିରତି ହୋଇନଥିଲେ ଏହି ଲଢ଼େଇ ଦୀର୍ଘ




ବର୍ଷ ଧରି ଚାଲିଥାଆନ୍ତା ଏବଂ ଏଥିରେ ମଧ୍ୟପ୍ରାଚ୍ୟ ସଂପୂର୍ଣ୍ଣ ରୂପେ ଧ୍ୱଂସ ହୋଇଯାଇ ଥାଆନ୍ତା । କିନ୍ତୁ ଏହା ହେବାକୁ ଦିଆଯିବ ନାହିଁ ।

ସୂଚନା ଅନୁଯାୟୀ ଏହି ଯୁଦ୍ଧବିରତି ଲାଗି ଗତକାଲି ଠାରୁ କୂଟନୈତିକ ସ୍ତରରେ ଉଦ୍ୟମ ଆରମ୍ଭ ହୋଇଥିଲା । କତାରରେ ଥିବା ଆମେରିକାର ସାମରିକ ଘାଟି ଉପରେ ଇରାନର ଆକ୍ରମଣ ସତ୍ତ୍ୱେ ଆମେରିକା ପାଲଟା ଆକ୍ରମଣ ନକରିବା ଘଟଣାରୁ ଯୁଦ୍ଧବିରତିର ସୂଚନା ମିଳିଥିଲା । କାରଣ ଟ୍ରମ୍ପ ଘୋଷଣା କରିଥିଲେ ଯେ ଇରାନ ଆକ୍ରମଣରେ ଆମେରିକାର କୌଣସି କ୍ଷତି ହୋଇନାହିଁ । ତେଣୁ ତାଙ୍କ ▶ପୃଷ୍ଠା-୭

# ନିଶା ଦେଇ ନାବାଳିକାଙ୍କୁ ଦୁଷ୍କର୍ମ; ବିଜେପି ନେତା ଗିରଫ




### ସହାୟତା କରିଥିଲେ ସହଯୋଗୀ ଓ ଅଙ୍ଗନବାଡ଼ି କର୍ମୀ

### ନକଲି ଡାକ୍ତରୀ ପ୍ରମାଣପତ୍ରରେ ଚଳାଉଥିଲେ କ୍ଲିନିକ୍

### କ୍ଲିନିକ ସିଲ; ସହଯୋଗୀ ଓ ଅଙ୍ଗନବାଡ଼ି କର୍ମୀ ଗିରଫ

■ **ବ୍ରହ୍ମପୁର, ୨୪।୬ (ସମିସ):** ପ୍ରଥମେ ମାର୍କଣ୍ଡି ଆଉ ତା'ପରେ ଗୋପାଳପୁର ବେଳାଭୂମିରେ ଗଣଦୁଷ୍କର୍ମ । ଏହି ଦୁଇ ଘଟଣା ସାରା ବିଶ୍ୱରେ ଓଡ଼ିଶାକୁ ଲଜ୍ଜିତ କରିଥିବା ବେଳେ ବ୍ରହ୍ମପୁର ।।ରେ ପୁଣି ଜଣେ ନାବାଳିକାଙ୍କୁ ଦୁଷ୍କର୍ମ ଅଭିଯୋଗ ହୋଇଛି । ଅନେକ ବରିଷ୍ଠ ବିଜେପି ନେତାଙ୍କ ଘନିଷ୍ଠ କୁହାଯାଉଥିବା ଓ ବିଜେପିର ଆଗଧାଡ଼ିର ନେତା ପରିଚୟ ଦେଉଥିବା ନକଲି ଡାକ୍ତର ଭବାନୀଶଙ୍କର ଦାସଙ୍କୁ ଦୁଷ୍କର୍ମ ଅଭିଯୋଗରେ ଗିରଫ କରିଛି ପୁଲିସ । ଦୁଷ୍କର୍ମରେ ତାଙ୍କୁ ସହାୟତା କରିଥିବା ଜଣେ ଅଙ୍ଗନବାଡ଼ି କର୍ମୀଙ୍କୁ ମଧ୍ୟ ଗିରଫ କରାଯାଇଛି । ଗତ ୨୩ ତାରିଖ ରାତି ପ୍ରାୟ ୧୧ଟା ସମୟରେ ଜଣେ ୪୫ବର୍ଷୀୟ ମହିଳା ନିଜର ନାବାଳିକା ଝିଆରୀକୁ ଦୁଷ୍କର୍ମ ହୋଇଥିବା ନେଇ ବୈଦ୍ୟନାଥପୁର ଥାନାରେ ଲିଖିତ ଅଭିଯୋଗ କରିଥିଲେ । ବାଜପେୟୀ ଆରୋଗ୍ୟଧାମ ନାମକ ଏକ ଘରୋଇ କ୍ଲିନିକ ଚଳାଉଥିବା ଡାକ୍ତର ଭବାନୀ ଶଙ୍କର ଦାସ ନାବାଳିକାଙ୍କୁ ବଳତ୍କାର କରିଥିବା ସେ ଅଭିଯୋଗରେ ଉଲ୍ଲେଖ କରିଥିଲେ । ତଦନ୍ତ ସମୟରେ ଜଣାପଡ଼ିଲା ଯେ ପୀଡ଼ିତା ନାବାଳିକା ଜଣକ ଅଭିଯୋଗକାରିଣୀଙ୍କ ଭଉଣୀଙ୍କ ଝିଅ । ନିଜ ଗ୍ରାମର ଜଣେ ଅଙ୍ଗନବାଡ଼ି କର୍ମୀଙ୍କ ଜରିଆରେ ପୀଡ଼ିତାଙ୍କ ମାଆ ଭବାନୀଙ୍କ ▶ପୃଷ୍ଠା-୭

## ଶ୍ରୀମନ୍ଦିର ଇତିହାସରେ ପ୍ରଥମ; ମହାପ୍ରଭୁଙ୍କ ମୋଦକ ଚୋରି

# ଠାକୁରଙ୍କୁ ଲାଗିହେଲା ମାରା ମୋଦକ



- ଲାଗି ହେବାକୁଥିବା ୭୦ ମୋଦକ ଉଭାନ
- ଘଟଣାକୁ ଢାଙ୍କିବାକୁ ସରକାରଙ୍କ ଉଦ୍ୟମ
- ବଡ଼ଠାକୁରଙ୍କ ପଡ଼ିବାକୁ ପୂରିଯିବ ବର୍ଷେ
- ହେଲାନି କାର୍ଯ୍ୟାନୁଷ୍ଠାନ, ଆସିଲାନି ରିପୋର୍ଟ

■ **ପୁରୀ, ୨୪।୬ (ସମିସ):** ଶ୍ରୀମନ୍ଦିର ଇତିହାସରେ ଯାହା କେବେ ଘଟି ନ ଥିଲା, ତାହା ଏବେ ଘଟିଛି । ଅଣସରରେ ଚିକିତ୍ସାଧୀନ ମହାପ୍ରଭୁଙ୍କୁ ସୁସ୍ଥ କରିବା ନିମନ୍ତେ ବୈଦ୍ୟ ସେବକ ଯୋଗାଇ ଦେଇଥିବା ଦଶମୂଳ ମୋଦକ ଚୋରି ହୋଇ ଯାଇଛି । ସବୁଠାରୁ ସଙ୍ଗୀନ କଥା ହେଉଛି ଯେ ଦାରୁ ବିଗ୍ରହଙ୍କୁ ମାରା ମୋଦକ ଲାଗୁ କରାଯାଇଛି । ଏହି ଅଭିଯୋଗ ଅନ୍ୟ କେହି ନୁହେଁ; ଖୋଦ୍ ବଡ଼ଦିଅଁ ମହାପ୍ରଭୁଙ୍କ ଅଙ୍ଗଲାଗି ସେବକ ତଥା ମୁଖ୍ୟ ବାଡ଼ଗ୍ରାହୀ ହଳଧର ଦାସମହାପାତ୍ର ଆଣିଛନ୍ତି । ଏହି ଘଟଣାର ତଦନ୍ତ ଶେଷ ହୋଇ ନ ଥିବାବେଳେ ସରକାର ଓ ଶ୍ରୀମନ୍ଦିର ପ୍ରଶାସନ ଏପରି ଅଭିଯୋଗକୁ ଅସ୍ୱୀକାର କରି ମୋଦକ ଚୋରି ଅଭିଯୋଗ ମିଛ ବୋଲି କହିଛନ୍ତି । ମାତ୍ର ତଦନ୍ତ ଶେଷ ହୋଇ ନ ଥିବାବେଳେ ପ୍ରଶାସନ ଓ ସରକାର କାହାକୁ ଘଣ୍ଟ ଘୋଡ଼ଇବାକୁ ଆଗୁଆ ସଫେଇ ଦେଉଛନ୍ତି ତାହା ସ୍ୱାଭାବିକ ପ୍ରଶ୍ନବାଚୀ ସୃଷ୍ଟି କରିଛି ।

ଆଉ ଦୁଇଦିନ ପରେ ରଥଯାତ୍ରା । ରଥଯାତ୍ରାକୁ ତ୍ରୁଟିଶୂନ୍ୟ କରିବା ଲାଗି ମୁଖ୍ୟମନ୍ତ୍ରୀଙ୍କ ନିର୍ଦ୍ଦେଶକୁ କିପରି ଅନୁପାଳନ କରାଯିବ ସେ ଦିଗରେ ଅଧିକାରୀମାନେ ଲାଗି ପଡ଼ିଛନ୍ତି, ହେଲେ ଘରେ ନ ପଶୁଣୁ ଚାଳ ବାଜିବା ଭଳି ରଥଯାତ୍ରା ଆରମ୍ଭରୁ ଦେଖାଦେଇଛି ବିଭ୍ରାଟ । ଅଣସରରେ ସେବା ପାଉଥିବା ତିନି ଠାକୁରଙ୍କ ନିକଟରେ ଲାଗି ହେବାକୁ ବୈଦ୍ୟ ସେବକ ଯୋଗାଇଥିବା ମୋଦକ ଚୋରି ହୋଇ ଯାଇଛି । ବଳଭଦ୍ରଙ୍କ ବାଡ଼ଗ୍ରାହୀ ହଳଧର ଦାସମହାପାତ୍ର ଏ ସଂକ୍ରାନ୍ତରେ ଚିଠି ଲେଖି ମୁଖ୍ୟ ପ୍ରଶାସକଙ୍କ ନିକଟରେ ଅଭିଯୋଗ କରିଛନ୍ତି । ହଳଧର ଲେଖିଥିବା ପତ୍ରରେ କହିଛନ୍ତି ଯେ ଅନବସର ଏକାଦଶୀ ଦିନ ମହାପ୍ରଭୁଙ୍କ ସର୍ବାଙ୍ଗ ପରେ ୭ ଜଣ କବିରାଜ ସେବକ ସମୁଦାୟ ୩୧୩ ମୋଦକ ଗାରଦରେ ଜମା ଦେଇଥିଲେ । ସେମାନଙ୍କ ମଧ୍ୟରେ ରୁଦ୍ରନନ୍ଦନ ମିଶ୍ର ୯୯ ମୂର୍ତ୍ତି, ନନ୍ଦନନ୍ଦନ ମିଶ୍ର ୬୩ ମୂର୍ତ୍ତି, ବିନାୟକ ମିଶ୍ରଙ୍କ ନାତି ସୁଧାଂଶୁ ମିଶ୍ର ୪୯ ମୂର୍ତ୍ତି, ଦୁର୍ଗାପ୍ରସାଦ ମିଶ୍ର ୨୭ ମୂର୍ତ୍ତି, ସର୍ବେଶ୍ୱର ମିଶ୍ର ୨୫ ମୂର୍ତ୍ତି, ସତ୍ୟବ୍ରତ ମିଶ୍ର ଓ ଦେବବ୍ରତ ମିଶ୍ର ୨୫ ମୂର୍ତ୍ତି ଓ କ୍ଷୀରୋଦ ଚନ୍ଦ୍ର ମିଶ୍ର ୨୫ ମୂର୍ତ୍ତି ମୋଦକ ପ୍ରଦାନ କରିଥିଲେ । ହେଲେ ମହାପ୍ରଭୁଙ୍କୁ ଲାଗି ନିମନ୍ତେ ମୋଦକ ମଣତି ନେବା ସମୟରେ ମୋଟ ୩୧୩ ମୂର୍ତ୍ତି ଅମୁଣିଆ ମୋଦକରୁ ୭୦ କମ୍ ଥିବା ଦେଖା ଯାଇଛି । ମୋଦକ ଚୋରି ପରେ ସ୍ୱାଭାବିକ ଭାବରେ ଏହା ▶ପୃଷ୍ଠା-୭



# ନବନିର୍ମିତ ଢଳେଇ ରାସ୍ତା ଫାଟିଲା

ଭଦ୍ରେଶ୍ୱର,୨୪।୬(ସମିସ)



**ରାସ୍ତାର ସ୍ଥାୟିତ୍ୱ ନେଇ ସନ୍ଦେହ**

ଲକ୍ଷ ଲକ୍ଷ ଟଙ୍କା ବ୍ୟୟରେ ନିର୍ମିତ ଏକ ଢଳେଇ ରାସ୍ତା ଫାଟି ଯାଇଥିବାର ଅଭିଯୋଗ ହୋଇଛି । ଫଳରେ ଏହି ରାସ୍ତାର ସ୍ଥାୟିତ୍ୱ ନେଇ ସାଧାରଣରେ ସନ୍ଦେହ ପ୍ରକାଶ ପାଇଛି । ମାହାଙ୍ଗା ବ୍ଲକ ଭଦ୍ରେଶ୍ୱର ପଞ୍ଚାୟତ କାର୍ଯ୍ୟନିର୍ବାହୀ ଯନ୍ତ୍ରୀ ରୂପେ ମୋନାଲିସା ମଲିକ ଦାୟିତ୍ୱରେ ରହିଛନ୍ତି । ମୋନାଲିସାଙ୍କ ନାମରେ ଏହି ପଞ୍ଚାୟତର ୫ଟି ଢଳେଇ ରାସ୍ତାର କାର୍ଯ୍ୟାଦେଶ ରହିଛି । ତେବେ ଏହି ୫ଟି ଢଳେଇ ରାସ୍ତାରେ ବ୍ୟାପକ ଅନିୟମିତତା ହୋଇଥିବାର ଅଭିଯୋଗ ହୋଇଛି । ଏହି ପଞ୍ଚାୟତର ରାଧାଖାଲିଆ ଛକ ଠାରୁ ଗୋବିନ୍ଦପୁର ନାଥ ସାହି ଭାୟା ଦୁଧିଆ ମଠ ରାସ୍ତା ୩ ଲକ୍ଷ ଟଙ୍କା ବ୍ୟୟବରାଦରେ ନିର୍ମାଣ କରାଯାଇଥିଲା । ଏହି ରାସ୍ତା ନିର୍ମାଣ ଅଟକଳ ଅନୁଯାୟୀ ହୋଇ ନ ଥିବାର ଅଭିଯୋଗ ହୋଇଛି । ରାସ୍ତା ନିର୍ମାଣରେ ଅତ୍ୟନ୍ତ ନିମ୍ନମାନର ନିର୍ମାଣ ସାମଗ୍ରୀ ବ୍ୟବହାର କରାଯାଇଥିବା କାରଣରୁ ନିର୍ମାଣର ମାତ୍ର ଅଳ୍ପ ଦିନ ପରେ ରାସ୍ତାଟି ଫାଟି ଯାଇଥିବାର ଅଭିଯୋଗ ହୋଇଛି । ସେହିପରି ଭାବେ ୩ ଲକ୍ଷ ଟଙ୍କା ବ୍ୟୟ ବରାଦରେ ନିର୍ମାଣ ହେବାକୁ ଥିବା ରାସ୍ତା ବଦଳରେ ସ୍ଥାନୀୟ ଠାକୁରାଣୀ ପୀଠର ବିଭିନ୍ନ ସ୍ଥାନକୁ ମରାମତି କରାଯାଇଥିବାର ଅଭିଯୋଗ ହୋଇଛି । ତେବେ ଏହି ପଞ୍ଚାୟତରେ ବିଭାଗୀୟ ଯନ୍ତ୍ରୀ, ସ୍ଥାନୀୟ କୁଜିନେତାଙ୍କ ସହ ଅସାଧୁ ମେଣ୍ଟ କରି ସରକାରୀ ରାଜକୋଷରୁ ଲକ୍ଷ ଲକ୍ଷ ଟଙ୍କା ଲୁଟି ନେବା ନିମନ୍ତେ ମସୁଧା ଚଳାଇଥିବାର ଅଭିଯୋଗ ହୋଇଛି । ଏଠାରେ ସୂଚନାଥାଉକି ସମ୍ପୃକ୍ତ କାର୍ଯ୍ୟନିର୍ବାହୀ ଯନ୍ତ୍ରୀଙ୍କ ନାମରେ ମାହାଙ୍ଗା ବ୍ଲକରେ ୭ଟି ପଞ୍ଚାୟତର ଉନ୍ନୟନମୂଳକ କାର୍ଯ୍ୟ ତଦାରଖ ଦାୟିତ୍ୱ ଦିଆଯାଇଥିବାର ଅଭିଯୋଗ ହୋଇଛି । ତେବେ ଜଣେ କାର୍ଯ୍ୟନିର୍ବାହୀ ଅଧିକାରୀଙ୍କ ପ୍ରତି ଏଭଳି ଅହେତୁକ ଅନୁକମ୍ପା ପ୍ରଦର୍ଶନ କରାଯିବା କାହା ସ୍ୱାର୍ଥରେ ବୋଲି ସାଧାରଣରେ ମତ ପ୍ରକାଶ ପାଇଛି ।

## ନବୀନଙ୍କ ଆଶୁ ଆରୋଗ୍ୟ ପାଇଁ ଦୀପଦାନ



କଟକ,୨୪।୬(ସମିସ): ଜନପ୍ରିୟ ଜନନେତା ତଥା ପୂର୍ବତନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ ଆଶୁ ଆରୋଗ୍ୟ କାମନା କରି ବିଜୁ ଜନତା ଦଳ ତରଫରୁ ଖାନନଗର ଗ୍ରାମଦେବୀ ରଣା ମା'ଙ୍କ ମନ୍ଦିରରେ ସମୂହ ଦୀପଦାନ କରାଯାଇଥିଲା । ଯୁବ ନେତା ଦେବାଶିଷ ସାହୁଙ୍କ ନେତୃତ୍ୱରେ ଆୟୋଜିତ ଏହି କାର୍ଯ୍ୟକ୍ରମରେ ୪୫ନଂ ୱାର୍ଡ ସଭାପତି ସୁକାନ୍ତ ବେହେରା, ପୂର୍ବତନ ସଭାପତି ଲଳିତ ମୋହନ ସାହୁ, ପୂର୍ବତନ ମେୟର ମିନାକ୍ଷୀ ବେହେରା, ପୂର୍ବତନ କର୍ପୋରେଟର ଅକ୍ଷୟ ବେହେରା, ମହିଳା ସଭାନେତ୍ରୀ ଲକ୍ଷ୍ମୀପ୍ରିୟା ସାହୁ, ଯୁବ ସଭାପତି ସୁଧାଂଶୁ ଶେଖର ବେହେରା ପ୍ରମୁଖ ଉପସ୍ଥିତ ଥିଲେ ।

## ସମ୍ବାଦପତ୍ର ବିକ୍ରେତା ସଂଘ ପକ୍ଷରୁ ଶୋକସଭା



କଟକ,୨୪।୬(ସମିସ): ଲୋକସେବକ ମଣ୍ଡଳର ରାଷ୍ଟ୍ରୀୟ ସମ୍ପାଦକ 'ସମାଜ'ର ପ୍ରାକ୍ତନ ସମ୍ପାଦକ ମୁଦ୍ରାକର ଓ ପ୍ରକାଶକ ବିଶିଷ୍ଟ ସମାଜସେବୀ ପଣ୍ଡିତ ନିରଞ୍ଜନ ରଥଙ୍କ ବିୟୋଗରେ ସମ୍ବାଦପତ୍ର ବିକ୍ରେତା ସଂଘ ତରଫରୁ ବକ୍ସିବଜାର ଠାରେ ଏକ ଶୋକସଭା ଅନୁଷ୍ଠିତ ହୋଇଯାଇଛି । ଏହି ସଭାରେ ଅମର ଆତ୍ମାର ସଦଗତି ନିମନ୍ତେ ଦୁଇ ମିନିଟ ନିରବ ପାର୍ଥନା କରାଯାଇଥିଲା । ଏହିଁ ସଭାରେ କର୍ମକର୍ତ୍ତାମାନେ ଆଲୋଚନା କରି କହିଲେ ସ୍ୱର୍ଗତ ନିରଞ୍ଜନ ରଥ ନିଜକୁ ବିଭିନ୍ନ ସାମାଜିକ କାର୍ଯ୍ୟକ୍ରମରେ ନିଜକୁ ନିୟୋଜିତ ରଖୁଥିଲେ । ତାଙ୍କଦ୍ୱାରା ଅନେକ ସାମାଜିକ କାର୍ଯ୍ୟକ୍ରମ ଚାଲୁ ରହିଥିଲା । ଗୋପାବନ୍ଧୁ ଆୟୁର୍ବିଜ୍ଞାନ ଓ ଗବେଷଣା ପ୍ରତିଷ୍ଠାନ ହେଉ ଅବା ନର୍ସିଂ ମହାବିଦ୍ୟାଳୟ ପ୍ରତିଷ୍ଠା କ୍ଷେତ୍ରରେ ତାଙ୍କର ଅବଦାନ ଅତୁଳନୀୟ । ତାଙ୍କ ବିୟୋଗ ସମସ୍ତଙ୍କ ପାଇ ଏକ ଅପୂରଣୀୟ କ୍ଷତି । ଏହି ସଭାରେ ସଂଘର ସାଧାରଣ ସମ୍ପାଦକ ରତ୍ନାକର ପ୍ରଧାନ, ସହ ସମ୍ପାଦକ ପ୍ରଶାନ୍ତ ସାହୁ, ମିଡ଼ିଆ ସେଲ ଅଧ୍ୟକ୍ଷ ପ୍ରଭାସ ପ୍ରଧାନ, କମିଟି ସଭ୍ୟ କେ. ବେଣୁ ରାଓ, ହେମନ୍ତ ପଟ୍ଟନାୟକ, ନବଘନ ସାହୁ, ରବି ପାଲ, ବିଜୟ ସାହୁ, ଅଶୋକ ସାହୁ, ଉମେଶ ସାହୁ, ରଞ୍ଜନ ବେହେରା, ବାଦଲ ସାମଲ ଓ ପ୍ରଭାକର ସାହୁ ପ୍ରମୁଖ ଉପସ୍ଥିତ ଥିଲେ ।

## ପୂରଣ ହେଉନି ୬ ଦଫା ଦାବି; ଷ୍ଟିୟରିଙ୍ଗ ଛାଡ଼ ଆନ୍ଦୋଳନ ଚେତବନୀ

ନିଆଳି,୨୪।୬(ସମିସ): ୬ ଦଫା ଦାବି ପୂରଣ ନେଇ ଓଡିଶା ଡ୍ରାଇଭର ମହାସଂଘ ସରକାରଙ୍କ ନିକଟରେ ନିବେଦନ କରିଥିବା ବେଳେ ଆସନ୍ତା ୦୮.୦୭.୨୦୨୫ ରିଖ ଠାରୁ ୬ ଦଫା ଦାବି ପୂରଣ ନ ହେଲେ ଡ୍ରାଇଭର ମହାସଂଘ ଷ୍ଟିୟରିଙ୍ଗ ଛାଡ ଆନ୍ଦୋଳନକୁ ଓହ୍ଲାଇବ ବୋଲି ଚେତାବନୀ ଦେଇଛି । ଯଦି ସରକାର ଏହି ସମସ୍ୟାର ସମାଧାନ ନ କରନ୍ତି ତେବେ ଆସନ୍ତା ୮ ତାରିଖ ଠାରୁ ଡ୍ରାଇଭର ଗାଡି ଚଳାଇବେ ନାହିଁ, ଦରକାର ପଡିଲେ ରାଜରାସ୍ତାକୁ ଓହ୍ଲାଇବା ସହିତ ସରକାରଙ୍କୁ ଅସହଯୋଗ କରିବା ପାଇଁ ନିଷ୍ପତ୍ତି ନେଇଛନ୍ତି । ଏନେଇ ସଂଘର ସଭାପତି ଗୋବିନ୍ଦ ଚନ୍ଦ୍ର ସେଠୀ ଓ ସଂପାଦକ ନିରଞ୍ଜନ ସ୍ୱାଇଁ ଲିଖିତ ଭାବେ ଜଣାଇଛନ୍ତି ।

### ହିନ୍ଦୁ ଧର୍ମ ପ୍ରତି ଅପମାନଜନକ ମନ୍ତବ୍ୟକୁ ବିରୋଧ

## ଏସ୍‌ପିଙ୍କ ଦ୍ୱାରସ୍ଥ ହେଲେ ରାଜ୍ୟ ମାନବାଧିକାର ପରିଷଦ



ନିଶ୍ଚିନ୍ତକୋଇଲି,୨୪।୬(ସମିସ): ପଞ୍ଚସଖାଙ୍କ ମଧ୍ୟରେ ଅନ୍ୟତମ ଭବିଷ୍ୟତ ମାଳିକା ରଚୟିତା ମହାପୁରୁଷ ଅଚ୍ୟୁତାନନ୍ଦ ଦାସ ଜଣେ ଅଣହିନ୍ଦୁଙ୍କ ଘରେ ମହାପ୍ରସାଦ କରିବାର ଏକ ମନ୍ତବ୍ୟ କିଛି ଦିନ ହେବ ବିଭିନ୍ନ ସାମାଜିକ ଗଣମାଧ୍ୟମରେ ପ୍ରସାରିତ ହେଉଛି । ହିନ୍ଦୁଧର୍ମରଆରାଧ୍ୟଦେବତାମହାପ୍ରଭୁ ଜଗନ୍ନାଥଙ୍କ ମହାପ୍ରସାଦ ପ୍ରସ୍ତୁତି ପ୍ରକ୍ରିୟାକୁ ଅପମାନିତ କରାଯାଇଥିବା ଘଟଣା ଅତ୍ୟନ୍ତ ଦୁର୍ଭାଗ୍ୟଜନକ ଓ ନିନ୍ଦନୀୟ ବୋଲି ବହୁ ଜଗନ୍ନାଥପ୍ରେମୀ ଓ ହିନ୍ଦୁ ସଂଗଠନ ପ୍ରତିକ୍ରିୟା ପ୍ରକାଶ କରିଛନ୍ତି । ଏଭଳି ଅପମାନଜନକ ମନ୍ତବ୍ୟ ଦେଇଛନ୍ତି ନିଶ୍ଚିନ୍ତକୋଇଲି ବ୍ଲକ ଅଧୀନ ସରପଡା ପଞ୍ଚାୟତ ବଡଥାକନ ଗ୍ରାମରେ ଥିବା ଖଣ୍ଡସାହି ବାସୁଦେବ ଆଶ୍ରମର ବାବା ସୁକାନ୍ତଦାସ ମହାରାଜ (କାଲୁବାବା) । ଏଭଳି ମନ୍ତବ୍ୟକୁ ପ୍ରତିବାଦ କରି ରାଜ୍ୟମାନବାଧିକାର ପରିଷଦ ପକ୍ଷରୁ କଟକ ଜିଲ୍ଲା ଗ୍ରାମାଞ୍ଚଳ ଆରକ୍ଷୀ ଅଧିକ୍ଷକଙ୍କ ନିକଟରେ ଅଭିଯୋଗ କରାଯାଇଛି । ହିନ୍ଦୁ ଧର୍ମପ୍ରତି ଏଭଳି ଅପମାନଜନକ ମନ୍ତବ୍ୟ ଦେଇଥିବା ବାବାଙ୍କ ପ୍ରତି ଦୃଢ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବା ପାଇଁ ପରିଷଦର ଅଧ୍ୟକ୍ଷା ସସ୍ମିତା ଦାସ, ସାଧାରଣ ସଂପାଦକ ନାରାୟଣ ବିଶ୍ୱାଳ, କଟକ ଜିଲ୍ଲା ମହିଳା ସଭାପତି ପୁଷ୍ପାଞ୍ଜଳି ଦାସ, କୀର୍ତ୍ତି ଜୈନ, ସସ୍ମିତା ନାୟକ, ରାଜ୍ୟ ସହସଂପାଦକ ରଞ୍ଜନ କୁମାର ଗୋଛି, ରାଜ୍ୟ ସଂଯୋଜିକା ଆକାଂକ୍ଷା ବେଉରାୟ ପ୍ରମୁଖ ଅଭିଯୋଗ କରିଛନ୍ତି ।

## ଆଠଗଡ଼ ଏନ୍‌ଏସି ପକ୍ଷରୁ ଚାରାରୋପଣ

ଆଠଗଡ଼,୨୪।୬(ସମିସ): ଆଠଗଡ ଏନଏସି ପକ୍ଷରୁ ଆଠଗଡ ଗୋପବନ୍ଧୁ ବିଜ୍ଞାନ ମହାବିଦ୍ୟାଳୟ ପରିସରରେ ମଙ୍ଗଳବାର ଚାରାରୋପଣ କାର୍ଯ୍ୟକ୍ରମ କରାଯାଇଥିଲା । ଏହି କାର୍ଯ୍ୟକ୍ରମରେ ଆଠଗଡ ବିଧାୟକ ରଣେନ୍ଦ୍ର ପ୍ରତାପ ସ୍ୱାଇଁ ମୁଖ୍ୟଅତିଥି ଭାବେ ଯୋଗଦେଇ ଚାରାରୋପଣ କରି ଜୀବଜଗତ ବଞ୍ଚି ରହିବା ପାଇଁ ଚାରାରୋପଣ ଏକାନ୍ତ ଜରୁରୀ ହୋଇପଡ଼ିଛି । ବାୟୁ ପ୍ରଦୂଷଣ ଯେଭଳି ବୃଦ୍ଧି ପାଉଛି ଗଛ ନ ରହିଲେ ଜୀବ ଜଗତ ଧ୍ୱଂସ ହୋଇଯିବ । ଏନଏସି ଅଧ୍ୟକ୍ଷା ସସ୍ମିତା ରାଉତ, ଉପାଧ୍ୟକ୍ଷ ବି.ଶୁଭ୍ରାଶଙ୍କର ଜ୍ୟୋତି ଓ ସମସ୍ତ ପାରିଷଦ ଯୋଗଦେଇଥିଲେ ।

## ସର୍ବମଙ୍ଗଳା ମହଲା ସଭାର ନୂତନ କର୍ମକର୍ତ୍ତା



କଟକ,୨୪।୬(ସମିସ): ମହାନଗର ନିଗମ ୫୨ନଂ ୱାର୍ଡ ଅନ୍ତର୍ଗତ ରାଜେନ୍ଦ୍ରନଗର ସ୍ଥିତ ସର୍ବମଙ୍ଗଳା ମହଲା ସଭାର ୨୦୨୫-୨୬ର ନୂତନ କର୍ମକର୍ତ୍ତା ନିର୍ବାଚନ ପ୍ରକ୍ରିୟା ଗତ ରବିବାର ସଧ୍ୟାରେ ଅନୁଷ୍ଠିତ ହୋଇଯାଇଛି । ଏହି ନିର୍ବାଚନରେ ସଭାପତି ଭାବେ କୃଷ୍ଣଚନ୍ଦ୍ର ମାହୁନ୍ତ, ଉପସଭାପତି ରାଜେନ୍ଦ୍ର କୁମାର ଷଡଙ୍ଗୀ, ସମ୍ପାଦକ ସରୋଜ କୁମାର ସ୍ୱାଇଁ, ଯୁଗ୍ମ ସମ୍ପାଦକ ପ୍ରଦୀପ କୁମାର ବେହେରା ଏବଂ କୋଷାଧ୍ୟକ୍ଷ ଭାବେ ଶୁଭେନ୍ଦୁ କୁମାର ମିଶ୍ର ପ୍ରମୁଖଙ୍କ ରାଜେନ୍ଦ୍ର ନଗର ସର୍ବମଙ୍ଗଳା ମହଲା କମିଟିର ସଦସ୍ୟମାନେ ଭୋଟ ଦେଇ ନିର୍ବାଚିତ କରିଥିଲେ । ଏହି ନିର୍ବାଚନରେ ନିର୍ବାଚନ ଅଧିକାରୀ ଭାବେ ପରମାନନ୍ଦ ମିଶ୍ର, ସହଯୋଗୀ ଗିରିଜା ଶଙ୍କର ମହାନ୍ତି ଏବଂ ଶରତ ଚନ୍ଦ୍ର ପତି ପ୍ରମୁଖ ନିର୍ବାଚନକୁ ଶୃଙ୍ଖଳାର ସହ ପରିଚାଳନା କରିଥିବା ବେଳେ ନବ ନିର୍ବାଚିତ ପ୍ରତିନିଧିମାନେ ରାଜେନ୍ଦ୍ରନଗର ମଙ୍ଗଳା ମନ୍ଦିରର ପରିଚାଳନା ସହ ସାହିର ବିଭିନ୍ନ ଉନ୍ନତିମୂଳକ କାର୍ଯ୍ୟ କରିବାକୁ ପ୍ରାଥମିକତା ଦେବେ ବୋଲି କହିଛନ୍ତି ।

## ଆନ୍ତର୍ଜାତିକ ସମବାୟ ବର୍ଷ ପାଳିତ



ତିଗିରିଆ,୨୪।୬(ସମିସ): ତିଗିରିଆ ବ୍ଲକ ଗଦାଧରପୁର ପଞ୍ଚାୟତସ୍ଥିତ ଗଦାଧରପୁର ସେବା ସମବାୟ ସମିତି ଲିଃ ପରିସରରେ ମଙ୍ଗଳବାର ଆନ୍ତର୍ଜାତିକ ସମବାୟ ବର୍ଷ ୨୦୨୫ ପାଳନ କରାଯାଇଛି । ସମବାୟ ସମିତିର ସମ୍ପାଦକ ଶାନ୍ତନୁ କୁମାର ଖଟୁଆଙ୍କ ସଭାପତିତ୍ୱରେ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ବାଙ୍କୀ କେନ୍ଦ୍ର ସମବାୟ ବ୍ୟାଙ୍କର ନିର୍ଦ୍ଦେଶକ ତଥା ତିଗିରିଆ ପଞ୍ଚାୟତ ସମିତିର ପୂର୍ବତନ ଉପାଧ୍ୟକ୍ଷ ଗୌରହରି ପରିଡା ଯୋଗଦେଇଥିଲେ । ସମ୍ମାନିତ ଅତିଥି ଭାବେ ସମବାୟବିତ ରମେଶ କୁମାର ପଣ୍ଡା, ତିଗିରିଆ ବାଙ୍କୀ କେନ୍ଦ୍ର ସମବାୟବ୍ୟାଙ୍କ ତିଗିରିଆ ଶାଖାର ପରିଚାଳକ ରମେଶ କୁମାର ସାହୁ, ଗଦାଧରପୁର ସେବା ସମବାୟ ସମିତିର ସଭାପତି ଉଷାରାଣୀ ସ୍ୱାଇଁ, ପୂର୍ବତନ ସଭାପତି ଭ୍ରମରବର ସ୍ୱାଇଁ, ଗଦାଧରପୁର ଗ୍ରାମସଭାପତି ଧନେଶ୍ୱର ସ୍ୱାଇଁ, ଗଦାଧରପୁର ପଞ୍ଚାୟତର ପୂର୍ବତନ ସରପଞ୍ଚ ଦୁଃଶାସନ ସ୍ୱାଇଁ, ତିଗିରିଆ ବ୍ଲକର ୧୦ ଗୋଟି ସମବାୟ ସମିତିର ସମ୍ପାଦକ ଗୋଷ୍ଠୀର ସଭାପତି ରୋହିତ ରାଉତ, ସମ୍ପାଦକ ବିଷ୍ଣୁଚରଣ ନାୟକ ପ୍ରମୁଖ ସମ୍ମାନିତ ଅତିଥିଭାବେ ଯୋଗ ଦେଇଥିଲେ । ଗଦାଧରପୁର ସେବା ସମବାୟ ସମିତିର ଡିଇଓ ସୁଧୀର କୁମାର ମନ୍ତ୍ରୀ, କର୍ମଚାରୀ ଜଗନ୍ନାଥ ସ୍ୱାଇଁ, ସମସ୍ତ ନିର୍ଦ୍ଦେଶକ, ସେବା ସମବାୟ ସମିତି ଅଧୀନରେ ପଞ୍ଜିକୃତ କୃଷକ ଓ ସ୍ଥାନୀୟ ଜନସାଧାରଣ ଉପସ୍ଥିତ ରହି କାର୍ଯ୍ୟକ୍ରମ ପରିଚାଳନାରେ ସହଯୋଗ କରିଥିଲେ ।

### ● ଆମ୍ବୁଲାନ୍ସ-ବାଇକ୍ ମୁହାଁମୁହିଁ ଧକ୍କା

## ୨ ଥାନାଧିକାରୀ ଗୁରୁତର

ବଡମ୍ବା,୨୪।୬(ସମିସ): ବଡମ୍ବା ବ୍ଲକ ମାଣିଆବନ୍ଧ ଥାନାର ଭାରପ୍ରାପ୍ତ ଅଧିକାରୀ ପ୍ରିୟରଞ୍ଜନ ନାୟକ ଓ ଏସଆଇ ପାତ୍ର ଦୁର୍ଘଟଣାରେ ଗୁରୁତର ହୋଇଛନ୍ତି । ସୂଚନାରୁ ପ୍ରକାଶ ଗତକାଲି ରାତ୍ର ସମୟରେ ମାଣିଆବନ୍ଧ ଥାନାର ୨ ଅଧିକାରୀ ଏକ ବୁଲେଟ ଯୋଗେ କଟକ ନରସିଂହପୁର ମୁଖ୍ୟ ରାସ୍ତା ଦେଇ ଯାଉଥିବା ବେଳେ ବିପରୀତ ଦିଗରୁ ଏକ ଆମ୍ବୁଲାନ୍ସ ଗାଡି ଆସୁଥିବା ବେଳେ ଆମ୍ବୁଲାନ୍ସ ଗାଡି ଅନ୍ୟ ଏକ ଗାଡିକୁ ଓଭରଟେକ କରୁଥିବା ବେଳେ ବୁଲେଟ ଗାଡିକୁ ଧକ୍କା ଦେଇଥିଲା । ଫଳରେ ବୁଲେଟ ଗାଡିଟି ସମ୍ପୂର୍ଣ୍ଣ ଭାଙ୍ଗିଯିବା ସହ ୨ ଥାନା ଅଧିକାରୀ ଗୁରୁତର ଆହତ ହୋଇଥିଲେ । ଉଭୟଙ୍କୁ ପ୍ରଥମେ ମାଣିଆବନ୍ଧ ଡାକ୍ତରଖାନାରେ ଭର୍ତ୍ତି କରାଯାଇଥିଲା ହେଲେ ସେଠାରେ ତାଙ୍କ ଅବସ୍ଥା ଗୁରୁତର ହେବାରୁ ତାଙ୍କୁ କଟକ ବଡ଼ ଡାକ୍ତରଖାନାକୁ ସ୍ଥାନାନ୍ତର କରାଯାଇଥିଲା ।

## ଜାତିଆଣ ଆକ୍ଷେପ ଓ ଗାଳିଗୁଲଜ ଅଭିଯୋଗ

ନିଶ୍ଚିନ୍ତକୋଇଲି,୨୪।୬(ସମିସ): ନିଶ୍ଚିନ୍ତକୋଇଲି ବ୍ଲକ ଅଧୀନ ଇସାଣୀବରହମପୁର ପଞ୍ଚାୟତର ଏସ୍‌ଇଏମ୍ ସୁଶାନ୍ତ କୁମାର ସେଠୀଙ୍କୁ ଜାତିଆଣ ଆକ୍ଷେପ କରି ଗାଳିଗୁଲଜ କରାଯାଇଥିବା କିଶୋରନଗର ଥାନାରେ ଅଭିଯୋଗ ହୋଇଛି । ଗତ ୨୦ ତାରିଖରେ ପ୍ରଧାନମନ୍ତ୍ରୀଙ୍କ କାର୍ଯ୍ୟକ୍ରମରେ ତାଙ୍କୁ ପାନୀୟ ଜଳଯୋଗାଣ ବିଭାଗ ପକ୍ଷରୁ ନୋଡାଲ ଅଫିସର ଭାବେ ଦାୟିତ୍ୱ ତୁଲାଇବା ପାଇଁ ଏକ ଚିଠି କରାଯାଇଥିଲା । ଉକ୍ତ ପତ୍ର ବଳରେ ସେ ସକାଳ ୮ ଘଟିକା ସମୟରେ ପଞ୍ଚାୟତ ଅଫିସ ପାଖରେ ପହଞ୍ଚି କାର୍ଯ୍ୟକ୍ରମରେ ଯୋଗଦେବାକୁ ଯାଉଥିବା ଲୋକମାନଙ୍କୁ ବସରେ ଚଢାଇଥିଲେ । ସେ ନିଜେ ଯେତେବେଳେ ବସରେ ଯିବା ପାଇଁ ଚଢିଥିଲେ ସେହି ସମୟରେ ତାଙ୍କୁ ଭାରତୀୟ ଜନତା ପାର୍ଟିର ଜଣେ କର୍ମୀ ମଲ୍ଲୀପୁର ଗ୍ରାମର ଦୀପକ କୁମାର ମହାନ୍ତି ବସ୍‌ରେ ଚଢିବାକୁ ବିରୋଧ କରିବା ସହିତ ଜାତିଆଣ ଆକ୍ଷେପ କରି ଗାଳିଗୁଲଜ କରିଥିଲେ । ଏନେଇ ଅଭିଯୋଗ କରିବାର ୫ ଦିନ ବିତିଯାଇଥିଲେ ବି ପୁଲିସ କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରୁ ନ ଥିବା ସେ ଅଭିଯୋଗ କରିଛନ୍ତି । ତୁରନ୍ତ ତାଙ୍କୁ ନ୍ୟାୟ ପ୍ରଦାନ ପାଇଁ ଦାବି କରିଛନ୍ତି ।

## ଡ. ଶ୍ୟାମାପ୍ରସାଦ ମୁଖାର୍ଜୀଙ୍କ ବଳିଦାନ ଦିବସ



ସାଲେପୁର,୨୪।୬(ସମିସ): ଅଖଣ୍ଡତା ଓ ସମ୍ବିଧାନର ସୁରକ୍ଷା ନିମନ୍ତେ ଡ. ଶ୍ୟାମାପ୍ରସାଦ ମୁଖାର୍ଜୀଙ୍କର ବଳିଦାନ ବ୍ୟର୍ଥ ଯିବ ନାହିଁ ବୋଲି ସାଲେପୁରଠାରେ ଆୟୋଜିତ ବଳିଦାନ ଦିବସରେ ବକ୍ତାମାନେ ମତବ୍ୟକ୍ତ କରିଥିଲେ । ସାଲେପୁର ମଣ୍ଡଳ ଭାରତୀୟ ଜନତା ପାର୍ଟି ପକ୍ଷରୁ ବେତେଇ ମାଉସୀ ମା' ମନ୍ଦିର ପରିସରରେ ମଣ୍ଡଳ ସଭାପତି ଅସିତ୍ କୁମାର ମହାନ୍ତିଙ୍କ ସଭାପତିତ୍ୱରେ ଆୟୋଜିତ ଡ. ମୁଖାର୍ଜୀଙ୍କର ବଳିଦାନ ଦିବସରେ ବରିଷ୍ଠ କବି ତଥା ବିଜେପି ନେତା ପ୍ରସନ୍ନ କୁମାର ମିଶ୍ର ଅତିଥି ଭାବେ ଯୋଗଦେଇଥିଲେ । ଏହି ଅବସରରେ ଡଃ ମୁଖାର୍ଜୀଙ୍କ ଫଟୋଚିତ୍ରରେ ମାଲ୍ୟାର୍ପଣ, ଶ୍ରଦ୍ଧାସୁମନ ଅର୍ପଣ ଓ ଧୂପ ନୈବେଦ୍ୟ ପରେ ଦିଲ୍ଲୀପ କୁମାର ଦାଶ, ତ୍ରିଲୋଚନ ପାତ୍ର, ଅମିତ୍ ମହାନ୍ତି, ହରେକୃଷ୍ଣ ସାମଲ, ପଙ୍କଜ ଘଡ଼ି, ମେଘୁ ସିଂହ, ଚନ୍ଦ୍ରଶେଖର ସାହୁ, ବିନୀତା ପ୍ରଧାନ, ସ୍ନେହଲତା ପାଣିଗ୍ରାହୀ ପ୍ରମୁଖ ସଦସ୍ୟମାନେ ଡ. ଶ୍ୟାମାପ୍ରସାଦ ମୁଖାର୍ଜୀଙ୍କ ଜୀବନ ଶୈଳୀର ଅବତାରଣା କରି ଶ୍ରଦ୍ଧାଞ୍ଜଳି ଅର୍ପଣ କରିଥିଲେ । ପାର୍ଥସାରଥୀ ସାହୁ ଧନ୍ୟବାଦ ଦେଇଥିଲେ ।

## ବିପ୍ଳବୀ ନବକୃଷ୍ଣ ଚୌଧୁରୀଙ୍କ ଶ୍ରାଦ୍ଧବାର୍ଷିକୀ

କଟକ,୨୪।୬(ସମିସ): ନବବାବୁଙ୍କ ଜୀବନ ଓ ଦୃଷ୍ଟିକୋଣ ଉପରେ ଆଲୋକପାତ କରାଯାଇ, ବର୍ତ୍ତମାନ ରାଜନୀତିର ଅନୀତିମୟ ଦୃଶ୍ୟପଟ୍ଟରେ ତାଙ୍କ ନୀତିମୂଳକ ଆଦର୍ଶକୁ ପୁନଃସ୍ଥାପନ କରିବାର ଆହ୍ୱାନ ହିଁ ଆମ ସମୟର ସବୁଠୁ ବଡ଼ ଆବଶ୍ୟକତା । ଗାନ୍ଧୀବାଦ ଓ ସର୍ବୋଦୟ ଚିନ୍ତନର ଦୃଢ ଅନୁଗାମୀ ଜଣେ ଜନନେତା ଭାବରେ ନବକୃଷ୍ଣ ଚୌଧୁରୀ ଓଡ଼ିଶାର ରାଜନୈତିକ ଇତିହାସରେ ତ୍ୟାଗ, ନୀତି ଓ ନୈତିକତାର ଦୀପସ୍ତମ୍ଭ ଥିଲେ । ଏହି ପରିସ୍ଥିତିରେ ନବକୃଷ୍ଣଙ୍କ ଆଦର୍ଶ ପଥକୁ ଆଜିର ଯୁବପିଢି ଅନୁସରଣ କରିବା ଦ୍ୱାରା ଏକ ନୀତିମୟ ରାଜନୀତିର ନିର୍ମାଣ ସମ୍ଭବ ବୋଲି ଗାନ୍ଧୀବାଦୀ ଗଣ ସଙ୍ଗଠନ ସମୁହଙ୍କ ପକ୍ଷରୁ କଟକ ଗାନ୍ଧୀ ଭବନ ଠାରେ ବିଶିଷ୍ଟ ଜନନେତା ତଥା ବିପ୍ଳବୀ ନବକୃଷ୍ଣ ଚୌଧୁରୀଙ୍କ ୪୧ତମ ଶ୍ରାଦ୍ଧବାର୍ଷିକୀ ଅବସରରେ ''ନବକୃଷ୍ଣ ଓ ଆଜିର ରାଜନୀତି' ଶୀର୍ଷକ ଆୟୋଜିତ ଆଲୋଚନାଚକ୍ରରେ ଉପସ୍ଥିତ ବ୍ୟକ୍ତିବିଶେଷ ବକ୍ତବ୍ୟ ପ୍ରଦାନ କରିଥିଲେ । ଗାନ୍ଧୀ ଶାନ୍ତି ପ୍ରତିଷ୍ଠାନର ସଭାପତି ଜଷ୍ଟିସ ମନୋରଞ୍ଜନ ମହାନ୍ତିଙ୍କ ଅଧ୍ୟକ୍ଷତା ଓ ଉତ୍କଳ ସର୍ବୋଦୟ ମଣ୍ଡଳର ସଭାପତି ମିହିର ପ୍ରତାପ ଦାସଙ୍କ ସଂଯୋଜନାରେ ଆୟୋଜିତ ଆଲୋଚନା ଚକ୍ରରେ ରାମଚନ୍ଦ୍ର ଶୁକ୍ଳ, ନିକୁଞ୍ଜ ଭୂତିଆ, ଲକ୍ଷ୍ମୀପ୍ରକାଶ ମହାପାତ୍ର, ଯୁଗଳ କିଶୋର ନାୟକ, ପ୍ରସନ୍ନ ମହାପାତ୍ର, ଡ. ସଂଯୁକ୍ତା ପଣ୍ଡା, ନରେନ୍ଦ୍ର ରଥ, ବନଜ୍ୟୋସ୍ନା ମହାପାତ୍ର, କାଶୀନାଥ ସ୍ୱାଇଁ, ସଞ୍ଜୟ ପରିଜା, ଅଭିରାମ ଦାସ, ବିଜୟ ଓଝା, ଭୁବନ ଚାନ୍ଦ ହାତୀ, ତପନ ବେହେରା, ସଂଯୁକ୍ତା ପ୍ରଧାନ ପ୍ରମୁଖ ବ୍ୟକ୍ତିବିଶେଷ ଉପସ୍ଥିତ ରହି ବିପ୍ଳବୀ ନବବାବୁଙ୍କୁ ଶ୍ରଦ୍ଧାଞ୍ଜଳି ଜ୍ଞାପନ କରିବା ସହ ବକ୍ତବ୍ୟ ରଖିଥିଲେ । ଅନିମା ରାୟ ଧନ୍ୟବାଦ ଦେଇଥିଲେ ।

## ରାଧାରମଣ ସେବାକୁଞ୍ଜ ଜଗନ୍ନାଥ ମନ୍ଦିର ରଥଯାତ୍ରା ପ୍ରସ୍ତୁତି




ଫୁଲନଖରା,୨୪।୬(ସମିସ): ରାଧାରମଣ ସେବାକୁଞ୍ଜ ଜଗନ୍ନାଥ ମନ୍ଦିର ପରିଚାଳନା କମିଟି ଓ ପ୍ରତାପନଗରୀ ରଥଯାତ୍ରା କମିଟି ସଦସ୍ୟଙ୍କ ଦ୍ୱାରା ଆସନ୍ତା ରଥଯାତ୍ରା ନିମନ୍ତେ ଏକ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି । ପ୍ରତାପନଗରୀସ୍ଥିତ ସାଇବାବା ମନ୍ଦିର ପ୍ରାଙ୍ଗଣରେ ଅନୁଷ୍ଠିତ ଉକ୍ତ ପ୍ରସ୍ତୁତି ବୈଠକରେ ପ୍ରତାପନଗରୀ, ପାଇକସାହି ଓ ଡାହାଳିଆବାଗ ଗ୍ରାମର ମୁରବୀମାନେ ଯୋଗଦେଇଥିଲେ । ଦିଲ୍ଲୀପ କୁମାର ସ୍ୱାଇଁଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ବୈଠକରେ ଆସନ୍ତା ରଥଯାତ୍ରା ସମ୍ବନ୍ଧୀୟ ସମସ୍ତ ଆଲୋଚନା କରାଯିବା ସହିତ ପୂର୍ବବର୍ଷ ଭଳି ଚଳିତବର୍ଷ ଶ୍ରୀଜୀଉମାନଙ୍କର ନୀତିକାନ୍ତି ରଥଯାତ୍ରା ଠାରୁ ନିଳାଦ୍ରିବିଜେ ପର୍ଯ୍ୟନ୍ତ ସମସ୍ତ କାର୍ଯ୍ୟକୁ ଶାନ୍ତିଶୃଙ୍ଖଳାର ସହିତ କରାଯିବା ପାଇଁ ସ୍ଥିର କରାଯାଇଥିଲା । ଉକ୍ତ ରଥାଯାତ୍ରା ଦୀର୍ଘ ୪୫ବର୍ଷରୁ ଅଧିକ ହେବ ପ୍ରତାପନଗରୀ ଶ୍ରୀମନ୍ଦିର ଠାରୁ ଭାଣପୁର, ଡାହାଳିଆବାଗ ଜାତୀୟ ରାଜପଥ ଅତିକ୍ରମ କରି ପାଇକସାହିସ୍ଥିତ ମାଉସୀ ମା'ଙ୍କ ମନ୍ଦିରରେ ପହଞ୍ଚିଥାଏ । ଠିକ୍ ସେହିପରି ଶ୍ରୀଜୀଉମାନେ ବାହୁଡା ଯାତ୍ରା କରି ମନ୍ଦିରରେ ପ୍ରବେଶ କରିଥାଆନ୍ତି । ସମସ୍ତ କାର୍ଯ୍ୟକ୍ରମକୁ ଶୃଙ୍ଖଳିତ ଭାବରେ ପାଳନ କରିବା ପାଇଁ ଗ୍ରାମ୍ୟ ମୁରବୀମାନେ ନିଷ୍ପତ୍ତି ନେଇଥିଲେ । ଏହି ବୈଠକରେ ରାଜା ନାରାୟଣ ରାଉତ, ମହାଦେବ ନାୟକ, ସଂପାଦକ କିଶୋର ଚନ୍ଦ୍ର ବାରିକ, କୋଷାଧ୍ୟକ୍ଷ ନଳିନୀ ସେନାପତି, ସୁଶାନ୍ତ ମହାନ୍ତି, ବିଭୂତିଭୂଷଣ ସେନାପତି, ରବିନ୍ଦ୍ରନାଥ ସ୍ୱାଇଁ, ସୁବାସ ଚନ୍ଦ୍ର ମୁଖି, ପ୍ରଦୀପ ସେନାପତି, ବିରଞ୍ଚି ବେହେରା, ଭାଗ୍ୟଧର ବାରିକ, ପୁଲିନ୍ ମହାପାତ୍ର, ଟୁନା ବେହେରା, ତ୍ରିଲୋଚନ ବେହେରା, ପ୍ରାଣକୃଷ୍ଣ ସ୍ୱାଇଁ, ଶିବାଜୀ ବେହେରା, ସନ୍ତୋଷ କୁମାର ସେନାପତି, ଭଜ କିଶୋର ବେହେରା, ଟୁନା ବେହେରା, ତ୍ରିଲୋଚନ ବେହେରା, ଚତୁର୍ଭୁଜ ମହାପାତ୍ର, ବ୍ରଜ ଦାସ, ବ୍ରଜକିଶୋର ଦାସ, ବିଶ୍ୱନାଥ ବେହେରା ଓ ଘନଶ୍ୟାମ ବେହେରା, ଅର୍ଜୁନ ସାହୁ, ଟୁଲୁ ବେହେରା ଓ ଶୁକଦେବ ସେନାପତି ପ୍ରମୁଖ ଗ୍ରାମବାସୀମାନେ ଯୋଗଦେଇ ଶ୍ରୀଜୀଉଙ୍କ ରଥଯାତ୍ରାକୁ ସୁପରିଚଳନା ପାଇଁ ନିଷ୍ପତ୍ତି ନେଇଥିଲେ ।

## ବିପଦସଂକୁଳ ଅବସ୍ଥାରେ ଚାଲୁଛି ଛଣ ଗାଡ଼ି



ନିଶ୍ଚିନ୍ତକୋଇଲି,୨୪।୬(ସମିସ): ସହରାଞ୍ଚଳରେ ଛଣ ବ୍ୟବସାୟୀମାନେ ଗ୍ରାମାଞ୍ଚଳରେ ଛଣ କିଣି ନେଇ ବ୍ୟବସାୟ କରି ଭଲ ଦି ପଇସା ରୋଜଗାର କରୁଛନ୍ତି । ପ୍ରତ୍ୟେକ ଦିନ ନିଶ୍ଚିନ୍ତକୋଇଲି ବ୍ଲକ ଅଞ୍ଚଳର ବିଭିନ୍ନ ଗ୍ରାମରେ ଟ୍ରିପ୍ ଟ୍ରିପ୍ ଛଣ କଟକ, ଭୁବନେଶ୍ୱର ଆଦି ସହରକୁ ଯାଉଥିବାର ଦେଖାଯାଇଛି । ଏହି ଛଣ ଯେଉଁ ଗାଡିରେ ନଦା ହୋଇଯାଉଛି ସେଥିରେ ନିର୍ଦ୍ଦିଷ୍ଟ ନୀତି ନିୟମ କିଛି ରହୁ ନ ଥିବା ଅଭିଯୋଗ ହେଉଛି । କମ୍ ଗାଡି ଭଡାରେ ଅଧିକ ଛଣ କିଭଳି ଯାଇପାରିବ ସେ ନେଇ ବ୍ୟବସାୟୀମାନେ ଗୁରୁତ୍ୱ ଦେଉଛନ୍ତି । ଫଳରେ ଛଣ ନଦା ହେବା ସମୟରେ ଗାଡି ଯେତିକି ଉଚ୍ଚ ତା'ଠାରୁ ଦୁଇ ଗୁଣ ଅଧିକ ଉଚ୍ଚାରେ ଛଣ ନଦା ହୋଇ ରାସ୍ତାରେ ଯାଉଥିବା ଦେଖାଯାଇଛି । ଅଧିକମାତ୍ରାରେ ଗାଡିରେ ନଦା ହୋଇ ଛଣ ରାସ୍ତାରେ ଯାଉଥିବା ସମୟରେ ବହୁ ବିପଦ ସୃଷ୍ଟି ହୋଇଛି । ଅନେକ ସମୟରେ ନଦା ଯାଇଥିବା ଛଣ ଅଧାରୁ ଭାଙ୍ଗି ପଡିବାର ଆଶଙ୍କା ପ୍ରକାଶ ପାଇଥିବା ବେଳେ ରାସ୍ତାରେ ଛଣ ଗାଡ଼ି ଯିବା ସମୟରେ ବିଦ୍ୟୁତ ତାର ଲାଗିଯିବା, ଛଣଗାଡି ଅତିକ୍ରମ କରୁଥିବା ସମୟରେ ଅନ୍ୟଗାଡି ସହିତ ଧକ୍କା ହୋଇଯିବା ଆଦି ବିପଦପୂର୍ଣ୍ଣ ଘଟଣାମାନ ଦେଖାଯାଇଛି । ଗାଡିର ଉଭୟପାର୍ଶ୍ୱକୁ ବାହାରି ଛଣ ନଦା ହେଉଥିବାରୁ ପଛରେ ଆସୁଥିବା ଗାଡି ଚାଳକକୁ ରାସ୍ତା ଭଲ ଭାବରେ ଦେଖା ନ ଯିବାରୁ ଅନେକ ସମୟରେ ଦୁର୍ଘଟଣା ଘଟୁଛି । ଏଭଳି ବିପଦପୂର୍ଣ୍ଣ ଅବସ୍ଥାରେ ନିଶ୍ଚିନ୍ତକୋଇଲିରୁ କଟକ, ଭୁବନେଶ୍ୱରକୁ ଛଣଗାଡି ଯାଉଥିବା ସମୟରେ ବାଟରେ ନିଶ୍ଚିନ୍ତକୋଇଲି, ସାଲେପୁର ଓ ଜଗତପୁର ଆଦି ପୁଲିସ ଥାନା ପଡୁଥିଲେ ମଧ୍ୟ ଏଥିପ୍ରତି ପୁଲିସର କୌଣସି ନିଘା ନ ଥିବା ଦେଖାଯାଇଛି । ଅପରପକ୍ଷରେ ଛଣ ଗାଡିରୁ ଚାନ୍ଦା ଆଦାୟ କରାଯାଉଥିବା ନେଇ ସାଧାରଣରେ ଚର୍ଚ୍ଚା ଯୋର ହେଉଛି । ରାସ୍ତାରେ ଏଭଳି ବିପଦପୂର୍ଣ୍ଣ ଛଣଗାଡିକୁ ବାରଣ କରିବା ପାଇଁ ସାଧାରଣରେ ଦାବି ହେଉଛି ।

# କଟକ ସିଟି



## ନାଳନର୍ଦ୍ଦମା ସଫେଇ ଶ୍ରମିକଙ୍କ ସୁରକ୍ଷା ଏବେ ବି ଦୃଷ୍ଟି ଆଢୁଆଳରେ

# ହାଇକୋର୍ଟଙ୍କ ଟିପ୍ପଣୀ ପରେ ଚେତିବ କି ସିଏମ୍‌ସି ?

**କଟକ, ୨୪।୬(ସମିସ):** କଟକ ମହାନଗର ନିଗମ ପକ୍ଷରୁ ହେଉଥିବା ନାଳନର୍ଦ୍ଦମା ସଫେଇ କାର୍ଯ୍ୟରେ ଶ୍ରମିକମାନେ ବିପଜ୍ଜନକ ଅବସ୍ଥାରେ କାର୍ଯ୍ୟ କରୁଥିଲେ ମଧ୍ୟ ସେମାନଙ୍କ ନିରାପତ୍ତା ଦିଗରେ ରହିଥିବା ମାର୍ଗଦର୍ଶିକା(ଏସଓପି)କୁ ସଠିକ ଢଙ୍ଗରେ ଅନୁପାଳନ କରାଯାଉନାହିଁ। ଏପରିକି ମାନୁଆଲ ପଦ୍ଧତି ତଥା ଶ୍ରମିକଙ୍କ ଦ୍ୱାରା ସଫେଇକୁ ନେଇ ହାଇକୋର୍ଟ ଅସନ୍ତୋଷ ପ୍ରକାଶ କରିଥିବା ବେଳେ ଏହାକୁ ବନ୍ଦ କରିବା ଉପରେ ଗୁରୁତ୍ୱାରୋପ କରିଥିଲେ। ତେବେ ଏହା ବନ୍ଦ କରାଯିବା ନେଇ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି। ମହାନଗର ନିଗମର କହିବା କଥା ହେଲାକି, ସହରର ଗଳିକନ୍ଦିରେ ମେସିନ ସାହାଯ୍ୟରେ ସଫେଇ ସମ୍ଭବ ନୁହେଁ। ତେବେ ବଡ ଡ୍ରେନଗୁଡ଼ିକୁ ମେସିନ ଦ୍ୱାରା ସଫେଇ କାର୍ଯ୍ୟ କରାଯାଉଅଛି। ଏବେ ପ୍ରଶ୍ନ ଉଠିବା ସ୍ୱାଭାବିକ ହାଇକୋର୍ଟଙ୍କ ଆଦେଶ ପରେ ସିଏମସି ଚେତିବ କି ନାହିଁ ତାହା ଆଗାମୀ ଦିନରେ ସ୍ପଷ୍ଟ ହେବ।

ବିଗତ ୩ବର୍ଷ ମଧ୍ୟରେ ବିପଜ୍ଜନକ ଭାବେ କାର୍ଯ୍ୟ କରୁଥିବା ୮୦ଜଣ ଶ୍ରମିକଙ୍କ ପ୍ରାଣହାନି ମଧ୍ୟ ଘଟିଲାଣି। ନିରାପତ୍ତା ପାଇଁ ଏନଫୋର୍ସମେଣ୍ଟ ଅଭାବରୁ ଶ୍ରମିକଙ୍କ ଜୀବନ ବାଜିରେ ଲାଗୁଥିବା ଜଣାପଡ଼ିଛି। ଓଡ଼ିଶା ହାଇକୋର୍ଟ ମଧ୍ୟ ସଫେଇ କର୍ମଚାରୀଙ୍କ ମୃତ୍ୟୁ ପ୍ରସଙ୍ଗରେ ରୁଜୁ ମାମଲାର ଶୁଣାଣି କରି ବିଭିନ୍ନ ସମୟରେ ଏସଓପି ପାଳନ ଉପରେ ଗୁରୁତ୍ୱାରୋପ କରି ଆସିଛନ୍ତି। ସିପିଏଚଇଓ(ସେଣ୍ଟ୍ରାଲ ପବ୍ଲିକ ହେଲଥ ଇଞ୍ଜିନିୟରିଂ ଅରଗାନାଇଜେସନ) ପକ୍ଷରୁ ଏଥି ନେଇ ସ୍ୱତନ୍ତ୍ର ମାର୍ଗଦର୍ଶିକା ରହିଥିଲା। ଏହି ମାର୍ଗଦର୍ଶିକାକୁ କଡାକଡି ପାଳନ ପାଇଁ ଅଦାଲତଙ୍କ ମଧ୍ୟ ନିର୍ଦ୍ଦେଶ ରହିଛି। ସେହିଭଳି ମାନୁଆଲ ବ୍ୟବସ୍ଥାରେ ମଇଳା ବାଙ୍କି ସଫେଇ ଉପରେ କଟକଣା ରହିଥିଲେ ମଧ୍ୟ ଏହା ପାଳନ ହେଉନାହିଁ। କାଁ ଯାନ୍ତ୍ରିକ ପଦ୍ଧତିରେ ସଫେଇ ହେଉଥିବା ବେଳେ ଏବେ ବି ଶ୍ରମିକଙ୍କୁ ଏଥିପାଇଁ ନିୟୋଜିତ କରାଯାଉଛି। ଗତ ୨୦୨୧ରେ କଟକ ସହରରେ ଦୁଇ ଜଣ ଶ୍ରମିକ ସ୍ୱେରେଜ ଲାଇନ ସଫେଇ ବେଳେ ଶ୍ୱାସରୁଦ୍ଧ ହୋଇ ମୃତ୍ୟୁବରଣ କରିବାର ନଜିର ରହିଛି। ଗତ ୨୦୨୨ରେ ଜାନୁୟାରୀ ମାସରେ କଟକ ସହରର ଦେଉଳସାହି ରେଭେନ୍ୟୁ କଲୋନୀରେ ପଙ୍କୋଦ୍ଧାର କରିବା ବେଳେ ଜଣେ ସଫେଇ କର୍ମଚାରୀଙ୍କ ଉପରେ ପାଚେରି ଭୁଶୁଡି ପଡ଼ିବାରୁ ତାଙ୍କ ମୃତ୍ୟୁ ଘଟିଥିଲା। ଆବଶ୍ୟକ ସୁରକ୍ଷା ବା ନିରାପତ୍ତା ନିୟମାବଳୀକୁ ଉଲ୍ଲଙ୍ଘନ କରାଯାଇଆସୁଥିବା ବେଳେ ଶ୍ରମ ବିଭାଗ ପକ୍ଷରୁ ନିୟମିତ ଏହାର ତଦାରଖ ମଧ୍ୟ ହେଉନାହିଁ। ଫଳରେ ଶ୍ରମିକଙ୍କୁ କାର୍ଯ୍ୟରେ ନିୟୋଜିତ କରୁଥିବା ସଂସ୍ଥା ବିରୋଧରେ କିଛି କାର୍ଯ୍ୟାନୁଷ୍ଠାନ ହୋଇପାରୁ ନଥିବା ଜଣାପଡ଼ିଛି। ଧାର୍ଯ୍ୟ ସର୍ତ୍ତ ଅନୁସାରେ ସଫେଇ କର୍ମଚାରୀଙ୍କ ଚର୍ମରୋଗ କିମ୍ବା ପିତ୍ତ ଭଳି ରୋଗ ଅଛି କି ନାହିଁ ତାହାର ନିୟମିତ ପରୀକ୍ଷା କରାଯିବା କଥା। ମ୍ୟାନହୋଲ ଅଥବା ଅନ୍ୟ ସ୍ୱେରେଜ ଚାମ୍ବରରେ ପଶିବା ପୂର୍ବରୁ ହେଲମେଟ ସହ ହେଡଲାଇଟ, ଗମ୍ ବୁଟ୍, ୱାଟରପ୍ରୁଫ ପୋଷାକ, ଗ୍ଲୋବସ, ଅକ୍ସିଜେନ ସିଲିଣ୍ଡର ଆଦି ଦିଆଯିବା କଥା। ହେଲେ ଏ ସବୁ କାଗଜ କଲମରେ ସୀମିତ ରହିଯାଇଛି। ଗୁରୁତ୍ୱପୂର୍ଣ୍ଣ ଏହି କି ଯେ ପଶ୍ଚିମବଙ୍ଗର ମାଳମାଳ ଶ୍ରମିକ ଏହିଭଳି ବିପଜ୍ଜନକ ବିଭିନ୍ନ ଘରୋଇ ନିର୍ମାଣ କାର୍ଯ୍ୟ କରିଆସୁଛନ୍ତି।

## ମୁମ୍ବାଇରେ ନବୀନଙ୍କ ସ୍ୱାସ୍ଥ୍ୟାବସ୍ଥା ବୁଝିଲେ ବିଧାୟକ




**କଟକ, ୨୪।୬(ସମିସ):** ମୁମ୍ବାଇସ୍ଥିତ କୋକିଲାବେନ୍ ଧୀରୁଭାଇ ଅମ୍ବାନି ହସ୍ପିଟାଲରେ ଚିକିତ୍ସିତ ହେଉଥିବା ପୂର୍ବତନ ମୁଖ୍ୟମନ୍ତ୍ରୀ ତଥା ବିଜୁ ଜନତା ଦଳର ସଭାପତି ନବୀନ ପଟ୍ଟନାୟକଙ୍କ ସ୍ୱାସ୍ଥ୍ୟାବସ୍ଥା ପଚାରି ବୁଝିଛନ୍ତି ବିଧାୟକଗଣ। ପୂର୍ବରୁ ସେଠାରେ ରହିଥିବା ପୂର୍ବତନ ମୁଖ୍ୟମନ୍ତ୍ରୀଙ୍କ ମୁଖ୍ୟ ରାଜନୈତିକ ପରାମର୍ଶଦାତା ସଂତୃପ୍ତ ମିଶ୍ରଙ୍କ ସହ ଚୌଦ୍ୱାର-କଟକର ବିଧାୟକ ସୌଭିକ୍ ବିଶ୍ୱାଳ, ପାରଳାଖେମୁଣ୍ଡିର ବିଧାୟକ ରୂପେଶ କୁମାର ପାଣିଗ୍ରାହୀ, ତିର୍ତ୍ତୋଲ ବିଧାୟକ ରମାକାନ୍ତ ଭୋଇ ହସ୍ପିଟାଲରେ ତାଙ୍କର ସ୍ୱାସ୍ଥ୍ୟବସ୍ଥା ସମ୍ପର୍କରେ ପଚାରି ବୁଝିବା ସହ ମହାପ୍ରଭୁ ଶ୍ରୀ ଶ୍ରୀ ଜଗନ୍ନାଥଙ୍କ ନିକଟରେ ତାଙ୍କର ଆରୋଗ୍ୟ କାମନା କରିଛନ୍ତି। ସୂଚନାଯୋଗ୍ୟ ଯେ ଦୁଇ ଦିନ ତଳେ ପୂର୍ବତନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ କୋକିଲାବେନ୍ ଧୀରୁଭାଇ ଅମ୍ବାନି ହସ୍ପିଟାଲରେ ସର୍ଭାଇକାଲ ଆର୍ଥ୍ରାଇଟ୍‌ସର ସଫଳ ଅସ୍ତ୍ରୋପଚାର ଶେଷ ହୋଇଛି।

## ଶ୍ରୀ ଶ୍ରୀ ରଘୁନାଥ ଦେବ ବୈଶ୍ୟ ବଣିଆ ସଂଘ ପକ୍ଷରୁ ଚକ୍ଷୁ ପରୀକ୍ଷା ଶିବିର

**କଟକ, ୨୪।୬(ସମିସ):** ବୈଶ୍ୟ ବଣିଆ ସଂଘ ଆନୁକୂଲ୍ୟରେ କଟକ ବିଦ୍ୟାଧରପୁର ସ୍ଥିତ ରଘୁନାଥ ମନ୍ଦିର ପ୍ରାଙ୍ଗଣରେ ଏକ ମାଗଣା ଚକ୍ଷୁ ପରୀକ୍ଷା ଶିବିର ଅନୁଷ୍ଠିତ ହୋଇଯାଇଛି। ଏଏସଜି ନେତ୍ର ଚିକିତ୍ସାଳୟ ଗ୍ରୁପ ଦ୍ୱାରା ଆୟୋଜିତ ଚକ୍ଷୁ ପରୀକ୍ଷା କାର୍ଯ୍ୟକ୍ରମରେ ସଂସ୍ଥାର କର୍ପୋରେଟ ମ୍ୟାନେଜର ଅମିତ କୁମାର ପଣ୍ଡା, ଚକ୍ଷୁ ରୋଗ ବିଶେଷଜ୍ଞ ବିଷ୍ଣୁପ୍ରିୟ ସାମଲ, ସହଯୋଗୀ ପୂର୍ଣ୍ଣଚନ୍ଦ୍ର ସାହୁ ଏବଂ ଜ୍ୟୋତିପ୍ରକାଶ ମିଶ୍ର ଶିବିରକୁ ଆସିଥିବା ଲୋକମାନଙ୍କର ଚକ୍ଷୁ ପରୀକ୍ଷା କରିଥିଲେ। ସ୍ଥାନୀୟ ଅଞ୍ଚଳର ବହୁ ସଂଖ୍ୟକ ଚକ୍ଷୁ ରୋଗୀ ସେମାନଙ୍କ ଚକ୍ଷୁ ପରୀକ୍ଷା କରିଥିଲେ। ଯେଉଁମାନଙ୍କର ଚକ୍ଷୁ ଅସ୍ତ୍ରୋପଚାର ଦରକାର ପଡ଼ିଲା ସେମାନଙ୍କୁ ବିଶେଷଜ୍ଞଙ୍କ ପରାମର୍ଶ କ୍ରମେ ଅସ୍ତ୍ରୋପଚାର ପାଇଁ ଚିକିତ୍ସାଳୟକୁ ପଠାଯାଇଥିଲା। ଚକ୍ଷୁ ପରୀକ୍ଷା ନିମନ୍ତେ ୭୦ରୁ ଊର୍ଦ୍ଧ୍ୱ ରୋଗୀ ଆସିଥିଲେ। ସଂଘର ଉପସଭାପତି ନଗେନ ମହାରଣା, ସମ୍ପାଦକ ବିଜୟ ମହାରଣା, ସହସମ୍ପାଦକ ହେମନ୍ତ ମହାରଣା, ବରିଷ୍ଠ ସଭ୍ୟ ପ୍ରଶାନ୍ତ ସାହୁ, ପୂର୍ବତନ ଡେପୁଟି ମେୟର ସରୋଜିନୀ ସାହୁ, ଦିଲ୍ଲୀପ ମହାରଣା, ବଚନ ସାହୁ, ସନ୍ତୋଷ ମହାରଣା, ଦିପୁନା ସାହୁ, ଅଞ୍ଜଳି ସାହୁ, ଅର୍ଜୁନୀ ମହାରଣା ଓ ବୈରାଗୀ ମହାରଣା ସୁଚାରୁରୂପେ ପରିଚାଳନା କରିଥିଲେ।

## କଲମ୍ବିଆରେ ବିଶ୍ୱଶାନ୍ତି ଓ ପ୍ରୀତିର ବାର୍ତ୍ତା ଦେଲେ ଶ୍ରୀ ଶ୍ରୀ ରବିଶଙ୍କର

**କଟକ, ୨୪।୬(ସମିସ):** ଗତ ଦୁଇ ଦଶନ୍ଧିରୁ ଊର୍ଦ୍ଧ୍ୱ ସମୟ ଧରି ଦେଶ ତଥା ଦେଶ ବାହାରେ ଶାନ୍ତି ଓ ପ୍ରୀତିର ବାର୍ତ୍ତା ଦେଇ ଆସୁଥିବା ଗୁରୁଦେବ ଶ୍ରୀ ଶ୍ରୀ ରବିଶଙ୍କର ନିକଟରେ କଲମ୍ବିଆ ଗସ୍ତ କରିଛନ୍ତି। ଏହି ଅବସରରେ ସେଠାକାର ବୋଗୋଟା ସହର ଅନ୍ତର୍ଗତ ପ୍ରସିଦ୍ଧ 'ପ୍ଲାଜା ଲା ସାଣ୍ଟା ମାରିଆ'ଠାରେ ଏକାଦଶ ଅନ୍ତର୍ଜାତୀୟ ଯୋଗ ଦିବସ ପାଳନ କରିବାକୁ ତାଙ୍କ ସହ ଏକତ୍ରିତ ହୋଇଥିଲେ ହଜାର ହଜାର ସ୍ଥାନୀୟ ଲୋକ। ଗୁରୁଦେବଙ୍କୁ ସେଠାକାର ସରକାର ମଧ୍ୟ ବିଶେଷ ଗୁରୁତ୍ୱ ଦେବାର କାରଣ ହେଉଛି, ଗତ ଏକ ଦଶନ୍ଧି ପୂର୍ବରୁ ୨୦୧୫ ମସିହାରେ କଲମ୍ବିଆ ସରକାର ଓ ଏଫଏଆରସି ଗରିଲା ଗୋଷ୍ଠୀ ମଧ୍ୟରେ ଦୀର୍ଘ ପ୍ରାୟ ୫୦ ବର୍ଷ ଧରି ସଂଘର୍ଷ ଲାଗି ରହିଥିଲା। ସେହି ସମୟରେ ଗୁରୁଦେବ ଶ୍ରୀ ଶ୍ରୀ ରବିଶଙ୍କରଙ୍କ ହସ୍ତକ୍ଷେପ ଫଳରେ ସେଠାରେ ଚାଲିଥିବା ଦଶନ୍ଧି ଦଶନ୍ଧି ବ୍ୟାପୀ ସଂଘର୍ଷର ପରିସମାପ୍ତି ଘଟିଥିଲା। ଏହି ଶାନ୍ତି ପ୍ରକ୍ରିୟାରେ ଗୁରୁଦେବ ଗୁରୁତ୍ୱପୂର୍ଣ୍ଣ ଭୂମିକା ତୁଲାଇଥିଲେ। ଗୁରୁଦେବ କଲମ୍ବିଆ ପାର୍ଲାମେଣ୍ଟକୁ ମଧ୍ୟ ସମ୍ବୋଧିତ କରିଥିଲେ। ଏହି ଅବସରରେ ସମସ୍ତଙ୍କୁ ଏକ ପ୍ରେମମୟ ଏବଂ ଶାନ୍ତିପୂର୍ଣ୍ଣ ବିଶ୍ୱର ସ୍ୱପ୍ନ ଦେଖିବାକୁ ଅନୁପ୍ରାଣିତ କରିଥିଲେ। କଲମ୍ବିଆ ସରକାରଙ୍କ ପକ୍ଷରୁ ଶ୍ରୀ ଶ୍ରୀ ରବିଶଙ୍କରଙ୍କୁ ତାଙ୍କର ଅନୁଶାସନ ଓ ବିଶ୍ୱଶାନ୍ତି ନିମନ୍ତେ ନିରନ୍ତର କାର୍ଯ୍ୟ ନିମନ୍ତେ ଗତ ୨୦ ତାରିଖ 'କାର୍ଟାଜେନା-ଡି-ଇଣ୍ଡିଆସ୍'ର ମେୟର ଡୁମେକ ଟର୍ବେ ପାଜ୍ 'ବଲିଭର ଗଭର୍ଣ୍ଣରେଟ୍ ମେଡାଲ୍' ପ୍ରଦାନ ପୂର୍ବକ ସମ୍ମାନିତ କରିଥିଲେ। ଦୀର୍ଘ ପ୍ରାୟ



ଦଶବର୍ଷ ପରେ ଗୁରୁଦେବ କଲମ୍ବିଆ ଗସ୍ତରେ ଯାଇଥିବା ବେଳେ ତାଙ୍କୁ ପ୍ରଦାନ କରାଯାଇଥିବା ଉଚ୍ଛ୍ୱସିତ ସମ୍ବର୍ଦ୍ଧନାର ପ୍ରତ୍ୟୁତ୍ତରରେ ସେ ଦକ୍ଷିଣ ଆମେରିକାର ବୋଗୋଟା, ମେଡେଲିନ୍ ଓ କାର୍ଟାଜେନାର ଅଧିବାସୀମାନଙ୍କୁ, ସେଠାକାର ସାଂସଦ, ବ୍ୟବସାୟୀ ଏବଂ ଶିକ୍ଷାବିତଙ୍କୁ ଧ୍ୟାନ ଓ ଯୋଗର ଗଭୀର ଅନୁଭବ ଓ ଏହାର ସୁଦୂରପ୍ରସାରୀ ପ୍ରଭାବ ସମ୍ପର୍କରେ ଅବଗତ କରାଇଥିଲେ। ଏଥିସହ କଲମ୍ବିଆ ସଂସଦକୁ ସମ୍ବୋଧିତ କରି କହିଥିଲେ, "ଏଭଳି ଏକ ସଂସାର ଗଢ଼ିବା ନିମନ୍ତେ ଆମେ ସମସ୍ତେ ଆଗେଇ ଆସିବା ଦରକାର, ଯାହା ଥିବ ଯନ୍ତ୍ରଣାବିହୀନ, ପ୍ରେମପୂର୍ଣ୍ଣ, ସୁଖରେ ଭରପୂର ଓ ଶାନ୍ତିପୂର୍ଣ୍ଣ। ଏହା ଶୁଣିବାକୁ 'ୟୁଟୋପିଆ' ଭଳି ଲାଗୁ ଥାଇପାରେ; କିନ୍ତୁ ଯେ କୌଣସି ଉଦ୍ୟମର ଆରମ୍ଭ ତ ଏକ ସ୍ୱପ୍ନରୁ ହିଁ ହୋଇଥାଏ"। ତାଙ୍କର ଏହି ଉକ୍ତି ସବୁ ସହରର ବାସିନ୍ଦାଙ୍କୁ ଖୁବ୍ ପ୍ରଭାବିତ କରିଥିଲା।

## ଛାତ୍ରୀଙ୍କଠାରୁ ଲୁଟିନେଲେ ବଞ୍ଜାରା ମହିଳା

**କଟକ, ୨୪।୬(ସମିସ):** କଟକରେ ରହି ପାଠ ପଢୁଥିବା ଜଣେ କଲେଜ ଛାତ୍ରୀଙ୍କ ବ୍ୟାଗରୁ ଟଙ୍କା ଚୋରି ହୋଇଛି। ବଞ୍ଜାରା ଲୁଟେରା ଦଳ ଛାତ୍ରୀଙ୍କ ପିଛା କରି ତାଙ୍କ ବ୍ୟାଗରୁ ଟଙ୍କା ନେଇଯାଇଛନ୍ତି। ଏନେଇ ଛାତ୍ରୀ ଜଣକ ମଧୁପାଟଣା ଥାନାରେ ଅଭିଯୋଗ କରିଛନ୍ତି। ପୁଲିସର ସୂଚନା ମୁତାବକ, ମାହାଙ୍ଗା ଅଞ୍ଚଳର ତୃପ୍ତି ନାୟକ କଟକର ଏକ ପ୍ରତିଷ୍ଠିତ କଲେଜରେ ପାଠ ପଢୁଛନ୍ତି। ସୋମବାର ଅପରାହ୍ନ ୪ଟାରେ ସେ ବସ ଯୋଗେ କଟକ ଫେରିଥିଲେ। ମଧୁପାଟଣା ଛକରେ ବସରୁ ଓହ୍ଲାଇ ଲିଙ୍କରୋଡ ଅଭିମୁଖେ ଚାଲିଚାଲି ଯାଉଥିଲେ। ଏତିକିବେଳେ ଦୁଇ ଜଣ ବଞ୍ଜାରା ମହିଳା ତାଙ୍କର ପିଛା କରିଥିଲେ। ଛାତ୍ରୀ ଜଣକ କାନ୍ଧରେ ଏକ ବ୍ୟାଗ ପକାଇଥିଲା ବେଳେ ଆଉ ଗୋଟିଏ ଜିନିଷପତ୍ର ଭର୍ତ୍ତି ବ୍ୟାଗକୁ ହାତରେ ଧରିଥିଲେ। ଉକ୍ତ ବ୍ୟାଗରେ ଥିବା ଏକ ଛୋଟ ମନିପର୍ସରେ ୮ ହଜାର ଟଙ୍କା ଥିଲା। ଯାହାକୁ ସେ ନିଜ ଖର୍ଚ୍ଚ ଏବଂ କଲେଜ ରି-ଆଡମିସନ କରିବା ପାଇଁ ଘରୁ ଆଣିଥିଲେ। ତେବେ ଛାତ୍ରୀ ଜଣକ ଲିଙ୍କରୋଡର ଏକ ମୋବାଇଲ ଦୋକାନକୁ ଯାଇଥିଲେ। ଏହି ସମୟରେ ବଞ୍ଜାରା ଲୁଟେରା ତାଙ୍କ ବ୍ୟାଗରୁ ଉକ୍ତ ମନିପର୍ସକୁ ଚୋରାଇ ନେଇ ଚମ୍ପଟ ମାରିଥିଲେ। ମୋବାଇଲ ମରାମତି ପରେ ଛାତ୍ରୀ ଜଣକ ଦେୟ ଦେବା ପାଇଁ ପର୍ସ ଖୋଜିବାରୁ ତାହା ମିଳି ନଥିଲା। ପରେ ମୋବାଇଲ ଦୋକାନର ସିସିଟିଭି ଯାଞ୍ଚ କରିବାରୁ ବଞ୍ଜାରା ଲୁଟେରା ଦଳଙ୍କ ସମ୍ପୃକ୍ତି ଜଣାପଡ଼ିଥିଲା। ଘଟଣା ସମ୍ପର୍କରେ ଛାତ୍ରୀ ଜଣକ ମଧୁପାଟଣା ଥାନାରେ ଅଭିଯୋଗ କରିବା ପରେ ପୁଲିସ ସିସିଟିଭି ଫୁଟେଜ ଆଧାରରେ ଅଭିଯୁକ୍ତଙ୍କୁ ଧରିବାକୁ ଉଦ୍ୟମ କରୁଛି।

## ବେଆଇନ ପାର୍କିଂ ବିରୋଧରେ କଡ଼ା କାର୍ଯ୍ୟାନୁଷ୍ଠାନ

### ୧୬ ଚାରିଚକିଆ ସହ ୩୬ ଗାଡ଼ି ଜବତ

**କଟକ, ୨୪।୬(ସମିସ):** ତାଳଦଣ୍ଡା କେନାଲର ଉଭୟ ପାର୍ଶ୍ୱରୁ ବେଆଇନ ପାର୍କିଂ ଓ ଜବରଦଖଲକାରୀଙ୍କ ବିରୋଧରେ ପୁଲିସର କାର୍ଯ୍ୟାନୁଷ୍ଠାନ ଜାରି ରହିଛି। ମାଲଗୋଦାମ ଓ ଟ୍ରାଫିକ ଥାନା ପକ୍ଷରୁ ମିଳିତ ଭାବେ ଯୋବ୍ରା ଆନିକଟ ଛକଠାରୁ ଛତ୍ରବଜାର ଅର୍ବାନ ପରିବା ହାଟ ପର୍ଯ୍ୟନ୍ତ ରାସ୍ତାରୁ ୩୬ଟି ଗାଡିକୁ ଜବତ କରାଯାଇଥିଲା। ସେଥିମଧ୍ୟରେ ୧୬ଟି ଚାରି ଚକିଆ ଓ ୨୦ଟି ଦୁଇ ଚକିଆ ଗାଡି ରହିଛି। ପ୍ରତ୍ୟେକରୁ ଗାଡିରୁ ୫୦୦ ଟଙ୍କା ଲେଖାଏ ଜରିମାନା ଆଦାୟ ପରେ ଗାଡିଗୁଡିକୁ ଛାଡି ଦିଆଯାଇଛି। ସେହିପରି ରାଣୀହାଟ କ୍ଲକ ଟାୱାର ଛକ ନିକଟସ୍ଥ ରାସ୍ତା କଡକୁ ମାଡିବସିଥିବା ବାଉଁଶ ସାମଗ୍ରୀ ବେପାରୀଙ୍କୁ ମଧ୍ୟ ହଟାଇ ଦିଆଯାଇଛି। ସେଠାରେ ବାଉଁଶ କାରିଗର ପୁଣିଥରେ ବିଭିନ୍ନ ପ୍ରକାର ଉପକରଣ ତିଆରି ସହିତ ବିକ୍ରି କରୁଛନ୍ତି। ଏଥିପାଇଁ ଟ୍ରାଫିକ ସମସ୍ୟା ଲାଗିରହୁଥିଲା।

## ଜଷ୍ଟିସ ଚୌଧୁରୀ ପ୍ରତାପ କେଶରୀ ମିଶ୍ରଙ୍କ ଶ୍ରଦ୍ଧାଞ୍ଜଳି ସଭା

# 'ସମାଜସେବାରେ ଜଷ୍ଟିସ ମିଶ୍ରଙ୍କ ଅବଦାନ ଅନସ୍ୱୀକାର୍ଯ୍ୟ'

**କଟକ, ୨୪।୬(ସମିସ):** ହରିଜନ ପଦଯାତ୍ରା ବେଳେ ମହାତ୍ମା ଗାନ୍ଧୀ ସାଲେପୁର ନିକଟବର୍ତ୍ତୀ ଭେଡ଼ା ଗାଁର ଯେଉଁ ପରିବାର ସହ ରାତ୍ରିଯାପନ କରିଥିଲେ, ସେହି ପରିବାରର ଦାୟଦ ଜଷ୍ଟିସ ଚୌଧୁରୀ ପ୍ରତାପ କେଶରୀ ମିଶ୍ର। ସମ୍ବିଧାନ ରକ୍ଷା କରିବା ସହିତ ସମାଜର ନିମ୍ନବର୍ଗର ଲୋକଙ୍କୁ ନ୍ୟାୟ ଦେବା ପାଇଁ ସେ ବଦ୍ଧପରିକର ଥିଲେ। ବିଚାରପତି ପଦରେ ଥାଇ ମଧ୍ୟ ସାରା ଜୀବନ ସାଧାରଣ ଲୋକଙ୍କ ସହ ଯୋଡ଼ି ହୋଇ ରହିଥିଲେ। ମାନବୀୟ ମୂଲ୍ୟବୋଧକୁ ରକ୍ଷା କରିବାକୁ ଯାଇ ଜଷ୍ଟିସ ମିଶ୍ର ସାଧାରଣ ନାଗରିକର କର୍ତ୍ତବ୍ୟ କେବେ ଭୁଲି ନଥିଲେ। ବିଶେଷକରି ସମାଜସେବାରେ ଜଷ୍ଟିସ ମିଶ୍ରଙ୍କ ଅବଦାନ ଅନସ୍ୱୀକାର୍ଯ୍ୟ। ଆଜି ସନ୍ଧ୍ୟାରେ କଟକ କ୍ଲବ ଆନେକ୍ସ-୧ରେ ଜଷ୍ଟିସ ଚୌଧୁରୀ ପ୍ରତାପ କେଶରୀ ମିଶ୍ରଙ୍କ ପ୍ରଥମ ଶ୍ରାଦ୍ଧବାର୍ଷିକୀ ଉପଲକ୍ଷେ ଆୟୋଜିତ ଶ୍ରଦ୍ଧାଞ୍ଜଳି ସଭାରେ ଯୋଗ ଦେଇ ଅତିଥିମାନେ ଉପରୋକ୍ତ ମତ ଦେଇଛନ୍ତି।



ନୈଷ୍ଠିକ ବ୍ରାହ୍ମଣ ପରିବାରରେ ଜନ୍ମ ଗ୍ରହଣ କରିଥିବା ଜଷ୍ଟିସ ମିଶ୍ର ସର୍ବଦା ସମାଜର ଦଳିତ, ଅବହେଳିତ ଓ ନିଷ୍ପେସିତ ଲୋକଙ୍କ ସୁଖଦୁଃଖରେ ଭାଗିଦାରୀ ହେଉଥିଲେ। ବିଚାରପତି ହେବା ପୂର୍ବରୁ ସେ ଅନେକ ସାମାଜିକ ଆନ୍ଦୋଳନରେ ସାମିଲ ଥିଲେ। ୧୯୭୪ ମସିହା ଚର୍ଚ୍ଚିତ ଛାତ୍ର ଆନ୍ଦୋଳନ ସମୟରେ ସେ କଂଗ୍ରେସ ଦଳର ସମର୍ଥକ ଥିଲେ ସୁଦ୍ଧା କଂଗ୍ରେସ ବିରୋଧରେ ସ୍ୱର ଉତ୍ତୋଳନ କରିଥିଲେ। ୧୯୭୫ ଜରୁରୀକାଳୀନ ପରିସ୍ଥିତି ସମୟରେ ତାଙ୍କ ଘରେ ପୁଲିସ ଚଢ଼ଉ କରିଥିଲା। ମାତ୍ର ସେ ଲୁଚିଛପି ସରକାରଙ୍କ ନିଷ୍ପତ୍ତି ବିରୋଧରେ ଆନ୍ଦୋଳନକୁ ତୀବ୍ର କରିଥିଲେ। କଳିଙ୍ଗ ନଗର ଗୁଳିକାଣ୍ଡ ଘଟଣା ତାଙ୍କୁ ବ୍ୟଥିତ କରିଥିଲା। ସେ ମୃତକଙ୍କ ପରିବାରକୁ ଭେଟି ସମବେଦନା ଜଣାଇଥିଲେ। ବସ୍ତି ବାସିନ୍ଦା ମିଳିତ ମଞ୍ଚ, ନିଶା ନିବାରଣ କମିଟିର ଗୁରୁତ୍ୱପୂର୍ଣ୍ଣ ପଦରେ ରହି ସେ ସମାଜ ସଂସ୍କାର ଦିଗରେ ଅନେକ ଦୃଷ୍ଟାନ୍ତମୂଳକ କାର୍ଯ୍ୟ କରିଥିଲେ ବୋଲି ଏହି ଅବସରରେ ମତ ପ୍ରକାଶ ପାଇଛି। ଶ୍ରଦ୍ଧାଞ୍ଜଳୀ ସଭାରେ ପୂର୍ବତନ ମନ୍ତ୍ରୀ ନିରଞ୍ଜନ ପଟ୍ଟନାୟକ, ପୂର୍ବତନ ମନ୍ତ୍ରୀ ଶଶୀଭୂଷଣ ବେହେରା, ଜଷ୍ଟିସ ବିମଳ ପ୍ରସାଦ ଦାସ, ଜଷ୍ଟିସ ମଦନ ମୋହନ ଦାସ, ପୂର୍ବତନ ମନ୍ତ୍ରୀ ପଞ୍ଚାନନ କାନୁନଗୋ, ପୂର୍ବତନ ବିଧାୟକ ରାଧାକାନ୍ତ ସେଠୀ, ପୂର୍ବତନ ବିଧାୟକ ଯଜ୍ଞେଶ୍ୱର ବାବୁ, ବସୁନ୍ଧରାର ସମ୍ପାଦିକା ଶୈଳ ବେହେରା ପ୍ରମୁଖ ଅତିଥି ଭାବେ ଯୋଗ ଦେଇ ଜଷ୍ଟିସ ମିଶ୍ରଙ୍କ ସ୍ମୃତିଚାରଣ କରିଥିଲେ। ଏହି ଅବସରରେ ଜଷ୍ଟିସ ମିଶ୍ରଙ୍କ ଆତ୍ମଜୀବନୀ 'କିଛି ରହିଗଲା' ପୁସ୍ତକ ଉନ୍ମୋଚିତ ହୋଇଥିଲା। ଅନ୍ୟମାନଙ୍କ ମଧ୍ୟରେ ବରିଷ୍ଠ ସାମ୍ବାଦିକ ରବି ଦାସ, ପୂର୍ବତନ ବିଧାୟକ ପ୍ରତାପ ଜେନା, ମାହାଙ୍ଗା ବିଧାୟକ ଶାରଦା ପ୍ରଧାନ, ପୂର୍ବତନ ବିଧାୟକ ବିମ୍ବାଧର କୁଅଁର, ମାହାଙ୍ଗା ବିଧାୟକ ସାରଦା ପ୍ରଧାନ, ସମାଜସେବୀ ଚିତ୍ତରଞ୍ଜନ ମହାନ୍ତି, ରମାକାନ୍ତ ମଣ୍ଡଳ, ପୂର୍ବତନ ମୁଖ୍ୟ ଶାସନ ସଚିବ ସହଦେବ ସାହୁ ପ୍ରମୁଖ ଯୋଗ ଦେଇ ଶ୍ରଦ୍ଧାଞ୍ଜଳି ଅର୍ପଣ କରିଥିଲେ। ଜଷ୍ଟିସ ଚୌଧୁରୀ ପ୍ରତାପ କେଶରୀ ମିଶ୍ରଙ୍କ ଧର୍ମପତ୍ନୀ ସିନ୍ଧୁବାଳା ମିଶ୍ରଙ୍କ ସମେତ ଭାଇ ପ୍ରୀତିକଣ୍ଠ, ଚୌଧୁରୀ ପ୍ରଭାତ କେଶରୀ ମିଶ୍ର, ବଡ ପୁଅ ଚୌଧୁରୀ ପ୍ରସନ୍ନଜିତ ମିଶ୍ର, ସାନପୁଅ ଚୌଧୁରୀ ସତ୍ୟଜିତ ମିଶ୍ର ପ୍ରମୁଖ ଉପସ୍ଥିତ ଥିଲେ। ଗୌରାଙ୍ଗ ହୋତା ଶ୍ରଦ୍ଧାଞ୍ଜଳି ସଭା ପରିଚାଳନା କରିଥିଲେ। ଏହି କାର୍ଯ୍ୟକ୍ରମରେ ବହୁ ବିଶିଷ୍ଟ ବ୍ୟକ୍ତି ଯୋଗ ଦେଇଥିଲେ।





**01. ଗୁଣ୍ଡିଚା ଯାତ୍ରା ଦିନ ପୁରୀ ପହଞ୍ଚୁଥିବା ସ୍ୱତନ୍ତ୍ର ଟ୍ରେନ୍**

| ଟ୍ରେନ୍ ନଂ | ସ୍ୱତନ୍ତ୍ର ଟ୍ରେନ୍‌ଗୁଡ଼ିକର ନାମ | ଉତ୍ପତ୍ତି ଷ୍ଟେସନରୁ ଛାଡ଼ିବା ତାରିଖ | ଉତ୍ପତ୍ତି ଷ୍ଟେସନରୁ ଛାଡ଼ିବା ସମୟ | ପୁରୀରେ ପହଞ୍ଚିବା ତାରିଖ | ପୁରୀରେ ପହଞ୍ଚିବା ସମୟ |
|---|---|---|---|---|---|
| 08443 | ଗୁଣୁପୁର-ପୁରୀ | 26.06.25 | 1830 | 27.06.25 | 0215 |
| 08533 | ଦଣପଲ୍ଲୀ-ପୁରୀ | 27.06.25 | 0015 | 27.06.25 | 0415 |
| 08503 | ଖୋର୍ଦ୍ଧା ରୋଡ୍-ପୁରୀ | 27.06.25 | 0245 | 27.06.25 | 0450 |
| 08413 | ପାରାଦ୍ୱୀପ-ପୁରୀ | 27.06.25 | 0230 | 27.06.25 | 0815 |
| 08415 | ତାଳଚେର-ପୁରୀ | 27.06.25 | 0345 | 27.06.25 | 1030 |
| 08317 | ଖୋର୍ଦ୍ଧାରୋଡ୍-ପୁରୀ | 27.06.25 | 0930 | 27.06.25 | 1135 |
| 08307 | କଟକ-ପୁରୀ | 27.06.25 | 0700 | 27.06.25 | 1150 |
| 08521 | ଦଣପଲ୍ଲୀ-ପୁରୀ | 27.06.25 | 0945 | 27.06.25 | 1305 |
| 08437 | ଛତ୍ରପୁର-ପୁରୀ | 27.06.25 | 0615 | 27.06.25 | 1320 |
| 08425 | ଢେଙ୍କାନାଳ-ପୁରୀ | 27.06.25 | 0900 | 27.06.25 | 1345 |
| 08275 | କଟକ-ପୁରୀ | 27.06.25 | 1015 | 27.06.25 | 1415 |
| 08421 | କେନ୍ଦୁଝରଗଡ଼-ପୁରୀ | 27.06.25 | 0730 | 27.06.25 | 1430 |

**02. ଗୁଣ୍ଡିଚା ଯାତ୍ରା ଦିନ ପୁରୀରୁ ଛାଡୁଥିବା ସ୍ୱତନ୍ତ୍ର ଟ୍ରେନ୍**

| ଟ୍ରେନ୍ ନଂ | ସ୍ୱତନ୍ତ୍ର ଟ୍ରେନ୍‌ଗୁଡ଼ିକର ନାମ | ପୁରୀ ଷ୍ଟେସନରୁ ଛାଡ଼ିବା ତାରିଖ | ପୁରୀ ଷ୍ଟେସନରୁ ଛାଡ଼ିବା ସମୟ | ଗନ୍ତବ୍ୟ ଷ୍ଟେସନରେ ପହଞ୍ଚିବା ତାରିଖ | ଗନ୍ତବ୍ୟ ଷ୍ଟେସନରେ ପହଞ୍ଚିବା ସମୟ |
|---|---|---|---|---|---|
| 08318 | ପୁରୀ-ଖୋର୍ଦ୍ଧା ରୋଡ୍ | 27.06.25 | 1635 | 27.06.25 | 1815 |
| 08276 | ପୁରୀ-କଟକ | 27.06.25 | 1650 | 27.06.25 | 2030 |
| 08306 | ପୁରୀ-କଟକ | 27.06.25 | 1845 | 28.06.25 | 0015 |
| 08414 | ପୁରୀ-ପାରାଦ୍ୱୀପ | 27.06.25 | 1925 | 28.06.25 | 0130 |
| 08438 | ପୁରୀ-ଛତ୍ରପୁର | 27.06.25 | 1940 | 28.06.25 | 0045 |
| 08522 | ପୁରୀ-ଦଣପଲ୍ଲୀ | 27.06.25 | 2005 | 28.06.25 | 0030 |
| 08416 | ପୁରୀ-ତାଳଚେର | 27.06.25 | 2100 | 28.06.25 | 0245 |
| 08422 | ପୁରୀ-କେନ୍ଦୁଝରଗଡ଼ | 27.06.25 | 2115 | 28.06.25 | 0700 |
| 08504 | ପୁରୀ-ଖୋର୍ଦ୍ଧା ରୋଡ୍ | 27.06.25 | 2130 | 27.06.25 | 2255 |
| 08424 | ପୁରୀ-ଢେଙ୍କାନାଳ | 27.06.25 | 2215 | 28.06.25 | 0140 |
| 08534 | ପୁରୀ-ଦଣପଲ୍ଲୀ | 28.06.25 | 0020 | 28.06.25 | 0415 |
| 08428 | ପୁରୀ-ଗୁଣୁପୁର | 28.06.25 | 0245 | 28.06.25 | 1230 |

**03. ବାହୁଡ଼ା ଯାତ୍ରା ଦିନ ପୁରୀ ପହଞ୍ଚୁଥିବା ସ୍ୱତନ୍ତ୍ର ଟ୍ରେନ୍**

| ଟ୍ରେନ୍ ନଂ | ସ୍ୱତନ୍ତ୍ର ଟ୍ରେନ୍‌ଗୁଡ଼ିକର ନାମ | ଉତ୍ପତ୍ତି ଷ୍ଟେସନରୁ ଛାଡ଼ିବା ତାରିଖ | ଉତ୍ପତ୍ତି ଷ୍ଟେସନରୁ ଛାଡ଼ିବା ସମୟ | ପୁରୀରେ ପହଞ୍ଚିବା ତାରିଖ | ପୁରୀରେ ପହଞ୍ଚିବା ସମୟ |
|---|---|---|---|---|---|
| 08443 | ଗୁଣୁପୁର-ପୁରୀ | 04.07.25 | 1830 | 05.07.25 | 0215 |
| 08533 | ଦଣପଲ୍ଲୀ-ପୁରୀ | 05.07.25 | 0015 | 05.07.25 | 0415 |
| 08503 | ଖୋର୍ଦ୍ଧା ରୋଡ୍-ପୁରୀ | 05.07.25 | 0245 | 05.07.25 | 0450 |
| 08413 | ପାରାଦ୍ୱୀପ-ପୁରୀ | 05.07.25 | 0230 | 05.07.25 | 0815 |
| 08415 | ତାଳଚେର-ପୁରୀ | 05.07.25 | 0345 | 05.07.25 | 1030 |
| 08317 | ଖୋର୍ଦ୍ଧାରୋଡ୍-ପୁରୀ | 05.07.25 | 0930 | 05.07.25 | 1135 |
| 08307 | କଟକ-ପୁରୀ | 05.07.25 | 0700 | 05.07.25 | 1150 |
| 08521 | ଦଣପଲ୍ଲୀ-ପୁରୀ | 05.07.25 | 0945 | 05.07.25 | 1305 |
| 08437 | ଛତ୍ରପୁର-ପୁରୀ | 05.07.25 | 0615 | 05.07.25 | 1320 |
| 08425 | ଢେଙ୍କାନାଳ-ପୁରୀ | 05.07.25 | 0900 | 05.07.25 | 1345 |
| 08275 | କଟକ-ପୁରୀ | 05.07.25 | 1015 | 05.07.25 | 1415 |
| 08421 | କେନ୍ଦୁଝରଗଡ଼-ପୁରୀ | 05.07.25 | 0730 | 05.07.25 | 1430 |

**04. ବାହୁଡ଼ା ଯାତ୍ରା ଦିନ ପୁରୀରୁ ଛାଡୁଥିବା ସ୍ୱତନ୍ତ୍ର ଟ୍ରେନ୍**

| ଟ୍ରେନ୍ ନଂ | ସ୍ୱତନ୍ତ୍ର ଟ୍ରେନ୍‌ଗୁଡ଼ିକର ନାମ | ପୁରୀ ଷ୍ଟେସନରୁ ଛାଡ଼ିବା ତାରିଖ | ପୁରୀ ଷ୍ଟେସନରୁ ଛାଡ଼ିବା ସମୟ | ଗନ୍ତବ୍ୟ ଷ୍ଟେସନରେ ପହଞ୍ଚିବା ତାରିଖ | ଗନ୍ତବ୍ୟ ଷ୍ଟେସନରେ ପହଞ୍ଚିବା ସମୟ |
|---|---|---|---|---|---|
| 08318 | ପୁରୀ-ଖୋର୍ଦ୍ଧା ରୋଡ୍ | 05.07.25 | 1635 | 05.07.25 | 1815 |
| 08276 | ପୁରୀ-କଟକ | 05.07.25 | 1650 | 05.07.25 | 2030 |
| 08306 | ପୁରୀ-କଟକ | 05.07.25 | 1845 | 06.07.25 | 0015 |
| 08414 | ପୁରୀ-ପାରାଦ୍ୱୀପ | 05.07.25 | 1925 | 06.07.25 | 0130 |
| 08438 | ପୁରୀ-ଛତ୍ରପୁର | 05.07.25 | 1940 | 06.07.25 | 0045 |
| 08522 | ପୁରୀ-ଦଣପଲ୍ଲୀ | 05.07.25 | 2005 | 06.07.25 | 0030 |
| 08416 | ପୁରୀ-ତାଳଚେର | 05.07.25 | 2100 | 06.07.25 | 0245 |
| 08422 | ପୁରୀ-କେନ୍ଦୁଝରଗଡ଼ | 05.07.25 | 2115 | 06.07.25 | 0700 |
| 08504 | ପୁରୀ-ଖୋର୍ଦ୍ଧା ରୋଡ୍ | 05.07.25 | 2130 | 05.07.25 | 2255 |
| 08424 | ପୁରୀ-ଢେଙ୍କାନାଳ | 05.07.25 | 2215 | 06.07.25 | 0140 |
| 08534 | ପୁରୀ-ଦଣପଲ୍ଲୀ | 06.07.25 | 0020 | 06.07.25 | 0415 |
| 08428 | ପୁରୀ-ଗୁଣୁପୁର | 06.07.25 | 0245 | 06.07.25 | 1230 |

**05. ସୁନା ବେଶ ଦିନ ପୁରୀ ପହଞ୍ଚୁଥିବା ସ୍ୱତନ୍ତ୍ର ଟ୍ରେନ୍**

| ଟ୍ରେନ୍ ନଂ | ସ୍ୱତନ୍ତ୍ର ଟ୍ରେନ୍‌ଗୁଡ଼ିକର ନାମ | ଉତ୍ପତ୍ତି ଷ୍ଟେସନରୁ ଛାଡ଼ିବା ତାରିଖ | ଉତ୍ପତ୍ତି ଷ୍ଟେସନରୁ ଛାଡ଼ିବା ସମୟ | ପୁରୀରେ ପହଞ୍ଚିବା ତାରିଖ | ପୁରୀରେ ପହଞ୍ଚିବା ସମୟ |
|---|---|---|---|---|---|
| 08443 | ଗୁଣୁପୁର-ପୁରୀ | 05.07.25 | 1830 | 06.07.25 | 0215 |
| 08533 | ଦଣପଲ୍ଲୀ-ପୁରୀ | 06.07.25 | 0015 | 06.07.25 | 0415 |
| 08503 | ଖୋର୍ଦ୍ଧା ରୋଡ୍-ପୁରୀ | 06.07.25 | 0245 | 06.07.25 | 0450 |
| 08413 | ପାରାଦ୍ୱୀପ-ପୁରୀ | 06.07.25 | 0230 | 06.07.25 | 0815 |
| 08415 | ତାଳଚେର-ପୁରୀ | 06.07.25 | 0345 | 06.07.25 | 1030 |
| 08317 | ଖୋର୍ଦ୍ଧାରୋଡ୍-ପୁରୀ | 06.07.25 | 0930 | 06.07.25 | 1135 |
| 08307 | କଟକ-ପୁରୀ | 06.07.25 | 0700 | 06.07.25 | 1150 |
| 08521 | ଦଣପଲ୍ଲୀ-ପୁରୀ | 06.07.25 | 0945 | 06.07.25 | 1305 |
| 08437 | ଛତ୍ରପୁର-ପୁରୀ | 06.07.25 | 0615 | 06.07.25 | 1320 |
| 08425 | ଢେଙ୍କାନାଳ-ପୁରୀ | 06.07.25 | 0900 | 06.07.25 | 1345 |
| 08275 | କଟକ-ପୁରୀ | 06.07.25 | 1015 | 06.07.25 | 1415 |
| 08421 | କେନ୍ଦୁଝରଗଡ଼-ପୁରୀ | 06.07.25 | 0730 | 06.07.25 | 1430 |

**06. ସୁନା ବେଶ ଦିନ ପୁରୀରୁ ଛାଡୁଥିବା ସ୍ୱତନ୍ତ୍ର ଟ୍ରେନ୍**

| ଟ୍ରେନ୍ ନଂ | ସ୍ୱତନ୍ତ୍ର ଟ୍ରେନ୍‌ଗୁଡ଼ିକର ନାମ | ପୁରୀ ଷ୍ଟେସନରୁ ଛାଡ଼ିବା ତାରିଖ | ପୁରୀ ଷ୍ଟେସନରୁ ଛାଡ଼ିବା ସମୟ | ଗନ୍ତବ୍ୟ ଷ୍ଟେସନରେ ପହଞ୍ଚିବା ତାରିଖ | ଗନ୍ତବ୍ୟ ଷ୍ଟେସନରେ ପହଞ୍ଚିବା ସମୟ |
|---|---|---|---|---|---|
| 08318 | ପୁରୀ-ଖୋର୍ଦ୍ଧା ରୋଡ୍ | 06.07.25 | 1635 | 06.07.25 | 1815 |
| 08276 | ପୁରୀ-କଟକ | 06.07.25 | 1650 | 06.07.25 | 2030 |
| 08306 | ପୁରୀ-କଟକ | 06.07.25 | 1845 | 07.07.25 | 0015 |
| 08414 | ପୁରୀ-ପାରାଦ୍ୱୀପ | 06.07.25 | 1925 | 07.07.25 | 0130 |
| 08438 | ପୁରୀ-ଛତ୍ରପୁର | 06.07.25 | 1940 | 07.07.25 | 0045 |
| 08522 | ପୁରୀ-ଦଣପଲ୍ଲୀ | 06.07.25 | 2005 | 07.07.25 | 0030 |
| 08416 | ପୁରୀ-ତାଳଚେର | 06.07.25 | 2100 | 07.07.25 | 0245 |
| 08422 | ପୁରୀ-କେନ୍ଦୁଝରଗଡ଼ | 06.07.25 | 2115 | 07.07.25 | 0700 |
| 08504 | ପୁରୀ-ଖୋର୍ଦ୍ଧା ରୋଡ୍ | 06.07.25 | 2130 | 06.07.25 | 2255 |
| 08424 | ପୁରୀ-ଢେଙ୍କାନାଳ | 06.07.25 | 2215 | 07.07.25 | 0140 |
| 08534 | ପୁରୀ-ଦଣପଲ୍ଲୀ | 07.07.25 | 0020 | 07.07.25 | 0415 |
| 08428 | ପୁରୀ-ଗୁଣୁପୁର | 07.07.25 | 0245 | 07.07.25 | 1230 |

**07. ରଥଯାତ୍ରା ପାଇଁ ପୁରୀ ପହଞ୍ଚୁଥିବା ସ୍ୱତନ୍ତ୍ର ଟ୍ରେନ୍**

| ଟ୍ରେନ୍ ନଂ | ସ୍ୱତନ୍ତ୍ର ଟ୍ରେନ୍‌ଗୁଡ଼ିକର ନାମ | ଉତ୍ପତ୍ତି ଷ୍ଟେସନରୁ ଛାଡ଼ିବା ତାରିଖ | ଉତ୍ପତ୍ତି ଷ୍ଟେସନରୁ ଛାଡ଼ିବା ସମୟ | ପୁରୀରେ ପହଞ୍ଚିବା ଦିନ | ପୁରୀରେ ପହଞ୍ଚିବା ସମୟ |
|---|---|---|---|---|---|
| 08407 | ଅନୁଗୁଳ-ପୁରୀ | 26.06.2025 ଠାରୁ 07.07.2025 ପର୍ଯ୍ୟନ୍ତ | 2100 | ପରବର୍ତ୍ତୀ ଦିନ | 0145 |
| 08411 | ପାରାଦ୍ୱୀପ-ପୁରୀ | 26.06.2025 ଠାରୁ 07.07.2025 ପର୍ଯ୍ୟନ୍ତ | 2100 | ପରବର୍ତ୍ତୀ ଦିନ | 0245 |
| 08403 | ଭଦ୍ରକ-ପୁରୀ | 26.06.2025 ଠାରୁ 07.07.2025 ପର୍ଯ୍ୟନ୍ତ | 2000 | ପରବର୍ତ୍ତୀ ଦିନ | 0310 |
| 08427 | କେନ୍ଦୁଝରଗଡ଼-ପୁରୀ | 26.06.2025 ଠାରୁ 07.07.2025 ପର୍ଯ୍ୟନ୍ତ | 2030 | ପରବର୍ତ୍ତୀ ଦିନ | 0345 |
| 08429 | ପଲାସା-ପୁରୀ | 26.06.2025 ଠାରୁ 07.07.2025 ପର୍ଯ୍ୟନ୍ତ | 2130 | ପରବର୍ତ୍ତୀ ଦିନ | 0630 |
| 08431 | ଦଣପଲ୍ଲୀ-ପୁରୀ | 27.06.2025 ଠାରୁ 08.07.2025 ପର୍ଯ୍ୟନ୍ତ | 0200 | ସେହି ଦିନ | 0605 |
| 08405 | ଭଦ୍ରକ-ପୁରୀ | 27.06.2025 ଠାରୁ 08.07.2025 ପର୍ଯ୍ୟନ୍ତ | 0210 | ସେହି ଦିନ | 0855 |
| 08409 | ଅନୁଗୁଳ-ପୁରୀ | 27.06.2025 ଠାରୁ 08.07.2025 ପର୍ଯ୍ୟନ୍ତ | 0345 | ସେହି ଦିନ | 0935 |
| 08263 | ଖୋର୍ଦ୍ଧାରୋଡ୍-ପୁରୀ | 27.06.2025 ଠାରୁ 08.07.2025 ପର୍ଯ୍ୟନ୍ତ | 0600 | ସେହି ଦିନ | 0740 |

**08. ରଥଯାତ୍ରା ପାଇଁ ପୁରୀରୁ ଛାଡୁଥିବା ସ୍ୱତନ୍ତ୍ର ଟ୍ରେନ୍**

| ଟ୍ରେନ୍ ନଂ | ସ୍ୱତନ୍ତ୍ର ଟ୍ରେନ୍‌ଗୁଡ଼ିକର ନାମ | ପୁରୀ ଷ୍ଟେସନରୁ ଛାଡ଼ିବା ତାରିଖ | ପୁରୀ ଷ୍ଟେସନରୁ ଛାଡ଼ିବା ସମୟ | ଗନ୍ତବ୍ୟ ଷ୍ଟେସନରେ ପହଞ୍ଚିବା ଦିନ | ଗନ୍ତବ୍ୟ ଷ୍ଟେସନରେ ପହଞ୍ଚିବା ସମୟ |
|---|---|---|---|---|---|
| 08432 | ପୁରୀ-ଦଣପଲ୍ଲୀ | 27.06.2025 ଠାରୁ 08.07.2025 ପର୍ଯ୍ୟନ୍ତ | 0700 | ସେହି ଦିନ | 1045 |
| 08404 | ପୁରୀ-ଭଦ୍ରକ | 27.06.2025 ଠାରୁ 08.07.2025 ପର୍ଯ୍ୟନ୍ତ | 1415 | ସେହି ଦିନ | 2200 |
| 08430 | ପୁରୀ-ପଲାସା | 27.06.2025 ଠାରୁ 08.07.2025 ପର୍ଯ୍ୟନ୍ତ | 1430 | ସେହି ଦିନ | 2115 |
| 08408 | ପୁରୀ-ଅନୁଗୁଳ | 27.06.2025 ଠାରୁ 08.07.2025 ପର୍ଯ୍ୟନ୍ତ | 1505 | ସେହି ଦିନ | 2000 |
| 08412 | ପୁରୀ-ପାରାଦ୍ୱୀପ | 27.06.2025 ଠାରୁ 08.07.2025 ପର୍ଯ୍ୟନ୍ତ | 1530 | ସେହି ଦିନ | 2145 |
| 08426 | ପୁରୀ-କେନ୍ଦୁଝରଗଡ଼ | 27.06.2025 ଠାରୁ 08.07.2025 ପର୍ଯ୍ୟନ୍ତ | 1600 | ସେହି ଦିନ | 2345 |
| 08406 | ପୁରୀ-ଭଦ୍ରକ | 27.06.2025 ଠାରୁ 08.07.2025 ପର୍ଯ୍ୟନ୍ତ | 1745 | ପରବର୍ତ୍ତୀ ଦିନ | 0030 |
| 08410 | ପୁରୀ-ଅନୁଗୁଳ | 28.06.2025 ଠାରୁ 09.07.2025 ପର୍ଯ୍ୟନ୍ତ | 0005 | ସେହି ଦିନ | 0510 |
| 08264 | ପୁରୀ-ଖୋର୍ଦ୍ଧାରୋଡ୍ | 28.06.2025 ଠାରୁ 09.07.2025 ପର୍ଯ୍ୟନ୍ତ | 0330 | ସେହି ଦିନ | 0500 |

**09. ରଥଯାତ୍ରା ପାଇଁ ପୁରୀ ପହଞ୍ଚୁଥିବା ଅନ୍ୟ ସ୍ୱତନ୍ତ୍ର ଟ୍ରେନ୍**

| ଟ୍ରେନ୍ ନଂ | ସ୍ୱତନ୍ତ୍ର ଟ୍ରେନ୍‌ଗୁଡ଼ିକର ନାମ | ଉତ୍ପତ୍ତି ଷ୍ଟେସନରୁ ଛାଡ଼ିବା ତାରିଖ | ଉତ୍ପତ୍ତି ଷ୍ଟେସନରୁ ଛାଡ଼ିବା ସମୟ | ପୁରୀରେ ପହଞ୍ଚିବା ଦିନ | ପୁରୀରେ ପହଞ୍ଚିବା ସମୟ |
|---|---|---|---|---|---|
| 08385 | ରାଉରକେଲା-ପୁରୀ | 25.06.25 ଏବଂ 04.07.25 | 1020 | ସେହି ଦିନ | 2315 |
| 08037 | ସାନ୍ତ୍ରାଗାଛି-ପୁରୀ | 25.06.25 ଏବଂ 03.07.25 | 1640 | ପରବର୍ତ୍ତୀ ଦିନ | 0500 |
| 08379 | ବାଦାମପାହାଡ଼-ପୁରୀ | 25.06.25 ଏବଂ 04.07.25 | 0600 | ସେହି ଦିନ | 2115 |
| 08376 | ବୀରମିତ୍ରପୁର-ପୁରୀ | 25.06.25 ଏବଂ 04.07.25 | 1800 | ପରବର୍ତ୍ତୀ ଦିନ | 0945 |
| 08389 | ବଡ଼ବିଲ-ପୁରୀ | 25.06.25 ଏବଂ 04.07.25 | 1700 | ପରବର୍ତ୍ତୀ ଦିନ | 0415 |
| 08441 | ଜୁନାଗଡ଼ ରୋଡ୍-ପୁରୀ | 26.06.25 ଏବଂ 04.07.25 | 0920 | ସେହି ଦିନ | 2215 |
| 08461 | ବୌଦ୍ଧ-ପୁରୀ | 26.06.25 ଏବଂ 04.07.25 | 1215 | ପରବର୍ତ୍ତୀ ଦିନ | 0030 |
| 08445 | ଜଗଦଲପୁର-ପୁରୀ | 26.06.25 ଏବଂ 04.07.25 | 0900 | ପରବର୍ତ୍ତୀ ଦିନ | 0115 |
| 08453 | ସମ୍ବଲପୁର-ପୁରୀ | 26.06.25 ଏବଂ 04.07.25 | 2350 | ପରବର୍ତ୍ତୀ ଦିନ | 0955 |
| 08381 | ବାଙ୍ଗିରିପୋଷି-ପୁରୀ | 26.06.25 ଏବଂ 04.07.25 | 0835 | ସେହି ଦିନ | 1830 |
| 08387 | ବାଲେଶ୍ୱର-ପୁରୀ | 26.06.25 ଏବଂ 04.07.25 | 1825 | ପରବର୍ତ୍ତୀ ଦିନ | 0130 |
| 08313 | ବିଶାଖାପାଟଣା-ପୁରୀ | 27.06.25 ଏବଂ 05.07.25 | 0045 | ସେହି ଦିନ | 1200 |
| *08593 | ରାୟଗଡ଼ା-ଖୋର୍ଦ୍ଧା ରୋଡ୍ | 26.06.25 ଏବଂ 04.07.25 | 1100 | ସେହି ଦିନ | 2355 |
| *08893 | ଗୋନ୍ଦିଆ-ଖୋର୍ଦ୍ଧା ରୋଡ୍ | 26, 28 ଏବଂ 30.06.25 02 ଏବଂ 05.07.25 | 1330 | ପରବର୍ତ୍ତୀ ଦିନ | 0845 |

* ଟ୍ରେନ୍ ସଂଖ୍ୟା 08893 ଏବଂ 08593 ଖୋର୍ଦ୍ଧା ରୋଡ୍ ପର୍ଯ୍ୟନ୍ତ ଚଳାଚଳ କରିବ

**10. ରଥଯାତ୍ରା ପାଇଁ ପୁରୀରୁ ଛାଡୁଥିବା ଅନ୍ୟ ସ୍ୱତନ୍ତ୍ର ଟ୍ରେନ୍**

| ଟ୍ରେନ୍ ନଂ | ସ୍ୱତନ୍ତ୍ର ଟ୍ରେନ୍‌ଗୁଡ଼ିକର ନାମ | ପୁରୀ ଷ୍ଟେସନରୁ ଛାଡ଼ିବା ତାରିଖ | ପୁରୀ ଷ୍ଟେସନରୁ ଛାଡ଼ିବା ସମୟ | ଗନ୍ତବ୍ୟ ଷ୍ଟେସନରେ ପହଞ୍ଚିବା ଦିନ | ଗନ୍ତବ୍ୟ ଷ୍ଟେସନରେ ପହଞ୍ଚିବା ସମୟ |
|---|---|---|---|---|---|
| 08380 | ପୁରୀ-ବାଦାମପାହାଡ଼ | 27.06.25 ଏବଂ 06.07.25 | 2340 | ପରବର୍ତ୍ତୀ ଦିନ | 1500 |
| 08377 | ପୁରୀ-ବୀରମିତ୍ରପୁର | 27.06.25 ଏବଂ 06.07.25 | 2225 | ପରବର୍ତ୍ତୀ ଦିନ | 1230 |
| 08390 | ପୁରୀ-ବଡ଼ବିଲ | 27.06.25 ଏବଂ 06.07.25 | 2140 | ପରବର୍ତ୍ତୀ ଦିନ | 1000 |
| 08442 | ପୁରୀ-ଜୁନାଗଡ଼ ରୋଡ୍ | 27.06.25 ଏବଂ 05.07.25 | 2325 | ପରବର୍ତ୍ତୀ ଦିନ | 1245 |
| 08386 | ପୁରୀ-ରାଉରକେଲା | 28.06.25 ଏବଂ 06.07.25 | 0300 | ସେହି ଦିନ | 1550 |
| 08038 | ପୁରୀ-ସାନ୍ତ୍ରାଗାଛି | 28.06.25 ଏବଂ 06.07.25 | 0015 | ସେହି ଦିନ | 1330 |
| 08462 | ପୁରୀ-ବୌଦ୍ଧ | 28.06.25 ଏବଂ 06.07.25 | 0230 | ସେହି ଦିନ | 1430 |
| 08446 | ପୁରୀ-ଜଗଦଲପୁର | 28.06.25 ଏବଂ 06.07.25 | 0045 | ସେହି ଦିନ | 1645 |
| 08454 | ପୁରୀ-ସମ୍ବଲପୁର | 28.06.25 ଏବଂ 06.07.25 | 0100 | ସେହି ଦିନ | 0930 |
| 08382 | ପୁରୀ-ବାଙ୍ଗିରିପୋଷି | 28.06.25 ଏବଂ 06.07.25 | 1815 | ପରବର୍ତ୍ତୀ ଦିନ | 0600 |
| 08388 | ପୁରୀ-ବାଲେଶ୍ୱର | 28.06.25 ଏବଂ 06.07.25 | 0200 | ସେହି ଦିନ | 0800 |
| 08314 | ପୁରୀ-ବିଶାଖାପାଟଣା | 28.06.25 ଏବଂ 06.07.25 | 0215 | ସେହି ଦିନ | 1300 |
| *08594 | ଖୋର୍ଦ୍ଧା ରୋଡ୍-ରାୟଗଡ଼ା | 28.06.25 ଏବଂ 06.07.25 | 0100 | ସେହି ଦିନ | 1500 |
| *08894 | ଖୋର୍ଦ୍ଧା ରୋଡ୍-ଗୋନ୍ଦିଆ | 28 ଏବଂ 29.06.25 01, 03 ଏବଂ 07.07.25 | 1100 | ପରବର୍ତ୍ତୀ ଦିନ | 0415 |

* ଟ୍ରେନ୍ ସଂଖ୍ୟା 08894 ଏବଂ 08594 ଖୋର୍ଦ୍ଧା ରୋଡ୍ ଠାରୁ ଛାଡ଼ିବ

ରଥଯାତ୍ରା ସ୍ୱତନ୍ତ୍ର ଟ୍ରେନ ଗୁଡ଼ିକ ସ୍ୱତନ୍ତ୍ର ଭଡ଼ା ଟ୍ରେନ ଭାବରେ ପୁରୀ ଠାରୁ ଏବଂ ପୁରୀକୁ ଚଳାଚଳ କରିବ।
ପଲାସା ମାର୍ଗ ଦେଇ ପୁରୀକୁ/ପୁରୀରୁ ଆସିବାକୁ କିମ୍ବା ଯିବାକୁ ଥିବା ସମସ୍ତ ଟ୍ରେନ୍ ଖୋର୍ଦ୍ଧା ରୋଡ୍ ନଯାଇ ଭାୟା-ଅନୁଗୁଳ ଏବଂ ହରିପୁରଗ୍ରାମ ମାର୍ଗ ଦେଇ ଯାତାୟାତ କରିବ।


ECOR YATRA APP | UTS ON MOBILE
or DOWNLOAD from Play Store
UTS ON MOBILE ଅସଂରକ୍ଷିତ ଟିକେଟ୍ ପାଇଁ

ରଥଯାତ୍ରା ମୋବାଇଲ୍ ଆପ୍
ସମସ୍ତ ସୂଚନା ପାଇଁ ECoR Rath Yatra ମୋବାଇଲ୍ ଆପ୍ ECOR YATRA ପରିଦର୍ଶନ କରନ୍ତୁ
Google Play Store ରୁ ଏହି ଆପ୍ ଡାଉନଲୋଡ୍ କରନ୍ତୁ

ପୂର୍ବ ତଟ ରେଳପଥ
www.eastcoastrail.indianrailways.gov.in

ଡାଏଲ୍ କରନ୍ତୁ 139 — ଟ୍ରେନ୍ ସହିତ ଜଡ଼ିତ କୌଣସି ସହାୟତା ସୂଚନା ଏବଂ ଅଭିଯୋଗ ନିମନ୍ତେ ଏକୀକୃତ ନମ୍ବର

D-5/25-26
www.facebook/@EASTCOASTRailway1 | www.x.com/@EastCoastRail | www.instagram.com/cproecor



ଦେଶବାସୀ ଦୁର୍ନୀତି ବିରୋଧୀ ସଂଗ୍ରାମରେ ହତୋତ୍ସାହିତ ହେବା ଅନୁଚିତ।
- ଆନ୍ନା ହଜାରେ

ସକାଳ
THE SAKALA

# ଶାନ୍ତି-ସୌଦାଗର

ସାମ୍ପ୍ରତିକ ଅଣୁଘଟକ(କାଟାଲିଷ୍ଟ)-ଅବଦମିତ ବିଶ୍ୱର ବିଡ଼ମ୍ବନା ହେଲା ଅସାମାଜିକ ଓ ଅବାଞ୍ଛିତ ତତ୍ତ୍ୱର ଉତ୍ପ୍ରେରକମାନେ ହିଁ ଶାନ୍ତି, ସହାବସ୍ଥାନ ଓ ସ୍ଥିରତାର ନିୟନ୍ତ୍ରକ ଓ ବାର୍ତ୍ତାବହ। ଆଉଟିକେ ସରଳ ଶବ୍ଦରେ ବୁଝାଇ କହିଲେ - ଯେତେବେଳ ପର୍ଯ୍ୟନ୍ତ କଂସେଇମାନେ ମାଂସ କାଟିବା ପାଇଁ ଅନିଚ୍ଛା ପୋଷଣ କରିନାହାନ୍ତି କିମ୍ବା ମଦବିକ୍ରେତାମାନେ ଉତ୍ପାଦନ କିମ୍ବା ବିକ୍ରି ବନ୍ଦ କରିନାହାନ୍ତି କିମ୍ବା ସମରବିଳାସୀମାନେ ଗୁଳିଗୋଳା ଓ ବିଧ୍ୱଂସକାରୀ ଅସ୍ତ୍ରଶସ୍ତ୍ର ଉତ୍ପାଦନ ପାଇଁ ବୀତସ୍ପୃହ ହୋଇନାହାନ୍ତି ସେତେବେଳେ ପର୍ଯ୍ୟନ୍ତ ହିଂସାମୁକ୍ତ, ନିଶାମୁକ୍ତ, ଯୁଦ୍ଧମୁକ୍ତ ବିଶ୍ୱ ବା ସମାଜ ଗଠନ ପରୀରାଇଜର ସ୍ୱପ୍ନ ସହ ସମାନ। ଆଜିର ବିଶ୍ୱରେ ଯେଉଁ ଅଣୁଘଟକମାନେ ସମସ୍ୟା ସୃଷ୍ଟି କରନ୍ତି, ସେମାନେ ହିଁ ସମାଧାନର ସୂତ୍ର ବତାଇ ଦିଅନ୍ତି। ବସ୍ତୁତଃ ସେମାନେ ସମାଧାନର ସୂତ୍ର ହାତମୁଠାରେ ଲୁଚାଇ ରଖି ସମସ୍ୟା ସୃଷ୍ଟି କରନ୍ତି। ଏହି ପୃଷ୍ଠଭୂମିରେ ଏକ ଆଶ୍ୱସ୍ତିର ବିଷୟ ଏହା ହେବ ଯେ ସେହି ଅଣୁଘଟକମାନେ ସେମାନଙ୍କ ସମାଜ ଓ ସଭ୍ୟତା ବିରୋଧୀ କାର୍ଯ୍ୟକଳାପକୁ ଯେତେ ସଂକୁଚିତ କରିବାକୁ ପ୍ରତିଶ୍ରୁତିବଦ୍ଧ ହେବେ ତାହା ସେତିକି ଅଶାନ୍ତିର ବାତାବରଣ ହ୍ରାସ କରିବ। ନାହିଁ ମାମୁଠାରୁ କଣା ମାମୁ ଭଲ ନ୍ୟାୟରେ ତାହା 'ସ୍ଥିର-ଶାନ୍ତି' ନ ହେଲେ ମଧ୍ୟ ପରୋକ୍ଷରେ ଏକ 'ଛାୟା-ଶାନ୍ତି'ର ବାର୍ତ୍ତା ଦେବ। ଗତକିଛିଦିନ ଧରି ବିଶ୍ୱର ସର୍ବବୃହତ୍ ଗୁଳିଗୋଳା ଓ ଯୁଦ୍ଧାସ୍ତ୍ର ଉତ୍ପାଦନକାରୀ ରାଷ୍ଟ୍ର ଆମେରିକାର ମତିଗତି ଲକ୍ଷ୍ୟ କଲେ ସେଥିରେ ବିଶ୍ୱ ପାଇଁ ଯେ ଏକ 'ଛାୟା-ଶାନ୍ତି' ପ୍ରତିଷ୍ଠାର ସନ୍ଦେଶ ଅଛି ତାହା ବୁଝାପଡ଼ିବ।

ଦ୍ୱିତୀୟ ବିଶ୍ୱଯୁଦ୍ଧ ପରବର୍ତ୍ତୀ ସମୟରୁ ଅଦ୍ୟାବଧି ବିଶ୍ୱରେ ଯେତେସବୁ ଯୁଦ୍ଧ ଓ ଦ୍ୱନ୍ଦ୍ୱର ଘନଘଟା ସୃଷ୍ଟି ହୋଇଛି ତା'ପଛରେ ପ୍ରଚ୍ଛନ୍ନ ଭୂମିକା ଯେ ଆମେରିକାର ରହିଛି ତାହା ଆଉ ପ୍ରମାଣ କରିବାକୁ ବାକି ନାହିଁ। ଭିଏତ୍‌ନାମରୁ ଆରମ୍ଭ କରି ଇରାକ୍, ଆଫ୍‌ଗାନିସ୍ତାନ ବିରୋଧରେ ପ୍ରତ୍ୟକ୍ଷ ଯୁଦ୍ଧ ହେଉ କିମ୍ବା ଦକ୍ଷିଣକୋରିଆ-ଉତ୍ତରକୋରିଆ, ଭାରତ-ପାକିସ୍ତାନ, ଚୀନ୍-ଜାପାନ, ଇରାନ୍-ଇରାକ୍, ଇରାକ୍-କୁଏତ, ଚୀନ୍-ତାଇୱାନ୍, ରୁଷ୍-ୟୁକ୍ରେନ୍, ଇସ୍ରାଏଲ୍-ପାଲେଷ୍ଟାଇନ୍ ଓ ସମ୍ପ୍ରତି ଇସ୍ରାଏଲ୍-ଇରାନ୍ ବିବାଦରେ ଆମେରିକାର ବଡ଼ଭାଇ ପଣିଆ ପରିସ୍ଥିତିକୁ ଅଧିକ ଜଟିଳ କରିଛି ଏବଂ ବିବାଦର ସ୍ଥାୟୀ ସମାଧାନ ବଦଳରେ ସମସ୍ୟା ଅଧିକ ବିଳମ୍ବିତ ହୋଇଛି। ଅଥଚ ବିଡ଼ମ୍ବନା ହେଉଛି ଆମେରିକାର ସର୍ବାଧିକ ଚାରିଜଣ ରାଷ୍ଟ୍ରମୁଖ୍ୟ ନୋବେଲ୍ ଶାନ୍ତି ପୁରସ୍କାରରେ ସମ୍ମାନିତ ହୋଇଛନ୍ତି। ଏବେ ସେହି ଦୌଡ଼ରେ ଆଉ ଜଣେ ତଥାକଥିତ ଶାନ୍ତିର ସୌଦାଗର ଭାବେ ଡୋନାଲ୍ଡ ଟ୍ରମ୍ପ ନିଜକୁ ସାମିଲ୍ କରିଛନ୍ତି।

ଆମେରିକାର ପ୍ରଥମ ରାଷ୍ଟ୍ରପତିତ୍ୱ ପାଳିରେ ଟ୍ରମ୍ପ ମହାଶୟ ଅଯାଚିତ ଭାବେ କାଶ୍ମୀର ପ୍ରସଙ୍ଗରେ ମଧ୍ୟସ୍ଥତା କରିବାକୁ ଆଗ୍ରହ ପ୍ରକାଶ କରି ନୋବେଲ୍ ଶାନ୍ତି ପୁରସ୍କାର ଦୌଡ଼ରେ ପ୍ରଥମ ପାଦ ରଖିଥିଲେ। ସେ ଦିଗରେ ସେ ପାକିସ୍ତାନର ତତ୍କାଳୀନ ପ୍ରଧାନମନ୍ତ୍ରୀ ଓ ସେନାମୁଖ୍ୟଙ୍କ ସହିତ ହ୍ୱାଇଟ୍ ହାଉସ୍‌ରେ ଆଲୋଚନା ମଧ୍ୟ କରିଥିଲେ। କିନ୍ତୁ ଦୌଡ଼ରେ ଦ୍ୱିତୀୟ ପାଦ ପକାଇବା ପୂର୍ବରୁ ସମୟ ତାଙ୍କଠାରୁ ରାଷ୍ଟ୍ରପତି ପଦ କାଢ଼ି ନେଲା। ନୋବେଲ୍ ଶାନ୍ତି ପୁରସ୍କାରର ଲାଳସା ତାଙ୍କୁ ଏବେ ଏତେ ବ୍ୟଗ୍ର କରିଛି ଯେ ଅଗତ୍ୟା ଦ୍ୱିତୀୟ ଥର ରାଷ୍ଟ୍ରପତି ରୂପେ ନିର୍ବାଚିତ ହେବା ପରଠାରୁ ସେ ଉନ୍ମାଦ ପ୍ରାୟ ଗୋଟିଏ ପରେ ଗୋଟିଏ ଅସଫଳ ଉଦ୍ୟମ କରି ଲୋକହସା ହୋଇଆସୁଛନ୍ତି। ପ୍ରଥମେ ରୁଷ-ୟୁକ୍ରେନ୍ ଯୁଦ୍ଧର ଅବସାନ ପାଇଁ ନିଜଆଡ଼ୁ ମଧ୍ୟସ୍ଥତା କରି ଅପଦସ୍ଥ ହେବା ପରେ 'ଅପରେସନ୍ ସିନ୍ଦୂର'ରେ ଭାରତ-ପାକିସ୍ତାନ ଅସ୍ତ୍ରବିରତିର ଶ୍ରେୟ ନେବାରେ ତାଙ୍କ ଆତୁରତା ବାରି ହେଲା ସିନା ତାଙ୍କୁ ନୋବେଲ୍ ପ୍ରତିଯୋଗିତାରେ ପ୍ରତିଦ୍ୱନ୍ଦ୍ୱୀର ଶ୍ରେୟ ଦେଇପାରିଲା ନାହିଁ। ସେଥିରେ କିନ୍ତୁ ଚତୁର ଟ୍ରମ୍ପ ହତୋତ୍ସାହିତ ହୋଇ ନାହାନ୍ତି ବରଂ ଆଉ ଏକ ପରୀକ୍ଷା ପାଇଁ ମଧ୍ୟପ୍ରାଚ୍ୟକୁ ବାଛିଛନ୍ତି।

ଇରାନ୍‌ର ଆଣବିକ କାର୍ଯ୍ୟକ୍ରମ ଆଜିର ନୁହେଁ। କିନ୍ତୁ ହଠାତ୍ ଆନ୍ତର୍ଜାତିକ ଆଣବିକ ସଂସ୍ଥାର ପରିଚାଳନା ବୈଠକ ଅନୁଷ୍ଠିତ ହେବା, ଇରାନ୍ ବିରୋଧରେ କଟକଣା ସଂକଳ୍ପ ପାରିତ ହେବା, ତତ୍କାଳ ଇସ୍ରାଏଲ୍ ଆଗତକୁହା ଭାବେ ଇରାନ୍ ଉପରେ ଆକ୍ରମଣ କରିବା, ଇସ୍ରାଏଲ୍‌ର ସହାୟତା ପାଇଁ ଆମେରିକା ପ୍ରତ୍ୟକ୍ଷ ଯୁଦ୍ଧକୁ ଓହ୍ଲାଇବା, ପୁଣି ଯୁଦ୍ଧବିରତି ପାଇଁ ଉଭୟ ରାଷ୍ଟ୍ରକୁ ରାଜି କରାଇବା ଏବଂ ଆଶ୍ଚର୍ଯ୍ୟଜନକ ଭାବେ ଇରାନ୍ ଉପରେ ଆକ୍ରମଣ ପାଇଁ ଇସ୍ରାଏଲ୍ ଉପରେ ଅସନ୍ତୋଷ ପ୍ରକାଶ କରିବା ଆଦି ଘଟଣାକ୍ରମ ଆଦୌ କାକତାଳିକା ହୋଇ ନ ପାରେ। ଏହାପଛରେ ଟ୍ରମ୍ପଙ୍କ ଶାନ୍ତି ଦୂତ ହେବାର ଲାଳସା କେତେ ଉତ୍କଟ ତାହା ସ୍ପଷ୍ଟ ହେଉଛି। କେବଳ ଇରାନ୍ ଯେ ଲୁଚାଛପାରେ ଆଣବିକ କାର୍ଯ୍ୟକଳାପ ଜାରି ରଖିଛି ତା'ନୁହେଁ। ଇସ୍ରାଏଲ୍ ମଧ୍ୟ ସମପଥର ଯାତ୍ରୀ। ଉତ୍ତରକୋରିଆ, ପାକିସ୍ତାନ ଭଳି ବିପଜ୍ଜନକ ସେନାଶାସନ କବଳିତ ରାଷ୍ଟ୍ର ହାତରେ ମଧ୍ୟ ଅଣୁଅସ୍ତ୍ର ରହିଛି। ତେବେ ହଠାତ୍ ସେମାନେ କିପରି ସୁନା ପୁଅ ହୋଇଗଲେ, ଅଥଚ ଇରାନ୍ ପଟୁ ବିଶ୍ୱକୁ ଏତେ ବଡ଼ ବିପଦ ଟ୍ରମ୍ପଙ୍କୁ ଦେଖାଗଲା? ଏ ପ୍ରଶ୍ନର ଉତ୍ତର ଖୋଜିବା ବେଳେ ଟ୍ରମ୍ପଙ୍କ ଇରାନ୍ ବିରୋଧୀ ଆଭିମୁଖ୍ୟର ଉଦାହରଣ ସ୍ୱତଃସାମ୍ନାକୁ ଆସେ। ୨୦୧୧ରେ ଇରାନ୍ ସହିତ ଆମେରିକା ସ୍ୱାକ୍ଷର କରିଥିବା ଆଣବିକ ଚୁକ୍ତିକୁ ୨୦୧୮ ମସିହାରେ ଟ୍ରମ୍ପ ବାତିଲ୍ କରିଦେବା ପରେ ଆଗକୁ କ'ଣ ହେବାକୁ ଯାଉଛି ତାହା କିଛିଟା ବୁଝା ପଡୁଥିଲା, ଯାହା ଏବେ ଅଧିକ ସ୍ପଷ୍ଟ ହୋଇଛି।

ସାମ୍ପ୍ରତିକ ଆମେରିକା ଅଧ୍ୟୁଷିତ ଭୂରାଜନୈତିକ ସମୀକରଣ ଅନୁଯାୟୀ ଯୁଦ୍ଧ ପରିସ୍ଥିତି ସୃଷ୍ଟି ନ ହେବା ପର୍ଯ୍ୟନ୍ତ ଶାନ୍ତିର କଥା ଉଠିବ କେମିତି? ତେଣୁ ଯେଉଁଠି ଯୁଦ୍ଧର ସମ୍ଭାବନା ନାହିଁ ସେଠାରେ ତାହାର ସୂତ୍ରପାତ କରି ପୁଣି ସାଧୁ ବେଶରେ ଅବତୀର୍ଣ୍ଣ ହେବାକୁ ପଡ଼ିବ କିମ୍ବା ଯେଉଁଠି ଯୁଦ୍ଧପରିସ୍ଥିତି ସୃଷ୍ଟି ହୋଇସାରିଛି ସେଠାରେ ଶାନ୍ତିର ଧ୍ୱଜା ଧରି ଧସେଇ ପଶିବାକୁ ହେବ। ଏହି ଗଳଦ୍‌ଘର୍ମ ଉଦ୍ୟମ ଟ୍ରମ୍ପ ମହାଶୟ କରିଚାଲିଛନ୍ତି। ଆମେରିକା ଏବେ ବିଶ୍ୱକୁ ଏଭଳି ଏକ ଯୁଦ୍ଧ ବଜାରରେ ପରିଣତ କରିଦେଇଛି, ଯେଉଁଠାରେ ସେ ପ୍ରଭୂତ ଧନ-ଜୀବନ ବଦଳରେ ଶାନ୍ତିର ସଉଦା କରିପାରିବ ଏବଂ ଶାନ୍ତିର ବାର୍ତ୍ତାବହ ଭାବେ ନିଜକୁ ବିଶ୍ୱସ୍ୱୀକୃତି ଦେଇପାରିବ। ବିଶ୍ୱର ଆଉ ଏକ ବିଡ଼ମ୍ବନା ହେଲା ବିଶ୍ୱର ଏହି ସମର ସୌଦାଗରକୁ ଶାନ୍ତିର ଦୂତ ଭାବେ ସ୍ୱୀକୃତି ଦେବା ପାଇଁ ସୁପାରିସ କରିଛି ପାକିସ୍ତାନ ଭଳି ଆତଙ୍କବାଦୀ ଉତ୍ପାଦନ ଓ ରପ୍ତାନୀର କୁଖ୍ୟାତି ଅର୍ଜନ କରିଥିବା ଏକ ଅସ୍ଥିର ଓ ଅସଫଳ ରାଷ୍ଟ୍ର। ଯଦି ପାକିସ୍ତାନର ଏହି ସୁପାରିସ ନୋବେଲ୍ ପୁରସ୍କାର ଚୟନ କମିଟି ଦ୍ୱାରା ଅନୁମୋଦିତ ହୁଏ ତେବେ ବିଶ୍ୱ ଅନ୍ତତଃ ଆଗାମୀ କିଛିବର୍ଷ ପର୍ଯ୍ୟନ୍ତ ଯୁଦ୍ଧର ଘନଘଟା, ଅସ୍ଥିରତା ଓ ଅଶାନ୍ତିରୁ ସାମୟିକ ମୁକ୍ତି ପାଇବ। ଏହା କ'ଣ ଉପରବର୍ଣ୍ଣିତ 'ଛାୟା-ଶାନ୍ତି'ର ପଦଚିହ୍ନ ହେବ ନାହିଁ କି?

# ଅଶରୀରୀ କାହାଣୀର ସାମାଜିକ ଆବେଦନ

ଡକ୍ଟର ଅବଶ ପରିଡ଼ା

ଭୂତଗପ ହେଉଛି ଭାରତୀୟ ଲୋକକଥାର ଏକ ପ୍ରମୁଖ ଅଂଶ। ସମାଜବିଜ୍ଞାନର ଏକ ଅଧ୍ୟୟନରୁ ଜଣାପଡ଼ିଛି ଯେ ଅଗଣିତ ଭୂତଗପ ସହିତ ଆମ ଦେଶରେ ୮୫ ରୁ ଅଧିକ ପ୍ରକାରର ଭୂତ ଅଛନ୍ତି। ଭୂତଙ୍କ ଭୟ ଓ ପ୍ରଭାବ ଅନୁଯାୟୀ ସମାଜ ସେମାନଙ୍କ ପଦାନୁକ୍ରମ ମଧ୍ୟ ସ୍ଥିର କରିଛି। କିନ୍ତୁ ଆଶ୍ଚର୍ଯ୍ୟର କଥା, ଅନେକ ପ୍ରକାରଭେଦ ଓ ବର୍ଗୀକରଣ ସତ୍ତ୍ୱେ ଦେଶର ବିଭିନ୍ନ ସ୍ଥାନ, ସଂସ୍କୃତି ଏବଂ ସମ୍ପ୍ରଦାୟରେ ଭୂତ ଓ ଭୂତଗପ ମଧ୍ୟରେ ଏକ ଅଦ୍ଭୁତ ସମାନତା ଅଛି। ଦୁଇଟି ଭିନ୍ନ ଚିନ୍ତାଧାରା ଦ୍ୱାରା ପରିଚାଳିତ ଭୂତ ଲୋକକଥା। ପ୍ରଥମ ଚିନ୍ତାଧାରା କୁହେ ଯେ ଉଭୟ ଭାରତୀୟ ଓ ପାଶ୍ଚାତ୍ୟ ସଂସ୍କୃତି ପାଇଁ ଭୂତଗପ ହେଉଛି ଅଜଣା ରହସ୍ୟକୁ ଜାଣିବାର ଏବଂ ଭୟକୁ ସାମ୍ନା କରିବାର ଏକ ଉପାୟ। ଅପରପକ୍ଷେ, ସଂସ୍କୃତି ଓ ପରମ୍ପରା ମଧ୍ୟରେ ଭୂତଗପର ପ୍ରଚଳନ ଏକ ଲୋକପ୍ରିୟ କଳ୍ପନା ବୋଲି ସମାଜବିଜ୍ଞାନୀମାନେ ମତପୋଷଣ କରନ୍ତି।

ପ୍ରାଚୀନକାଳରୁ ଭୂତ, ପ୍ରେତ ଓ ଅଶରୀରୀ ଇତ୍ୟାଦି ଭାରତୀୟ ପୌରାଣିକ କାହାଣୀର ଅଂଶ ହୋଇଆସିଛନ୍ତି, ଯାହାର ଉଲ୍ଲେଖ ରାମାୟଣ ଓ ମହାଭାରତ ଭଳି ମହାକାବ୍ୟରେ ମଧ୍ୟ ରହିଛି। ସେହିପରି ଋଗବେଦରେ ବିଭିନ୍ନ ପ୍ରକାରର ଆକାର ବର୍ଗୀକରଣ କଥା ଉଲ୍ଲେଖ ଅଛି। ଭୂତର ଅସ୍ତିତ୍ୱକୁ ପ୍ରାୟ ସମସ୍ତ ଭାରତୀୟ ସଂସ୍କୃତିରେ ଗ୍ରହଣ କରାଯାଇଛି। ଏସବୁ ଆମ ଲୋକକଥା ବା 'ଆଇ ମା କାହାଣୀ'ରେ ପ୍ରତିଫଳିତ। ଭୂତଗପ ହେଉଛି ଏକ ଲୋକପ୍ରିୟ ସାଂସ୍କୃତିକ ବିଶ୍ୱାସ। ଏହା ସାମାଜିକ ଅବସ୍ଥା, ପରମ୍ପରା, ଆତ୍ମା ଓ ଅଲୌକିକ ସତ୍ତା ଉପରେ ଥିବା ସାମାଜିକ ମତାମତର ପ୍ରତିଫଳନ। ଚୁମ୍ବକରେ କହିବାକୁ ଗଲେ, ଭୂତକାହାଣୀ ହେଉଛି ସାମାଜିକ ଗତିଶୀଳତା ଏବଂ ପାରସ୍ପରିକ କ୍ରିୟାକୁ ପ୍ରଭାବିତ କରୁଥିବା ଆମ ଲୋକକଥାର ଏକ ଉପଧାରା। ଐତିହାସିକ ଓ ସମସାମୟିକ ପ୍ରସଙ୍ଗରୁ ଏହାର ଉତ୍ପତ୍ତି। ସମାଜବିଜ୍ଞାନର ଏକ ତତ୍ତ୍ୱ ଅନୁଯାୟୀ ଭୂତଗପ ହେଉଛି ସମ୍ପ୍ରଦାୟ ମଧ୍ୟରେ ବ୍ୟକ୍ତିବିଶେଷଙ୍କୁ ସଂଯୋଗ କରିବାର ଏକ ମାଧ୍ୟମ। ସେହିପରି ସମାଜବିଜ୍ଞାନୀମାନଙ୍କର ଅନ୍ୟ ଏକ ମହଲ ଯୁକ୍ତି କରନ୍ତି ଯେ ଏହା ହେଉଛି ବ୍ୟାପକ ସାଂସ୍କୃତିକ ମୂଲ୍ୟବୋଧ ଏବଂ ସାମାଜିକ ପରିବର୍ତ୍ତନର ପ୍ରତିଛବି। ଅନେକାଂଶରେ ଏହି କାହାଣୀ ସବୁ ସାମାଜିକ ଉତ୍ତେଜନା, ସାମାଜିକ ସମ୍ପର୍କ, ସମ୍ପ୍ରଦାୟ ଚିନ୍ତା ଓ ବ୍ୟକ୍ତିଗତ ଅଭିଜ୍ଞତାକୁ ପରିପ୍ରକାଶ କରିବାର ଏକ ପ୍ରକୃଷ୍ଟ ମାଧ୍ୟମ ଭାବେ ପରିଗଣିତ ହୁଏ।

ଭୂତ କାହାଣୀ କହିବା ଏକ ସାଧାରଣ ଘଟଣା ଲାଗିପାରେ; କିନ୍ତୁ ଜାଣି ରଖିବାକୁ ହେବ ଯେ ଭୂତଗପ ମଧ୍ୟ ସମୟ ସହିତ ବିକଶିତ ହୋଇଛି। ଏବେ ଅନେକ ଅନଲାଇନ୍ ପ୍ଲାଟଫର୍ମ, ପୋଡ୍‌କାଷ୍ଟ, ୱେବସିରିଜ୍ ଓ ସାକ୍ଷାତକାରରେ ଭୂତ, ପ୍ରେତ ଓ ଆତ୍ମା ବିଷୟରେ ଆଲୋଚନା କରାଯାଉଛି। ଅତି ସତର୍କତା ଓ ଚମତ୍କାର ଶୈଳୀରେ ଡିଜାଇନ୍ କରାଯାଇଥିବା ଏହିସବୁ ଉପାଦାନ ଅନେକଙ୍କୁ ପ୍ରଭାବିତ କରୁଛି। ଭୂତମାନଙ୍କ ପ୍ରତି ସାମୂହିକ ଆକର୍ଷଣ ଦ୍ୱାରା ପରିଚାଳିତ ଏହି ଡିଜିଟାଲ୍ ଅଭିଯାନ ଅଜାଣତରେ ଏକ ସାମାଜିକ ଗତିଶୀଳତାରେ ପରିଣତ ହୋଇସାରିଛି। କୁହାଯାଏ, ଏହାର ଏକ ବିଶାଳ ବଜାର ଅର୍ଥନୀତି ମଧ୍ୟ ଅଛି। 'ଅନ୍ ଦ ବିଲିଫ୍ ଇନ୍ ଭୂତସ୍-ଡେଭିଲ୍ ଆଣ୍ଡ ଘୋଷ୍ଟ ଓରଶିପ୍ ଇନ୍ ୱେଷ୍ଟର୍ଣ୍ଣ ଇଣ୍ଡିଆ' ପୁସ୍ତକରେ ଉଲ୍ଲେଖ କରାଯାଇଛି ଯେ ବର୍ତ୍ତମାନ ଚଳଚ୍ଚିତ୍ରଗୁଡ଼ିକରେ ପୁରୁଷପ୍ରଧାନ ଢାଞ୍ଚାକୁ ଆହ୍ୱାନ କରି ଭୂତମାନଙ୍କୁ ଏକ ସଶକ୍ତୀକରଣ ଏବଂ ସାମାଜିକ ପରିବର୍ତ୍ତନର ପ୍ରତିନିଧି ଭାବରେ ଉପସ୍ଥାପନ କରାଯାଉଛି। ସାମାଜିକ ପ୍ରସଙ୍ଗ ଓ ଲୋକକଥାର ଉପାଦାନ ସହିତ ଭୂତ କାହାଣୀକୁ ମିଶାଇ ଆଧୁନିକ ଭାରତୀୟ ଚଳଚ୍ଚିତ୍ର ନିର୍ମାତାମାନେ ଏକ ନୂଆ ପ୍ରକାରର ସାଂସ୍କୃତିକ ଐତିହ୍ୟକୁ ଚିତ୍ରଣ କରୁଛନ୍ତି। ସ୍ତ୍ରୀ, ତୁମ୍ବାଡ଼, ବୁଲବୁଲ, ମୁଞ୍ଜ୍ୟ, କାନ୍ତାରା ଓ ଓଡ଼ିଆ ସିନେମା 'ବୋଉ', 'ବୁଟୁ', 'ଭୂତ' ଭଳି ଚଳଚ୍ଚିତ୍ରଗୁଡ଼ିକ ହେଉଛି ଏହାର ପ୍ରକୃଷ୍ଟ ଉଦାହରଣ।

ଚିରୁଗୁଣି, ବାବନା ଭୂତ, ବ୍ରହ୍ମରାକ୍ଷସ, ଖବିସ, ମାଦଳ, ଡାହାଣୀ, ପ୍ରେତିନୀ ଓ କବନ୍ଧ ଭଳି ଚରିତ୍ର ଓଡ଼ିଆ ଭୂତ କାହାଣୀର ପ୍ରମୁଖ ଚରିତ୍ର। ଓଡ଼ିଶାରେ ପାଞ୍ଚଟି ଭୂତକାହାଣୀ ବିଶେଷ ଭାବରେ ଲୋକପ୍ରିୟ। ପ୍ରଥମଟି ହେଉଛି ଜଣେ ମହିଳା ତାଙ୍କ ମୃତ ସନ୍ତାନକୁ ସେକିବା ସମୟରେ ନିଜ ଗୋଡ଼କୁ ନିଆଁରେ ପୋଡୁଥିବାର କାହାଣୀ। ଦ୍ୱିତୀୟ କାହାଣୀ ହେଉଛି ଏକ ପ୍ରକାର ଭୂତ, ଯାହା ବିଭିନ୍ନ ପ୍ରାଣୀର ଆକାର ଧାରଣ କରିପାରେ। ଏକ ଭୂତ ରାତିରେ ଡାକିକରି କ୍ଷେତକୁ ପାଣି ଦେବାକୁ ନେଇଯିବାର ତୃତୀୟ କାହାଣୀ ବେଶ ପ୍ରଚଳିତ। ଚତୁର୍ଥ କାହାଣୀରେ ବାଉଁଶ ବୁଦାକୁ ତଳକୁ ନୁଆଇଁ ଦେଉଥିବା ସାଧାରଣ ଭୂତର ବର୍ଣ୍ଣନା। ଲମ୍ବା କେଶ ଥିବା ଏକ ମହିଳା ଭୂତ, ଯିଏ ଗଛରେ ବସିଥାଏ ଏବଂ ଯାହାର ଚୁଟି ମାଟିକୁ ଲାଗିଥାଏ ହେଉଛି ପଞ୍ଚମ ଲୋକପ୍ରିୟ ଗପ। ଏଠି କହି ରଖିବାକୁ ଚାହେଁ ଯେ ଆମ ଓଡ଼ିଆ ଭୂତ କାହାଣୀ ସହିତ ଆଫ୍ରିକୀୟ ଭୂତ କାହାଣୀଗୁଡ଼ିକର ଅନେକ ସାମଞ୍ଜସ୍ୟ ରହିଛି।

ଦୁଇଟି ଉପାଦାନ, ନ୍ୟାୟ ପାଇବା ଏବଂ ପ୍ରତିଶୋଧ ନେବା ହେଉଛି ପ୍ରାୟ ସମସ୍ତ ଭୂତ କାହାଣୀର ପୃଷ୍ଠଭୂମି। ଏକ ସାଧାରଣ ବିଶ୍ୱାସ ଓ ଧାରଣା ଅନୁଯାୟୀ ଜୀବନକାଳରେ ନିର୍ଯାତିତ ହୋଇଥିବା ଅତୃପ୍ତ ଆତ୍ମା ନ୍ୟାୟ ପାଇବା ପାଇଁ ଭୂତ ଭାବରେ ଫେରନ୍ତି। ଏଠାରେ କିଛି ଉଦାହରଣ ନେବା। ଯଥା, ପୂର୍ବ ଓ ଉତ୍ତର ଭାରତର ମାସନ ଓ କାନିପିଶାଚୀ ନାମ୍ନୀ ଭୂତ। ଏହି ଭୂତମାନେ ପ୍ରାୟତଃ ଉପେକ୍ଷିତ ସମ୍ପ୍ରଦାୟର। ଦୁଃଖ ଓ ନିର୍ଯାତନା ବିରୁଦ୍ଧରେ ନ୍ୟାୟ ଓ ପ୍ରତିଶୋଧ ନେବା ଏମାନଙ୍କ ଲକ୍ଷ୍ୟ। ସେହିପରି ଉତ୍ତର ଭାରତରେ ଡାୟାନ ଓ ଚୁଡେଲ ନାମକ ମହିଳା ଭୂତମାନଙ୍କ ପରିଚୟ ନିମ୍ନ ଜାତି ଓ କୃଷ୍ଣବର୍ଣ୍ଣର ମହିଳାମାନଙ୍କ ସହିତ ଜଡ଼ିତ। ବିଶେଷଜ୍ଞଙ୍କ ମତରେ ଏହି ଭୂତମାନେ ପୁରୁଷ ସମାଜ ଓ ଉଚ୍ଚ ବର୍ଣ୍ଣ ଦ୍ୱାରା ସମ୍ମୁଖୀନ ହେଉଥିବା ନିଷ୍ଠୁରତାର ଫଳାଫଳ। ଓଡ଼ିଶାରେ ଚିରୁଗୁଣି ଏବଂ ବଙ୍ଗଳାରେ ଶଙ୍ଖଚୁନି ଭଳି ଭୂତମାନେ ମହିଳାଙ୍କ ନିମ୍ନ ଅବସ୍ଥା, ବହୁବିବାହ, ଖରାପ ସ୍ୱାସ୍ଥ୍ୟ ଏବଂ ସାମାଜିକ ସୁରକ୍ଷା ପରିସ୍ଥିତିରୁ ଉତ୍ପନ୍ନ ହୁଅନ୍ତି। ଉଦାହରଣ ସ୍ୱରୂପ, ଚିରୁଗୁଣି ଭୂତ ଗର୍ଭବତୀଙ୍କ ମୃତ୍ୟୁ କିମ୍ବା ପ୍ରସବ ସମୟରେ ମୃତ୍ୟୁବରଣ କରୁଥିବା ମହିଳା କିମ୍ବା ଯୌନ ଆକ୍ରମଣ ଯୋଗୁଁ ମୃତ୍ୟୁବରଣ କରୁଥିବା କାରଣରୁ ଉତ୍ପନ୍ନ ହୁଏ ବୋଲି ବିଶ୍ୱାସ କରାଯାଏ। କେବଳ ବିବାହିତ ମହିଳା ନୁହନ୍ତି, ଅନେକ ଭୂତ କାହାଣୀରେ ମଧ୍ୟ ଉଲ୍ଲେଖ ଅଛି ଯେ ଅବିବାହିତ ମହିଳାମାନେ ପ୍ରେତିନୀ, ମୋହିନୀ କିମ୍ବା ଯକ୍ଷୀ ନାମକ ଭୂତରେ ପରିବର୍ତ୍ତନ ହୁଅନ୍ତି। ଜୀବିତଙ୍କଠାରୁ ଯୌନ ତୃପ୍ତି କୁଆଡ଼େ ଏମାନଙ୍କ ଉଦ୍ଦେଶ୍ୟ।

ସମାଜବିଜ୍ଞାନୀଙ୍କ ମତରେ ଅବିବାହିତଙ୍କ ପ୍ରତି ଏହା ଏକ ସାଧାରଣ ସାମାଜିକ ଚିନ୍ତାଧାରା, ଯାହା ମୃତ୍ୟୁ ପରେ ଏକ ଲୋକକଥାରେ ପରିଣତ ହୁଏ। ଯଦି ଭୂତ କାହାଣୀକୁ ଅନୁସରଣ କରିବା ତେବେ ଜାଣିବା ଯେ ସବୁଠି ପୁରୁଷ ଭୂତଙ୍କ ସଂଖ୍ୟା ଓ ପ୍ରକାର ମହିଳା ଭୂତଙ୍କ ଠାରୁ କମ୍। ଏହା ନିର୍ଯାତିତା ଓ ପୀଡ଼ିତା ମହିଳାଙ୍କ ସ୍ୱରକୁ ପ୍ରତିଫଳିତ କରିବା ଏବଂ ସମାଜରେ ମହିଳାଙ୍କ ପରିସ୍ଥିତିକୁ ପରିପ୍ରକାଶ କରିବାର ଏକ ମାଧ୍ୟମ ବୋଲି ଅସ୍ୱୀକାର କରାଯାଇପାରିବ ନାହିଁ। ଭାରତୀୟ ଭୂତ କାହାଣୀଗୁଡ଼ିକରେ ଜୀବିତ ଓ ମୃତଙ୍କ ମଧ୍ୟରେ ରେଖା ପ୍ରାୟତଃ ଅସ୍ପଷ୍ଟ। ସମ୍ଭବତଃ ସେଥିପାଇଁ ଆମ ସାମାଜିକ ରୀତିନୀତିରେ ଆତ୍ମା ଓ ଭୂତଙ୍କୁ ଗୁରୁତ୍ୱ ଦିଆଯାଏ। ଏହି ବିଶ୍ୱାସ ଆମର ଦୈନନ୍ଦିନ ଜୀବନ, ପରମ୍ପରା ଏବଂ ସାମାଜିକ ଆଚରଣକୁ ଏକ ସକାରାତ୍ମକ ଆକାର ଦେବାକୁ ଚେଷ୍ଟାକରେ। ତେଣୁ ବ୍ୟକ୍ତିର ଅନୁଚିତ ରୀତିନୀତି କିମ୍ବା ଅପୂର୍ଣ୍ଣ ଇଚ୍ଛା ଯୋଗୁଁ ଭୂତକାହାଣୀଗୁଡ଼ିକରେ ପ୍ରେତ ଓ ବେତାଳ ଭଳି ଭୂତମାନଙ୍କ ଆବିଷ୍କାର ହୋଇଛି ବୋଲି ଅନୁମାନ କରାଯାଉଛି।

ଅସ୍କାର ୱାଇଲ୍ଡଙ୍କ 'ଦି କ୍ୟାଣ୍ଟରଭିଲ୍ ଘୋଷ୍ଟ' ପୁସ୍ତକରେ ଲେଖାଯାଇଛି ଯେ ଭୂତକାହାଣୀଗୁଡ଼ିକ ପାଠକଙ୍କୁ ଆକର୍ଷିତ ଓ ମନୋରଞ୍ଜନ କରିବା ପାଇଁ ଉଭୟ ଭୂତବଙ୍ଗଳା ଓ ପାରାନର୍ମାଲ ଗତିବିଧିର ପ୍ରୟୋଗ କରନ୍ତି। ଅସ୍କାରଙ୍କ ମତରେ ଏହି କାହାଣୀର ଭୂତଭୟ ଲୋକମାନଙ୍କ ପାଇଁ ଏକ ଚେତାବନୀ ଭାବରେ କାର୍ଯ୍ୟ କରେ, ସେମାନଙ୍କୁ ନିୟମ ପାଳନ କରିବାକୁ ଏବଂ ଖରାପ ଆଚରଣରୁ ଦୂରେଇ ରହିବାକୁ ଶିକ୍ଷା ଦିଏ। ନାରୀବାଦୀ ଦୃଷ୍ଟିକୋଣ ଅନୁଯାୟୀ ଭୂତ କାହାଣୀଗୁଡ଼ିକରେ ନାରୀଙ୍କୁ ପୁରୁଷ-ପ୍ରଧାନ ସମାଜ ଏବଂ ଲିଙ୍ଗ ଭୂମିକାକୁ ପ୍ରଶ୍ନ କରିବାର ସ୍ୱାଧୀନତା ମିଳିଥାଏ। ଭୂତ-ଲୋକକଥାଗୁଡ଼ିକ ଆମର ସାମାଜିକ ମୂଲ୍ୟବୋଧ, ବିଶ୍ୱାସ ଓ ପରିବର୍ତ୍ତନକୁ ପ୍ରତିଫଳିତ କରୁଥିବା ଗୁରୁତ୍ୱପୂର୍ଣ୍ଣ ସାଂସ୍କୃତିକ କଳାକୃତି। ଏହା କେବଳ ମନୋରଞ୍ଜନ ପାଇଁ ନୁହେଁ ବରଂ ପରିଚୟ, ସ୍ମୃତି ଏବଂ ସମ୍ପ୍ରଦାୟର ଗତିଶୀଳତା ବିଷୟରେ ଏକ ସାମାଜିକ ଆଲୋଚନା।

ବ୍ୟକ୍ତିଗତ ବିଶ୍ୱାସ, ସାଂସ୍କୃତିକ ପରମ୍ପରା ଓ ଲୋକପ୍ରିୟ ଉପସ୍ଥାପନା ମଧ୍ୟରେ ପାରସ୍ପରିକ କ୍ରିୟା ସମସାମୟିକ ସମାଜରେ ଭୂତ କାହାଣୀର ଗୁରୁତ୍ୱକୁ ବୃଦ୍ଧି କରୁଛି। ଅନେକ ଗବେଷଣା ସୂଚିତ କରେ ଯେ ପାରମ୍ପରିକ ଲୋକକଥା କିଶୋରମାନଙ୍କ ମଧ୍ୟରେ ସାମାଜିକ ଦକ୍ଷତାକୁ ପ୍ରୋତ୍ସାହିତ କରିବା ସହ ଶିକ୍ଷାଗତ ଅଭିଜ୍ଞତାକୁ ବୃଦ୍ଧି କରିଥାଏ। ତେଣୁ ଭୂତ ଗପ ଏବଂ ଏ ସମ୍ପର୍କିତ କାହାଣୀ ସହିତ ଜଡ଼ିତ ହେବା ଦ୍ୱାରା ଆମର ସାଂସ୍କୃତିକ ଐତିହ୍ୟ ଏବଂ ପରିଚୟର ଅନ୍ୟାନ୍ୟ ଦିଗଗୁଡ଼ିକକ ଜାଣିବା ସହଜ ହୋଇଥାଏ।

ଭୁବନେଶ୍ୱର, ମୋ:୮୪୫୬୮୭୯୫୭୨

# ହଇଜାର ପ୍ରାଦୁର୍ଭାବ ଓ ସରକାରୀ ପଦକ୍ଷେପ

ପ୍ରଦୀପ୍ତ କୁମାର କର



ଓଡ଼ିଶାରେ ହଇଜାରେ ଆକ୍ରାନ୍ତ ହେବାର ମୁଖ୍ୟ କାରଣ ହେଉଛି ବିଶୁଦ୍ଧ ପିଇବା ପାଣିର ଅଭାବ। ଗାଁ, ଆଦିବାସୀ ଅଧ୍ୟୁଷିତ ଅଞ୍ଚଳ କଥା ଦୂରେ ଥାଉ ସହରମାନଙ୍କରେ ମଧ୍ୟ ଏ ପର୍ଯ୍ୟନ୍ତ ସାଧାରଣ ଜନତାଙ୍କୁ ସରକାର ପିଇବା ପାଣି ଯୋଗାଇ ପାରିନାହାନ୍ତି। ଅନେକ ଜାଗାରେ ପରିମଳ ବ୍ୟବସ୍ଥା ଏତେ ବିଗିଡ଼ି ଯାଇଛି ଯେ ସେଗୁଡ଼ିକୁ ସଂକ୍ରାମକ ରୋଗର ଏନ୍ତୁଡ଼ିଶାଳ ବୋଲି କହିଲେ ଅତ୍ୟୁକ୍ତି ହେବ ନାହିଁ। ରାଜଧାନୀ ଭୁବନେଶ୍ୱର ଓ ସହରତଳି ଅଞ୍ଚଳରେ ଗଢ଼ି ଉଠିଥିବା ବସ୍ତିର ପରିବେଶ କେତେ ଅସ୍ୱାସ୍ଥ୍ୟକର ତାହା ନ ଦେଖିଲେ ବିଶ୍ୱାସ କରିହେବ ନାହିଁ। ଏହାଛଡ଼ା ଅନେକ ଛୋଟ ଛୋଟ ଖାଇବା ଦୋକାନ, ଢାବା, ଫାଷ୍ଟ ଫୁଡ୍ ଦୋକାନକୁ କେବେବି କୌଣସି ସରକାରୀ ବାବୁ ତଦାରଖ ପାଇଁ ଆସନ୍ତି ନାହିଁ। କେବଳ ଯଦି ଏହିପରି କୌଣସି ପରିସ୍ଥିତି ସୃଷ୍ଟି ହୁଏ ବା ସରକାରଙ୍କ ତରଫରୁ ଆଦେଶ ଆସେ ତେବେ ବାବୁମାନେ ତତ୍ପର ହୁଅନ୍ତି। ଲୋକମାନଙ୍କର କୌଣସି ବାଛବିଚାର ନାହିଁ। ମେଳା ମହୋତ୍ସବରେ ତ ଏହି ଅସାଧୁ ବ୍ୟବସାୟୀମାନେ ଆହୁରି ଜାଗ୍ରତ ହୋଇ ନିଜର ବେପାର ମେଲାଇ ଦିଅନ୍ତି।

ଆଗକୁ ରଥଯାତ୍ରା ଆସୁଛି। ଏଥିପାଇଁ ଲକ୍ଷ ଲକ୍ଷ ଲୋକଙ୍କ ସମାଗମ ପ୍ରାୟ ଏକ ମାସ ଧରି ଚାଲୁ ରହିବ। ଏଥିପାଇଁ ପୁରୀରେ ବିଭିନ୍ନ ପ୍ରକାରର ଅସାଧୁ ବ୍ୟବସାୟୀମାନେ ଲୋକମାନଙ୍କୁ ଅନେକ ପ୍ରକାରର ଖାଦ୍ୟ ସାମଗ୍ରୀ ବିକ୍ରି କରିବେ, ଯାହାର କି ଗୁଣବତ୍ତା ଯାଞ୍ଚ ନିଶ୍ଚିତ କରିହେବ ନାହିଁ। ତେଣୁ ହଇଜା ବ୍ୟାପୀ ଲୋକ ଆକ୍ରାନ୍ତ ହେଲେ କେତେ ବା ମଲେ କେତେ ସରକାରଙ୍କର କିଛି ଫରକ ପଡ଼େ ନାହିଁ। ଏସବୁ କେବଳ ସରକାରୀ ଅପାରଗତା ଯୋଗୁଁ ହିଁ ହେଉଛି। ଅନେକ ଗାଁ ଓ ସହରରେ ନଳକୂପଗୁଡ଼ିକ ସଫା ହୁଏ ନାହିଁ। ଏପରିକି ବଡ଼ ବଡ଼ ପାଣି ଟାଙ୍କି, ଯାହା ଲୋକଙ୍କୁ ପାନୀୟ ଜଳ ଯୋଗାଣ ପାଇଁ ଥାଏ, ସେଗୁଡ଼ିକ ନିୟମିତ ଅନ୍ତରାଳରେ ସଫା ନ ହୋଇ କେବଳ ବ୍ଲିଚିଂ ପାଉଡର ପକାଇ ଦିଆଯାଇ କର୍ତ୍ତୃପକ୍ଷ ନିଜର କର୍ତ୍ତବ୍ୟ ସାରି ଦିଅନ୍ତି। ପରିମଳ ବ୍ୟବସ୍ଥାରେ ସୁଧାର ପାଇଁ ଆଖିଦୃଶିଆ କାର୍ଯ୍ୟ ହୁଏ ନାହିଁ, ଯାହା ବି ହୁଏ ତାହାର ତଦାରଖ ଉପରସ୍ତରରେ ହୁଏ ନାହିଁ।

ତେଣୁ ଏବେ ରାଜ୍ୟରେ ଦେଖାଦେଇଥିବା ହଇଜା ପାଇଁ ରାଜ୍ୟ ସରକାର ହିଁ ପ୍ରତ୍ୟକ୍ଷ ଭାବରେ ଦାୟୀ ବୋଲି କହିଲେ ଅତ୍ୟୁକ୍ତି ହେବ ନାହିଁ। ଯଦି ପ୍ରତି ବିଧାୟକ ଓ ସାଂସଦ ପରିଷ୍କାର ପାନୀୟ ଜଳ ପାଇ ପାରୁଛନ୍ତି ତେବେ ଯେଉଁ ଜନସାଧାରଣଙ୍କ ଦ୍ୱାରା ଭୋଟ ପାଇ ନିର୍ବାଚିତ ହୋଇଛନ୍ତି ସେମାନଙ୍କୁ ନିର୍ମଳ ବିଶୁଦ୍ଧ ପାନୀୟ ଜଳ ଯୋଗାଣ କରିବାକୁ ସେମାନେ ଏତେ କୁଣ୍ଠାଗ୍ରସ୍ତ ଓ ଅସମର୍ଥ କାହିଁକି? ହଇଜା ଆକ୍ରାନ୍ତ ପାଇଁ ଔଷଧ ଓ ଡାକ୍ତରୀ ଚିକିତ୍ସା ଯେତିକି ଆବଶ୍ୟକ, ତା'ଠାରୁ ଅଧିକ ଆବଶ୍ୟକ ହେଉଛି ଜନ ସଚେତନତା। ପ୍ରତି ଗାଁ, ସହର, ଗଳି, କନ୍ଦିକୁ ବିଶୋଧନ କରିବା ନିହାତି ଆବଶ୍ୟକ। ଗଳିକନ୍ଦିରେ ବିକ୍ରି ହେଉଥିବା ଅସୁରକ୍ଷିତ ଖାଦ୍ୟ ଦୋକାନ ବନ୍ଦ ହେବା ନିହାତି ଜରୁରୀ।

ଗାଁ କଥା ଛାଡ଼ନ୍ତୁ ଆମ ରାଜଧାନୀରେ ଆବଶ୍ୟକତାଠାରୁ ବହୁତ କମ୍ ଫୁଡ୍ ଇନ୍ସପେକ୍ଟର ଅଛନ୍ତି। ଏଥିରୁ ରାଜ୍ୟର ସ୍ଥିତି ଓ ଖାଦ୍ୟର ମାନ ଯାଞ୍ଚ ଓ ଶୁଦ୍ଧତା କିପରି ହେଉଥିବା ଅନୁମେୟ। ପରିସ୍ଥିତି ଉତ୍କଟ ହେଲେ ଦିନେ ଦୁଇ ଦିନ କେବଳ ଉପର ସ୍ତରର ଅଧିକାରୀମାନେ ଘଟଣାସ୍ଥଳରେ ଉପସ୍ଥିତ ରହି ଫଟୋ ଉଠାଇ ଟିଭି ଓ ସମ୍ବାଦପତ୍ରରେ ଦେଖିଦେଲେ ଯଥେଷ୍ଟ ବୋଲି ସେମାନେ ଭାବନ୍ତି। ଏବେ ବିବାହ ଋତୁ ଆରମ୍ଭ ହୋଇଯାଇଛି। ସ୍କୁଲ୍ ମଧ୍ୟ ଖୋଲିସାରିଛି। ଏହି ସମୟରେ ଯଦି ସରକାରୀ ସ୍ତରରେ ଉଚିତ୍ ପଦକ୍ଷେପ ନିଆ ନ ଯାଏ ତେବେ ପରିସ୍ଥିତି ଆହୁରି ଜଟିଳ ହୋଇପଡ଼ିବ। ସ୍କୁଲ୍‌ରେ ପିଲାମାନଙ୍କ ପାଇଁ ବିଶୁଦ୍ଧ ପାନୀୟ ଜଳ ଯୋଗାଣକୁ ସୁନିଶ୍ଚିତ କରିବା ଆବଶ୍ୟକ। ସ୍କୁଲ୍ ଆଖପାଖରେ ଯେପରି ବୁଲାବିକାଳୀ ଓ ଉଠାଦୋକାନୀମାନେ ନ ବସନ୍ତି ସେଥିପ୍ରତି ସ୍କୁଲ୍ କର୍ତ୍ତୃପକ୍ଷ, ଅଭିଭାବକ ଓ ସ୍ଥାନୀୟ ପ୍ରଶାସନ ଦୃଷ୍ଟି ଦେବା ଆବଶ୍ୟକ। ବିବାହ ଉତ୍ସବ ଆଦିରେ ଯୋଗାଣ ହେଉଥିବା ପାଣିର ମାନ ମଧ୍ୟ ଯାଞ୍ଚ ହେବା ନିହାତି ଆବଶ୍ୟକ।

ଭୁବନେଶ୍ୱର, ମୋ: ୯୪୩୭୦୮୪୩୧୨

# ମହାପ୍ରଭୁଙ୍କ ସେନାପଟା ଲାଗି

ସ୍ୱପ୍ନେଶ୍ୱର

ଲୋକକଥାରେ ଲୋକଦେବତା

ମହାପ୍ରଭୁଙ୍କ ପରମଭକ୍ତ ପଞ୍ଚସଖାମାନଙ୍କ ଭିତରେ ବୟୋଜ୍ୟେଷ୍ଠ ବଳରାମ ଦାସ ସେତେବେଳେ ସତ୍ୟବାଦୀର ବକୁଳ ବନରେ ସାଧନାରେ ମଗ୍ନ ଥିଲେ। ମହାପ୍ରଭୁ ବଳରାମଙ୍କୁ ନିଜର ଅଜା ମାନ୍ୟ କରୁଥିଲେ ଏବଂ ବେଳେବେଳେ ତାଙ୍କ ସହ ଥଟ୍ଟମଜା କରୁଥିଲେ। ଦାସେ ମଧ୍ୟ ଠାକୁରଙ୍କୁ ନିଜ ପରିବାର ବୋଲି ଭାବୁ ଥିଲେ ଏବଂ କେହି କେବେ ନାତି ବିରୁଦ୍ଧରେ କିଛି କହିଲେ ସହି ପାରୁ ନ ଥିଲେ।

ଥରେ ମହାପ୍ରଭୁ ଅଜାଙ୍କ ସାଙ୍ଗରେ ଟିକିଏ ମଜା କରିବାକୁ ଚିନ୍ତା କଲେ। ଖରାଦିନ ସଂଧ୍ୟାବେଳିଆ ଯାଇ ବକୁଳ ବନରେ ପହଞ୍ଚି ଗଲେ ମହାପ୍ରଭୁ। ବଗୁଲିଆ ଭାଷାରେ କହିଲେ, 'ଅଜା! ଏକା ଏକା ବସି ପଣସ ଖାଉଛ, ଏ ନାତି କଥା ଟିକିଏ ମନେ ପକାନ୍ତ ନି!' 'ନାତି ମହାପ୍ରଭୁ! ରଜା ତୁମେ। ତୁମକୁ କୋଉ ଖଜା ଅପୂର୍ବ ଯେ ମୋଠୁ ପଣସ ଖାଇବାକୁ ମନ କରୁଛ!' ଦାସେ କହିଲେ। ସେଉଠୁ ମହାପ୍ରଭୁ କହିଲେ, 'ଆଜି ପଣସ ଖାଇକି ମୁଁ ଯିବି। ଆଣିକି ଦେବା ହେଲା ତୁମ କାମ।' 'ଆରେ ମୋତେ ମାଡ଼ ଖୁଆଇବ ନା କ'ଣ? ଜଗୁଆଳୀମାନେ ଦେଖିଲେ ମୋତେ ରଖିବେ ଟି!' ଅଜାଙ୍କ ଏହି ଭୟ ଦେଖି ମହାପ୍ରଭୁ ନିଦ୍ରାଦେବୀଙ୍କୁ ଆଜ୍ଞା କରି ଜଗୁଆଳୀମାନଙ୍କୁ ନିଘୋଡ଼ ନିଦରେ ଶୁଆଇ ଦେଲେ। ବଳରାମ ଗୋଟା କେତେ ପାଚିଲା ପଣସ ତୋଳି ଆଣି ଦୁହେଁ ଖାଇଲେ। ତା'ପରେ ମହାପ୍ରଭୁ ନିଦ୍ରାଦେବୀଙ୍କୁ ଆଜ୍ଞା କରି ଅଜାଙ୍କୁ ଶୁଆଇ ଦେଇ ଶ୍ରୀମନ୍ଦିର ବାହୁଡ଼ି ଗଲେ। ଜଗୁଆଳୀମାନେ ସକାଳୁ ଦେଖିଲେ ବଳରାମ ରାତିରେ ପଣସ ଚୋରିକରି ଖାଇଛନ୍ତି। ତେଣୁ ସେମାନେ ଦାସେଙ୍କୁ ନିଦରୁ ଉଠେଇ ନିସ୍ତୁକ ମାଡ଼ ମାରି ବଉଳ ଗଛରେ ବାନ୍ଧି ଦେଲେ। ବଳରାମ ବିକଳରେ ପ୍ରଭୁଙ୍କୁ ପ୍ରାର୍ଥନା କଲେ, 'ଆରେ ନାତି ମହାପ୍ରଭୁ! ପଣସ ଖାଇ ଅଜା ମୁଣ୍ଡରେ ଅଠା ବୋଳି ଚାଲିଗଲୁ। ଏମାନେ ଏଠି ମୋ ଅବସ୍ଥା କଣ କଲେଣି, ଥରେ ଆସି ଦେଖି ଯା।' ତେଣେ ଶ୍ରୀମନ୍ଦିରରେ ସକାଳୁ ସକାଳୁ ମହାପ୍ରଭୁଙ୍କର ସବୁଦିନିଆ ନୀତି ଆରମ୍ଭ ହେଲା। କିନ୍ତୁ ମହାପ୍ରଭୁ ଚଳୁରେ ଦେଖା ଦେଲେ ନାହିଁ। ଗଜପତି ପ୍ରତାପରୁଦ୍ରଙ୍କ ପାଖକୁ ଖବର ଗଲା। ସେ ଆସି ପୋଖରୀଆରେ ଗୁହାରୀଆ ପଡ଼ିଲେ। ସେତେବେଳେ ମହାପ୍ରଭୁ ଶୂନ୍ୟବାଣୀ କରି କହିଲେ, 'କେତେ ମାଡ଼ ମାଇଲୁ ଦାସଙ୍କୁ ଲୁହା ଠେଙ୍ଗେ, ତା' ଅଙ୍ଗେ ନ ବାଜି ମାଡ଼ ବାଜିଲା ମୋ ଅଙ୍ଗେ / ଯେତେବେଳେ ସେ ଚୋରକୁ ଛାଡ଼ିବୁ ରାଜନ, ସେତେବେଳେ ଆମ୍ଭେ ସିନା କରିବୁ ଭୋଜନ।' ରାଜା ପ୍ରଣିପାତ କରି ଉଠି ଦେଖିଲେ ଯେ ଠାକୁରଙ୍କ ଶ୍ରୀଅଙ୍ଗ ସାରା ମାଡ଼ର ଚିହ୍ନ। ରାଜା ସେଠାରୁ ବକୁଳ ବନ ଯାଇ ଦାସେଙ୍କୁ କ୍ଷମା ପ୍ରାର୍ଥନା କରି ବନ୍ଧନ ମୁକ୍ତ କଲେ। ଦାସେ ସବୁ ବୁଝିପାରି କହିଲେ, 'ନାତି ଟୋକା! ମଜା ଦେଖିବାପାଇଁ ଅଜାକୁ ଫସେଇ ଦେଲୁ। ତୋତେ ମୁଁ ସେଇମିତି ଛାଡ଼ି ଦେବୁ ଭାବିଛୁ?'

ସ୍ନାନ ଯାତ୍ରା ଦେଖିବାକୁ କ୍ଷେତ୍ରରେ ପହଞ୍ଚିଲେ ଦାସେ। ଜଣେ ଦଇତା କହିଲେ, 'ଗୋସେଇଁ, ସ୍ନାନ ଓ ଗୁଣ୍ଡିଚା ପହଣ୍ଡି ବେଳେ ତମ ଚଗଲା ନାତି ଦୁଷ୍ଟାମି କରି ଏ ପଟକୁ ବୋଲେ ସେ ପଟକୁ ଚାଲି ଯାଉଛନ୍ତି। ତାଙ୍କୁ ନେବା ପାଇଁ ଆମେ ଝାଳନାଳ ହୋଇ ନାକେଦମ ହେଉଛୁ। ସେ ବି କମ ଛେଚାକୁଟା ଖାଉ ନାହାନ୍ତି। ତାଙ୍କ ଶ୍ରୀଅଙ୍ଗକୁ ବହୁତ ବାଧା ହେଉ ଥିବ। ତାଙ୍କୁ କହନ୍ତ ନି ସୁନା ପିଲା ପରି ଚାଲି ଯା'ନ୍ତେ। ସେଥିରେ ତାଙ୍କର ଭଲ, ଆମକୁ ବି ଭଲ। ତମ କହିଲେ ସେ ମାନିବେ।' କଥାଟା ଶୁଣି ବଳରାମଙ୍କ ଅକଲ ଜାଗି ଉଠିଲା। କହିଲେ, 'ଶୁଣ, ମୁଁ ବକୁଳ ବନରୁ ଟାଣ ମଞ୍ଜି ବଉଳ କାଠ ପଠେଇବି। ସେ କାଠରେ ମହାରଣା ପିଠି ମାପର ସେନାପଟା ଆଉ ହାତ ମାପର ବାହୁଟ ତିଆରି କରିବେ। ସେନାପଟାକୁ ପିଠିରେ ଆଉ ବାହୁଟକୁ ଦୁଇ ହାତରେ ଭଲ କରି ପାଟ ଡୋରରେ ବାନ୍ଧି ଦେବ। ତା' ପରେ ସେନାପଟାରେ ପାଟ ଦଉଡ଼ି ଲଗେଇ ଦି ଜଣ ବଳୁଆ ଦଇତା ଧରି ନିୟନ୍ତ୍ରଣ କରିବ। ତା'ପରେ ଦେଖିବ, ତମେ ଯୁଆଡ଼େ ନବ, ସେ ସେ ଆଡ଼େ ଯିବ।' ମହାପ୍ରଭୁଙ୍କୁ ପ୍ରଣାମ କରି କହିଲେ, 'ନାତି ମହାପ୍ରଭୁ! ଏ ଥର ଦେଖ ମୋ ଖେଳ। ତମ ଚକ୍ରାନ୍ତରେ ଦିଟା ଅଜଣା ଜଗୁଆଳୀ ମୋତେ ବଉଳ ଗଛରେ ଥରେ ବାନ୍ଧି ଥିଲେ। ତୁମକୁ ତୁମ ଶ୍ରୀଅଙ୍ଗ ସେବକ ମୁଁ ପଠେଇ ଥିବା ବଉଳ କାଠରେ ବର୍ଷକୁ କେତେଥର ବାନ୍ଧିବେ ବସି ଗଣୁଥିବ। ମୋତେ ବନ୍ଧା ହେବା ଅଳ୍ପ କିଛି ଲୋକ ଦେଖିଥିଲେ। କିନ୍ତୁ ତୁମକୁ ବାନ୍ଧି ତୁମ ଅଜା ସାରା ଜଗତକୁ ଦେଖେଇବ।'

ମୋ: ୯୯୦୦୦୮୩୪୩୩

ସକାଳ
THE SAKALA
ଯୋଗାଯୋଗ ଠିକଣା
NEWS & INFO
news@thesakala.com
CIRCULATION
circulation@thesakala.com
ADVERTISEMENT
advt@thesakala.com
THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

## ବଡ଼ମ୍ବାରେ ଅସୁସ୍ଥ ହାତୀ ଛୁଆ ଠାବ

ବଡ଼ମ୍ବା,୨୪।୬(ସମିସ): ଆଠଗଡ଼ ବନଖଣ୍ଡ ଅଧୀନ ବଡମ୍ବା ବନାଞ୍ଚଳ ନିଜିଗଡ଼ ଜଗା ବେହେରା ଥଳି ନିକଟ ଡାହାଣୀଖଳିଠାରେ ଏକ ଅସୁସ୍ଥ ହାତୀ ଛୁଆକୁ ଉଦ୍ଧାର କରାଯାଇଛି । ଏକ ଗଛମୂଳରେ ହାତୀ ଛୁଆଟି ଛିଡ଼ା ହୋଇଥିବା ଦେଖି ସ୍ଥାନୀୟ ଲୋକେ ବନ ବିଭାଗକୁ ଖବର ଦେଇଥିଲେ । ସୂଚନା ପାଇ ବନ ବିଭାଗର ଆଠଗଡ଼ ବନଖଣ୍ଡ ଅଧିକାରୀ ଯଜ୍ଞଦତ୍ତ ପତି, ବଡମ୍ବା ବନାଞ୍ଚଳ ଅଧିକାରୀ ପ୍ରଭାତ ରାଉତ, ଏସିଏଫ ମନୋଜ ପାତ୍ର ଏବଂ ସଦର ଫରେଷ୍ଟର ଶୁଭେନ୍ଦ୍ର କୁମାର ପ୍ରଧାନ ପ୍ରମୁଖ ଘଟଣାସ୍ଥଳରେ ପହଞ୍ଚି ଅସୁସ୍ଥ ଅବସ୍ଥାରେ ଛୁଆ ହାତୀଟିକୁ ଦେଖି ସଙ୍ଗେ ସଙ୍ଗେ କପିଳାସ ଆରଆରଟି ଡାକ୍ତରଙ୍କୁ ଡକାଇ ଅସୁସ୍ଥ ହାତୀ ଛୁଆର ଚିକିତ୍ସା କରିବା ସହିତ ଅସୁସ୍ଥ ହାତୀ ଛୁଆର ରକ୍ତ ଓ ଶୁଣ୍ଢରୁ ଲାଳ ସଂଗ୍ରହ କରି ଓୟୁଏଟି ଭୁବନେଶ୍ୱରକୁ ପରୀକ୍ଷାନିରୀକ୍ଷା ପାଇଁ ପଠାଇଛନ୍ତି । ଅସୁସ୍ଥ ଛୁଆ ହାତୀକୁ ଫରେଷ୍ଟର ଶୁଭେନ୍ଦ୍ର କୁମାର ପ୍ରଧାନ ଓ କର୍ମଚାରୀମାନେ ଜଗି ରହିଛନ୍ତି ।

## ମାନେ ଆଜିଙ୍କିଆ ଜଗତସିଂହପୁର ଏସ୍‌ଡିପିଓ

ଭୁବନେଶ୍ୱର,୨୪।୬(ସମିସ): ସ୍ଥାନୀୟ ବ୍ୟବସ୍ଥା ପାଇଁ ୨୦୨୨ ବ୍ୟାଚ୍‌ର ଆଇପିଏସ୍ ମାନେ ଆଜିଙ୍କିଆ ବାବୁରାଓଙ୍କୁ ଜଗତସିଂହପୁର ଏସ୍‌ଡିପିଓ ଭାବେ ବଦଳି କରାଯାଇଛି । ତାଙ୍କୁ ତୁରନ୍ତ କାର୍ଯ୍ୟରେ ଯୋଗଦେବାକୁ କୁହାଯାଇଛି । ପୂର୍ବରୁ ସେ କଳାହାଣ୍ଡି ସଦର ଏସ୍‌ଡିପିଓ ଭାବେ କାର୍ଯ୍ୟ କରୁଥିଲେ । ଏନେଇ ଆଜି ଗୃହ ବିଭାଗ ପକ୍ଷରୁ ବିଜ୍ଞପ୍ତି ପ୍ରକାଶ ପାଇଛି ।

## ଅବଶିଷ୍ଟାଂଶ

### ଟ୍ରମ୍ପଙ୍କୁ ମାନିଲେନି...

ଦେଶ ଇରାନ ଉପରେ ପାଲଟା ଆକ୍ରମଣ କରିବ ନାହିଁ । ଗତକାଲିର ଘଟଣା ପରେ ଟ୍ରମ୍ପ ଇସ୍ରାଏଲ ପ୍ରଧାନମନ୍ତ୍ରୀ ନେତନ୍ୟାହୁଙ୍କୁ ଫୋନ କରି ତୁରନ୍ତ ଲଢ଼େଇ ବନ୍ଦ କରିବାକୁ ପରାମର୍ଶ ଦେଇଥିଲେ । ତାଙ୍କ କଥାରେ ଇସ୍ରାଏଲ ପ୍ରଧାନମନ୍ତ୍ରୀ ରାଜି ହେବାପରେ ଇରାନକୁ ମନେଇବା ଲାଗି ସେ ଉପରାଷ୍ଟ୍ରପତି ଭାନ୍ସ ଏବଂ ବୈଦେଶିକ ମନ୍ତ୍ରୀ ରୁବିଓଙ୍କୁ ନିୟୋଜିତ କରିଥିଲେ । ସେମାନେ ଇରାନର ବୈଦେଶିକ ମନ୍ତ୍ରୀ ଅଢ୍ଚାସଙ୍କ କଥା ହୋଇଥିଲେ । କିନ୍ତୁ ଏଥିରେ ବିଶେଷ ସଫଳତା ନମିଳିବାରୁ କତରର ସହାୟତା ନେଇଥିଲେ ଟ୍ରମ୍ପ । କତରର ନେତାମାନେ ଇରାନର ରାଷ୍ଟ୍ରପତି ଓ ବୈଦେଶିକ ମନ୍ତ୍ରୀଙ୍କ ସହିତ କଥା ହୋଇ ଯୁଦ୍ଧବିରତି ପାଇଁ ରାଜି କରାଇଥିଲେ । ତେବେ ଇରାନ ସର୍ତ୍ତ ରଖିଥିଲା ଯେ ଇସ୍ରାଏଲ ଆକ୍ରମଣ ବନ୍ଦ କରିବା ପରେ ହିଁ ଯୁଦ୍ଧବିରତି ଲାଗୁ ହେବ । ଏହାକୁ ନେଇ ସହମତି ହେବାପରେ ରାଷ୍ଟ୍ରପତି ଟ୍ରମ୍ପ ଯୁଦ୍ଧବିରତି ଘୋଷଣା କରିଥିଲେ । ତାଙ୍କର ଘୋଷଣା ସହିତ ଇରାନ ପ୍ରଥମେ ଅସହମତ ହୋଇଥିଲା । ତେବେ ପରବର୍ତ୍ତୀ ମୁହୂର୍ତ୍ତରେ ବିବୃତି ଜାରି କରି ଯୁଦ୍ଧବିରତି ହୋଇଥିବା ସୂଚନା ଦେଇଥିଲା ।

ଅସ୍ତ୍ରବିରତି ଘୋଷଣାର କିଛି ସମୟ ମଧ୍ୟରେ ଇସ୍ରାଏଲ ଉପରେ ଇରାନ କ୍ଷେପଣାସ୍ତ୍ର ମାଡ଼ କରିଥିଲା । ଏଥିରେ ୭ ଜଣ ପ୍ରାଣ ହରାଇଥିବା ସହିତ ଅନେକ ଲୋକ ଆହତ ହୋଇଥିଲେ । ଏଥିରେ କ୍ଷୁବ୍ଧ ହୋଇ ଇରାନ ଉପରେ ଆକ୍ରମଣ ପାଇଁ ଇସ୍ରାଏଲ ଘୋଷଣା କରିଥିଲା । କିନ୍ତୁ ଇରାନ ଏଭଳି ଆକ୍ରମଣ ଅଭିଯୋଗକୁ ଖଣ୍ଡନ କରିଥିଲା । ଅନ୍ୟପକ୍ଷରେ ଇରାନ ଉପରେ ଆଉ ଆକ୍ରମଣ ନକରିବା ଲାଗି ଟ୍ରମ୍ପ ଇସ୍ରାଏଲ ପ୍ରଧାନମନ୍ତ୍ରୀଙ୍କୁ ଫୋନ କରି ଅନୁରୋଧ କରିଥିଲେ । ହେଲେ ଏହି ଅନୁରୋଧକୁ ପ୍ରଧାନମନ୍ତ୍ରୀ ନେତନ୍ୟାହୁ ପ୍ରତ୍ୟାଖ୍ୟାନ କରି ଇରାନ ଉପରେ ବୋମାମାଡ଼ କରିଥିଲେ । ଯାହାକୁ ନେଇ ରାଷ୍ଟ୍ରପତି ଟ୍ରମ୍ପ ଭୀଷଣ ବିରକ୍ତି ପ୍ରକାଶ କରିଥିଲେ । ଗଣମାଧ୍ୟମରେ ପ୍ରତିକ୍ରିୟା ଦେଇ ସେ ଉଭୟ ଇସ୍ରାଏଲ ଏବଂ ଇରାନକୁ ଭର୍ତ୍ସନା କରିବା ସହିତ ଅଶ୍ଳୀଳ ଭାଷା ପ୍ରୟୋଗ କରିଥିଲେ । ସାଧାରଣରେ ଆମେରିକାର କୌଣସି ରାଷ୍ଟ୍ରପତି ଏଭଳି ଅଶ୍ଳୀଳ ଭାଷା କେବେହେଲେ ବ୍ୟବହାର କରିନଥିଲେ । ସେ କହିଥିଲେ, 'ଦୁଇ ଦେଶ ଦୀର୍ଘ ବର୍ଷ ହେଲା ଯୁଦ୍ଧ ଚଳାଇଛନ୍ତି । ସେମାନେ ଜାଣନ୍ତି ନାହିଁ ଯେ ସେମାନେ କ'ଣ .....କରୁଛନ୍ତି । ତମେ ବୁଝିପାରିଲ ତ?'

ତେବେ ଟ୍ରମ୍ପଙ୍କ ବିରକ୍ତି ପ୍ରକାଶ ପ।।ରେ ଇରାନ କିମ୍ବା ଇସ୍ରାଏଲ ଆଉ ଆକ୍ରମଣ କରି ନାହାନ୍ତି । ଏବେ ପରିସ୍ଥିତି ଶାନ୍ତ ରହିଛି । ଗତ ୧୩ ତାରିଖରେ ଇରାନ ଉପରେ ଇସ୍ରାଏଲ ଅଚାନକ ଆକ୍ରମଣ କରିବା ପରେ ଉଭୟ ଦେଶ ମଧ୍ୟରେ ଯୁଦ୍ଧ ଆରମ୍ଭ ହୋଇଥିଲା । ଇସ୍ରାଏଲ ଆକ୍ରମଣକୁ ଆମେରିକା ସମର୍ଥନ କରିବା ସହିତ ଇସ୍ରାଏଲ ଉପରେ ମାଡ଼ ହେଉଥିବା ଇରାନ କ୍ଷେପଣାସ୍ତ୍ରକୁ ଆକାଶରେ ନିଷ୍କ୍ରିୟ କରୁଥିବା କହିଥିଲା । ତେବେ ଗତ ୨୨ ତାରିଖରେ ଇରାନର ତିନିଟି ପରମାଣୁ ପ୍ରତିଷ୍ଠାନ ଉପରେ ବୋମାମାଡ଼ କରି ଆମେରିକା ଏହି ଯୁଦ୍ଧରେ ପ୍ରତ୍ୟକ୍ଷ ଭାବେ ସାମିଲ ହୋଇଯାଇଥିଲା । ଏହାର ଜବାବରେ ଗତକାଲି ଇରାନ କତର ଓ ଇରାକରେ ଥିବା ଆମେରିକାର ସାମରିକ ଘାଟି ଉପରେ କ୍ଷେପଣାସ୍ତ୍ର ଆକ୍ରମଣ କରିଥିଲା । ଏହାକୁ ନେଇ ମଧ୍ୟପ୍ରାଚ୍ୟରେ ତୀବ୍ର ଉତ୍ତେଜନା ପ୍ରକାଶ ପାଇଥିଲା । ଏପରିକି ବିଶ୍ୱଯୁଦ୍ଧ ଭଳି ଆଶଙ୍କା ସୃଷ୍ଟି ହୋଇଥିଲା ।

ଏହି ଲଢ଼େଇରେ ଉଭୟ ଇରାନ ଏବଂ ଇସ୍ରାଏଲ ବ୍ୟାପକ ଭାବେ କ୍ଷତିଗ୍ରସ୍ତ ହୋଇଛନ୍ତି । ଇରାନେରେ ୬୦୦ରୁ ଅଧିକ ଲୋକ ପ୍ରାଣ ହରାଇଛନ୍ତି । ଏଥିରେ ଅନେକ ସାମରିକ ଅଧିକାାରୀ ଓ ବୈଜ୍ଞାନିକ ଅଛନ୍ତି । ଇରାନର ତିନିଟି ପରମାଣୁ କେନ୍ଦ୍ରକୁ ବୋମାମାଡ଼ କରି ଆମେରିକା ଓ ଇସ୍ରାଏଲ ଧ୍ୱସ୍ତ କରିଦେଇଛନ୍ତି । ଇସ୍ରାଏଲ ଉପରେ ଅପ୍ରତ୍ୟାଶିତ ଭାବେ କ୍ଷେପଣାସ୍ତ୍ର ଆକ୍ରମଣ କରି ଅନେକ ସାମରିକ ପ୍ରତିଷ୍ଠାନ ଓ ବାୟୁସେନା ଘାଟିକୁ ଧ୍ୱଂସ କରିଦେଇଥିବା ଦାବି କରିଛି ଇରାନ । ଇରାନ ଆକ୍ରମଣରେ ରାଜଧାନୀ ତେଲ ଆଭିବ ସମତେ ଅନେକ ଇସ୍ରା,ଲଇ ସହର ଧ୍ୱସ୍ତବିଧ୍ୱସ୍ତ ହୋଇଯାଇଛି । ତେବେ ଗଣମାଧ୍ୟମ ଉପରେ କଟକଣା ଯୋଗୁଁ ଇସ୍ରାଏଲରେ ହୋଇଥିବା ପ୍ରକୃତ କ୍ଷୟକ୍ଷତି ସଂପର୍କରେ ତଥ୍ୟ ମିଳିନାହିଁ ।

### ନିଶା ଦେଇ ନାବାଳିକାଙ୍କୁ...

ସହିତ ପରିଚିତ ହୋଇଥିଲେ । ଡାକ୍ତର ଭବାନୀ ଶଙ୍କର ଦାସ ଗରିବ ଏବଂ ଅବହେଳିତ ଝିଅ ଓ ମହିଳାଙ୍କୁ ମାଗଣାରେ ରହିବା ଓ ପଢ଼ିବାର ସୁବିଧା ଉପଲବ୍ଧ କରାନ୍ତି ବୋଲି ଅଙ୍ଗନବାଡ଼ି କର୍ମୀ ଜଣକ ପୀଡ଼ିତାଙ୍କ ମାଆଙ୍କୁ କହିଥିଲେ । ପୀଡ଼ିତାଙ୍କୁ ମାଗଣା ରହିବା ଓ ପାଠପଢ଼ିବାର ବ୍ୟବସ୍ଥା ସହିତ ବିଏସ୍‌ସି ନର୍ସିଂ ଡିଗ୍ରୀ କରାଇଦେବାର ପ୍ରତିଶ୍ରୁତି ଦେବା ପରେ ଭବାନୀଙ୍କ କଥାରେ ବିଶ୍ୱାସ କରି ପୀଡ଼ିତାଙ୍କୁ ତାଙ୍କ ମାଆ ଭବାନୀଙ୍କ କ୍ଲିନିକ୍‌ରେ ଛାଡ଼ିବାକୁ ରାଜି ହୋଇଥିଲେ । ଗତ ୨୩ ତାରିଖରେ ୧୭ ବର୍ଷୀୟା ଝିଅଟି ନିଜ ମାଉସୀ ଓ ସମ୍ପର୍କୀୟ ଭଉଣୀ ସହିତ କ୍ଲିନିକକୁ ଆସିଥିଲେ । ସନ୍ଧ୍ୟା ୫ଟା ସମୟରେ ସେମାନେ ଭବାନୀଙ୍କ ନିକଟରେ ନାବାଳିକା ଝିଅକୁ ଛାଡି ଚାଲିଯାଇଥିଲେ । ସନ୍ଧ୍ୟା ପ୍ରାୟ ୭ଟା ସମୟରେ ଅଭିଯୁକ୍ତ ଶ୍ରୀ ଦାସ ଝିଅଟିକୁ ସେହି ଆପାର୍ଟମେଣ୍ଟର ତୃତୀୟ ମହଲାରେ ଥିବା ୩୦୨ ନମ୍ବର ଫ୍ଲାଟକୁ ନେଇଥିଲେ । ସେଠାରେ ଭବାନୀଙ୍କ କ୍ଲିନିକରେ କାର୍ଯ୍ୟ କରୁଥିବା ପ୍ରିୟଙ୍କା ସାହୁ ନାବାଳିକାଙ୍କୁ ପିଇବା ପାଇଁ କିଛି ପାଣି ଦେଇଥିଲେ । ତାହାକୁ ପିଇବା ପରେ ପୀଡ଼ିତା ଦୁର୍ବଳ ଅନୁଭବ କରିଥିଲେ । ଏହାପରେ ଭବାନୀ ଶଙ୍କର ଦାସ ତାଙ୍କ ସହ ଦୁଷ୍କର୍ମ କରିଥିଲେ । ପୀଡ଼ିତା କୌଣସିମତେ ସେଠାରୁ ଖସି ଆସି ନିଜ ମାଉସୀଙ୍କ ଘରକୁ ଯାଇ ଘଟଣା ସମ୍ପର୍କରେ ବର୍ଣ୍ଣନା କରିଥିଲେ । ପୀଡ଼ିତା ଓ ତାଙ୍କ ମାଉସୀ ବୈଦ୍ୟନାଥପୁର ଥାନାରେ ପହଞ୍ଚି ଅଭିଯୋଗ କରିଥିଲେ ।

ବୈଦ୍ୟନାଥପୁର ଥାନା ପୁଲିସ ଘଟଣାର ତଦନ୍ତ କରି କେସ୍ ନମ୍ବର - ୩୧୪ରେ ଧାରା ୧୨୩/୬୪(୨)(ସି)/୩୫୧(୩) ବିଏନ୍‌ଏସ୍ ଆର/ଡବ୍ଲୁ ୬ପକ୍ସୋ ଆକ୍ଟରେ ପଞ୍ଜିକୃତ କରିବା ସହ ପୀଡ଼ିତାଙ୍କ ଡାକ୍ତରୀ ମାଇନା କରାଇଛି । ତଦନ୍ତକାରୀ ପୁଲିସ ଓ ସାଇଣ୍ଟିଫିକ ଟିମ ବାଜପେୟୀ ଆରୋଗ୍ୟଧାମ କ୍ଲିନିକ ଏବଂ ଆପାର୍ଟମେଣ୍ଟକୁ ଯାଇ ପ୍ରମାଣ ସଂଗ୍ରହ କରିଛନ୍ତି । ସେପଟେ ତଦନ୍ତ ବେଳେ ଭବାନୀ ଶଙ୍କର ଦାସର ହୋମିଓପାଥି ଡିଗ୍ରୀ ନକଲି ବୋଲି ଜଣାପଡିଥିବା ବେଳେ ତାଙ୍କର ଶିକ୍ଷାଗତ ଯୋଗ୍ୟତା ଓ ସାର୍ଟିଫିକେଟ ସମ୍ପର୍କିତ ଅଧିକ ଖୋଳତାଡ ଜାରି ରହିଥିବା ବ୍ରହ୍ମପୁର ଏସପି କହିଛନ୍ତି । ନାବାଳିକାଙ୍କୁ ଦୁଷ୍କର୍ମ ଅଭିଯୋଗରେ ନକଲି ଡାକ୍ତର ତଥା ବାଜପେୟୀ ଆରୋଗ୍ୟଧାମ କ୍ଲିନିକର ମାଲିକ ଭବାନୀ ଶଙ୍କର ଦାସ(୪୭)ଙ୍କୁ ଗିରଫ କରିଥିବା ବେଳେ ଏଥିରେ ତାଙ୍କୁ ସହଯୋଗ କରିଥିବା ଜଣେ ଅଙ୍ଗନୱାଡି କର୍ମୀ(୫୦) ଓ ପ୍ରିୟଙ୍କା ସାହୁ (୨୧)ନାମକ ଅନ୍ୟଜଣେ ମହିଳା କର୍ମଚାରୀଙ୍କୁ ପୁଲିସ ଗିରଫ କରି କୋର୍ଟ ଚାଲାଣ କରିଛି ।

### ଠାକୁରଙ୍କୁ ଲାଗିହେଲା...

ମାରା ହୋଇଯାଇଛି, ତେଣୁ ମାରା ମୋଦକ କିପରି ମହାପ୍ରଭୁଙ୍କୁ ଲାଗି କରାଗଲା ବୋଲି ସେ ପ୍ରଶ୍ନ ଉଠାଇଛନ୍ତି । ଏହା ସହ ଏହାର ତଦନ୍ତ ସହ କାର୍ଯ୍ୟାନୁଷ୍ଠାନ ନିମନ୍ତେ ସେ ନିଜ ଚିଠିରେ ଉଲ୍ଲେଖ ରଖିଛନ୍ତି । ଏହି ଘଟଣା ଜଣାପଡ଼ିବା ପରେ ଏହାକୁ ନେଇ ଭକ୍ତଙ୍କ ମଧ୍ୟରେ ତୀବ୍ର ପ୍ରତିକ୍ରିୟା ପ୍ରକାଶ ପାଇଛି ।

ଅପରପକ୍ଷରେ ଶ୍ରୀମନ୍ଦିର ମୁଖ୍ୟ ପ୍ରଶାସକ ଡ. ଅରବିନ୍ଦ ପାଢ଼ୀ ବାଡ଼ଗ୍ରାହୀଙ୍କ ଅଭିଯୋଗକୁ ଅସ୍ୱୀକାର କରିଛନ୍ତି । ସେ କହିଛନ୍ତି ଯେ ଗୁପ୍ତ ନୀତି ସମ୍ପର୍କରେ ବାହାରେ ଆଲୋଚନା ହେବା କଥା ନୁହେଁ । ବଡ଼ଠାକୁରଙ୍କ ବାଡ଼ଗ୍ରାହୀଙ୍କ ଲିଖିତ ଅଭିଯୋଗ ଆଧାରରେ ତଦନ୍ତ କରାଯାଉଛି ଓ ଏହାରରିପୋର୍ଟ ମଗାଯାଇଛି । ଯେତେବେଳେ ବୈଦ୍ୟ ସେବକ ଦଶମୂଳ ମୋଦକ ଗାରଦରେ ଦିଅନ୍ତି ସେହି ଅମୁଣିଆ ମୋଦକକୁ ଗାରଦର ଅଧିକାରୀ ଏବଂ କର୍ମଚାରୀ ଗଣନ୍ତି ନାହିଁ କି ଛୁଅନ୍ତି ନାହିଁ । ଏହା ଟିପା ଖାତାରେ ଲେଖାଯାଏ । କମାଣ୍ଡର ଯାହା ସୂଚନା ଦେଇଛନ୍ତି ସେହି ଅନୁଯାୟୀ ବାଡ଼ଗ୍ରାହୀ ଯେଉଁ ଅଭିଯୋଗ କରିଛନ୍ତି ତାହାର ସତ୍ୟତା ନାହିଁ ବୋଲି କହିଛନ୍ତି ମୁଖ୍ୟ ପ୍ରଶାସକ । ମାତ୍ର ମୁଖ୍ୟପ୍ରଶାସକଙ୍କ ମନ୍ତବ୍ୟ ସ୍ୱାଭାବିକ ଦ୍ୱନ୍ଦ୍ୱ ସୃଷ୍ଟି କରିଛି । ଯଦି ତଦନ୍ତ ଶେଷ ହୋଇ ନାହିଁ, ତେବେ ବାଡ଼ଗ୍ରାହୀଙ୍କ ଅଭିଯୋଗ ମିଛ ବୋଲି ପ୍ରମାଣିତ ହେଲା କିପରି ବୋଲି ଅନେକ ପ୍ରଶ୍ନ କରିଛନ୍ତି । ସେହିପରି ଆଇନମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ ବାଡ଼ଗ୍ରାହୀଙ୍କୁ ପରୋକ୍ଷରେ ଭର୍ତ୍ସନା କରିଛନ୍ତି । କିଛି ଲୋକ ନିଜର ବାହାଦୂରୀ ଦେଖାଇବା ପାଇଁ ଯଥାର୍ଥତା ନ ଥିବା କଥାକୁ ବାହାରକୁ ଆଣି ବିଭ୍ରାନ୍ତି ସୃଷ୍ଟି କରନ୍ତି । ତେବେ ଏ ବାବଦରେ ତର୍ଜମା କରାଯାଉଛି । ଯଥାର୍ଥତା ନ ଥିବା ଏହି କଥାରେ ଯେଉଁମାନେ ସମ୍ପୃକ୍ତ ଅଛନ୍ତି ସେମାନଙ୍କୁ ତଦନ୍ତ ଏବଂ ଦଣ୍ଡ ଉଭୟକୁ ସମ୍ମୁଖୀନ ହେବାକୁ ପଡ଼ିବ । ମୁଖ୍ୟ ପ୍ରଶାସକ ଯାହା କହିଛନ୍ତି ତାହା ହିଁ ସତ୍ୟ ବୋଲି ଶ୍ରୀ ହରିଚନ୍ଦନ କହିଛନ୍ତି ।

ଗତବର୍ଷ ରଥଯାତ୍ରା ସମୟରେ ମହାପ୍ରଭୁ ବଳଭଦ୍ର ମୁହଁମାଡ଼ି ପଡ଼ିଲେ । ଏହି ଘଟଣା ସେତେବେଳେ କୋଟିକୋଟି ଓଡ଼ିଆଙ୍କୁ ଆଘାତ ଦେଲା । ପ୍ରଥମେ ଏହାକୁ ସାମାନ୍ୟ ଘଟଣା କହୁଥିବା ସରକାର ଶେଷରେ ଜନମତ ଚାପରେ ତଦନ୍ତ ନିର୍ଦ୍ଦେଶ ଦେଲେ । ଇତିମଧ୍ୟରେ ବର୍ଷେ ବିତିଲାଣି, ମାତ୍ର ତଦନ୍ତ ରିପୋର୍ଟ ଆସିଲା ନାହିଁ କି କାହା ବିରୋଧରେ କାର୍ଯ୍ୟାନୁଷ୍ଠାନ ହେଲା ନାହିଁ । ଏବେ ପୁଣି ରଥଯାତ୍ରା ବେଳକୁ ମହାପ୍ରଭୁଙ୍କ ସେବା ପାଇଁ ବୈଦ୍ୟଙ୍କ ଦ୍ୱାରା ପ୍ରସ୍ତୁତ ମୋଦକ ଚୋରି ହୋଇ ଘଟଣା ରାଜ୍ୟବାସୀଙ୍କ ମନରେ ତୀବ୍ର ଅସନ୍ତୋଷ ସୃଷ୍ଟି କରିଛି । ମହାପ୍ରଭୁଙ୍କ ସରକାର ଓ ପ୍ରଶାସନ ଖେଳନା କରି ଦେଲେଣି ବୋଲି ଅନେକ ଅଭିଯୋଗ କରିଛନ୍ତି ।

### ଜୁଲାଇ ପହିଲାରୁ...

ଏଣିକି ଆଇଆର୍‌ସିଟିସି ଏଜେଣ୍ଟମାନେ ପ୍ରଥମ ଅଧ ଘଣ୍ଟା ପାଇଁ ତତ୍କାଳ ଟିକେଟ ବୁକ୍ କରିପାରିବେନାହିଁ । ଏହି ନିୟମ ସକାଳ ୧୦ଟା ରୁ ୧୦ଟା ୩୦ ମିନିଟ୍ ପର୍ଯ୍ୟନ୍ତ ଏସି କ୍ଲାସ ପାଇଁ ଏବଂ ସକାଳ ୧୧ଟାରୁ ୧୧ ଟା ୩୦ ମିନିଟ୍‌ପର୍ଯ୍ୟନ୍ତ ଅଣ-ଏସି କ୍ଲାସ ପାଇଁ ଲାଗୁ ହେବ । ଅର୍ଥାତ୍, ଏହି ସମୟରେ ଏଜେଣ୍ଟମାନେ ତତକାଳ ଟିକେଟ୍ ବୁକ୍ କରିପାରିବେ ନାହିଁ ।

---

**OFFICE OF THE PRINCIPAL**
**Eklavya Model Residential School, Nuapada**
(A unit of NESTS) Ministry of Tribal Affairs Govt. Of India
(Affiliated To CBSE, Delhi, Affiliation No. 1520009 & School No- 17097)
At – Sakhatara ,Po- Maulibhatta Ps-Nuapada, Dist- Nuapada, 766105 (Odisha)
Email id: - emrs.nuapada@gmail.com

*Letter no: - EMRS / NPD/ OFF/ 132 /2025-26* — */Date: -24.06.2025*

**SHORT TENDER CALL NOTICE**

Sealed Short Tenders are invited from the Registered and reputed firms/dealers/wholesale suppliers for urgent requirement of "Grocery ***items, Vegetable Items, Non-Vegetarian Items, Sweet Milk Paneer Bread Fruits Items & Hair Cutting*** " for our School for the Academic year 2025- 2026. They are intimated to deposit sealed quotations in the concerned format Physically /send through regd. or speed post only. The Tender forms with other particulars and format can be obtained from the office of the Principal, Ekalavya Model Residential School, Nuapada from 08.00 am to 02.00 pm on all working days w.e.f **25.06.2025 to 08.07.2025** on payment of Rs. 300/- (Non-Refundable) in cash or bank draft. It can be downloaded from Nuapada District Web Site i.e **nuapada.odisha.gov.in** Those who want to down load the tender forms from the website should enclose a Demand Draft/Pay Order for Rs. 300/- in favour of Principal EMRS Nuapada payable at Nuapada in any nationalized Bank along with each tender form towards its bid processing fees. **Sealed envelopes for both Technical bid and Financial bid should be submitted for each item separately with marked above the envelop.** The Tenders completed in all respects along with requisite Earnest Money (EMD) to be must deposit in shape of only TDR pledged in favour of Principal, EMRS Nuapada payable at Nuapada on or before 08.07.2025 by 02.00 PM by Physically / Speed & Registered Post only.

The Sealed Tenders will be opened on **09th, July'2025 (Wednesday) at 10.00 AM** in presence of Purchase Advisory Sub Committee at office Chamber of Principal EMRS Nuapada. The Chairman of the Committee reserves the right to accept or reject one or all tenders partly or wholly without assigning any reason there of. It may be noted that if any administrative exigencies occur, tenders opening date may be changed.

**Principal i/c , EMRS, Nuapada**

---

**UNITY** Small Finance Bank

**ୟୁନିଟି ସ୍ମଲ୍ ଫାଇନାନ୍ସ ବ୍ୟାଙ୍କ ଲିମିଟେଡ୍**
ପଞ୍ଜିକୃତ କାର୍ଯ୍ୟାଳୟ: ବସନ୍ତ ଲୋକ, ବସନ୍ତ ବିହାର, ନୂଆଦିଲ୍ଲୀ-110057
କର୍ପୋରେଟ୍ କାର୍ଯ୍ୟାଳୟ: ସେଣ୍ଟ୍ରମ୍ ହାଉସ୍, ବିଦ୍ୟାନଗରୀ ମାର୍ଗ, କଳିନା, ସାନ୍ତାକ୍ରୁଜ (E), ମୁମ୍ବାଇ–400098

**ଡିମାଣ୍ଡ ନୋଟିସ୍**
ଧାରା 13 (2) ଅନୁସାରେ

**ସିକ୍ୟୁରିଟାଇଜେସନ୍ ଆଣ୍ଡ ରିକନଷ୍ଟ୍ରକ୍ସନ ଅଫ୍ ଫାଇନାନସିଆଲ ଆସେଟସ୍ ଆଣ୍ଡ ଏନଫୋର୍ସମେଣ୍ଟ ଅଫ୍ ସିକ୍ୟୁରିଟି ଇଣ୍ଟରେଷ୍ଟ ଆକ୍ଟ, ୨୦୦୨ (ଆକ୍ଟ) ଏବଂ ସିକ୍ୟୁରିଟି ଇଣ୍ଟରେଷ୍ଟ (ଏନଫୋର୍ସମେଣ୍ଟ) ରୁଲ୍ସ, ୨୦୦୨ (ରୁଲ୍ସ)**

ନିମ୍ନଲିଖିତ ବ୍ୟକ୍ତି ୟୁନିଟି ସ୍ମଲ ଫାଇନାନ୍ସ ବ୍ୟାଙ୍କ ଲିମିଟେଡ୍ ("ବ୍ୟାଙ୍କ") ର ଅଧିକୃତ ଅଧିକାରୀ ଦ୍ୱାରା ଆଇନ ଅନୁଯାୟୀ ଏବଂ ଆଇନର ଧାରା 13(12) ଅନୁସାରେ ପ୍ରଦତ୍ତ ଅଧିକାର ବ୍ୟବହାର କରି, ନିୟମ 3 ସହିତ ଧାରା 13(2) ଅନୁସାରେ ନିମ୍ନଲିଖିତ ଋଣଗ୍ରହୀଙ୍କୁ ସମ୍ବନ୍ଧିତ ନୋଟିସରେ ଉଲ୍ଲେଖିତ ଅର୍ଥ ନୋଟିସ ପ୍ରାପ୍ତିର ୬୦ ଦିନ ମଧ୍ୟରେ ପରିଶୋଧ କରିବାକୁ ଡିମାଣ୍ଡ ନୋଟିସ ଜାରି କରିଛନ୍ତି । । ଯେହେତୁ କେତେକ ନୋଟିସ ଡାକ ମାର୍ଗରେ ପହଞ୍ଚାଇ ନଥିବା ମନ୍ତବ୍ୟ ଅନୁଯାୟୀ ପ୍ରାପ୍ତ ହୋଇନାହିଁ, ତେଣୁ ନୋଟିସଗୁଡ଼ିକୁ ଋଣଗ୍ରହୀଙ୍କୁ ବିକଳ୍ପ ସେବା ଅର୍ଥାତ୍ ଖବରକାଗଜ ମାଧ୍ୟମରେ ପ୍ରକାଶ କରାଗଲା ।

| | | |
|---|---|---|
| ୦୧ | ଋଣଗ୍ରହୀ(ଙ୍କ) ନାମ:<br>1) ସତ୍ୟସାଇ ଏଜେନ୍ସି (ଋଣଗ୍ରହୀ ଏବଂ ବନ୍ଧକଦାତା)<br>2) ସରୋଜିନୀ ଶତପଥୀ (ସହ-ଋଣଗ୍ରହୀ ଏବଂ ବନ୍ଧକଦାତା)<br>3) ସତ୍ୟସାଇ ଶତପଥୀ (ସହ-ଋଣଗ୍ରହୀ ଏବଂ ବନ୍ଧକଦାତା)<br>ମଞ୍ଜୁରୀ ତାରିଖ: ୦୬/୦୮/୨୦୨୪<br>ଋଣ ଖାତା ନମ୍ବର: USFBBHUMSME000002800<br>ଋଣ ରାଶି: ଟ.୫୦,୦୦,୦୦୦.୦୦/-<br>ଏନପିଏ ତାରିଖ: ୦୨/୦୬/୨୦୨୫<br>ଡିମାଣ୍ଡ ନୋଟିସ ତାରିଖ: ୦୯/୦୬/୨୦୨୫<br>(୦୯/୦୬/୨୦୨୫ରେ ପଠାଯାଇଛି)<br>ଡିମାଣ୍ଡ ନୋଟିସ ରାଶି: ୦୬.୦୬.୨୦୨୫ ସୁଦ୍ଧା ଟ.୫୨,୯୦,୦୪୯.୭୦/- ଏବଂ ସୁଧ ଓ ଅନ୍ୟାନ୍ୟ ଖର୍ଚ୍ଚ | ସମ୍ପତ୍ତିର ବିବରଣୀ: ଖାତା ନଂ. ୪୭୬/୨୫୩୪, ପ୍ଲଟ୍-୨୦୬୩/୩୪୭୧, ସହଦେବଖୁଣ୍ଟା, ବାଲେଶ୍ୱର-୭୫୬୦୦୧<br>ସମ୍ପତ୍ତିର ସୀମା (ବନ୍ଧକ/ବିକ୍ରୟ ଦଲିଲ ଅନୁଯାୟୀ):<br>ପୂର୍ବ: ସରକାରୀ ରାସ୍ତା<br>ପଶ୍ଚିମ: ସରକାରୀ ରାସ୍ତା<br>ଉତ୍ତର: ହରି ହର ନାୟକ<br>ଦକ୍ଷିଣ: ପ୍ଲଟ୍ ନଂ. - ୨୦୬୪ |
| ୦୨ | ଋଣଗ୍ରହୀଙ୍କ ନାମ:<br>1) ଭୂପତି ଚରଣ ପ୍ରଧାନ (ଋଣଗ୍ରହୀ)<br>2) ଦେବକୀ ପ୍ରଧାନ (ସହ-ଋଣଗ୍ରହୀ ଏବଂ ବନ୍ଧକକାରୀ)<br>ମଞ୍ଜୁରୀ ତାରିଖ: ୨୩/୦୮/୨୦୨୪<br>ଋଣ ଖାତା ନମ୍ବର: USFBBHUMSME000003127<br>ଋଣର ପରିମାଣ: ₹୨୪,୦୦,୦୦୦.୦୦/-<br>ଏନପିଏ ତାରିଖ: ୦୨/୦୬/୨୦୨୫<br>ଦାବି ନୋଟିସ୍ ତାରିଖ: ୧୭/୦୬/୨୦୨୫<br>(୧୮/୦୬/୨୦୨୫ରେ ପଠାଯାଇଛି)<br>ଦାବି ନୋଟିସ୍ ପରିମାଣ: ₹୨୪,୫୪,୪୩୮.୬୮/-<br>(୦୬/୦୬/୨୦୨୫ ପର୍ଯ୍ୟନ୍ତ) ଏବଂ ସୁଧ ଓ ଅନ୍ୟାନ୍ୟ ଶୁଳ୍କ | ସମସ୍ତ ସ୍ଥାବର ସମ୍ପତ୍ତିର ଅଂଶ: ଖାତା ନଂ. ୬୭୫/୨୪୨, ପ୍ଲଟ୍ ନଂ. ୧୯୫୩, ପ୍ଲଟ୍ ଏରିଆ: ଏକର ୦.୦୨୦୦ ଡେସିମାଲ ଅର୍ଥାତ୍ ୮୭୧.୨୦ ବର୍ଗଫୁଟ, କିସମ: ଘରବାରୀ, ମୌଜା: ବୋରାମରା, ଥାନା: ବାଲେଶ୍ୱର (୧୫), ତହସିଲ: ବାଲେଶ୍ୱର (୪୦୧), ଜିଲ୍ଲା: ବାଲେଶ୍ୱର, ଓଡ଼ିଶା, ଏବଂ ନିମ୍ନଲିଖିତ ସୀମା ଦ୍ୱାରା ପରିବେଷ୍ଟିତ:<br>ସୀମା (ବନ୍ଧକ/ବିକ୍ରୟ ଦଲିଲ ଅନୁଯାୟୀ):<br>ପୂର୍ବ: ରେଭେନ୍ୟୁ ପ୍ଲଟ୍ ନଂ. ୧୯୪୨<br>ପଶ୍ଚିମ: ପ୍ରାଇଭେଟ୍ ରାସ୍ତା<br>ଉତ୍ତର: ରେଭେନ୍ୟୁ ପ୍ଲଟ୍ ନଂ. ୧୯୫୩/୨୧୪୦<br>ଦକ୍ଷିଣ: ରେଭେନ୍ୟୁ ପ୍ଲଟ୍ ନଂ. ୧୯୫୫ |

ଯଦି ଉପରୋକ୍ତ ବକେୟା ପରିଶୋଧ କରିବାରେ ୬୦ (ଷାଠିଏ) ଦିନର ଅବଧି ମଧ୍ୟରେ ବିଫଳ ହୁଅନ୍ତି, ତେବେ ନିମ୍ନଲିଖିତ ସ୍ୱାକ୍ଷରକାରୀ ଆଇନ ଅନୁଯାୟୀ ଉପରୋକ୍ତ ସୁରକ୍ଷିତ ସମ୍ପତ୍ତିଗୁଡ଼ିକୁ ଏନଫୋର୍ସ କରିବାକୁ ବାଧ୍ୟ ହେବେ । ଦୟାକରି ନୋଟ୍ କରନ୍ତୁ ଯେ, ଆଇନର ଧାରା ୧୩(୧୩) ଅନୁଯାୟୀ, ଆପଣଙ୍କୁ ଏହି ସୁରକ୍ଷିତ ସମ୍ପତ୍ତିଗୁଡ଼ିକୁ ବିକ୍ରୟ, ଲିଜ୍ କିମ୍ବା ଅନ୍ୟ କୌଣସି ଉପାୟରେ ହସ୍ତାନ୍ତର କରିବାରୁ ନିଷିଦ୍ଧ କରାଯାଇଛି । ଏହି ବ୍ୟବସ୍ଥାର କୌଣସି ଉଲ୍ଲଂଘନ ଏକ ଅପରାଧ ଏବଂ ଆଇନ ଅନୁଯାୟୀ ଦଣ୍ଡନୀୟ ।
ଦାବି ନୋଟିସ୍‌ର ଏକ ପ୍ରତିଲିପି ନିମ୍ନଲିଖିତ ବ୍ୟକ୍ତିଙ୍କ ପାଖରେ ଉପଲବ୍ଧ, ଏବଂ ଋଣଗ୍ରହୀ(ମାନେ) ଚାହିଁଲେ ଯେକୌଣସି କାର୍ଯ୍ୟଦିବସରେ ସାଧାରଣ ଅଫିସ୍ ସମୟରେ ନିମ୍ନଲିଖିତ ବ୍ୟକ୍ତିଙ୍କଠାରୁ ଏହା ସଂଗ୍ରହ କରିପାରିବେ ।

ସ୍ଥାନ: ଓଡ଼ିଶା, ତାରିଖ: ୨୫.୦୬.୨୦୨୫ — ସ୍ୱା/- ଅଧିକୃତ ଅଧିକାରୀ, ୟୁନିଟି ସ୍ମଲ ଫାଇନାନ୍ସ ବ୍ୟାଙ୍କ ଲିମିଟେଡ୍

---

**OFFICE OF THE PRINCIPAL**
**MAA MARKAMA +3 COLLEGE, BISSAMCUTTACK, DIST – RAYAGADA**
**TENDER NOTICE**

Maa Markama +3 College, Bissamcuttack invites sealed Tenders for following items from the reputed agencies. The Tender document may be downloaded from our website – https://mmplus3college.in/

| Tender No | Name of the Items | Last date & time of submission of Tender form | Date & Time of opening Technical Bids | Date & Time of opening Financial Bids |
|---|---|---|---|---|
| 01/2025-26 | 6 nos of Desktop Computers and IT infrastructure | 15.07.2025, 5.00 P.M. | 18.07.2025 10.00 A.M | 18.07.2025 12.00 P.M |
| 02/2025-26 | Laboratory Equipments | 15.07.2025 4.00 P.M. | 22.07.2025 10.00 A.M | 22.07.2025 11.00 A.M |

Interested agencies may submit their sealed tenders in two bid system i.e. Technical Bid & Financial Bid as per terms & conditions of the tender documents. The filled in tender form of each item with tender fees and earnest money by Demand Draft in favour of Principal-cum-Secretary, Maa Markama +3 college, Bissamcuttack. The document should reach to the college office clearly super scribed "Tender for ........................................................".

-sd/-
Principal-cum-Secretary
Maa Markama +3 College, Bissamcuttack
Email id- mmdegreecollege@gmail.com, www.mmplus3college.in
Contact No : 9337150340/7978477560

---


**SALE**

Booking Open 2/3 BHK Flats Price Starts from 60 Lakhs BHPL KRISHNA BHARATPUR, BHPL RUDRA in front of CET College, Ghatikia, BHPL SB HOMES, Ghatikia, BHPL PNM, Satya Vihar, BHPL GRAND-4, Jagamara & Ready to move 3 BHK Flats BHPL ARYA, Ghatikia & R.J Palace, Samantarapur, Bhubaneswar.

Contact
**GADHWAL GROUP**
**Mob.: 9437015112**

**TO-LET**

Commercial Space available on rent for Shopping Mall, Bank, Office, Restaurant, Banquet Hall, Saloon & Spa, Gym, Godown, Rooftop restaurant and other purposes. Beside Vipul Gardens, Kalinga Nagar, Ghatikia, Bhubaneswar. Basement - 2755 sqft, Ground - 2191 sqft, 1st, 2nd & 3rd floor - 2757 sqft and Terrace / Rooftop - 2755 sqft. with Anandban scenery view.

**CONTACT : 6371093914**


**AFFIDAVIT**

By virtue of an affidavit sworn before Notary Public, Bhubaneswar on 10.06.2025. I Devee Rani Sasmal, residing At/Po- Narayanmohantypadia, PS- Bhograi, Dist.- Balasore declare that I have changed my minor son's name from Debaraj Jena to **Abhi Adinath**. Henceforth he shall be known as **Abhi Adinath** for all purposes.
**Sd/- Devee Rani Sasmal**

**AFFIDAVIT**

By the virtue of an affidavit sworn before Executive Magistrate, Daringibadi, Dated 24.06.2025. I KANCHANI BALIYARSINGH , D/o Mard Nayak, Address Simonbadi, Po: Simonbadi, Ps: Daringibadi, Dist : Kandhamal, State: Odisha-762104 declare that I have chaged my Name from KANJANI BALIYARSINGH to KANCHANI BALIYARSINGH. Henceforth, I shall be known as KANCHANI BALIYARSINGH for all purposes.

**AFFIDAVIT**

By virtue of an affidavit sworn before Notary Public, Bhubaneswar on 10.06.2025. I Kabita Maharana, residing At-Dhipur, Po- Gadasanapur, Ps.- Kanas, Dist.- Puri declare that I have changed my minor son's name from Asribada Maharana to **Ashirbad Maharana**. Henceforth he shall be known as **Ashirbad Maharana** for all purposes.
**Sd/- Kabita Maharana**

**AFFIDAVIT**

By virtue of an affidavit sworn before Notary Public, Bhubaneswar on 10.06.2025. I Namita Das, residing At-Palligumula, Po- Bada Kusthali, Ps- Gopalpur, Dist.- Ganjam declare that I have changed my minor daughter's name from Abhi Das to **Ankita Das**. Henceforth she shall be known as **Ankita Das** for all purposes.
**Sd/- Namita Das**

**AFFIDAVIT**

I, Suparna Subhadarshana, D/o- Jugansu Sekhar Panda, aged about 23 years, resident of Plot No. 291, Kalyani Nagar, Patrapada, Bhubaneswar, Dist- Khurda, PIN- 751019, Odisha declared by this affidavit No. 79, dtd-23/06/2025 that now onwards I shall be known as **SUPARNA SUBHADARSHANA PANDA** for all future purposes.

**AFFIDAVIT**

By virtue of an affidavit sworn before Notary Public, Bhubaneswar on 10.06.2025. I Snehalata Malik, residing At-Bhabanipur, Po- Balibili, Ps- Bari Ramachandrapur, Dist.- Jajpur declare that I have changed my name from Rima Jardar to **Snehalata Malik**. Henceforth he shall be known as **Snehalata Malik** for all purposes.
**Sd/- Snehalata Malik**

**NOTICE**

By virtue of an affidavit sworn before the Executive Magistrate/Notary Public M. Rampur, Kalahandi dated 24.06.2025 I, Prasanta Seth Address At/Po - M. Rampur, Ps - M. Rampur, Dist – Kalahandi, Odisha, 766102 declare that I have changed changed the name of my son Sahan Seth to Bhojraj Seth. Henceforth, He shall be known as **Bhojraj Seth** for all purposes.

**AFFIDAVIT**

By virtue of an affidavit Sl. No. 31, dtd. 23.06.2025 in the court of the Tahasildar-cum-Executive Magistrate, Phiringia, Dist.- Kandhamal, I, Namita Kanhar, have changed my minor daughter's name from Sakhina Kanhar to Urbi Kanhar. Henceforth she will be known as **Urbi Kanhar** for all purposes.
**Sd/- Namita Kanhar**

**AFFIDAVIT**

By the virtue of an affidavit sworn before the court of Executive Magistrate, Bhapur, Nayagarh, I, **BIBEKANANDA DAS** At-Nandabar, PO- Karabar, Dist - Nayagarh wants to change my name from **Babul Kumar Das** to **Bibekananda Das** for all purposes.

**AFFIDAVIT**

I, Kanduri Sahoo, S/o- Late Arta Sahoo, aged about 65 years, At-Baligoradi, Post- Biranarasinghapur, Ps.- Chandanpur, Dist.- Puri, Odisha have lost my original Sale deed (vide Regd. No.397 dtd. 07.02.1986, at D.S.R. Puri) at Chandanpur market area. I wish to creat mortgage on the said property for availing home loan from SBI, Station Bazar branch, Puri. Centre code- 7886. If anybody has found the same sale deed please return the original document to SBI, Station Bazar branch, Puri or contact me on mobile no. 9861085826.

**AFFIDAVIT**

By virtue of an affidavit before Notary Public, Jeypore, Dist.- Koraput, No.2186 dtd.14.05.2025 I, Sri Janta Nag, S/o- Late Harischandra Nag, resident of Vill.- Mokaput, Po.- Umuri, Ps.- Jeypore Sadar, Dist.- Koraput, Odisha, declare that, my son's actual name is **Suroj Nag** but in his Aadhaar Card his name has been mentioned as **Rishi Nag**. Hence **Suroj Nag** and **Rishi Nag** is one and same person.

**AFFIDAVIT**

By virtue of an affidavit sworn before Notary Public, Bhubaneswar on 10.06.2025. I Suchitra Mallik, residing At-Paripada, Po- Uttarkulhat, Ps-Alakunda, Dist- Jajpur declare that I have changed my minor son's name from Rohit Kumar Mallik to **Rohit Mallik**. Henceforth he shall be known as **Rohit Mallik** for all purposes.
**Sd/- Suchitra Mallik**

**AFFIDAVIT**

By virtue of an affidavit sworn before the Executive Magistrate, Cuttack. I, **Nikita Singhania,** age 36 years, D/o- Jay Kumar Jain, W/o- Chandan Singhania, resident of Jarda Compound, Kanika Chhak, Po-Tulasipur, Ps- Lalbag, Dist-Cuttack, Odisha vide Aadhar No- 8001 8737 1002. Prior to my marriage I was named as **Nikita Jain** which has been reflected my passport No. M2971092. After my marriage I have changed my surname from **Jain** to **Singhania**. Henceforth, both name **Nikita Singhania** and **Nikita Jain** is one same person she will be known as **Nikita Singhania** for all future purposes.
**Nikita Singhania**

**AFFIDAVIT**

I, Anuska Satpathy, D/o- Sanjeeb Kumar Satpathy, resident of Lane-4, Gandhinagar, Po-Balangir, Dist-Balangir, Odisha declare by this affidavit No. 527, dated-24/06/2024 that now onwards I shall be known as **ANUSHKA SATPATHY** for all future purposes.

**AFFIDAVIT**

By virtue of an Affidavit No. 407, Dt. 24.06.25 sworn before the Executive Magistrate, BISOI, I Sri Karamchand Patra, S/o - Prafulla Patra of village - Dhendgan, Po - Ekdali, P.S - Jharpokharia, Dist - Mayurbhanj declared that in Aadhar Card bearing No:- 5326 2016 9863 my son name has been wrongly written "MANASH PATRA" instead of "MANAS PATRA". That both the name as MANASH PATRA and MANAS PATRA are same and one person. That the purpose of this affidavit is to be produced before the concerned authority to correction of my son name as "MANAS PATRA" and father name as "KARAMCHAND PATRA" for future reference.
**Karamchand Patra**

**AFFIDAVIT**

By virtue of an affidavit before the Executive Magistrate, Angul on dated-09/06/2025. I, **Mulaveesala Venkata Sujatha,** W/o- Pandellapalli Sravan, resident of 48-12-7/28 Manasa Apartments, Srinagar, Visakhapatnam (Urban), Andhrapradesh-530016, at present QTR No. TC-24, PO/PS- Nalco Nagar, Dist- Angul, odisha have changed my minor daughter's name from **P. Medha Prapurna To Pandellapalli Venkata Medha Prapurna** in Sukanya Samridhi Yojana of postal bearing A/C No. 6120239157. Henceforth, she shall be known as **Pandellapalli Venkata Medha Prapurna** for all future purposes.
**Mulaveesala Venkata Sujatha**

---

**M/s. L.K. ASSOCIATES, KORAPUT**
BRANCH OFFICE: SHIVA SHAKTI NAGAR, WARD NO.7,
GOTMA, KHARIAR ROAD, DIST.-NUAPADA, ODISHA, PIN-766104

**ENGAGEMENT OF MANPOWER FOR 'FOREST RIGHT CELL' UNDER DA-JGUA NEWLY CONSTITUTED FR CELL AT THE OFFICE OF SUB-COLLECTOR, NUAPADA THROUGH OUTSOURCING.**
No. 215 / MSLK / 06 / 2025 / Date: 23.06.2025

Applications are invited with complete Bio-data in the relevant field from intending eligible persons of Nuapada District for engagement of Cell Co-ordinator and MIS Assistant for setting up FRA Cell (Dharti Aaba Units) under DA-JGUA (Forest Right Cells) on "outsourcing" basis in the Sub-Collector Office, Nuapada by 04.07.2025. Applicants can log on www.nuapada.gov.in for details of vacancy, eligibility criteria, age, remuneration, application forms & other terms and conditions. The application will be received through Speed Post / Regd. Post / Courier Service in the above Khariar Road Branch Office address. The engagement is co-terminus with the scheme. The applications received after the schedule date shall be rejected.

| Sl. No. | Position | Remuneration | No. of Vacancy | Educational Qualification | Experience |
|---|---|---|---|---|---|
| 01 | Cell Co-ordinator (Sub-Collector Office, Nuapada) | Rs.35,000/- per month (inclusive of all taxes) | 01 | Graduate. Master degree will be preferred. | Minimum 2-3 years of experience in NGO/Social Sector Projects & with Govt project will be preferred for the position under the scheme. |
| 02 | MIS Assistant (Sub-Collector Office, Nuapada) | Rs.25,000/- per month (inclusive of all taxes) | 01 | Graduate with PGDCA. Master degree will be preferred. | 2 years of experience in data entry and large scale database management in any reputed Govt / Private agency & MS Office, Excel & Internet. |

**NB: Language and competency:**
* Fluency in oral and written communication in Odia and English is a mandatory requirement

**Nature of Engagement:**
* Mode of engagement will be completely contractual and on temporary basis. The contract agreement will be for a period of one year & can be terminated by either of the party with one month prior notice or remuneration in lieu. Initial agreement will be for 06 months.
* **Selection will be made on merit basis & computer test.**
* **Candidates are required to bring all original Certificates/ documents for verification on 05.07.2025 at 10.00 AM**


**Date of interview: 05.07.2025 at 11.00 AM in the office of the District Welfare Officer, Nuapada.**
**For details contact Mobile No. 7328882121 / 7894384569**

Sd/- Director
M/s. L.K.Associates, Koraput

## ଗ୍ରାମ ଉନ୍ନୟନ ବିଭାଗ ନିରବଦ୍ରଷ୍ଟା

# ନାହିଁ ସୂଚନାଫଳକ, ଠିକାଦାର ମର୍ଜିରେ ରାସ୍ତା କାର୍ଯ୍ୟ

ନିଶ୍ଚିନ୍ତକୋଇଲି, ୨୪।୬(ସମିସ)



ନିଶ୍ଚିନ୍ତକୋଇଲି ଗ୍ରାମ ଉନ୍ନୟନ ବିଭାଗ ଅଧୀନରେ ନିର୍ମାଣ କାର୍ଯ୍ୟ ଚାଲିଥିବା ୮-ଏ (୨) କେନାଲ ବନ୍ଧ ରାସ୍ତା ଅବସ୍ଥା ଏବେ ଅତ୍ୟନ୍ତ ଶୋଚନୀୟ ହୋଇପଡିଛି। ଦୀର୍ଘ ଦିନ ହେବ ଏହି ରାସ୍ତାର ଉନ୍ନତିକରଣ କାର୍ଯ୍ୟ ଆରମ୍ଭ କରାଯାଇଥିଲେ ମଧ୍ୟ ଠିକାଦାର ଏହାକୁ ଅତ୍ୟନ୍ତ ମନ୍ଥର ଗତିରେ କରୁଛନ୍ତି। ପ୍ରଥମେ ଏହି କେନାଲବନ୍ଧ ରାସ୍ତାକୁ ଓସାରିଆ କରିବା ପାଇଁ ପାଶ୍ୱର୍ରେ ସୁରକ୍ଷା ପାଚେରି ନିର୍ମାଣ କରି ସେଥିରେ ମାଟି ପକାଇ ରଖିଥିବା ବେଳେ ଜେସିବି ଦ୍ୱାରା କେନାଲ ବନ୍ଧକୁ ତାଡି ଦେଇଛି। ଏହି ରାସ୍ତାର ଦୁଇ ପାଶ୍ୱର୍ରେ ମାଟି ଗଦା କରି ରଖିଥିବା ବେଳେ ଝିପିଝିପି ବର୍ଷାରେ ଏହାର ଅବସ୍ଥା ବେହାଲ ହୋଇପଡିଛି। ଫଳରେ ଏହି ରାସ୍ତା ଦେଇ ଯାତାୟାତ କରିବା ସମ୍ଭବ ହେଉନାହିଁ। ବିଶେଷ କରି ଜହ୍ନିଆଠାରୁ ଆରମ୍ଭ କରି ମାତକତପୁର, ମହାଜନପୁର ଓ ଛୁଆଳିଆ ଗ୍ରାମବାସୀମାନେ ବିଭିନ୍ନ ସ୍ଥାନକୁ ଯାତାୟାତ ପାଇଁ ଏହି ରାସ୍ତା ଉପରେ ନିର୍ଭର କରୁଥିବା ବେଳେ ବର୍ତ୍ତମାନର ରାସ୍ତା ଅବସ୍ଥା ଏଭଳି ହୋଇ ପଡିରହିଛି ଯେ କି ଏଥିରେ ସାଇକଲରେ ଯିବା ତ ଦୂରର କଥା ପାଦରେ ଚାଲି ଚାଲି ଯିବା ସମ୍ଭବ ନୁହଁ। ଏହି ରାସ୍ତା ଦେଇ ସ୍ଥାନୀୟ ଅଞ୍ଚଳର ଲୋକମାନେ ଯାତାୟାତ ପାଇଁ ହୀନସ୍ତା ହେଉଥିଲା ବେଳେ ଏହାକୁ କିଭଳି ଯାତାୟାତ ଉପଯୋଗୀ କରାଯିବ ସେ ନେଇ ଗ୍ରାମ ଉନ୍ନୟନ ବିଭାଗର କନିଷ୍ଠଯନ୍ତ୍ରୀ ଓ ସହକାରୀ ନିର୍ବାହୀ ଯନ୍ତ୍ରୀଙ୍କୁ ବାରମ୍ବାର ଅଭିଯୋଗ କରିବା, ଟେଲିଫୋନ୍ ଯୋଗେ ଜଣାଇବା ଓ ରାସ୍ତାର ଫଟୋ ଉଠାଇ ଯନ୍ତ୍ରୀଙ୍କ ନିକଟକୁ ପଠାଇଥିଲେ ମଧ୍ୟ ଗ୍ରାମ ଉନ୍ନୟନ ବିଭାଗ ଚୁପ୍ ହୋଇ ବସିଛି। ଉକ୍ତ କେନାଲ ବନ୍ଧ ପାଶ୍ୱର୍ରେ ନିର୍ମାଣ କରାଯାଇଥିବା ସୁରକ୍ଷା ପାଚେରୀ କାର୍ଯ୍ୟ ମଧ୍ୟ ଅତ୍ୟନ୍ତ ନିମ୍ନମାନର ହୋଇଥିବାରୁ ଏହା କେତେବେଳେ ଯେ ଭୁଶୁଡିବ ସେ ନେଇ ଆଶଙ୍କା ସୃଷ୍ଟି ହୋଇଛି। ଗ୍ରାମ ଉନ୍ନୟନ ବିଭାଗ ପକ୍ଷରୁ ନିର୍ମାଣ କରାଯାଉଥିବା ଏହି ରାସ୍ତା ପାଇଁ ଅନୁଦାନ କେତେ ଆସିଛି, ଏଥିରେ କେତେ ଅଂଶ ପିଚୁ ଓ କେତେ ଅଂଶ ଢଳେଇ କରାଯିବ, ରାସ୍ତା କାର୍ଯ୍ୟ ଆରମ୍ଭ କେବେ ଓ ଶେଷ କେବେ ହେବ ସେ ନେଇ କୌଣସି ସୂଚନାଫଳକ ଲଗାଯାଇ ନ ଥିବାରୁ ଲୋକମାନେ କିଛି ନ ଜାଣିପାରି ଅନ୍ଧାରରେ ରହିଥିବା ଅଭିଯୋଗ କରିଛନ୍ତି। ଗ୍ରାମ ଉନ୍ନୟନ ବିଭାଗର ଅଧିକାରୀ ଓ ଠିକାଦାରଙ୍କ ମଧ୍ୟରେ ସଲାସୁତୁରାରେ ଏହି ରାସ୍ତା କାର୍ଯ୍ୟ ଚାଲିଥିବାରୁ ଝିପିଝିପି ବର୍ଷାରେ ରାସ୍ତାର ଅବସ୍ଥା ଏଭଳି ହୋଇଥିବା ଦେଖାଯାଇଛି। ରାସ୍ତାର ଉନ୍ନତିକରଣ କାର୍ଯ୍ୟ ଚାଲିଥିଲା ବେଳେ ବି ଠିକାଦାର ଲୋକମାନଙ୍କର ଯାତାୟାତ ପାଇଁ ସୁବିଧା କରିବା କଥା; ହେଲେ ଏହି ରାସ୍ତାର ନିର୍ମାଣ କାର୍ଯ୍ୟ ଠିକାଦାର ମର୍ଜିରେ ଚାଲିଥିବାରୁ ଲୋକମାନଙ୍କର ଯାତାୟାତ ପାଇଁ କୌଣସି ସୁବିଧା କରାଯାଇ ନାହିଁ। ଅପରପକ୍ଷରେ ଠିକାଦାର ମନମୁଖୀ ଭାବେ ୪/୫ ଦିନ ରାସ୍ତା ନିର୍ମାଣ କାର୍ଯ୍ୟ କରିଦେଇ କେଉଁଆଡେ ଉଭାନ ହୋଇଯାଉଛି ପୁଣି ସପ୍ତାହକ ପରେ ଆସି କାର୍ଯ୍ୟ କରୁଥିବା ଦେଖିବାକୁ ମିଳୁଛି। ଏଭଳି ହେବା ଦ୍ୱାରା ଲୋକମାନେ କିଭଳି ଚଳପ୍ରଚଳ ହେବେ ସେ ନେଇ ସମସ୍ୟାରେ ପଡିଛନ୍ତି। ତୁରନ୍ତ ଏହି କେନାଲବନ୍ଧ ରାସ୍ତାର ଛୁଆଳିଆଠାରୁ ଜହ୍ନିଆ ପର୍ଯ୍ୟନ୍ତ ଯାତାୟାତ ଉପଯୋଗୀ କରିବା ପାଇଁ ସାଧାରଣରେ ଦାବି ହେଉଛି।

## ନବୀନଙ୍କ ଆରୋଗ୍ୟ କାମନା କରି ବିଜେଡି ସଂଖ୍ୟାଲଘୁ ସେଲ୍ ପକ୍ଷରୁ ପ୍ରାର୍ଥନା



ଭଦ୍ରେଶ୍ୱର,୨୪।୬(ସମିସ): ରାଜ୍ୟ ବିଜେଡି ସଭାପତି ତଥା ପ୍ରାକ୍ତନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ ଆରୋଗ୍ୟ କାମନା କରି ମାହାଙ୍ଗା ବ୍ଲକ ବିଜେଡି ସଂଖ୍ୟାଲଘୁ ସେଲ ପକ୍ଷରୁ ସ୍ଥାନୀୟ ମଦ୍ରାସାରେ ଦୁଆ କରାଯାଇଛି। ଏହି ଅବସରରେ ମାହାଙ୍ଗା ବ୍ଲକ ଭଉଁରିଆ ଗ୍ରାମପଞ୍ଚାୟତ ବିଜେଡି ସଂଖ୍ୟାଲଘୁ ସେଲ ପକ୍ଷରୁ ଆଲ୍ଲାଙ୍କ ନିକଟରେ ଦୁଆ କରାଯାଇଥିଲା। ପୂର୍ବତନ ମନ୍ତ୍ରୀ ତଥା ପ୍ରାକ୍ତନ ବିଧାୟକ ପ୍ରତାପ ଜେନାଙ୍କ ପରାମର୍ଶକ୍ରମେ ସମିତି ସଭ୍ୟାଙ୍କ ପ୍ରତିନିଧି ସେକ ନାସିରୁଦ୍ଦିନଙ୍କ ନେତୃତ୍ୱରେ ସ୍ଥାନୀୟ ରାମକାପୁର ମସଜିଦ ନିକଟରେ ଏହି ଦୁଆ କରାଯାଇଥିଲା। ଏଥିରେ ସମିତିସଭ୍ୟା ସବିନା ଖାନ, ସରପଞ୍ଚଙ୍କ ପ୍ରତିନିଧି ପ୍ରଭାକର ରାଉତ, ସେଖ କୟୁମ ଅଲ୍ଲୀ, ସେକ ମୋତିଭୋର ରସୁଲ, ହାପିଜ ଫିରୋଜୁଦ୍ଦିନ, ଅନୱର ଅଲ୍ଲୀ, ହବିବୁର ରହମାନ, ସେକ ଅବଦୁଲ ଅଜିଜ ପ୍ରମୁଖ ଏଥିରେ ଅଂଶଗ୍ରହଣ କରିଥିଲେ। ହାପିଜ ଓଲିଉଲ୍ଲା ଦୁଆ ପାଠ କରି ନବୀନଙ୍କ ଆରୋଗ୍ୟ କାମନା କରିଥିଲେ।

## ବିଜେପି କର୍ମୀଙ୍କ ହିଂସା ଆଚରଣକୁ ବିଜେଡିର ନିନ୍ଦା



ଆଠଗଡ଼,୨୪।୬(ସମିସ): ମଙ୍ଗଳବାର ଆଠଗଡ ପଞ୍ଚାୟତ ସମିତିର ଏକ ବୈଠକ ସମିତି ସଭା ଗୃହରେ ଅନୁଷ୍ଠିତ ହେବାର କାର୍ଯ୍ୟକ୍ରମ ଥିଲା। ଏହି ବୈଠକରେ ସମସ୍ତ ସରପଞ୍ଚ, ସମିତିସଭ୍ୟ/ସଭ୍ୟା, ଜିଲ୍ଲା ପରିଷଦ ସଭ୍ୟ/ସଭ୍ୟା ଓ ଆଠଗଡ ବିଧାୟକ ରଣେନ୍ଦ୍ରପ୍ରତାପ ସ୍ୱାଇଁଙ୍କ ଯୋଗଦେବାର କାର୍ଯ୍ୟକ୍ରମ ଥିଲା। ବୈଠକ ଆରମ୍ଭ ପୂର୍ବର ବିଜେପିର ୫୦୦ରୁ ଉର୍ଦ୍ଧ୍ୱ କର୍ମୀ ଓ କାର୍ଯ୍ୟକର୍ତ୍ତା ସମିତି ପ୍ରବେଶ ଦ୍ୱାର ସାମ୍ନାରେ ଘେରଉ କରି ବିଧାୟକଙ୍କ ବିରୋଧରେ ନାରାବାଜି କରିଥିଲେ। ନିର୍ବାଚିତ ପ୍ରତିନିଧିଙ୍କୁ ପ୍ରବେଶ କରିବାରେ ବାଧା ଦେବାକୁ ଉଦ୍ୟମ କରିଥିଲେ। ପୁଲିସ ବିଧାୟକ ଓ ସମସ୍ତ ପଞ୍ଚାୟତ ସମିତି ସଦସ୍ୟଙ୍କୁ କାର୍ଯ୍ୟାଳୟକୁ ଯିବାକୁ ଦେବା ପାଇଁ ଉଦ୍ୟମ କରିବା ବେଳେ ବିଜେପି କର୍ମୀମାନେ ହିଂସାତ୍ମକ ହୋଇ ପ୍ରଥମେ ଅଣ୍ଡା ଓ ପରେ ଢେଲା ମାଡ଼ କରିଥିଲେ। ଯଦ୍ୱାରା କିଛି ପୁଲିସ କର୍ମଚାରୀ ଗୁରୁତର ଆହତ ହୋଇ ଚିକିତ୍ସା ପାଇଁ ହସ୍ପିଟାଲରେ ଭର୍ତ୍ତି ହୋଇଛନ୍ତି। ବିଜେପି କର୍ମୀଙ୍କ ଏହି ହିଂସା ଆଚରଣକୁ ବିଜେଡି ନେତାମାନେ ନିନ୍ଦା କରିବା ସଙ୍ଗେ ସଙ୍ଗେ ଏଭଳି ବେଆଇନ ହିଂସାତ୍ମକ କାର୍ଯ୍ୟକୁ ପ୍ରୋତ୍ସାହିତ କରିଥିବା ବିଜେପି ପ୍ରାର୍ଥୀ ଅଭୟ ବାରିକଙ୍କୁ ଗିରଫ କରିବାକୁ ଦାବି କରିଥିଲେ। ସରକାରୀ ଦଳ ବିରୋଧୀ ଦଳ ବିରୋଧରେ ଆନ୍ଦୋଳନ କରିବା ନଜିର ନାହିଁ। ବିଭିନ୍ନ ଜନ କଲ୍ୟାଣ ଯୋଜନାଗୁଡ଼ିକୁ ରୋକିବା ଉଦ୍ଦେଶ୍ୟରେ ସମିତି ବୈଠକକୁ ରୋକିବାକୁ ବିଜେପି ନେତାଙ୍କ ହୀନ ଉଦ୍ୟମକୁ ବିଜେଡ଼ି ନେତାମାନେ ନିନ୍ଦା କରିଥିଲେ। ଆହତ ପୁଲିସ କର୍ମଚାରୀଙ୍କ ଆଶୁ ଆରୋଗ୍ୟ କାମନା କରିଥିଲେ ବିଜେଡି ନେତା। ଏହି ସାମ୍ବାଦିକ ସମ୍ମିଳନୀରେ ଆଠଗଡ ପଞ୍ଚାୟତ ସମିତି ଅଧ୍ୟକ୍ଷା ମୀନତି ଆଚାର୍ଯ୍ୟ, ଜିଲ୍ଲାପରିଷଦ ସଭ୍ୟ ବଳଭଦ୍ର ବାଘ, ମୀନତି ଗାଗରାଇ ଓ ଶାନ୍ତିଲତା ବେହେରା ପ୍ରମୁଖ ଉପସ୍ଥିତ ଥିଲେ।

## ରୋଗ ନିରାକରଣ ଓ ସ୍ୱାସ୍ଥ୍ୟ ସଚେତନତା

ନିଶ୍ଚିନ୍ତକୋଇଲି, ୨୪।୬(ସମିସ): ନିଶ୍ଚିନ୍ତକୋଇଲି ବ୍ଲକ ତରତଠାରେ ଥିବା ମା' ହରଚଣ୍ଡୀ ବରିଷ୍ଠ ନାଗରିକ ମଞ୍ଚ ପକ୍ଷରୁ କାର୍ଯ୍ୟାଳୟ ପରିସରରେ ଏକ ରୋଗ ନିରାକରଣ ଓ ସ୍ୱାସ୍ଥ୍ୟ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି। ନାଗରିକ ମଞ୍ଚର ସଭାପତି ଶରତଚନ୍ଦ୍ର ଦାଶଙ୍କ ସଂଯୋଜନାରେ ଏଥିରେ ମୁଖ୍ୟଅତିଥି ଭାବେ କଟକ ଏସ୍‌ସିବି ମେଡିକାଲ କଲେଜ ଓ ହସପିଟାଲର ପ୍ରାକ୍ତନ ସୁପରିଣ୍ଟେଣ୍ଡେଣ୍ଟ ତଥା ନ୍ୟୁରୋ ସର୍ଜରୀ ବିଭାଗୀୟ ମୁଖ୍ୟ ପ୍ରଫେସର ଡ. ସୁଧାଂଶୁ ଶେଖର ମିଶ୍ର, ମୁଖ୍ୟବକ୍ତା ଭାବେ ଓରତି ପ୍ରାଥମିକ ସ୍ୱାସ୍ଥ୍ୟକେନ୍ଦ୍ରର ମୁଖ୍ୟ ଚିକିତ୍ସାଧିକାରୀ ଡା. ପ୍ରଣବ କିଶୋର ବିଶ୍ୱାଳ, ସମ୍ମାନିତ ଅତିଥି ଭାବେ ଅଧ୍ୟାପକ ସୁଧୀର କୁମାର ଦାସ, ପରିବେଶବିତ୍ ପରିକ୍ଷୀତ ନାୟକ, ପ୍ରକୃତିବନ୍ଧୁ ନିରଞ୍ଜନ ସାହୁ ପ୍ରମୁଖ ଜନସଚେତନତା ସୃଷ୍ଟି କରିଥିଲେ। ବିଶେଷ କରି ରାସାୟନିକ ସାର ବର୍ଜନ କରି ଜୈବିକ ସାର ପ୍ରୟୋଗ କରିବା ଓ ପରିବେଶ ସୁରକ୍ଷା ପ୍ରତି ଗୁରୁତ୍ୱ ଦେଲେ ନାଗରିକମାନଙ୍କ ସ୍ୱାସ୍ଥ୍ୟ ଭଲ ରହିବ ବୋଲି ମତ ପ୍ରକାଶ କରିଥିଲେ। ପ୍ରାରମ୍ଭରେ ଅଜୟ କୁମାର ମଲ୍ଲ କାର୍ଯ୍ୟକ୍ରମର ଆଭିମୁଖ୍ୟ ସଂକ୍ରାନ୍ତରେ ଆଲୋକପାତ କରିଥିବା ବେଳେ ଦେବବ୍ରତ ପଣ୍ଡା ଅତିଥି ପରିଚୟପ୍ରଦାନକରିଥିଲେ। ଏହିଅବସରରେ ସ୍ୱାସ୍ଥ୍ୟ ସଚେତନତା ଓ ରୋଗ ନିରାକରଣ ସଂକ୍ରାନ୍ତ ଏକ ପ୍ରଚାରପତ୍ର ନାଗରିକ ମଞ୍ଚ ପକ୍ଷରୁ ବଣ୍ଟନ କରାଯାଇଥିଲା। ପ୍ରାରମ୍ଭରେ ଅତିଥିମାନଙ୍କ ଦ୍ୱାରା ବିଭିନ୍ନ ପ୍ରକାର ଚାରାରୋପଣ କାର୍ଯ୍ୟକ୍ରମ କରାଯାଇଥିଲା। ମଞ୍ଚ ପକ୍ଷରୁ ଶିବପ୍ରସାଦ ପଣ୍ଡା, ନିର୍ମଳ ସ୍ୱାଇଁ, କାର୍ତ୍ତିକ ଜେନା, ଉତ୍ତମ ରାଉତ, ମନମୋହନ ଦାସ, ଦେବେନ୍ଦ୍ର ବାରିକ, ସତ୍ୟବ୍ରତ ନାୟକ, ରଘୁନାଥ ଶତପଥି, ଗୋଲଖ ବେହେରା, ପ୍ରତାପ କିଶୋର ମହାନ୍ତି, ରମେଶଚନ୍ଦ୍ର ପଣ୍ଡା, ରତ୍ନାକର ଦାସ, ବଟକୃଷ୍ଣ ସ୍ୱାଇଁ, ନିମାଇଁ ରାଉତ, ଅଲେଖଚନ୍ଦ୍ର ସାହୁ, ମାନଗୋବିନ୍ଦ ମିଶ୍ର, ପ୍ରଫୁଲ୍ଲ ଦାସ, ଉତ୍ସବ ମହାପାତ୍ର ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ନାଗରିକ ମଞ୍ଚ ସଂପାଦକ ଧନେଶ୍ୱର ସେଠୀ ଧନ୍ୟବାଦ ଦେଇଥିଲେ।

## କନକଗିରି ପୀଠରେ ମହାପଞ୍ଚାୟତ ବୈଠକ



ଟାଙ୍ଗୀ,୨୪।୬(ସମିସ): ସରକାର ବିଭିନ୍ନ ଧର୍ମର ଭାବାବେଗକୁ ଅନୁଭବ କରି ବିଭିନ୍ନ ଧର୍ମସ୍ଥଳର ବିକାଶ କରୁଛନ୍ତି କିନ୍ତୁ ଅନେକ ସ୍ଥାନରେ ମାଳିକା ବର୍ଣ୍ଣିତ ଐତିହାସିକ ପୁରାତନ ପୀଠକୁ ଅଣଦେଖା କରୁଥିବା ଦେଖାଦେଇଛି। ଏହାର ସୁଯୋଗନେଇ କିଛି ଜମି ମାଫିଆ ତହସିଲ କାର୍ଯ୍ୟାଳୟରେ ରାଜନୈତିକ ଓ ଆର୍ଥିକ ଆଧିପତ୍ୟ ବିସ୍ତାର କରି ବେଆଇନ ଭାବେ ଉକ୍ତ ଧର୍ମସ୍ଥଳୀ ଜାଗାକୁ ନିଜ ନାମରେ କରିଥିବା ଜଣାପଡିଛି। ଏଭଳି ସମସ୍ୟା ଦେଖିବାକୁ ମିଳିଛି ଟାଙ୍ଗୀ ଚୌଦ୍ୱାର ବ୍ଲକ କହ୍ନେଇପୁର ପଞ୍ଚାୟତ ମାଳିକା ବର୍ଣ୍ଣିତ ଐତିହାସିକ କନକଗିରି ପୀଠରେ। ଶହେ ବର୍ଷ ପୂର୍ବେ ଉଗତପୁରରେ ରହୁଥିବା ଜମିଦାର ମଣ୍ଡଳ ଓ ଶାଳଗାଁ ଜମିଦାର ଦାସ ବାବୁ ଅଲିଖିତ ଭାବେ ଉକ୍ତ କନକଗିରି ପୀଠକୁ ଜମି ଦାନ କରିଥିଲେ। ଏହାର ସୁଯୋଗନେଇ ସଂଖ୍ୟାଲଘୁ ସଂପ୍ରଦାୟର କିଛି ବ୍ୟକ୍ତି ନିଜ ନାମରେ କରି ଏବେ ପ୍ଲଟିଂ କରି ବିକ୍ରି କରିବାକୁ ଉଦ୍ୟମ କରୁଛନ୍ତି। ଅଞ୍ଚଳବାସୀ ଉକ୍ତ ଚକ୍ରାନ୍ତ ବିରୁଦ୍ଧରେ

### ପୁରାତନ ପୀଠ ଜମିକୁ ନିଜ ନାମର କରିବା ଅଭିଯୋଗ

ଉକ୍ତ ପୀଠରେ କନକଗିରୀ ଚାରିଟେବୁଲ ଟ୍ରଷ୍ଟ ଓ କନକଗିରି ବିକାଶ ଓ ସୁରକ୍ଷା ମଞ୍ଚ ଆନୁକୂଲ୍ୟରେ ମହାପଞ୍ଚାୟତ ବୈଠକ ଶତାଧିକ ଲୋକଙ୍କୁ ନେଇ ରବିବାର ଅନୁଷ୍ଠିତ ହୋଇଥିଲା। ପ୍ରାକ୍ତନ ଜିଲ୍ଲା ପରିଷଦ ସଦସ୍ୟ ଚୌଧୁରୀ ହେମନ୍ତ କୁମାର ସାହୁଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ବୈଠକରେ ସ୍ଥାନୀୟ ସରପଞ୍ଚ ଭରତ ବେହେରା, ଆମ୍ବ ଅଧ୍ୟକ୍ଷ ରାଜେଶ ରଞ୍ଜନ ଷଡଙ୍ଗୀ, ଦୟାନିଧି ସାହୁ, ସରୋଜ ଷଡ଼ଙ୍ଗୀଙ୍କ ସମେତ ବୁଦ୍ଧିଜୀବୀ, ସମାଜସେବୀ, ବରିଷ୍ଠ ନାଗରିକ ପ୍ରମୁଖ ଯୋଗଦେଇ ଆମେ ମରିଯିବୁ ପଛେ ଇଞ୍ଚେ ଯାଗା କାହାକୁ ଦିଆଯିବ ନାହିଁ। ଦାନ କରିଥିବା ଜମିଦାରଙ୍କ ଦେହାନ୍ତ ପରେ କେହି ଉତ୍ତରାଧିକାରୀ ନ ଥିବା ବେଳେ କିପରି ବେଆଇନ ଭାବେ ଜମି ସଂଖ୍ୟାଲଘୁ ସଂପ୍ରଦାୟ ନିଜ ନାମରେ କଲେ ତାହା ପ୍ରଶ୍ନବାଚୀ ସୃଷ୍ଟି ହୋଇଛି। ଏହା ବିରୁଦ୍ଧରେ ଆଇନଗତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବା ସହ ସରକାରଙ୍କ ଦୃଷ୍ଟି ଆକର୍ଷଣ କରାଯିବ ବୋଲି କହିଥିଲେ।

## ରଜ ମହୋତ୍ସବରେ ଗୋପାଳଜୀଉ ଡ୍ୟାନ୍ସ ଗ୍ରୁପ ଚାମ୍ପିଅନ



ଟାଙ୍ଗୀ,୨୪।୬(ସମିସ): ସାଲେପୁର ବ୍ଲକ ସିଗମାପୁର ଅଞ୍ଚଳର ସିଂହବାହିନୀ କ୍ଲବ ପକ୍ଷରୁ ଆୟୋଜିତ ରଜ ମହୋତ୍ସବରେ ଟାଙ୍ଗୀ-ଚୌଦ୍ୱାର ବ୍ଲକ ହରିଅନ୍ତା ଗ୍ରାମର ଶ୍ରୀ ଶ୍ରୀ ଗୋପାଳଜୀଉ ଡ୍ୟାନ୍ସ ଗ୍ରୁପ ସାମିଲ ହୋଇ ଚାମ୍ପିଅନ ଆଖ୍ୟା ଅର୍ଜନ କରିଛି। ଡ୍ୟାନ୍ସଗ୍ରୁପର କୁନି କୁନି କଳାକାର ରାନୀ, ଅନନ୍ୟା, ପୂର୍ଣ୍ଣିମା, ମାନୁରୀ, ଆପି ଓ ଖୁସୀ ନିଜର ପ୍ରତିଭା ପ୍ରଦର୍ଶନ ପୂର୍ବକ ସଫଳତା ଅର୍ଜନ କରିବା ସ୍ଥାନୀୟ ଅଞ୍ଚଳରେ ଆନନ୍ଦ ଖେଳାଇ ଦେଇଛି। କୁନିକୁନି କଳାକାରଙ୍କ ଏପରି ସଫଳତାକୁ ନେଇ ଗ୍ରାମବାସୀଙ୍କ ତରଫରୁ ସେମାନଙ୍କୁ ସମ୍ବର୍ଦ୍ଧିତ କରାଯାଇଥିବାବେଳେ ଜିଲ୍ଲା ପରିଷଦ ସଭ୍ୟା ଜୟଶ୍ରୀ ପ୍ରଧାନ, ଭାରପ୍ରାପ୍ତ ସରପଞ୍ଚ ସୋଫିଆ ବିବି, ସମିତିସଭ୍ୟ ଶ୍ରୀମନ୍ତ ଜେନା ଓ ପଞ୍ଚାୟତ ବିଜେଡି ସଭାପତି ନରେନ୍ଦ୍ର କୁମାର ରାଉତରାୟ ପ୍ରମୁଖ ଶୁଭେଚ୍ଛା ଜ୍ଞାପନ କରିଛନ୍ତି।

## ମହିଳା ନିଖୋଜ ଅଭିଯୋଗ

ଭଦ୍ରେଶ୍ୱର,୨୪।୬(ସମିସ): ମାହାଙ୍ଗା ବ୍ଲକ ନାହାଙ୍ଗ ଗ୍ରାମ ପଞ୍ଚାୟତ ଡିହିଗୋପ ଗ୍ରାମର ଜଣେ ମହିଳା ରହସ୍ୟଜନକ ଭାବେ ନିଖୋଜ ହୋଇଯାଇଥିବାର ଅଭିଯୋଗ ହୋଇଛି। ଏ ସମ୍ପର୍କରେ ତାଙ୍କର ପରିବାର ତରଫରୁ ଭଦ୍ରେଶ୍ୱର ଥାନାରେ ଲିଖିତ ଅଭିଯୋଗ କରାଯାଇଛି। ଡିହିଗୋପ ଗ୍ରାମର ପ୍ରଶାନ୍ତ ଧଳଙ୍କ ପତ୍ନୀ ମମତା ଧଳ (୩୫) ଗତ ୨୨ତାରିଖ ନିଖୋଜ ହୋଇଯାଇଥିବାର ଅଭିଯୋଗ ହୋଇଛି। ତାଙ୍କ ପରିବାର ବନ୍ଧୁବାନ୍ଧବ ଆତ୍ମୀୟସ୍ୱଜନଙ୍କ ଘର ସମେତ ବିଭିନ୍ନ ସ୍ଥାନରେ ଖୋଜାଖୋଜି କରିଥିଲେ ମଧ୍ୟ ମମତାଙ୍କର କୌଣସି ସନ୍ଧାନ ପାଇପାରିନାହାନ୍ତି। ଶେଷରେ ତାଙ୍କ ପରିବାର ତରଫରୁ ଭଦ୍ରେଶ୍ୱର ଥାନାରେ ଲିଖିତ ଅଭିଯୋଗ କରାଯାଇଛି। ଅଭିଯୋଗ ଭିତ୍ତି କରି ଭଦ୍ରେଶ୍ୱର ଥାନାରେ ଏକ ମାମଲା ରୁଜୁ ହୋଇଛି। ପୁଲିସ ତଦନ୍ତ ଜାରି ରହିଛି।

## ଆଠଗଡ଼ ପଞ୍ଚାୟତସମିତିର ସାଧାରଣ ବୈଠକ




ଆଠଗଡ,୨୪।୬(ସମିସ): ଆଠଗଡ ପଞ୍ଚାୟତ ସମିତିର ୧୦ମ ସାଧାରଣ ବୈଠକ ମଙ୍ଗଳବାର ଆଠଗଡ ପଞ୍ଚାୟତ ସମିତି ସମ୍ମିଳନୀ କକ୍ଷ ରେ ଅନୁଷ୍ଠିତ ହୋଇଯାଇଛି। ପଞ୍ଚାୟତ ସମିତି ଅଧ୍ୟକ୍ଷା ମିନତୀ ଆଚାର୍ଯ୍ୟଙ୍କ ପୌରହିତ୍ୟରେ ଆୟୋଜିତ ଏହି କାର୍ଯ୍ୟକ୍ରମରେ ସ୍ଥାନୀୟ ବିଧାୟକ ରଣେନ୍ଦ୍ର ପ୍ରତାପ ସ୍ୱାଇଁ ଯୋଗଦେଇଥିବା ବେଳେ ବ୍ଲକ ଉପାଧ୍ୟକ୍ଷ ସୁବାସଚନ୍ଦ୍ର ମଲ୍ଲିକ, ମଣ୍ଡଳ ଉନ୍ନୟନ ଅଧିକାରୀ ଆକାଶ କୁମାର ପଣ୍ଡା, ମଣ୍ଡଳ ବିତ୍ତ ଅଧିକାରୀ ନବ କୁମାର କଟକିଆ, ଗ୍ରାମ ପଞ୍ଚାୟତ ଉନ୍ନୟନ ଅଧିକାରୀ ରଶ୍ମିରେଖା ନାଏକ, ସହକାରୀ ନିର୍ବାହୀ ଯନ୍ତ୍ରୀ ସନ୍ତୋଷ କୁମାର ପାଲୋ, ବ୍ଲକର ସମସ୍ତ ଜିଲ୍ଲା ପରିଷଦ ସଦସ୍ୟ, ସଦସ୍ୟା, ନିର୍ବାଚିତ ଜନପ୍ରତିନିଧିମାନେ ଉପସ୍ଥିତ ଥିଲେ। ବ୍ଲକ ଅଧ୍ୟକ୍ଷା ମିନତୀ ଆଚାର୍ଯ୍ୟ ସଭା କାର୍ଯ୍ୟ ପରିଚାଳନା କରିଥିଲେ। ବୈଠକରେ ବିକଶିତ ଗାଁ ବିକଶିତ ଓଡିଶାର ପ୍ରକଳ୍ପ ଗୁଡିକ କିପରି ଗ୍ରାମ ସଭାରେ ପାରିତ ହୋଇ କାର୍ଯ୍ୟକାରୀ ହେବ, ଅନ୍ତୋଦୟ ଗୃହ ଯୋଜନା ଓ ଆବାସ ଯୋଜନାର ସର୍ଭେ, ବ୍ଲକ ପଞ୍ଚାୟତ ବିକାଶ ଯୋଜନାର ପ୍ରକଳ୍ପ ଚୟନ କରାଯାଇ ଏହାର ଅନୁମୋଦନ ବିଷୟରେ ଆଲୋଚନା ହେବା ସହିତ ଡାଇରିଆ ନିରାକରଣ ଓ ସଚେତନତା ସମ୍ବନ୍ଧୀୟ ଆଲୋଚନା ହୋଇଥିଲା। ବୈଠକରେ ବିଭିନ୍ନ ବିଭାଗର ଅଧିକାରୀମାନେ ଭାଗ ନେଇଥିଲେ।

## ଯୁବକଙ୍କ ଆତ୍ମହତ୍ୟା ଅଭିଯୋଗ

ନରସିଂହପୁର,୨୪।୬(ସମିସ): ନରସିଂହପୁର ବ୍ଲକ ଅନ୍ତର୍ଗତ ସାଗର ପଞ୍ଚାୟତ ନୂଆସାହିର ଶଶିଭୂଷଣ ରଥ (୩୬) ମଙ୍ଗଳବାର ଆତ୍ମହତ୍ୟା କରିଥିବା ଜଣାପଡ଼ିଛି। ଉକ୍ତ ଯୁବକ ଜଣକ ବିବାହିତ ଥିବା ବେଳେ ଗତ ୫ ବର୍ଷ ହେବ ତାଙ୍କ ସ୍ତ୍ରୀ ତାଙ୍କ ପାଖରେ ରହୁ ନ ଥିଲେ। ଘରେ ବାପାମାଆଙ୍କ ଅନୁପସ୍ଥିତିରେ ସେ ବିଷପିଇ ଆତ୍ମହତ୍ୟା କରିଥିବା ନରସିଂହପୁର ପୁଲିସ ତାର ପ୍ରାଥମିକ ତଦନ୍ତରୁ ଜଣାପଡିଛି। ଏହି ଯୁବକ ଜଣକୁ ପ୍ରଥମେ ଅଚେତ ଅବସ୍ଥାରେ ନରସିଂହପୁର ଡାକ୍ତରଖାନାରେ ଭର୍ତ୍ତି କରିଥିଲେ। ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ଘଟଣାସ୍ଥଳରେ ନରସିଂହପୁର ପୁଲିସ ପହଞ୍ଚି ପ୍ରାଥମିକ ତଦନ୍ତ ପରେ ଶବକୁ ଜବତ କରି ବ୍ୟବଚ୍ଛେଦ ପାଇଁ ବଡମ୍ବା ଡାକ୍ତରଖାନାକୁ ପଠାଇଛନ୍ତି।

## ଉଦୟନାଥ ସ୍ୱୟଂଶାସିତ ମହାବିଦ୍ୟାଳୟରେ ଯୋଗ ଦିବସ



ଅଡ଼ଶପୁର,୨୪।୬(ସମିସ): ଉଦୟନାଥ ସ୍ୱୟଂଶାସିତ ବିଜ୍ଞାନ ଓ ବୈଷୟିକ ମହାବିଦ୍ୟାଳୟ ଆନୁକୂଲ୍ୟରେ ଆନ୍ତର୍ଜାତିକ ଯୋଗ ଦିବସ ପାଳିତ ହୋଇଯାଇଛି। ମହାବିଦ୍ୟାଳୟର ଅଧ୍ୟକ୍ଷା ଲେଫ୍ଟନାଣ୍ଟ ଚିରଶ୍ରୀ ଇନ୍ଦ୍ରସିଂଙ୍କ ନିର୍ଦ୍ଦେଶରେ ଅନୁଷ୍ଠିତ ଏହି "ଯୋଗ ସଙ୍ଗମ' କାର୍ଯ୍ୟକ୍ରମରେ ଦର୍ଶନଶାସ୍ତ୍ର ବିଭାଗର ମୁଖ୍ୟ ପ୍ରଫେସର ବିଜୟ କୁମାର ନାୟକ ଯୋଗ ଦେଇଥିଲେ। ସଙ୍ଗମରେ ଯୋଗଦେଇଥିବା ସମସ୍ତ ଶିକ୍ଷାର୍ଥୀଙ୍କୁ ଯୋଗ ପ୍ରଶିକ୍ଷକ ସନ୍ତୋଷ କୁମାର ମାଝୀ ସୂର୍ଯ୍ୟ ନମସ୍କାର ଓ ଅଷ୍ଟାଙ୍ଗ ଯୋଗ ଶିଖାଇଥିଲେ। ଯୁବ ରେଡକ୍ରସ ପରିଷଦର ଉପଦେଷ୍ଟା ଅଧ୍ୟାପିକା ଅମିତାବାଳା ପାତ୍ର ସ୍ୱାଗତ ଭାଷଣ ଦେଇଥିଲେ। ଜାତୀୟ ସମର ଶିକ୍ଷାର୍ଥୀ ବାହିନୀର ଅଫିସର ଡଃ ପ୍ରିୟଙ୍କା ମଞ୍ଜରୀ ବେହେରା ଧନ୍ୟବାଦ ଦେଇଥିଲେ। ଏନ୍‌ସିସି, ଏନ୍‌ଏସ୍‌ଏସ୍, ରୋଭର ରେଞ୍ଜର, ଯୁଥ ରେଡକ୍ରସ ଏବଂ ଛାତ୍ରାବାସର ଅନ୍ତେବାସୀ ଓ ଅନ୍ତେବାସିନୀ ତଥା ମହାବିଦ୍ୟାଳୟର ଶତାଧିକ ଛାତ୍ରଛାତ୍ରୀ, ଅଧ୍ୟାପକ, ଅଧ୍ୟାପିକା ଓ କର୍ମଚାରୀ ଯୋଗାସନ କରିଥିଲେ। ମହାବିଦ୍ୟାଳୟର ବାଣିଜ୍ୟ ବିଭାଗର ଅଧ୍ୟାପକ ପ୍ରଫେସର ମାଗୁଣି ଚରଣ ପରିଡା, ସଂସ୍କୃତ ବିଭାଗର ମୁଖ୍ୟ ଡ଼ ପ୍ରଶାନ୍ତ ପଣ୍ଡା, ଏନଏସଏସର କାର୍ଯ୍ୟକ୍ରମ ଅଧିକାରୀ ଅଧ୍ୟାପିକା ସୁଚିତ୍ରା କାନୁନଗୋ ଓ ଅଧ୍ୟାପକ ମହେନ୍ଦ୍ର କୁମାର ମହାପାତ୍ର, ସମାଜସେବା ବିଭାଗର ମୁଖ୍ୟ ଅଧ୍ୟାପିକା ବିଶ୍ୱକଳ୍ପିତା ମହାନ୍ତି, ଭୂତତ୍ତ୍ୱ ଅଧ୍ୟାପକ ବିଶ୍ୱଜିତ ଦାଶ, ରାଜନୀତି ବିଜ୍ଞାନର ଅଧ୍ୟାପିକା ଜ୍ଞାନାଞ୍ଜଳି ପରିଡା, ସଂସ୍କୃତ ଅଧ୍ୟାପକ ସତ୍ୟଜିତ ନନ୍ଦ, ଅଧ୍ୟାପିକା ଭାଗ୍ୟଶ୍ରୀ ବାରିକ ପ୍ରମୁଖ କାର୍ଯ୍ୟକ୍ରମରେ ଯୋଗ ଦେଇଥିଲେ।

# ନାଁକୁ କମିଶନରେଟ ପୁଲିସ; ନାହିଁ ନାହିଁରେ ଚାଲିଛି ଚୌଦ୍ୱାର ଥାନା

ଚୌଦ୍ୱାର,୨୪।୬(ସମିସ)




ନାହିଁ ନାହିଁରେ ଚାଲିଛି କଟକ ଭୁବନେଶ୍ୱର କମିଶନରେଟ ପୁଲିସ। ଓଡ଼ିଶା ପୁଲିସର ଏକ ନୂତନ ତଥା ପରିମାର୍ଜିତ ସଂସ୍କରଣ କୁହାଯାଉଥିବା କମିଶନରେଟ ପୁଲିସ ଏବେ ନାମକୁ ମାତ୍ର ପାଲଟି ଯାଇଛି। କେବଳ ଫାଇନ ଆଦାୟ, ମାଜିଷ୍ଟ୍ରେଟ ପାୱାର ତଥା କର୍ମଚାରୀଙ୍କ ହାତ ଚିକ୍କଣ ପାଇଁ ଏହି ବ୍ୟବସ୍ଥା ଉପଯୁକ୍ତ ବୋଲି ବୁଦ୍ଧିଜୀବୀ ମହଲରେ ଚର୍ଚ୍ଚା ହେଉଛି। ମାତ୍ର ଯେଉଁ ଲକ୍ଷ୍ୟ ରଖାଯାଇ ଓଡ଼ିଶା ପୁଲିସ କମିଶନରେଟ ବ୍ୟବସ୍ଥା ପ୍ରଚଳନ କରିଥିଲା ତାହା ଏବେ ଦିଗହରା ହେବାରେ ଲାଗିଛି। ଏଥିସହ ପୁଲିସ ତଦନ୍ତ ସମୟରେ ସାକ୍ଷୀମାନଙ୍କ ନାମ ଉଲ୍ଲେଖ ନ କରି ଥାନା ପାଶ୍ୱର୍ରେ ବ୍ୟବସାୟ କରୁଥିବା ବ୍ୟବସାୟୀଙ୍କୁ ନାଲି ଆଖି ଦେଖାଇ ଜବରଦସ୍ତ ବିଭିନ୍ନ ମାମଲାରେ ସାକ୍ଷୀ ପକାଇ କାଗଜପତ୍ର ପ୍ରସ୍ତୁତ କରିବା ଭଳି ଘଟଣା ଯୋଗୁଁ କମିଶନରେଟ ପୁଲିସ ଜନସାଧାରଣଙ୍କ ନିକଟରେ ଆସ୍ଥା ଓ ବିଶ୍ୱାସ ହରାଉଛି ବୋଲି ଚର୍ଚ୍ଚା ଜୋର ଧରିଛି। ଏଥିସହ ଥାନାକୁ ଅଭିଯୋଗ କରିବାକୁ ଗଲେ ଅଭିଯୋଗକାରୀଙ୍କୁ ଆବଶ୍ୟକ ସୁବିଧା ଯୋଗାଇ ଦେବା ପାଇଁ ମେ ଆଇ ହେଲ୍ପ ୟୁ ନାମରେ ଏକ ଡେସ୍କ ଥିବାବେଳେ, ଅଭ୍ୟର୍ଥନା ପ୍ରକୋଷ୍ଠରେ ଅଭିଯୋଗକାରୀଙ୍କୁ ଅପେକ୍ଷା କରିବା ପାଇଁ ଆବଶ୍ୟକ ସରଞ୍ଜାମ ଯୋଗାଇଦେବା, ପାନୀୟଜଳ ତଥା ଚା' କଫି ଯୋଗାଇଦେବାର ବ୍ୟବସ୍ଥା ରହିଛି। ଏଥିସହ ବରିଷ୍ଠ ନାଗରିକଙ୍କ ପାଇଁ କିଛି ସୁବିଧା ସୁଯୋଗ ମଧ୍ୟ ଅଛି। ଏ ବାବଦରେ କମିଶନରେଟ ପୁଲିସ ପକ୍ଷରୁ ସ୍ୱତନ୍ତ୍ର ବ୍ୟୟବ୍ୟବସ୍ଥା ମଧ୍ୟ ରହିଛି। ମାତ୍ର ଏବେ ଅନେକ ଥାନା କମିଶନରେଟ ଅଧୀନରେ ଥିବାବେଳେ ଏସବୁର ବ୍ୟବସ୍ଥା କେବଳ କାଗଜକଲମରେ ଚାଲିଥିବା କୁହାଯାଉଛି। ଏପରିକି ଖୋଲା ମେଲାରେ ଚାଲିଛି କାଉନସେଲିଂ। ଯାହାର ନିଚ୍ଛକ ଝଲକ ଦେଖିବାକୁ ମିଳିଛି କଟକ ଜିଲ୍ଲା ଚୌଦ୍ୱାର ଥାନାରେ। ଏହି ଥାନାରେ କମିଶନରେଟ ପୁଲିସର କିଛି ଅଧିକାରୀ ଓ କର୍ମଚାରୀ ବିଭିନ୍ନ ଫାଇନ ଆଳରେ ହାତ ଚିକ୍କଣ କରୁଥିବା ଅଭିଯୋଗ ହେଉଛି। ଏଥିସହିତ ଭୁବନେଶ୍ୱର ଭରତପୁର ଘଟଣା ପରେ ଡ୍ୟୁଟି କରୁଥିବା ସମସ୍ତ ଅଧିକାରୀ ଓ କର୍ମଚାରୀ ପୁଲିସ ପୋଷାକ ସହ ଛାତିରେ ନେମ ପ୍ଲେଟ ରଖିବା ପାଇଁ ଡିଜିପି ୱାଇ ବି ଖୁରାନିଆ ସମସ୍ତ ଜିଲ୍ଲାର ଏସପି, ଡିସିପି ଏବଂ ରେଞ୍ଜ ଡିଆଇଜିଙ୍କୁ ନିର୍ଦ୍ଦେଶ ଦେଇଥିଲେ। ମାତ୍ର ଚୌଦ୍ୱାର ଥାନାରେ ଏହି ନିର୍ଦ୍ଦେଶକୁ ପାଳନ କରାଯାଉ ନାହିଁ। ତେଣୁ ଏହି ଥାନା ପ୍ରତି ପୁଲିସ କମିଶନର ସ୍ୱତନ୍ତ୍ର ଦୃଷ୍ଟି ଦେବାକୁ ଚୌଦ୍ୱାରବାସୀ ନିବେଦନ କରିଛନ୍ତି।

### ଉତ୍କଳ ବିଶ୍ୱବିଦ୍ୟାଳୟରେ ବେଆଇନ ଭାବେ ଭାରପ୍ରାପ୍ତ କୁଳପତି ନିଯୁକ୍ତି ପ୍ରସଂଗ

## ରାଜ୍ୟ ସରକାରଙ୍କୁ ହାଇକୋର୍ଟଙ୍କ ଜବାବ ତଲବ

କଟକ, ୨୪।୬ (ସମିସ): ଉତ୍କଳ ବିଶ୍ୱବିଦ୍ୟାଳୟରେ ବିଶ୍ୱବିଦ୍ୟାଳୟ ଅଧିନିୟମ, ୧୯୮୯ର ଧାରା ୬(୧) ଅନୁସାରେ ସ୍ଥାୟୀ କୁଳପତି ନିଯୁକ୍ତ ନ ହେବା ଓ ଧାରା ୬ (୧୦)ଅନୁସାରେ ଭାରପ୍ରାପ୍ତ କୁଳପତି ନିଯୁକ୍ତି ପାଇ ନଥିବା ପ୍ରସଙ୍ଗରେ ରୁଜୁ ଜନସ୍ୱାର୍ଥ ମାମଲାର ପ୍ରାଥମିକ ଶୁଣାଣି କରି ରାଜ୍ୟ ସରକାରଙ୍କୁ ଜବାବ ତଲବ କରିଛନ୍ତି ହାଇକୋର୍ଟ। ମୁଖ୍ୟ ବିଚାରପତି ହରୀଶ ଟଣ୍ଡନ ଓ ଜଷ୍ଟିସ୍ ଏମ୍.ଏସ୍ ରମଣଙ୍କୁ ନେଇ ଗଠିତ ଖଣ୍ଡପୀଠ ଉତ୍କଳ ବିଶ୍ୱବିଦ୍ୟାଳୟର ପୁରାତନ ଛାତ୍ର ତଥା ଆଇନଜୀବୀ ପ୍ରବୀର କୁମାର ଦାସଙ୍କ ଆବେଦନର ଶୁଣାଣି କରି ଏପରି ନିର୍ଦ୍ଦେଶ ପ୍ରଦାନ କରିଛନ୍ତି। ଓଡ଼ିଶା ବିଶ୍ୱବିଦ୍ୟାଳୟ ଅଧିନିୟମ, ୧୯୮୯ର ପ୍ରାବଧାନ ଅନୁସାରେ ନିଯୁକ୍ତି ଦିଆଯାଇନଥିବାରୁ ସରକାର ପରବର୍ତ୍ତୀ ଶୁଣାଣିରେ ଜବାବ ରଖିବେ ବୋଲି ଖଣ୍ଡପୀଠ କହିଛନ୍ତି। ମାମଲାର ପରବର୍ତ୍ତୀ ଶୁଣାଣି ଜୁଲାଇ ୮ ତାରିଖରେ ହେବ।

ମାମଲାରୁ ପ୍ରକାଶ, ଉତ୍କଳ ବିଶ୍ୱବିଦ୍ୟାଳୟର ତତ୍କାଳୀନ କୁଳପତି ପ୍ରଫେସର୍ ସବିତା ଆଚାର୍ଯ୍ୟଙ୍କ କାର୍ଯ୍ୟକାଳ ୨୩ନଭେମ୍ବର ୨୦୨୪ରେ ସମ୍ପୂର୍ଣ୍ଣ ହେବା ପରେ କୁଳାଧିପତି ତାଙ୍କର କାର୍ଯ୍ୟକାଳ ଛଅ ମାସ ବୃଦ୍ଧି କରିଥିଲେ। ତାଙ୍କର ବର୍ଦ୍ଧିତ କାର୍ଯ୍ୟକାଳ ୨୩ ମେ' ୨୦୨୫ରେ ସମାପ୍ତ ହେଲା ପରେ କୁଳାଧିପତିଙ୍କ ପକ୍ଷରୁ ଉତ୍କଳ ବିଶ୍ୱବିଦ୍ୟାଳୟର ବାୟୋଟେକ୍ନୋଲୋଜି ବିଭାଗର ପ୍ରଫେସର୍ ଯଜ୍ଞେଶ୍ୱର ଦଣ୍ଡପାଟଙ୍କୁ ଭାରପ୍ରାପ୍ତ କୁଳପତି ଭାବରେ ୨୭ ମେ' ୨୦୨୫ରେ ନିଯୁକ୍ତି ଦିଆଯାଇଥିଲା। ତେବେ କୌଣସି କାରଣବଶତଃ ସ୍ଥାୟୀ କୁଳପତି ନିଯୁକ୍ତି ସମ୍ଭବ ନ ହେଲେ, ଓଡ଼ିଶା ବିଶ୍ୱବିଦ୍ୟାଳୟ ଅଧିନିୟମ, ୧୯୮୯ର ଧାରା ୬(୧୦) ଅନୁସାରେ ଅନ୍ୟ ଯେ କୌଣସି ବିଶ୍ୱବିଦ୍ୟାଳୟର କୁଳପତିଙ୍କୁ ଭାରପ୍ରାପ୍ତ କୁଳପତି ରୂପେ ନିଯୁକ୍ତି ଦେବାର ନିୟମ ରହିଛି। ହେଲେ ଏଥିରେ ବ୍ୟତିକ୍ରମ ହୋଇଥିବାରୁ ସମ୍ପୃକ୍ତ ଭାରପ୍ରାପ୍ତ କୁଳପତିଙ୍କ ନିଯୁକ୍ତିକୁ ରଦ୍ଦ କରି ଅନ୍ୟ ଯେକୌଣସି ବିଶ୍ୱବିଦ୍ୟାଳୟର କୁଳପତିଙ୍କୁ ଉତ୍କଳ ବିଶ୍ୱବିଦ୍ୟାଳୟର ଭାରପ୍ରାପ୍ତ କୁଳପତି ରୂପେ ନିଯୁକ୍ତି ଦେବାକୁ ଆଦେଶ ଦେବାକୁ ପ୍ରାର୍ଥନା କରାଯାଇଛି।

### ହାଇକୋର୍ଟରେ ରାଷ୍ଟ୍ରୀୟ ପ୍ରତୀକର ଅପବ୍ୟବହାର ପ୍ରସଂଗ

## କେନ୍ଦ୍ର ସରକାରଙ୍କୁ ସବିଶେଷ ସତ୍ୟପାଠ ଦାଖଲ ନିର୍ଦ୍ଦେଶ

କଟକ, ୨୪।୬(ସମିସ):ବିଭିନ୍ନ ସମୟରେ ରାଷ୍ଟ୍ରୀୟ ପ୍ରତୀକ ବା ଚିହ୍ନର ଅପବ୍ୟବହାର କରାଯାଉଥିବା ଅଭିଯୋଗ ନେଇ ଦାୟର ଜନସ୍ୱାର୍ଥ ସମ୍ବଳିତ ମାମଲାକୁ ହାଇକୋର୍ଟ ଗୁରୁତ୍ୱର ସହ ଶୁଣାଣି କରିଆସୁଛନ୍ତି। ଏହି ମାମଲାରେ ଆଜି କେନ୍ଦ୍ର ସରକାରଙ୍କ ପକ୍ଷରୁ ମାମଲା ପରିଚାଳନା କରୁଥିବା ଡିଏସଜିଆଇ ପ୍ରସନ୍ନ କୁମାର ପାଢ଼ୀ ହାଇକୋର୍ଟଙ୍କୁ ବର୍ତ୍ତମାନର ସ୍ଥିତି ସମ୍ପର୍କରେ ଅବଗତ କରାଇଥିଲେ। ବିଶେଷକରି କେନ୍ଦ୍ର ସରକାରଙ୍କ ପକ୍ଷରୁ ସମସ୍ତ ରାଜ୍ୟର ମୁଖ୍ୟ ଶାସନ ସଚିବଙ୍କୁ ରାଷ୍ଟ୍ରୀୟ ପ୍ରତୀକର ବ୍ୟବହାର ସମ୍ପର୍କିତ ଏକ ସର୍କୁଲାର ଜାରି କରାଯାଇଛି ବୋଲି ସେ ଅଦାଲତଙ୍କ ଦୃଷ୍ଟି ଆକର୍ଷଣ କରିଥିଲେ। ପରବର୍ତ୍ତୀ ଶୁଣାଣି ସୁଦ୍ଧା ସବିଶେଷ ସତ୍ୟପାଠ ଦାଖଲ କରିବାକୁ ହାଇକୋର୍ଟ ଆଜି କେନ୍ଦ୍ର ସରକାରଙ୍କୁ ନିର୍ଦ୍ଦେଶ ଦେଇଛନ୍ତି। ମୁଖ୍ୟ ବିଚାରପତି ଜଷ୍ଟିସ ହରିଶ ଟଣ୍ଡନ ଓ ଜଷ୍ଟିସ ଏମ.ଏସ.ରମଣଙ୍କୁ ନେଇ ଗଠିତ ଖଣ୍ଡପୀଠ ଏଲୋନ ଟ୍ରଷ୍ଟ ପକ୍ଷରୁ ଦାୟର ଜନସ୍ୱାର୍ଥ ଆବେଦନର ଶୁଣାଣି କରି ଏପରି ନିର୍ଦ୍ଦେଶ ଦେଇଛନ୍ତି।

### ■ ମେଧା ପାଟକରଙ୍କ ରାୟଗଡ଼ା ପ୍ରବେଶ ଉପରେ କଟକଣା ପ୍ରସଙ୍ଗ

## ନିର୍ଦ୍ଦେଶ ରଦ୍ଦ କଲେ ହାଇକୋର୍ଟ

କଟକ,୨୪।୬(ସମିସ): ବିଶିଷ୍ଟ ସମାଜସେବୀ ମେଧା ପାଟକର, ଡାକ୍ତର ରାଣ୍ଡଲ ସିକୁଇରା ଓ ଅନ୍ୟ ୨୨ଜଣଙ୍କ ରାୟଗଡ଼ାକୁ ପ୍ରବେଶ ଉପରେ ଜାରି ହୋଇଥିବା ନିଷେଧାଦେଶକୁ ହାଇକୋର୍ଟ ଆଜି ରଦ୍ଦ କରିଦେଇଛନ୍ତି। ରାୟଗଡ଼ା ଜିଲ୍ଲାପାଳ ତଥା ଜିଲ୍ଲା ମାଜିଷ୍ଟ୍ରେଟଙ୍କ ତରଫରୁ ଗତ ଜୁନ୍ ୪ରେ ଜାରି ଦୁଇ ମାସ କଟକଣା ନିର୍ଦ୍ଦେଶନାମାକୁ ହାଇକୋର୍ଟ ରଦ୍ଦ କରିଛନ୍ତି। ଜଷ୍ଟିସ ସଂଜୀବ କୁମାର ପାଣିଗ୍ରାହୀ ଏପରି ନିର୍ଦ୍ଦେଶ ପ୍ରଦାନ କରିଛନ୍ତି। ମାମଲାର ଶୁଣାଣି ସମୟରେ ଭର୍ଚୁଆଲରେ ରାୟଗଡ଼ା ଜିଲ୍ଲାପାଳ ଓ ଏସପି ଉପସ୍ଥିତ ରହି ସମ୍ଭାବ୍ୟ ଆଇନ ଶୃଙ୍ଖଳା ପରିସ୍ଥିତିକୁ ଦୃଷ୍ଟିରେ ରଖି ଏହି ନିର୍ଦ୍ଦେଶ ଜାରି କରାଯାଇଥିଲା ବୋଲି ପକ୍ଷ ରଖିଥିଲେ। ଆବେଦନକାରୀ ଓ ଅନ୍ୟମାନେ ଶାନ୍ତିପୂର୍ଣ୍ଣ ଧାରଣାରେ ଯୋଗ ଦେବା ପାଇଁ ରାୟଗଡ଼ା ଯାଉଥିଲେ ଓ ସେମାନଙ୍କ ତରଫରୁ କୌଣସି ବିଶୃଙ୍ଖଳା ସୃଷ୍ଟି କରାଯିବ ନାହିଁ ବୋଲି ଆବେଦନକାରୀଙ୍କ ତରଫରୁ ପ୍ରତିଶ୍ରୁତି ଦିଆଯାଇଥିଲା ବୋଲି ଆଇନଜୀବୀ ଅଫରାଜ ସୁହେଲ ସୂଚନା ଦେଇଛନ୍ତି।

### ■ ହୋମଗାର୍ଡଙ୍କ ସହ ଅପ୍ରାକୃତିକ ଯୌନ ସମ୍ପର୍କ ଅଭିଯୋଗ ପ୍ରସଙ୍ଗ

## ଏଏସ୍ଆଇଙ୍କ ବିରୋଧରେ ବିଭାଗୀୟ କାର୍ଯ୍ୟାନୁଷ୍ଠାନ ରଦ୍ଦ

କଟକ,୨୪।୬(ସମିସ): ଜଣେ ହୋମ୍‌ଗାର୍ଡ ସହ ଜୋରଜବରଦସ୍ତ ଅପ୍ରାକୃତିକ ଯୌନସମ୍ପର୍କ ରଖିବା ଅଭିଯୋଗରେ ଜଣେ ପୁଲିସ୍ ଏଏସ୍ଆଇଙ୍କ ବିରୋଧରେ ହୋଇଥିବା ବିଭାଗୀୟ ଶୃଙ୍ଖଳାଗତ କାର୍ଯ୍ୟାନୁଷ୍ଠାନକୁ ରଦ୍ଦ କରିଦେଇଛନ୍ତି ହାଇକୋର୍ଟ। ଉଭୟ ପକ୍ଷଙ୍କ ମଧ୍ୟରେ ବୁଝାମଣା ହୋଇସାରିଥିବାରୁ ଆବେଦନକାରୀ ଏଏସଆଇଙ୍କ ନିଲମ୍ବନ ଏବଂ ତାଙ୍କ ବୃତ୍ତିଗତ କ୍ୟାରିଅରରେ ତିନୋଟି କଳା ଚିହ୍ନ ଲଗାଯିବା ସମ୍ପର୍କିତ ବିଭାଗୀୟ କାର୍ଯ୍ୟାନୁଷ୍ଠାନକୁ ଓଡ଼ିଶା ହାଇକୋର୍ଟ ଖାରଜ କରିଦେଇଛନ୍ତି। ସମ୍ପୃକ୍ତ ଏଏସଆଇଙ୍କ ତରଫରୁ ରୁଜୁ ଆବେଦନର ଶୁଣାଣି କରି ଜଷ୍ଟିସ୍ ଭି. ନରସିଂହ ଏପରି ନିର୍ଦ୍ଦେଶ ପ୍ରଦାନ କରିଛନ୍ତି। "ନବତେଜ ସିଂହ ଜୋହର ମାମଲାରେ ସର୍ବୋଚ୍ଚ ଅଦାଲତଙ୍କ ରାୟକୁ ଦୃଷ୍ଟିରେ ରଖି ଅଦାଲତ ଏପରି ରାୟ ପ୍ରକାଶ କରିଛନ୍ତି। ଗତ ୨୦୧୬ ଅଗଷ୍ଟ ୪ରେ ରାତ୍ର ପାଟ୍ରୋଲିଂ ଡ୍ୟୁଟି ବେଳେ ହୋମଗାର୍ଡଙ୍କ ସହ ଏଏସ୍ଆଇଜଣଙ୍କ ଅପ୍ରାକୃତିକ ଯୌନ ସମ୍ପର୍କ ରଖିଥିବା ନେଇ କେନ୍ଦ୍ରାପଡ଼ା ଜିଲ୍ଲାର ଏକ ଥାନାରେ ଅଭିଯୋଗ ହୋଇଥିଲା।

### ସରକାରଙ୍କ ଉପରେ ବର୍ଷିଲା ଏଆଇସିସି ତଥ୍ୟ ଅନୁଧ୍ୟାନ କମିଟି

## ଓଡ଼ିଶାରେ ବଳାତ୍କାରୀ ଓ ଭ୍ରଷ୍ଟାଚାରୀଙ୍କ ସରକାର



ଭୁବନେଶ୍ୱର,୨୪।୬(ସମିସ): ଏଆଇସିସି ତଥ୍ୟ ଅନୁସନ୍ଧାନକାରୀ କମିଟି ରାଜ୍ୟ ସରକାରଙ୍କ ଉପରେ ପ୍ରଚଣ୍ଡ ବର୍ଷିଛି। ଏହି କମିଟି ୩ଦିନ ଧରି ଗୋପାଳପୁର, କନ୍ଧମାଳ ଓ କେନ୍ଦୁଝରରେ ଦୁଷ୍କର୍ମର ଶିକାର ହୋଇଥିବା ପୀଡ଼ିତାଙ୍କ ପରିବାର, ଗ୍ରାମବାସୀ, ସ୍ଥାନୀୟ ନେତୃତ୍ୱ, ପୁଲିସ ଓ ଜିଲ୍ଲା ପ୍ରଶାସନ ଆଦିଙ୍କୁ ଭେଟି ଘଟଣାଗୁଡ଼ିକ ସମ୍ପର୍କରେ ତଥ୍ୟ ସଂଗ୍ରହ କରିଛନ୍ତି। ମଙ୍ଗଳବାର କଂଗ୍ରେସ ଭବନରେ ଏକ ସାମ୍ବାଦିକ ସମ୍ମିଳନୀରେ କମିଟି ପକ୍ଷରୁ ଏ ସମ୍ପର୍କରେ ସୂଚନା ପ୍ରଦାନ କରାଯାଇଛି। ଏହାସହ ବଳାତ୍କାରୀ ଓ ଭ୍ରଷ୍ଟାଚାରୀମାନଙ୍କୁ ସରକାର ସୁରକ୍ଷା ଦେଉଛନ୍ତି ବୋଲି କଂଗ୍ରେସ ଅଭିଯୋଗ କରିଛି।

ଜାତୀୟ ମହିଳା କମିସନର ପୂର୍ବତନ ଅଧ୍ୟକ୍ଷା ଓ ତଥ୍ୟ ଅନୁସନ୍ଧାନ କମିଟିର ଅଧ୍ୟକ୍ଷା ଦୀପା ଦାସମୁନ୍‌ସୀ କହିଛନ୍ତି ଯେ ରାଜ୍ୟରୁ ସଂଗ୍ରହ ହୋଇଥିବା ହୃଦୟବିଦାରକ ଘଟଣାଗୁଡ଼ିକର ବିବରଣୀ ଦଳର କେନ୍ଦ୍ରୀୟ ନେତୃତ୍ୱକୁ ପ୍ରଦାନ କରାଯିବ। ରାଜ୍ୟସଭା ଓ ଲୋକସଭାରେ ଏହି ପ୍ରସଙ୍ଗକୁ କଂଗ୍ରେସ ଜୋରଦାର କରିବ। ଏହାସହ ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁଙ୍କୁ ମଧ୍ୟ ଏହା ଅବଗତ କରାଯିବ। କମିଟି ସଦସ୍ୟା ତଥା ସାଂସଦ ରଞ୍ଜିତ୍ ରଞ୍ଜନ କହିଛନ୍ତି ଯେ ରାଜ୍ୟରେ ବର୍ତ୍ତମାନ ମଦମାଫିଆ ଓ ଶାସକ-ପ୍ରଶାସକଙ୍କ ଅସାଧୁ ମେଣ୍ଟ ହୋଇଛି। ଯେଉଁଥିପାଇଁ ଦୁଷ୍କର୍ମ, ଗଣଦୁଷ୍କର୍ମ ଓ ହତ୍ୟା ପରେ ବି ଆସାମୀମାନେ ଅବାଧରେ ବିଚରଣ କରୁଛନ୍ତି। ପୂର୍ବତନ ଜାତୀୟ ମହିଳା କଂଗ୍ରେସ ସଭାନେତ୍ରୀ ଶୋଭା ଓଜା କହିଛନ୍ତି ଯେ ଓଡ଼ିଶାରେ ପ୍ରତି ୫ କି.ମିରେ ଜଣେ ଶିଶୁ ନିର୍ଯାତନାର ଶିକାର ହେଉଛି, ପ୍ରତି ୧୦କିଲୋମିଟରରେ ଜଣେ ଶିଶୁ ନିଖୋଜ ହେଉଛି। ଏକଥା ଆମେରିକା ଜାଣିଲାଣି, ଅଥଚ ମୁଖ୍ୟମନ୍ତ୍ରୀଙ୍କ କାନରେ ପଡୁନି। ଓଡ଼ିଶା ପରି ଏକ ସଂସ୍କୃତିସମ୍ପନ୍ନ ରାଜ୍ୟରେ ଏବେ ଅରାଜକତା, ଭ୍ରଷ୍ଟାଚାର ଓ "ବଳାତ୍କାର' ଛଡ଼ା ଆଉ କିଛି ଶବ୍ଦ ଶୁଭୁନାହିଁ ବୋଲି ଲୋକସଭା ସାଂସଦ ପ୍ରଣିତୀ ସିନ୍ଦେ କହିଛନ୍ତି। ପିସିସି ସଭାପତି ଭକ୍ତ ଚରଣ ଦାସ କହିଛନ୍ତି ଯେ ରାଜ୍ୟରେ ନାରୀ ହିଂସା ବଢୁଛି। ବର୍ଷେ ହେଲାଣି, ମହିଳା କମିସନ୍ ଗଢ଼ା ହେଉନି। ମହିଳାଟେ ଦୁଃଖ କହିବ ତ, କେଉଁଠି କହିବ ବୋଲି ସେ ପ୍ରଶ୍ନ କରିଛନ୍ତି।

## ଧରାକୋଟ ଘଟଣାକୁ ପ୍ରିୟଙ୍କା ଗାନ୍ଧୀଙ୍କ ନିନ୍ଦା

ଭୁବନେଶ୍ୱର,୨୪।୬(ସମିସ): ଧରାକୋଟଠାରେ ଦୁଇ ଦଳିତ ଯୁବକଙ୍କ ପ୍ରତି ଅମାନୁଷିକ ଅତ୍ୟାଚାର ଘଟଣାରେ କଂଗ୍ରେସ ସାଂସଦ ପ୍ରିୟଙ୍କା ଗାନ୍ଧୀ ଓଡ଼ିଶା ସରକାରଙ୍କ ଉପରେ ବର୍ଷିଛନ୍ତି। ମଙ୍ଗଳବାର ପ୍ରିୟଙ୍କା ନିଜ ଫେସ୍‌ବୁକ୍ ଆକାଉଣ୍ଟରେ ଏହି ଘଟଣାକୁ ଅତ୍ୟନ୍ତ ଲଜ୍ଜାଜନକ ବୋଲି କହିଛନ୍ତି। ପ୍ରିୟଙ୍କା ଲେଖିଛନ୍ତି, ଦୁଇ ଦଳିତ ଯୁବକଙ୍କୁ ଘାସ ଖାଇବାକୁ ଏବଂ ଆଣ୍ଠୁରେ ଚାଲିବା ଭଳି ନିଷ୍ଠୁରତା ସମଗ୍ର ମାନବଜାତିକୁ ଲଜ୍ଜିତ କରିଛି। ଏହି ଘଟଣା କେବଳ ଦଳିତ ସମ୍ପ୍ରଦାୟର ଅପମାନ ନୁହେଁ, ବରଂ ବାବାସାହେବଙ୍କ ସମ୍ବିଧାନ ଏବଂ ସମାନତା, ନ୍ୟାୟ ଏବଂ ମାନବିକତା ମୂଲ୍ୟବୋଧର ମଧ୍ୟ ଅପମାନ। ବିଜେପି ଶାସିତ ରାଜ୍ୟଗୁଡ଼ିକରେ ଏପରି ଘଟଣା ବୃଦ୍ଧି ପାଉଛି। ଏହା ଅତ୍ୟନ୍ତ ଚିନ୍ତାର ବିଷୟ ବୋଲି ସେ କହିଛନ୍ତି।

### ମହାକାଳପଡ଼ା ବ୍ଲକ ଅଧ୍ୟକ୍ଷ ନିର୍ବାଚନ ଫଳ ଘୋଷଣା

## ହାଇକୋର୍ଟଙ୍କ ଅନ୍ତରୀଣ ରହିତାଦେଶ

କଟକ,୨୪।୬(ସମିସ): ମହାକାଳପଡ଼ା ବ୍ଲକ ଅଧ୍ୟକ୍ଷାଙ୍କ ବିରୋଧରେ ଅନାସ୍ଥା ନୋଟିସକୁ ବିରୋଧ କରି ଦାୟର ମାମଲା ନୂଆ ମୋଡ ନେଇଛି। ପୂର୍ବ ଅଧ୍ୟକ୍ଷା କଳ୍ପନା ରାଉତଙ୍କୁ ଅନାସ୍ଥାରେ ପଦଚ୍ୟୁତ କରାଯିବା ପରେ ନୂତନ ଅଧ୍ୟକ୍ଷ ନିର୍ବାଚନ ପାଇଁ ଆଜି ଧାର୍ଯ୍ୟ କରାଯାଇଥିଲା। ତେବେ ଏହି ନିର୍ବାଚନର ଫଳାଫଳ ଘୋଷଣା ଉପରେ ହାଇକୋର୍ଟ ଆଜି ଅନ୍ତରୀଣ ରହିତାଦେଶ ଜାରି କରିଛନ୍ତି। କଳ୍ପନା ରାଉତଙ୍କ ଆବେଦନର ଶୁଣାଣି କରି ଜଷ୍ଟିସ ରାଧାକ୍ରିଷ୍ଣ ପଟ୍ଟନାୟକ ଏପରି ନିର୍ଦ୍ଦେଶ ପ୍ରଦାନ କରିଛନ୍ତି। ମାମଲାର ପରବର୍ତ୍ତୀ ଶୁଣାଣି ପର୍ଯ୍ୟନ୍ତ ଏହି ଫଳ ସମ୍ପର୍କିତ ବିଜ୍ଞପ୍ତି ପ୍ରକାଶ କରାଯାଇପାରିବ ନାହିଁ ବୋଲି ହାଇକୋର୍ଟ କହିଛନ୍ତି।


## ଖାରିଗୁମ୍ମା ଘଟଣା ପାଇଁ ଓଡ଼ିଶା ଦେଶରେ ଲଜ୍ଜିତ: ବିଜେଡି

### ଦଳିତ ନିର୍ଯାତନା ପାଇଁ ସମ୍ବେଦନହୀନ ବିଜେପି ସରକାର ଦାୟୀ

ଭୁବନେଶ୍ୱର,୨୪।୬(ସମିସ): ଗତ ରବିବାର ଦିନ ଧରାକୋଟ ବ୍ଲକ ଅନ୍ତର୍ଗତ ଖାରିଗୁମ୍ମା ଗ୍ରାମରେ ସ୍ୱଷ୍ଟ ଦିବାଲୋକରେ ୨ ଜଣ ଦଳିତଙ୍କୁ ଅକଥନୀୟ ନିର୍ଯାତନା ସାରା ଦେଶରେ ଓଡ଼ିଶାକୁ ଲଜ୍ଜିତ କରିଛି। ଏହି ଦୁଇ ଦଳିତ ବ୍ୟକ୍ତିଙ୍କୁ ଅର୍ଦ୍ଧ ଉଲଗ୍ନ କରି ନାଳ ପାଣି ପିଆଇବା ସହ ରାସ୍ତାରେ ଆଣ୍ଠେଇ ଚଲାଇବା ଭଳି ହୃଦୟ ବିଦାରକ ଘଟଣା ଓଡ଼ିଶାକୁ ଦେଶରେ ବଦନାମ କରିଛି ବୋଲି ଦଳର ମୁଖପାତ୍ର ତଥା ମିଡିଆ ସଂଯୋଜକ ଡ ଲେନିନ ମହାନ୍ତି କହିଛନ୍ତି। ସେ କହିଛନ୍ତି ଯେ ରାଜ୍ୟରେ ଆଇନଶୃଙ୍ଖଳା ପରିସ୍ଥିତି ଭୁଶୁଡ଼ି ପଡ଼ିଥିବାର ଏହା ଏକ ନଗ୍ନ ନମୁନା। ରାଜ୍ୟର ସମ୍ବେଦନହୀନ ନେତୃତ୍ୱ ପ୍ରତ୍ୟେକ ଦିନ ଏଭଳି ଅଘଟଣକୁ ଅଣଦେଖା କରିବା ଦ୍ୱାରା ପ୍ରଶାସନିକ କଳ ସମ୍ପୂର୍ଣ୍ଣ ନିଷ୍କ୍ରିୟ ହୋଇପଡ଼ିଛି। ଖାରିଗୁମ୍ମା ଘଟଣାରେ ଦୋଷୀ ବିରୋଧରେ ଦୃଷ୍ଟାନ୍ତମୂଳକ ଦଣ୍ଡବିଧାନ କରିବା ସହ ଗୃହ ବିଭାଗ ଦାୟିତ୍ୱରେ ଥିବା ମୁଖ୍ୟମନ୍ତ୍ରୀ ଏହି ଘଟଣାରେ ପୀଡ଼ିତଙ୍କୁ ନ୍ୟାୟ ଦେବାରେ ତୁରନ୍ତ ପଦକ୍ଷେପ ନେବାକୁ ଡ. ମହାନ୍ତି ଦାବି କରିଛନ୍ତି। ଏଭଳି ଘଟଣା ପାଇଁ ଦିନକୁ ଦିନ ଓଡ଼ିଶାର ମାନ ସମ୍ମାନ ନିମ୍ନଗାମୀ ହେବାରେ ଲାଗିଛି।

# ବିଶ୍ୱ ବାଣିଜ୍ୟ

### ମୁଦ୍ରା ବିନିମୟ ମୂଲ୍ୟ



ମୁଦ୍ରା ବିନିମୟ ମୂଲ୍ୟ (ଟଙ୍କାରେ)

- ଡଲାର ୮୬.୭୫ ● ପାଉଣ୍ଡ ୧୧୭.୦୮
- ୟୁରୋ ୯୯.୩୭ ● ୟେନ୍ ୦.୫୯


### ସୁନା, ରୁପା ଦର (ଟଙ୍କାରେ)



୧୦ ଗ୍ରାମ ପିଛା (୨୨ କ୍ୟାରେଟ୍)

- ସୁନା: ୯୨,୬୬୦ (ନୂଆଦିଲ୍ଲୀ)
- ରୁପା : ୧,୧୨,୧୦୦ (କେଜି)


### ଷ୍ଟକ୍ ମାର୍କେଟ୍



ବଜାର କାରବାର (ପଏଣ୍ଟରେ)

- ସେନ୍‌ସେକ୍ସ ୮୨,୪୦୮.୦୦
- ନିଫ୍ଟି ୨୫,୧୧୨.୦୦

### ପେଟ୍ରୋଲ-ଡିଜେଲ୍



ଲିଟର ପିଛା (ଟଙ୍କାରେ)

- ପେଟ୍ରୋଲ୍- ୧୦୧.୨୯ (ଭୁବନେଶ୍ୱର)
- ଡିଜେଲ୍ - ୯୨.୮୦

## ଜାପାନ-ଭିଏତ୍‌ନାମ୍‌ରୁ ଆସିବ ରେଆର ଆର୍ଥ

ନୂଆଦିଲ୍ଲୀ,୨୪।୬(ଏଜେନ୍ସି): ଚୀନର ସାମ୍ପ୍ରତିକ ଆମଦାନୀ କଟକଣା ପରେ ଭାରତ ଜାପାନ ଏବଂ ଭିଏତ୍‌ନାମରୁ ରେଆର ଆର୍ଥ ଖଣିଜ ପଦାର୍ଥ ଆମଦାନୀ କରିବାକୁ ଆଲୋଚନା କରୁଛି। ଏହାବ୍ୟତୀତ, ଭାରତ ରେଆର ଆର୍ଥ ଅକ୍ସାଇଡକୁ ମ୍ୟାଗ୍ନେଟ୍‌ରେ ପରିଣତ କରିବା ପାଇଁ ଏକ ପ୍ରୋତ୍ସାହନ ଯୋଜନା ଆରମ୍ଭ କରିବାକୁ ମଧ୍ୟ ପ୍ରସ୍ତୁତ ହେଉଛି, ଯାହାକୁ କାର୍ଯ୍ୟକାରୀ କରିବାକୁ ଦୁଇ ବର୍ଷ ସମୟ ଲାଗିପାରେ। କେନ୍ଦ୍ର ଭାରୀ ଶିଳ୍ପ ମନ୍ତ୍ରୀ ଏଚ୍ ଡି କୁମାରସ୍ୱାମୀ କହିଛନ୍ତି ଯେ ଏହି ଯୋଜନା ଉପରେ ଚୂଡ଼ାନ୍ତ ନିଷ୍ପତ୍ତି ଆସନ୍ତା ୧୫ ରୁ ୨୦ ଦିନ ମଧ୍ୟରେ ନିଆଯିବ। ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ଦ୍ୱାରା ବୃଦ୍ଧି କରାଯାଇଥିବା ଶୁଳ୍କର ପ୍ରତି ଜବାବରେ ବେଜିଂ ଏପ୍ରିଲ ୪ ରେ ୭ଟି ଭାରୀ ଏବଂ ମଧ୍ୟମ ରେଆର ଆର୍ଥ ଖଣିଜ ପଦାର୍ଥ ଏବଂ ମ୍ୟାଗ୍ନେଟ୍ ରପ୍ତାନି ଉପରେ ପ୍ରତିବନ୍ଧକ ଲଗାଇଛି। ଏହି ଖଣିଜ ପଦାର୍ଥଗୁଡ଼ିକରେ ସାମାରିୟମ, ଗାଡୋଲିନିୟମ, ଟେରବିୟମ, ଡିସପ୍ରୋସିୟମ, ଲୁଟେଟିୟମ, ସ୍କାନଡିୟମ ଏବଂ ଇଟ୍ରିୟମ ଅନ୍ତର୍ଭୁକ୍ତ। ଏହି ଖଣିଜ ପଦାର୍ଥ ପ୍ରତିରକ୍ଷା, ଶକ୍ତି ଏବଂ ଅଟୋମୋଟିଭ୍ ପ୍ରଯୁକ୍ତିବିଦ୍ୟା ପାଇଁ ଅତ୍ୟାବଶ୍ୟକ। ଏବେ ଚୀନ୍ କମ୍ପାନୀଗୁଡ଼ିକୁ ଏହି ଖଣିଜ ପଦାର୍ଥ ରପ୍ତାନି କରିବା ପାଇଁ ପ୍ରତିରକ୍ଷା ଲାଇସେନ୍ସ ନେବାକୁ ପଡିବ। ଆମେ ଖଣି ମନ୍ତ୍ରଣାଳୟ ସହିତ ଆଲୋଚନା କରିଛୁ ଏବଂ ସେମାନେ ଏହି ପ୍ରସଙ୍ଗରେ କାମ କରୁଛନ୍ତି। ଆମେ ଆଗାମୀ ୨୦ ଦିନ ମଧ୍ୟରେ ଚୂଡ଼ାନ୍ତ ନିଷ୍ପତ୍ତି ନେବାକୁ ଆଶା କରୁଛୁ ବୋଲି କୁମାରସ୍ୱାମୀ କହିଛନ୍ତି।




## ବି. ଶ୍ରୀକୃଷ୍ଣ ରାଜକୁମାର ପୂର୍ବତଟ ରେଳପଥର ନୂଆ ଏଜିଏମ୍



ଭୁବନେଶ୍ୱର,୨୪।୬(ସମିସ): ବି. ଶ୍ରୀକୃଷ୍ଣ ରାଜକୁମାର ପୂର୍ବତଟ ରେଳପଥର ଅତିରିକ୍ତ ମହାପ୍ରବନ୍ଧକ (ଏଜିଏମ୍) ଭାବରେ ମଙ୍ଗଳବାର ଦାୟିତ୍ୱ ଗ୍ରହଣ କରିଛନ୍ତି। ଭାରତୀୟ ରେଳ ଇଞ୍ଜିନିୟର ସେବା ୧୯୮୯ ବ୍ୟାଚର ଜଣେ ଅଧିକାରୀ ରାଜକୁମାରଙ୍କର ରେଳ ଇଞ୍ଜିନିୟରିଂ ଏବଂ ଭିତ୍ତିଭୂମି ବିକାଶରେ ତିନି ଦଶନ୍ଧିରୁ ଅଧିକ ଅଭିଜ୍ଞତା ରହିଛି। ଏହି ନିଯୁକ୍ତି ପୂର୍ବରୁ, ସେ ପୂର୍ବ ତଟ ରେଳପଥର ପ୍ରମୁଖ ମୁଖ୍ୟ ଇଞ୍ଜିନିୟର ଭାବରେ କାର୍ଯ୍ୟ କରିଥିଲେ। ଜୋନରେ ଗୁରୁତ୍ୱପୂର୍ଣ୍ଣ ଭିତ୍ତିଭୂମି ପ୍ରକଳ୍ପଗୁଡ଼ିକ ନିର୍ମାଣରେ ସେ ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରିଥିଲେ। ଆନ୍ଧ୍ର ବିଶ୍ୱବିଦ୍ୟାଳୟରୁ ସେ ସିଭିଲ୍ ଇଞ୍ଜିନିୟରିଂରେ ଡିଗ୍ରୀ ହାସଲ କରିଥିଲେ। ଶ୍ରୀ ରାଜକୁମାର ଆହୁରି ମଧ୍ୟ ଭାରତୀୟ ପରିଚାଳନା ସଂସ୍ଥାନ - ମୁମ୍ବାଇରୁ ଶିଳ୍ପ ଇଞ୍ଜିନିୟରିଂ (ପରିଚାଳନା) ସମାପ୍ତ କରିଥିଲେ। ତାଙ୍କର କ୍ୟାରିୟର ମଧ୍ୟରେସେ ଉତ୍ତର ପୂର୍ବ ରେଳପଥର ମୁଖ୍ୟ ଇଞ୍ଜିନିୟର, ରେଳ ବିକାଶ ନିଗମ ଲିମିଟେଡ୍ (ଆର୍‌ଭିଏନ୍‌ଏଲ୍)ର ମୁଖ୍ୟ ପ୍ରକଳ୍ପ ପରିଚାଳକ ସମେତ ଅନେକ ବରିଷ୍ଠ ପରିଚାଳନା ପଦବୀରେ କାର୍ଯ୍ୟ କରିଛନ୍ତି। ସେ ଗୁରୁତ୍ୱପୂର୍ଣ୍ଣ ରେଳ ଭିତ୍ତିଭୂମି ପ୍ରକଳ୍ପଗୁଡ଼ିକର ସଫଳତାର ସହିତ ନେତୃତ୍ୱ ନେଇଛନ୍ତି ଏବଂ ଯୋଜନା, ଡିଜାଇନ୍, ଜମି ଅଧିଗ୍ରହଣ, ଟେଣ୍ଡରିଂ ଏବଂ ପ୍ରକଳ୍ପ ବିତରଣ ସମେତ କାର୍ଯ୍ୟର ଦାୟିତ୍ୱ ପୁଙ୍ଖାନୁପୁଙ୍ଖ ଭାବେ ତଦାରଖ କରିଛନ୍ତି।

### ● ବଢ଼ିଲା ଅଟୋ କ୍ଲେମ୍ ସେଟଲମେଣ୍ଟ ସୀମା

## ପିଏଫ୍ ଆକାଉଣ୍ଟରୁ ୭୨ ଘଣ୍ଟାରେ ଉଠାଇହେବ ୫ ଲକ୍ଷ ଟଙ୍କା

ନୂଆଦିଲ୍ଲୀ,୨୪।୬(ଏଜେନ୍ସି): ଏଣିକି ଜରୁରୀ ପରିସ୍ଥିତି କିମ୍ବା ଆବଶ୍ୟକତା ସମୟରେ ଆପଣ ୭୨ ଘଣ୍ଟା ମଧ୍ୟରେ ପିଏଫ୍ ଆକାଉଣ୍ଟରୁ ୫ ଲକ୍ଷ ଟଙ୍କା ପର୍ଯ୍ୟନ୍ତ ଉଠାଇପାରିବେ। ପୂର୍ବରୁ ଏହି ସୀମା ୧ ଲକ୍ଷ ଟଙ୍କା ଥିଲା। କେନ୍ଦ୍ର ମନ୍ତ୍ରୀ ମନସୁଖ ମାଣ୍ଡଭିଆ ହି ସୂଚନା ଦେଇଥିଲେ। କର୍ମଚାରୀ ଭବିଷ୍ୟନିଧି ପାଣ୍ଠି ସଂଗଠନ (ଇପିଏଫ୍‌ଓ) ଅଟୋ କ୍ଲେମ୍ ସମାଧାନ ସୀମା ୧ ଲକ୍ଷରୁ ୫ ଲକ୍ଷ ଟଙ୍କାକୁ ବୃଦ୍ଧି କରିବାକୁ ନିଷ୍ପତ୍ତି ନେଇଛି। ଏହାଦ୍ୱାରା ସଦସ୍ୟମାନେ ତୁରନ୍ତ ଆର୍ଥିକ ସହାୟତା ପାଇପାରିବେ। ଏଠାରେ ଦସୂଚନାଯୋଗ୍ୟ ଯେ, ଇପିଏଫ୍‌ଓ




ପ୍ରଥମେ କରୋନା ମହାମାରୀ ସମୟରେ ଅଟୋ-ସେଟଲମେଣ୍ଟ ସୁବିଧା ଆରମ୍ଭ କରିଥିଲା। ପରେ ଏହାକୁ ଅସୁସ୍ଥତା, ଶିକ୍ଷା, ବିବାହ ଏବଂ ଘର ନିର୍ମାଣ ଭଳି ଅଗ୍ରିମ ଦାବି ପାଇଁ ମଧ୍ୟ ଲାଗୁ କରିଥିଲା। ଏହି ପ୍ରକ୍ରିୟା କୌଣସି ମାନବ ହସ୍ତକ୍ଷେପ ବିନା ଶୀଘ୍ର ଏବଂ ସ୍ୱଚ୍ଛ ଭାବରେ ଦାବି ସମାଧାନ କରେ। ଏଥିରେ ତିନି ଦିନ ମଧ୍ୟରେ ଦାବି ସମାଧାନ କରାଯାଏ ଏବଂ ଟଙ୍କା ଗ୍ରହଣ କରାଯାଏ।

## ଟାଟା ମୋଟର୍ସ ସ୍ୱଦେଶୀ ଏସ୍‌ୟୁଭି ହ୍ୟାରିଅର.ଇଭିର ପ୍ରାରମ୍ଭିକ ମୂଲ୍ୟ ଘୋଷଣା

ମୁମ୍ବାଇ, ୨୪।୬: ୪ ଚକିଆ ଇଲେକ୍ଟ୍ରିକ୍ ଯାନ ନିର୍ମାତା ଟାଟା ମୋଟର୍ସ ଭାରତର ସବୁଠାରୁ ଶକ୍ତିଶାଳୀ ଏସ୍‌ୟୁଭି ହ୍ୟାରିଅର.ଇଭିର ପ୍ରାରମ୍ଭିକ ମୂଲ୍ୟ ଘୋଷଣା କରିଛି। ଏହି ଏସ୍‌ୟୁଭିରେ ଏପରି ନୂତନତ୍ୱ ରହିଛି ଯାହା କେବଳ ଶିଳ୍ପରେ ପ୍ରଥମ ନୁହେଁ ବରଂ ବିଶ୍ୱ ସ୍ତରରେ ମଧ୍ୟ ଅଗ୍ରଣୀ। ବ୍ୟାଟେରୀ ପ୍ୟାକ୍ ଉପରେ ଜୀବନବ୍ୟାପୀ ୱାରେଣ୍ଟି ଭଳି ବୈଶିଷ୍ଟ୍ୟଗୁଡ଼ିକ ଦୀର୍ଘକାଳୀନ ନିର୍ଭରଯୋଗ୍ୟତା ସୁନିଶ୍ଚିତ କରେ।




ହ୍ୟାରିଅର.ଇଭି ସୁପରକାର ପରି କାର୍ଯ୍ୟଦକ୍ଷତା, ସମସ୍ତ ଭୂଖଣ୍ଡ କ୍ଷମତା, ଅତ୍ୟାଧୁନିକ ପ୍ରଯୁକ୍ତିବିଦ୍ୟା ଏବଂ ସର୍ବୋତ୍ତମ ଆରାମ ପ୍ରଦାନ କରି ନିଜକୁ ଭବିଷ୍ୟତର ସର୍ବୋତ୍ତମ ଏସ୍‌ୟୁଭି ଭାବରେ ପ୍ରତିଷ୍ଠିତ ହୋଇଛି। ହ୍ୟାରିଅର.ଇଭି ପାଇଁ ବୁକିଂ ୨ ଜୁଲାଇରୁ ଆରମ୍ଭ ହେଉଛି। କ୍ୱାଡ୍ ହ୍ୱିଲ୍ ଡ୍ରାଇଭ୍ ଡୁଆଲ୍-ମୋଟର୍ ସଂସ୍କରଣର ମୂଲ୍ୟ ଜୁନ୍ ୨୭ରେ ଘୋଷଣା କରାଯିବ। ହ୍ୟାରିଅର.ଇଭି ଏହାର ଅତ୍ୟାଧୁନିକ ବୈଶିଷ୍ଟ୍ୟ ସହିତ ଏସ୍‌ୟୁଭି ସେଗମେଣ୍ଟରେ କେବଳ ନୂତନ ମାନଦଣ୍ଡ ପ୍ରତିଷ୍ଠା କରିନାହିଁ ବରଂ ଭାରତୀୟ ଅଟୋମୋବାଇଲ୍ ବଜାରକୁ ଏକ ନୂତନ ଦିଗ ମଧ୍ୟ ଦେଇଛି। ବ୍ୟାଟେରୀ ପ୍ୟାକ୍ ଉପରେ ଜୀବନବ୍ୟାପୀ ୱାରେଣ୍ଟି ପ୍ରଦାନ କରାଯାଇଛି, ଯାହା ଦ୍ୱାରା ଗ୍ରାହକ କୌଣସି ଚିନ୍ତା ବିନା ଇଲେକ୍ଟ୍ରିକ୍ ଯାନ ବ୍ୟବହାର କରିପାରିବେ ହ୍ୟାରିଅର.ଇଭିକୁ ଏହାର ଅତ୍ୟାଧୁନିକ ବୈଶିଷ୍ଟ୍ୟ ସହିତ ଅନୁଭବ କରିପାରିବେ।

## ଇରେଡା ସିଏମଡିଙ୍କୁ 'ସିଏମ୍ଏ ଆଇକନ୍ ୨୦୨୫' ପୁରସ୍କାର



ଭୁବନେଶ୍ୱର,୨୪।୬(ସମିସ): ଭାରତୀୟ ଅକ୍ଷୟ ଶକ୍ତି ବିକାଶ ଏଜେନ୍ସି ଲିମିଟେଡ (ଇରେଡା)ର ଅଧ୍ୟକ୍ଷ ଓ ପରିଚାଳନା ନିର୍ଦ୍ଦେଶକ ପ୍ରଦୀପ କୁମାର ଦାସଙ୍କୁ ଦି ଇନଷ୍ଟିଚ୍ୟୁଟ ଅଫ କଷ୍ଟ ଆକାଉଟାଣ୍ଟସ ଅଫ ଇଣ୍ଡିଆ ପକ୍ଷରୁ ସମ୍ମାନଜନକ 'ସିଏମଏ ଆଇକନ ୨୦୨୫' ପୁରସ୍କାର ପ୍ରଦାନ କରାଯାଇଛି। ନୂଆଦିଲ୍ଲୀର ବିଜ୍ଞାନ ଭବନରେ ଅନୁଷ୍ଠିତ ୧୨ତମ ଜାତୀୟ ଛାତ୍ରଛାତ୍ରୀଙ୍କ ସମାବେଶ-୨୦୨୫ ଅବସରରେ ଜାତୀୟ ତଦନ୍ତ ଏଜେନ୍ସି (ଏନଆଇଏ)ର ମହାନିର୍ଦ୍ଦେଶକ ସଦାନନ୍ଦ ଦାତେ ଏହି ପୁରସ୍କାର ପ୍ରଦାନ କରିଥିଲେ। ୨୦୨୦ ମେ'ରୁ ଇରେଡାର ନେତୃତ୍ୱ ନେଉଥିବା ଶ୍ରୀ ଦାସ କଲିକତା ବିଶ୍ୱବିଦ୍ୟାଳୟର ଜଣେ ବାଣିଜ୍ୟ ଛାତ୍ର ହୋଇଥିବା ବେଳେ ଜାଭିୟର ଇନଷ୍ଟିଚ୍ୟୁଟ ଅଫ ମ୍ୟାନେଜମେଣ୍ଟ ଭୁବନେଶ୍ୱରରୁ ମ୍ୟାନେଜମେଣ୍ଟ ପାଠ ପଢ଼ିଛନ୍ତି। ସେ ଦି ଇନଷ୍ଟିଚ୍ୟୁଟ ଅଫ କଷ୍ଟ ଆକାଉଟାଂଟସ ଅଫ ଇଣ୍ଡିଆର ଜଣେ ଫେଲୋ ଏବଂ ଦି ଇନଷ୍ଟିଚ୍ୟୁଟ ଅଫ କମ୍ପାନି ସେକ୍ରେଟାରିଜ ଅଫ ଇଣ୍ଡିଆର ଜଣେ ସହକାରୀ ସଦସ୍ୟ।

## ଡ. ତିରୁପତି ପାଣିଗ୍ରାହୀଙ୍କୁ 'ଟାଇମ୍ସ ହେଲ୍‌ଥ୍ ଆଇକନ୍' ସମ୍ମାନ



ଭୁବନେଶ୍ୱର,୨୪।୬(ଏଜେନ୍ସି): ପୂର୍ବ ଭାରତର ପ୍ରଥମ ଘରୋଇ ହସ୍ପିଟାଲ୍ ତଥା ଓଡିଶାରେ ଶିକ୍ଷା ଓ ସ୍ୱାସ୍ଥ୍ୟ କ୍ଷେତ୍ରରେ ବୈପ୍ଳବିକ ପରିବର୍ତ୍ତନ ଆଣିଥିବା ହାଇଟେକ୍ ମେଡିକାଲ କଲେଜ ଓ ହସ୍ପିଟାଲ୍‌ର ପ୍ରତିଷ୍ଠାତା ଅଧ୍ୟକ୍ଷ ଡଃ ତିରୁପତି ପାଣିଗ୍ରାହୀଙ୍କୁ 'ଟାଇମ୍ସ ହେଲ୍‌ଥ୍ ଆଇକନ୍' ପୂର୍ବ ଭାରତରେ ଡାକ୍ତରୀ ପ୍ରଗତି ଏବଂ ସାମାଜିକ ଉନ୍ନତିର ପ୍ରତୀକ ସମ୍ମାନରେ ବଲିଉଡ୍‌ର ଅଭିନେତ୍ରୀ ରବିନା ଟଣ୍ଡନଙ୍କ ଦ୍ୱାରା ସମ୍ମାନିତ କରାଯାଇଛି। ଟାଇମ୍ସ ହେଲ୍‌ଥ୍ ଆଇକନ୍ ଉତ୍ସବରେ ମୁଖ୍ୟ ଅତିଥି ଭାବେ ରାଜ୍ୟପାଳ ଡକ୍ଟର ହରି ବାବୁ କମ୍ଭମପତି ଯୋଗଦେଇ ଶିକ୍ଷା ସହ ସ୍ୱାସ୍ଥ୍ୟ ସେବା କ୍ଷେତ୍ରରେ ଓଡିଶା ପୂର୍ବ ଭାରତରେ ଅଗ୍ରଣୀ ଭୂମିକା ନେଇଛି। ରାଜ୍ୟରେ ସ୍ୱାସ୍ଥ୍ୟ ସେବା କ୍ଷେତ୍ରରେ ହାଇଟେକ୍ ମେଡିକାଲ କଲେଜ ଓ ହସ୍ପିଟାଲ୍ ମୁଖ୍ୟ ଭୂମିକା ନେଇଥିବାରୁ ଏହି କାର୍ଯ୍ୟକ୍ରମରେ ହାଇଟେକ୍ ଗ୍ରୁପ୍‌କୁ 'ସମନ୍ୱିତ ଡାକ୍ତରୀ ଶିକ୍ଷା ଏବଂ ବ୍ୟାପକ ରୋଗୀ ଯତ୍ନ କ୍ଷେତ୍ରରେ ଉତ୍କର୍ଷତା' ସମ୍ମାନରେ ସମ୍ମାନିତ କରାଯାଇଛି। ହାଇଟେକ୍ ଗ୍ରୁପ୍‌ର ଉପ-ନିର୍ଦ୍ଦେଶକ ଅନିଲ୍ କୁମାର ପାଣିଗ୍ରାହୀ, ହାଇଟେକ୍ ହସ୍ପିଟାଲ୍‌ର ଜେନେରାଲ୍ ମେଡିସିନ୍ ବିଭାଗର ପ୍ରଫେସର୍ ଡକ୍ଟର ସଂଜୟ କୁମାର ଜାଙ୍ଗୀଦ୍, ଡ. ଦୀପକ୍ କୁମାର ଦାଶ, ହୃଦ୍‌ରୋଗ ବିଭାଗୀୟ ମୁଖ୍ୟ ତଥା ନିର୍ଦ୍ଦେଶକ ଓ ଡିନ୍ ପ୍ରଫେସର୍ ଡ. ଅକ୍ଷୟ କୁମାର ସାମଲ, ସାଇକାଟ୍ରିକ୍ ବିଭାଗର ପ୍ରଫେସର୍ ଡ. ଅମ୍ରିତ ପଟ୍ଟଯୋଶୀଙ୍କ ସହ ସିଓଓ ଜ୍ୟୋତିର୍ମୟ ପଣ୍ଡା, ବ୍ରାଣ୍ଡିଙ୍ଗ୍ ବିଭାଗୀୟ ମୁଖ୍ୟ ବିକ୍ରମ କୁମାର ସିଂ ଉପସ୍ଥିତ ଥିଲେ।

## ଷ୍ଟାର ୟୁନିୟନ ଡାଇ-ଇଚି-ପଲିସୀବଜାର ସହଭାଗିତା

ଭୁବନେଶ୍ୱର,୨୪।୬(ଏଜେନ୍ସି): ଷ୍ଟାର ୟୁନିୟନ ଡାଇ-ଇଚି ଲାଇଫ୍ ଇନ୍‌ସୁରେନ୍ସ କମ୍ପାନୀ ଲିମିଟେଡ୍ (ଏସ୍‌ୟୁଡି ଲାଇଫ୍) ପଲିସୀବଜାର ସହିତ ଭାଗୀଦାରି କରିଛି ଯାହା ମାଧ୍ୟମରେ ଏସ୍‌ୟୁଡି ଲାଇଫ୍ ନିଫ୍‌ଟି ଆଲଫା ୫୦ ଇଣ୍ଡେକ୍ସ ପେନ୍‌ସନ୍ ଫଣ୍ଡ ପ୍ରଦାନ କରାଯିବ,ଯାହା ହେଉଛି ଏକ ନୂତନ, ଉଚ୍ଚ ସମ୍ଭାବନା ସମ୍ପନ୍ନ ଇକ୍ୱିଟି ଫଣ୍ଡ ଯାହା ଏସ୍‌ୟୁଡି ଲାଇଫ୍ ପେନ୍‌ସନ୍ ପ୍ଲସ୍ ୟୁଏଲ୍‌ଆଇପି ପେନ୍‌ସନ୍ ପ୍ରଡକ୍ଟ ପାଇଁ ଡିଜାଇନ୍ କରାଯାଇଛି। ଏହି ନବୀନ ଫଣ୍ଡ ଗ୍ରାହକମାନେ ଦୀର୍ଘକାଳୀନ ଧନ ସୃଷ୍ଟି ପାଇଁ ଏକ ରଣନୈତିକ ଅବସର ମାଧ୍ୟମରେ ସଶକ୍ତ ହେବାକୁ ସାହାଯ୍ୟ କରିବ, ଯାହା ଉତ୍ତମ ରିଟର୍ନ୍ ଦେଇ ତାଙ୍କର ଅବସର ପରବର୍ତ୍ତୀ ସଞ୍ଚୟକୁ ମଜବୁତ କରିବ ଓ ଆର୍ଥିକ ଭବିଷ୍ୟତକୁ ଅଧିକ ସ୍ଥିର କରିପାରିବ। ଏସ୍‌ୟୁଡି ଲାଇଫ୍ ନିଫ୍‌ଟି ଆଲଫା ୫୦ ଇଣ୍ଡେକ୍ସ ପେନ୍‌ସନ୍ ଫଣ୍ଡ ଦୀର୍ଘକାଳୀନ ଧନ ସୃଷ୍ଟି ପାଇଁ ଏକ କେନ୍ଦ୍ରିତ ଦୃଷ୍ଟିକୋଣ ନେଇ ଆଗେଇଯାଏ, ଯେଉଁଥିରେ ଶୀର୍ଷ ୩୦୦ କମ୍ପାନୀ ମଧ୍ୟରୁ ବଛିତ ୫୦ ଉତ୍ତମ କାର୍ଯ୍ୟକାରୀ ଷ୍ଟକ୍‌ରେ ନିବେଶ କରାଯାଏ।

## ଜେଲ୍ ଗଲେ ତାମିଲ ଅଭିନେତା ଶ୍ରୀକାନ୍ତ

ଚେନ୍ନଇ, ୨୪।୬(ଏଜେନ୍ସି): କୋକେନ ଭଳି ନିଶାଦ୍ରବ୍ୟ ପାଖରେ ରଖିବା ଓ ତାକୁ ବ୍ୟବହାର କରିବା ଅଭିଯୋଗରେ ଗିରଫ ହେବାର ଗୋଟିଏ ଦିନ ପରେ ଜଣାଶୁଣା ତାମିଲ ଅଭିନେତା ଶ୍ରୀକାନ୍ତଙ୍କୁ ଜୁଲାଇ ୭ ତାରିଖ ପର୍ଯ୍ୟନ୍ତ ବିଚାର



ବିଭାଗୀୟ ହାଜତକୁ ପଠାଇ ଦିଆଯାଇଛି। ସୋମବାର ଗ୍ରେଟର ଚେନ୍ନଇ ପୁଲିସ୍ ତାଙ୍କୁ ଗିରଫ କରିଥିଲା। ତାଙ୍କୁ ନୁଙ୍ଗାମ୍ବାକାମ୍ ଥାନାରେ ୯ ଘଣ୍ଟା ଧରି ପୁଲିସ୍ ପଚରାଉଚରା କରିଥିଲା। ତାଙ୍କ ରକ୍ତ ନମୁନାରେ ନାର୍କୋଟିକ୍ ପଦାର୍ଥ ଥିବାର ପ୍ରମାଣ ମିଳିଥିଲା। ଏନେଇ ପୁଲିସ ତଦନ୍ତ ଜାରି ରଖିଛି।

## ଖାଇବା ପରେ ଏୟାର ଇଣ୍ଡିଆ ବିମାନରେ ୫ ଅସୁସ୍ଥ

ନୂଆଦିଲ୍ଲୀ, ୨୪।୬(ଏଜେନ୍ସି): ଲଣ୍ଡନର ହିଥ୍ରୋ ବିମାନ ବନ୍ଦରରୁ ମୁମ୍ବଇ ଆସୁଥିବା ଏୟାର ଇଣ୍ଡିଆର ଏଆଇ-୧୩୦ ବିମାନରେ ହଠାତ ୫ ଜଣ ଯାତ୍ରୀ ଓ ଦୁଇଜଣ କ୍ରୁ ମେମ୍ବର ଅସୁସ୍ଥ ହୋଇ ପଡ଼ିଥିଲେ। ଏମାନଙ୍କ ମୁଣ୍ଡ ବୁଲାଇବା ସହ ବାନ୍ତି ହୋଇଥିଲା। ସୋମବାର ଏୟାର ଇଣ୍ଡିଆ ଏ ନେଇ ସୂଚନା ଦେଇଛି। ମୁମ୍ବାଇରେ ବିମାନ ସୁରକ୍ଷିତ ଭାବେ ପହଞ୍ଚିବା ପୂର୍ବରୁ ମେଡିକାଲ ଟିମ୍ ପ୍ରସ୍ତୁତ ହୋଇ ରହିଥିଲା। ଦୁଇ ଯାତ୍ରୀ ଓ ଦୁଇଜଣ କ୍ରୁ ମେମ୍ବରଙ୍କୁ ମେଡିକାଲ ରୁମ୍‌କୁ ନିଆଯାଇ ଚିକିତ୍ସା କରାଯାଇଥିଲା। ପରେ ସମସ୍ତଙ୍କୁ ଡିସ୍‌ଚାର୍ଜ କରାଯାଇଥିଲା। ଏହି ଘଟଣା ଯାଞ୍ଚ କରାଯାଉଛି ଓ ଯାଞ୍ଚ ଏଜେନ୍ସିକୁ ସୂଚନା ଦିଆଯାଇଛି ବୋଲି ଏୟାର ଇଣ୍ଡିଆ କହିଛି। ଫୁଡ ପଏଜନିଂ ଯୋଗୁଁ ସେମାନେ ଅସୁସ୍ଥ ହୋଇପଡ଼ିଥିବା କୁହାଯାଉଛି।

## ଚୀନ୍ ବୈଦେଶିକ ମନ୍ତ୍ରୀଙ୍କୁ ଭେଟିଲେ ଅଜିତ ଡୋଭାଲ

ନୂଆଦିଲ୍ଲୀ, ୨୪।୬(ଏଜେନ୍ସି): ନ୍ୟାସନାଲ ସିକ୍ୟୁରିଟି ଆଡଭାଇଜର (ଏସ୍‌ଏସ୍‌ଏ) ଅଜିତ ଡୋଭାଲ ସୋମବାର ବେଜିଂରେ ଚୀନର ଷ୍ଟେଟ୍ କାଉନସିଲର ତଥା ବୈଦେଶିକ ମନ୍ତ୍ରୀ ୱାଙ୍ଗ ୟିଙ୍କୁ ଭେଟିଛନ୍ତି। ସାଂଘାଇ କୋପରେସନ୍ ଅର୍ଗାନାଇଜେସନ (ଏସ୍‌ସିଓ)ର ନ୍ୟାସନାଲ ଆଡଭାଇଜରମାନଙ୍କ ବିଂଶତମ ବୈଠକ ଅବସରରେ ଦୁହେଁ ପରସ୍ପରକୁ ଭେଟିଥିଲେ। ଶାନ୍ତି ଓ ସ୍ଥିରତା ବଜାୟ ରଖିବାକୁ ହେଲେ



ଆତଙ୍କବାଦର ସବୁ ରୂପ ତଥା ପ୍ରୟାସକୁ ମିଳିତ ଭାବେ ପଣ୍ଡ କରିବାର ଆବଶ୍ୟକତା ରହିଛି ବୋଲି ଡୋଭଲା ତାଙ୍କୁ କହିଥିଲେ। ଭାରତ ଓ ଚୀନ୍ ମଧ୍ୟରେ ଦ୍ୱିପାକ୍ଷିକ ସମ୍ପର୍କର ଉନ୍ନତି ନେଇ ଦୁହେଁ ସମୀକ୍ଷା କରିଥିଲେ। ସୀମାରେ ଶାନ୍ତି ବଜାୟ ରଖିବା ଜରୁରୀ ବୋଲି ଡୋଭାଲ କହିଥିଲେ।

## 'କରୋନା ଏବେ ଗମ୍ଭୀର ରୋଗ ନୁହଁ'

ନୂଆଦିଲ୍ଲୀ, ୨୪।୬(ଏଜେନ୍ସି): ଗତ ଦୁଇ ସପ୍ତାହ ମଧ୍ୟରେ କରୋନା ମାମାଲରେ ଯଥେଷ୍ଟ ଅବନତୀ ପରିଲକ୍ଷିତ ହୋଇଛି। ଗତ ୧୨ ଦିନ ମଧ୍ୟରେ ୩, ୦୦୦ରୁ ଅଧିକ ଆକ୍ଟିଭ କରୋନା କେସ୍‌ରେ ଅବନତୀ ପରିଲକ୍ଷିତ ହୋଇଛି। ଜୁନ୍ ୧୨ରେ ୭୧୩୧ ଆକ୍ଟିଭ କେସ୍ ଥିଲା। ଏହ ଏହି ସଂଖ୍ୟା ତଳକୁ ଖସି ୪୦୮ ୯ରେ ପହଞ୍ଚିଛି। ଗତ ୨୪ ଘଣ୍ଟା ମଧ୍ୟରେ କେବଳ ୭ଟି ନୂଆ କେସ ସାମ୍ନାକୁ ଆସିଛି ଏବଂ ୩ ଜଣ ସଂକ୍ରମିତ ପ୍ରାଣ ହରାଇଛନ୍ତି। କେରଳରେ ସର୍ବାଧିକ ୪୦ଜଣ ଓ ମହାରାଷ୍ଟ୍ରରେ ୩୩ ଜଣ ଲୋକ ପ୍ରାଣ ହରାଇଛନ୍ତି। କରୋନା ଏବେ ଆଉ ଏକ ଗମ୍ଭୀର ରୋଗ ହୋଇ ରହିନାହିଁ ବୋଲି ମ୍ୟାକ୍ସ ସାକେତ ହସ୍ପିଟାଲର ନିର୍ଦ୍ଦେଶକ ରୋମେଲ ଟିକ୍କୁ କହିଛନ୍ତି। ଯେଉଁ ଲୋକଙ୍କୁ ଏବେ ସର୍ଦ୍ଦି, କାଶ, ଜ୍ୱର ହେଉଛି ସେମାନେ କରୋନା ଟେଷ୍ଟ କରିବାର ଆଉ ଆବଶ୍ୟକତା ନାହିଁ ବୋଲି ସେ କହିଛନ୍ତି।

## ଆଲୋଚନା ପାଇଁ ରାହୁଲଙ୍କୁ ଡାକିଲେ ନିର୍ବାଚନ କମିଶନ

ନୂଆଦିଲ୍ଲୀ, ୨୪।୬ (ଏଜେନ୍ସି): ମହାରାଷ୍ଟ୍ର ବିଧାନସଭା ନିର୍ବାଚନରେ ଜାଲିଆତି ହୋଇଥିବା ଅଭିଯୋଗ ପରେ ନିର୍ବାଚନ କମିଶନ ଲୋକସଭାର ବିରୋଧୀ ଦଳ ନେତା ତଥା କଂଗ୍ରେସ ସାଂସଦ ରାହୁଲ ଗାନ୍ଧୀଙ୍କୁ ଚିଠି ଲେଖିଛନ୍ତି। ଏହି ଅଭିଯୋଗ ଉପରେ ଚର୍ଚ୍ଚା ପାଇଁ ସେ ରାହୁଲଙ୍କ ଡାକିଛନ୍ତି। ଗତ ୧୨ ତାରିଖରେ ଏହି ଚିଠି ଲେଖା ଯାଇଥିଲା। ଏଥିରେ କୁହାଯାଇଛି ଯେ ନିର୍ବାଚନୀ ନିୟମ ଅନୁସାରେ ସବୁ ରାଜ୍ୟରେ ନିର୍ବାଚନ ହୋଇଛି। ମହାରାଷ୍ଟ୍ରରେ ମଧ୍ୟ ସବୁ ନିୟମକୁ କଠୋର ଭାବେ ଲାଗୁ କରାଯାଇଥିଲା। ନିର୍ବାଚନକୁ ନେଇ କଂଗ୍ରେସ ନେତା କୋର୍ଟରେ ଯେଉଁ ମାମଲା ରୁଜୁ କରିଥିଲେ ତାହାର ଉଚିତ ଉତ୍ତର ଦିଆଯାଇଛି। ଯଦି ଆଉ କିଛି ସମସ୍ୟା ଅଛି ତେବେ ବ୍ୟକ୍ତିଗତ ଭାବେ ଆଲୋଚନା କରିପାରିବେ। ସବୁ ପ୍ରସଙ୍ଗରେ ଆଲୋଚନା ଲାଗି କମିଶନ ପ୍ରସ୍ତୁତ ଅଛନ୍ତି। ଏଥିପାଇଁ ତାରିଖ ଏବଂ ସମୟ ଦିଅନ୍ତୁ।

ଇରାନ-ଇସ୍ରାଏଲ ଯୁଦ୍ଧ

# ଦୁଇ ଦେଶ ଛାରଖାର



■ ତିନି ପରମାଣୁ ଠିକଣା ଧ୍ୱଂସ କରିଛୁ: ଆମେରିକା

■ ସାମରିକ ଆଡ୍ଡା ନଷ୍ଟ କରିଦେଇଛୁ: ଇସ୍ରାଏଲ

■ ଇସ୍ରାଏଲ ସହର ଛାରଖାର କରିଛୁ: ଇରାନ

ୱାସିଂଟନ, ୨୪।୬ (ଏଜେନ୍ସି): ଦୀର୍ଘ ୧୨ ଦିନହେଲା ଇସ୍ରାଏଲ-ଇରାନ ସଂଘର୍ଷର ଜାରି ରହିଛି। ଏହି ଯୁଦ୍ଧରେ ଆମେରିକା ପ୍ରବେଶ କରି ସ୍ଥିତିକୁ ଅଧିକ ସାଂଘାତିକ କରିଦେଇଥିଲା। ଇରାନର ତିନି ପରମାଣୁ କେନ୍ଦ୍ର ଉପରେ ବଙ୍କର ବଷ୍ଟର ଏବଂ ଟମ୍ ହକ୍ କ୍ଷେପଣାସ୍ତ୍ର ମାଡ଼ କରି ଏହାକୁ ବିଶ୍ୱଯୁଦ୍ଧ ମୁହାଁ କରାଇ ଥିଲା। ଏହା ପରେ ଇରାନ ଦୃଢ଼ ଜବାବ ଦେବାକୁ ଧମକ ଦେଇଥିଲା। କାତାରରେ ଥିବା ଆମେରିକା ଘାଟୀ ଉପରେ ଆକ୍ରମଣ କରିଥିଲା। କିନ୍ତୁ ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ଆଜି ନିଜେ ଇସ୍ରାଏଲ ଓ ଇରାନ ମଧ୍ୟରେ ଅସ୍ତ୍ରବିରତି ହୋଇଛି ବୋଲି ଘୋଷଣା କରିଥିଲେ। ନିଜ ପାଇଲଟଙ୍କୁ ଫେରାଇ ଆଣିବା ପାଇଁ ଇସ୍ରାଏଲକୁ କହିଥିଲେ। ଅସ୍ତ୍ରବିରତି ତତ୍କାଳ କାର୍ଯ୍ୟକାରୀ ହେଲା ବୋଲି କହିଥିଲେ। କେହି ଆଉ ଆହତ ହେବେନି ବୋଲି ଘୋଷଣା କରିଥିଲେ ଏବଂ ସମସ୍ତଙ୍କୁ ଧନ୍ୟବାଦ ଦେଇଥିଲେ। ଏହା ଦ୍ୱାରା ବିଶ୍ୱକୁ ଆଶ୍ୱସ୍ତି ମିଳିବ ବୋଲି ଆଶା ଥିଲା। ମଧ୍ୟପ୍ରାଚ୍ୟରେ ଶାନ୍ତି ପ୍ରତିଷ୍ଠା ହେଲା ବୋଲି ଧରା ଯାଇଥିଲା। କିନ୍ତୁ ଏହାର ଅଢ଼େଇ ଘଣ୍ଟା ପରେ ପୁଣି ଇସ୍ରାଏଲ ଏବଂ ଇରାନ ପରସ୍ପର ଉପରେ କ୍ଷେପଣାସ୍ତ୍ର ମାଡ଼ କରିଛନ୍ତି। ଟ୍ରମ୍ପଙ୍କୁ କେହି ଖାତିର କରିନାହାନ୍ତି। ଏହାକୁ ନେଇ ଟ୍ରମ୍ପ ତୀବ୍ର ଅସନ୍ତୋଷ ପ୍ରକାଶ କରିଛନ୍ତି। ଦୁଇ ଦେଶକୁ ଭର୍ତ୍ସନା କରି ଅଭଦ୍ର ଭାଷାରେ ଗାଳି ଦେଇଛନ୍ତି। ଦୀର୍ଘ ଦିନ ଧରି ଯୁଦ୍ଧ ଚାଲିବ। ଉଭୟ ରାଷ୍ଟ୍ର କଣ କରୁଛନ୍ତି ନିଜେ ଜାଣିନାହାନ୍ତି ବୋଲି ଟ୍ରମ୍ପ କହିଛନ୍ତି।

ଗତ ୧୨ ଘଣ୍ଟା ମଧ୍ୟରେ ଏହି ଯୁଦ୍ଧକୁ ନେଇ ଯାହା ଘଟିଛି ତାହା ସମସ୍ତଙ୍କୁ ଆଶ୍ଚର୍ଯ୍ୟ କରିଦେଇଛି। ଅସ୍ତ୍ରବିରତି ଘୋଷଣା ପରେ ତିନି ପକ୍ଷ ଆମେରିକା, ଇରାନ ଏବଂ ଇସ୍ରାଏଲ ବିଜୟୀ ହୋଇଥିବା ଘୋଷଣା କରିଥିଲେ। ଆମେରିକା ଦାବି କରିଥିଲା ଯେ ଏହା ଇରାନର ପରମାଣୁ କ୍ଷମତାକୁ ହ୍ରାସ କରିଦେଇଛି। ତେହେରାନକୁ ଯଥେଷ୍ଟ ଦୁର୍ବଳ କରିବାକୁ ନେଇ ଇସ୍ରାଏଲ ଗର୍ବ କରୁଛି। ବିଶ୍ୱର ସବୁଠାରୁ ଶକ୍ତିଶାଳୀ ଦେଶ ବିରୋଧରେ ଠିଆ ହେବା ଏବଂ ପଛକୁ ନ ହଟିବାକୁ ନେଇ ଇରାନ ମଧ୍ୟ ଗର୍ବ କରୁଛି।

ଯୁଦ୍ଧରେ ଇସ୍ରାଏଲ ନିଜକୁ ଅଜେୟ ଭାବୁଥିଲା। ୨୦୨୧ ମସିହା ପରଠାରୁ ୫ଟି ଯୁଦ୍ଧ କରିଥିଲା। କିନ୍ତୁ ଇରାନ ଏହି ଦେଶର ଗର୍ବକୁ ଚୂର୍ଣ୍ଣ କରିଦେଇଛି। ତୁହାକୁ ତୁହା କ୍ଷେପଣାସ୍ତ୍ର, ଡ୍ରୋନ ଆଦି ମାଡ଼ କରି ଇସ୍ରାଏଲର ଅଶେଷ କ୍ଷତି ଘଟାଇଛି। ଇରାନ ହାଇପରସୋନିକ କ୍ଷେପଣାସ୍ତ୍ର ଇସ୍ରାଏଲର ଆଇରନ ଡୋମକୁ ମାତ୍ ଦେଇଛି। କୂଟନୀତି ମାଧ୍ୟମରେ ବିବାଦର ସମାଧାନ ଦାବି କରୁଥିବା ଆମେରିକା ଗତ ରବିବାର ଇରାନରେ ବୋମା ମାଡ଼ କରି ସମସ୍ତଙ୍କୁ ଚମକାଇ ଦେଇଥିଲା। ଇରାନକୁ ଟ୍ରମ୍ପ ମଧ୍ୟପ୍ରାଚ୍ୟର ଗୁଣ୍ଡା ବୋଲି କହି ଶାନ୍ତି ପାଇଁ ଚାପ ପକାଇ ଥିଲେ। ଇରାନର ପରମାଣୁ କେନ୍ଦ୍ର ସମ୍ପୂର୍ଣ୍ଣ ଧ୍ୱଂସ ହୋଇଯାଇଥିବା କହିଥିଲେ। କିନ୍ତୁ ଯୁଦ୍ଧ ସମାଧାନ ନୁହେଁ ବୋଲି ଆମେରିକା ଜାଣିଥିଲା। ଘରୋଇ ସମର୍ଥନ ମିଳୁଥିବା ପର୍ଯ୍ୟନ୍ତ ଇରାନ ଆଲୋଚନାର ମାର୍ଗକୁ ଫେରିବ ନାହିଁ ବୋଲି ଟ୍ରମ୍ପ ଜାଣିଥିଲେ। କାତାର ଏୟାରବେସରେ ଇରାନ ଆକ୍ରମଣ ପରେ ବି ଟ୍ରମ୍ପ ଆଶ୍ଚର୍ଯ୍ୟଜନକ ଭାବେ ଚୁପ୍ ରହିଥିଲେ। ଆଗକୁ କାହାର କୌଣସି କ୍ଷତି ହେବନି ବୋଲି କହିଥିଲେ। ଆଗୁଆ ନୋଟିସ ଦେଇଥିବାରୁ ସେ ଇରାନକୁ ଧନ୍ୟବାଦ ଦେଇଥିଲେ। ଏହା ପରେ ଟ୍ରମ୍ପ ଶାନ୍ତି ଦୂତ ସାଜିଥିଲେ। ସଂଘର୍ଷରେ ଆମେରିକାର କୌଣସି କ୍ଷତି ହୋଇ ନ ଥିଲା। ୱାଶିଂଟନ ନିଜ କ୍ଷମତା ମଧ୍ୟ ପ୍ରଦର୍ଶନ କରିଥିଲା। ଶେଷରେ ଟ୍ରମ୍ପ ଶାନ୍ତି ପ୍ରତିଷ୍ଠାର ଶ୍ରେୟ ନିଜକୁ ଦେବାକୁ ପଛାଇ ନ ଥିଲେ। ଏହା ଆମେରିକା ପାଇଁ ବିଜୟ ସ୍ଥିତି ଭଳି। ସେହିପରି ଇରାନରେ ଆକ୍ରମଣ କରି ୧୪ ପରମାଣୁ ବୈଜ୍ଞାନିକଙ୍କୁ ହତ୍ୟା, ଏୟାର ଡିଫେନ୍ସ ସିଷ୍ଟମ, ପରମାଣୁ କେନ୍ଦ୍ର ଧ୍ୱଂସ ସହିତ ଅନେକ କ୍ଷୟକ୍ଷତି କରିଥିବା ଦାବି କରିଥିଲା। ଏହି ଯୁଦ୍ଧରେ ଆମେରିକାକୁ ସାମିଲ କରିବା ଇସ୍ରାଏଲର ବଡ଼ ସଫଳତା ଥିଲା। ଆମେରିକା ତେଲ ଆଭିଭକୁ ସମ୍ପୂର୍ଣ୍ଣ ସମର୍ଥନ କରୁଛି ବୋଲି ଜଣାଇ ଦେଇଥିଲା। ଚଳିତ ବର୍ଷ ଦେଶରେ ନିର୍ବାଚନ ହେଉଥିବାରୁ ଏହା ଇସ୍ରାଏଲ ପ୍ରଧାନମନ୍ତ୍ରୀ ବେଞ୍ଜାମିନ ନେତନ୍ୟାହୁଙ୍କ ଛବି ମଜବୁତ ହୋଇଥିଲା। ତେଣୁ ସେ ଅସ୍ତ୍ରବିରତିର ଶ୍ରେୟ ନେବାରେ ଲାଗିଛନ୍ତି।

ଅନ୍ୟପଟେ ଇରାନ ନିଜର ତିନି ଶହ ବର୍ଷ ଇତିହାସରେ ପ୍ରଥମ ଥର ପାଇଁ ଇସ୍ରାଏଲ ଉପରେ ଆକ୍ରମଣ କରି ଯୁଦ୍ଧରେ ସାମିଲ ହୋଇଥିଲା। କିନ୍ତୁ ଯୁଦ୍ଧରେ ଆମେରିକା ସାମିଲ ହେବା ଇରାନ ପାଇଁ ଜଟିଳ ସ୍ଥିତି ସୃଷ୍ଟି କରିଥିଲା। ନିଜର ପ୍ରତିଷ୍ଠା ବଞ୍ଚାଇବା ପାଇଁ ଇରାନ ଆମେରିକା ଏୟାରବେସ୍ ଉପରେ ଆକ୍ରମଣ କରିବାକୁ ବି ପଛାଇ ନ ଥିଲା। ବଙ୍କରରେ ଥାଇ ସର୍ବୋଚ୍ଚ ନେତା ଅୟତୁଲ୍ଲା ଖାମନେଇ ଆକ୍ରମଣ ନିର୍ଦ୍ଦେଶ ଦେଇଥିଲେ। କାତାର ମଧ୍ୟ ଇରାନର ଘନିଷ୍ଠ ସହଯୋଗୀ। ତେବେ ଆଶ୍ଚର୍ଯ୍ୟର ବିଷୟ ଏହି କି ଯେ ଏଲ ଉଦିଦ ଏୟାରବେସ ଉପରେ ଆକ୍ରମଣ ପୂର୍ବରୁ ଆମେରିକାକୁ ଇରାନ ଆଗୁଆ ସୂଚନା ପ୍ରଦାନ କରିଥିଲା। ଏହି ଆକ୍ରମଣ କରି ଇରାନ ନିଜ ଶକ୍ତି ପ୍ରଦର୍ଶନ କରିଥିଲା। ଯୁଦ୍ଧରେ କୌଣସି ଆମେରିକୀୟ ନାଗରିକ ପ୍ରାଣ ହରାଇଥିଲେ ସ୍ଥିତି ଭୟଙ୍କର ହୋଇଥାନ୍ତା ବୋଲି ଇରାନ ଜାଣିଥିଲା। ତେଣୁ ସେ ଆଲୋଚନାର ରାସ୍ତାକୁ ଉନ୍ମୁକ୍ତ ରଖିଥିଲା। ଏହାପରେ ଆମେରିକା କିମ୍ବା ଇରାନ କେହି ଆକ୍ରମଣ କରି ନ ଥିଲେ। ଏହା ଦ୍ୱାରା ଇରାନ ନିଜ ଛବିକୁ ଦୃଢ଼ କରିଥିଲା।

## ଇରାନର ୪୦୦ କେଜି ୟୁରାନିୟମ ଗାଏବ

ୱାସିଂଟନ, ୨୪।୬ (ଏଜେନ୍ସି): ଯେଉଁ ଉଦ୍ଦେଶ୍ୟ ରଖି ଆମେରିକା ଇରାନ ପରମାଣୁ ଠିକଣାରେ ଆକ୍ରମଣ କରିଥିଲା ତାହା ଶତ ପ୍ରତଶତ ସଫଳ ହୋଇପାରି ନ ଥିଲା। କାରଣ ଆମେରିକାର କାର୍ଯ୍ୟାନୁଷ୍ଠାନ ପୂର୍ବରୁ ଇରାନ ୪୦୦ କେଜି ୟୁରାନିୟମକୁ ଅନ୍ୟତ୍ର ସ୍ଥାନାନ୍ତର କରିଦେଇଥିଲା। ଏହାକୁ ନେଇ ଆମେରିକା ଛାନିଆ ହୋଇଯାଇଛି। ୧୦ଟି ପରମାଣୁ ଅସ୍ତ୍ରଶସ୍ତ୍ର ନିର୍ମାଣ ପାଇଁ ଏହି ୟୁରାନିୟମ ଯଥେଷ୍ଟ ବୋଲି ଆମେରିକା ଉପ-ରାଷ୍ଟ୍ରପତି ଜେଡି ଭାନ୍ସ କହିଛନ୍ତି। ଏହି ୟୁରାନିୟମ ଇରାନର ପରମାଣୁ କାର୍ଯ୍ୟକ୍ରମକୁ ପୁଣିଥରେ ଗତି ଦେବ ବୋଲି ଆମେରିକା ସନ୍ଦେହ କରୁଛି।

ଇରାନ ପରମାଣୁ ଅସ୍ତ୍ର ହାସଲ ଦିଗରେ ଉଲ୍ଲେଖନୀୟ ଅଗ୍ରଗତି କରିଥିଲା। ୟୁରାନିୟମର ୬୦ ପ୍ରତିଶତ ସୁଦ୍ଧତା ହାସଲ କରି ନେଇଥିଲା। କିନ୍ତୁ ୯୦ ପ୍ରତିଶତ ସୁଦ୍ଧତା ହାସଲ କରିବା ପରେ ଯାଇ ପରମାଣୁ ଅସ୍ତ୍ରଶସ୍ତ୍ର ପ୍ରସ୍ତୁତ କରିହେବ। ଏହା ସହିତ ପରମାଣୁ ଚୁକ୍ତି ନେଇ ଆମେରିକା ଇରାନ ଉପରେ ଚାପ ପକାଇବାରେ ଲାଗିଛି। ଚୁକ୍ତି ନ କଲେ ବଡ଼ଧରଣର ଆକ୍ରମଣ ହେବ ବୋଲି ଆମେରିକା ରାଷ୍ଟ୍ରପତି ଟ୍ରମ୍ପ ଧମକ ଦେଇଛନ୍ତି। ଉପଗ୍ରହ ଚିତ୍ରରୁ ଜଣାପଡ଼ିଛି ଯେ ଆମେରିକା ଆକ୍ରମଣ ପୂର୍ବରୁ ଫର୍ଦୋ ପରମାଣୁ କେନ୍ଦ୍ର ବାହାରେ ୧୬ଟି ଟ୍ରକ୍ ଛିଡ଼ା ହୋଇଥିଲା। ଏହି ପରମାଣୁ କେନ୍ଦ୍ର ପାହାଡ କାଟି ନିର୍ମାଣ କରାଯାଇଛି। ତେଣୁ ଏହା କ୍ଷେପଣାସ୍ତ୍ର ଆକ୍ରମଣକୁ ବି ସହି ନେଉଥିଲା। ଏହାକୁ ଦେଖି ଆମେରିକାକୁ ବଙ୍କର ବଷ୍ଟର ପକାଇବା ପାଇଁ ଇସ୍ରାଏଲ ଅନୁରୋଧ କରିଥିଲା। ଏହା ପରେ ବି-୨ ବମ୍ବର୍ସ ମାଧ୍ୟମରେ ଆମେରିକା ଆକ୍ରମଣ କରିଥିଲା। ତେବେ ଏଠାରୁ ଇରାନ କେଉଁଠିକୁ ୟୁରାନିୟମ ସ୍ଥାନାନ୍ତର କଲା ବୋଲି ଜଣାପଡ଼ି ନାହିଁ।

ପୂର୍ବରୁ ପରମାଣୁ ଅସ୍ତ୍ରଶସ୍ତ୍ର ହସ୍ତାନ୍ତର କରିବା ପାଇଁ ରୁଷ୍ ଇରାନକୁ କହିଥିଲା। କିନ୍ତୁ ଇସ୍‌ଫାହନ ରାଜଧାନୀ ନିକଟସ୍ଥ କୌଣସି ଭୂତଳ କେନ୍ଦ୍ରକୁ ଏହି ୟୁରାନିୟମ ନିଆଯାଇଛି ବୋଲି ଆମେରିକା ଏବଂ ଇସ୍ରାଏଲ ଆଶଙ୍କା କରୁଛନ୍ତି। ଇଣ୍ଟରନ୍ୟାସନାଲ ଅଟୋମିକ ଏନର୍ଜି ଏଜେନ୍ସି (ଆଇଏଇଏ)ର ଅଧ୍ୟକ୍ଷ କହିଛନ୍ତି ଯେ ଇସ୍ରାଏଲର ପ୍ରଥମ ଆକ୍ରମଣ ସମୟରେ ଏହି କେନ୍ଦ୍ର ଉପରେ ଲକ୍ଷ୍ୟ ରଖାଯାଇଥିଲା। ଖୁବଶୀଘ୍ର ଏହାର ଯାଞ୍ଚ ଆରମ୍ଭ କରାଯିବ। କିନ୍ତୁ ସେ ଚେତାବନୀ ଦେଇ କହିଛନ୍ତି ଯେ ଇରାନକୁ ପରମାଣୁ ଅସ୍ତ୍ର ନିର୍ମାଣରୁ ବିରତ ରଖିବା ପାଇଁ ଖୁବଶୀଘ୍ର ଚର୍ଚ୍ଚା ଆରମ୍ଭ ହେବା ଉଚିତ। କିନ୍ତୁ ସାମରିକ କାର୍ଯ୍ୟାନୁଷ୍ଠାନ ଯୋଗୁଁ ଏଥିରେ ବିଳମ୍ବ ହୋଇଚାଲିଛି। ଇରାନର ପରମାଣୁ କାର୍ଯ୍ୟକ୍ରମକୁ ନେଇ ଇସ୍ରାଏଲ ଏବଂ ଆମେରିକା ଭିନ୍ନ ଭିନ୍ନ ଦାବି କରୁଛନ୍ତି। ଆକ୍ରମଣ ଦ୍ୱାରା ପରମାଣୁ କାର୍ଯ୍ୟକ୍ରମ ତିନି ବର୍ଷ ପଛୁଆ ହୋଇଯାଇଛି ବୋଲି ଇସ୍ରାଏଲ ଦାବି କରୁଥିବାବେଳେ ଠୁଳ ୟୁରାନିୟମରୁ କିଛି ସପ୍ତାହ ମଧ୍ୟରେ ତେହରାନ ପରମାଣୁ ଅସ୍ତ୍ର ନିର୍ମାଣ କରିପାରେ।

## ମଧ୍ୟପ୍ରାଚ୍ୟରୁ ସ୍ୱଦେଶ ଫେରିଲେଣି ୨, ୨୯୫ ଭାରତୀୟ

ନୂଆଦିଲ୍ଲୀ, ୨୪।୬(ଏଜେନ୍ସି): ମଧ୍ୟପ୍ରାଚ୍ୟ ତଥା ପଶ୍ଚିମ ଏସିଆରେ ଚାଲିଥିବା ଯୁଦ୍ଧ ଯୋଗୁଁ ଇରାନ, ଇସ୍ରାଏଲ ଓ ଅନ୍ୟ ଦେଶଗୁଡିକରୁ ନାଗରିକଙ୍କୁ ଫେରାଇ ଆଣିବାକୁ ଭାରତ ସରକାର ଅପରେସନ ସିନ୍ଧୁ ଜାରି ରଖିଛନ୍ତି। ଏପର୍ଯ୍ୟନ୍ତ ଏହି ଅପରେସନ ମାଧ୍ୟମରେ ମୋଟ ଉପରେ ୨, ୨୯୫ ନାଗରିକଙ୍କୁ ଭାରତ ଅଣାଗଲାଣି। ମଙ୍ଗଳବାର ଭୋର ସମୟରେ ୨୯୨ ଜଣ ଭାରତୀୟଙ୍କୁ ଇରାନର ମସାଦ ସହରରୁ ଅଣାଯାଇଛି ବୋଲି ଭାରତୀୟ ବୈଦେଶିକ ମନ୍ତ୍ରଣାଳୟର ମୁଖପାତ୍ର ରଣଧିର ଜୟସ୍ୱାଲ କହିଛନ୍ତି। ଆବଶ୍ୟକ ସମୟରେ ବିଶ୍ୱର ଯେକୌଣସି ସ୍ଥାନରୁ ଭାରତୀୟ ନାଗରିକଙ୍କୁ ଫେରାଇ ଆଣିବାକୁ ସବୁ ବ୍ୟବସ୍ଥା କରିବାକୁ ଆମେ ବଦ୍ଧପରିକର। ଜୋର୍ଡାନ ଓ ଇଜିପ୍ଟ ଭଳି ଦେଶରୁ ମଧ୍ୟ ଭାରତୀୟଙ୍କୁ ଫେରାଇ ଆଣିବାକୁ ବ୍ୟବସ୍ଥା କରାଯାଉଛି ବୋଲି



ଭାରତୀୟ ବାୟୁ ସେନା ତରଫରୁ କୁହାଯାଇଛି। ମଙ୍ଗଳବାର ବାୟୁସେନାର ଅମାନ ଦେଇ ଇସ୍ରାଏଲରୁ ୩୨୬ ଜଣ ନଗରିକଙ୍କୁ ଭାରତ ଆଣିଛି। ଭାରତୀୟ ବାୟୁସେନାର ସି-୧୭ ବିମାନ ୧୬୫ଜଣ ଭାରତୀୟଙ୍କୁ ସକାଳେ ଇସ୍ରାଏଲରୁ ଆଣିଛି। ସେହିପରି ଆଉ ଏକ ପର୍ଯ୍ୟାୟରେ ୧୬୧ ଜଣ ଭାରତୀୟଙ୍କୁ ଇସ୍ରାଏଲ୍‌ରୁ ନୂଆଦିଲ୍ଲୀ ଅଣାଯାଇଛି। ଏମାନେ ସମସ୍ତେ ଇସ୍ରାଏଲରୁ ଓମାନ ବାଟ୍ ଦେଇ ଫେରିଛନ୍ତି। କେବଳ ଭାରତୀୟ ନୁହଁ ଶ୍ରୀଲଙ୍କା ନାଗରିକଙ୍କୁ ମଧ୍ୟ ଭାରତ ଫେରାଇ ଆଣିବାକୁ ଉଦ୍ୟମ ଜାରି ରଖିଛି। ଉଲ୍ଲେଖଥାଉ କି, ୬ଟି ମଧ୍ୟପ୍ରାଚ୍ୟ ଦେଶରେ ୯୦ ଲକ୍ଷ ଭାରତୀୟ ରହୁଛନ୍ତି। ୟୁନାଇଟେଡ ଆରବ ଏମିରେଟ୍ସ ସର୍ବାଧିକ ୩୫.୫ ଲକ୍ଷ, ସାଉଦି ଆରବରେ ୨୬ ଲକ୍ଷ, କୁଏତରେ ୧୧ ଲକ୍ଷ, କତାରରେ ୭.୪୫ ଲକ୍ଷ, ଓମାନରେ ୭.୭୯ ଲକ୍ଷ ଓ ବାହାରିନ୍‌ରେ ୨.୨୩ ଲକ୍ଷ ଭାରତୀୟ ବସବାସ କରୁଛନ୍ତି।

## ଇସ୍ରାଏଲ- ଇରାନ୍ ଯୁଦ୍ଧ ଯୋଗୁଁ ଦେଶରେ ୬୦ରୁ ଊର୍ଦ୍ଧ୍ୱ ବିମାନ ଉଡାଣ ବାତିଲ

ନୂଆଦିଲ୍ଲୀ, ୨୪।୬(ଏଜେନ୍ସି): ପଶ୍ଚିମ ଏସିଆରେ ଇସ୍ରାଏଲ- ଇରାନ ଯୁଦ୍ଧ କାରଣରୁ ଭାରତରେ ବିମାନ ସେବା ଗୁରୁତର ଭାବେ ପ୍ରଭାବିତ ହୋଇଛି। ମଧ୍ୟପ୍ରାଚ୍ୟରେ ସ୍ଥିତି ଉତ୍ତେଜନାମୂଳକ ହେବା କାରଣରୁ ଏୟାରସ୍ପେସ୍ ବନ୍ଦ କରାଯାଇଥିଲା। ଫଳରେ ଏପର୍ଯ୍ୟନ୍ତ ୬୦ରୁ ଊର୍ଦ୍ଧ୍ୱ ବିମାନର ଉଡାଣକୁ ରଦ୍ଦ କରିବାକୁ ହୋଇଛି। କେବଳ ଦିଲ୍ଲୀ ବିମାନ ବନ୍ଦରରେ ୪୮ ଟି ଉଡାଣ ବାତିଲ ହୋଇଛି। ସେହିପରି ଜୟପୁର ଏୟାରପୋର୍ଟରେ ୬ଟି ଫ୍ଲାଇଟ୍ ବାତିଲ ହୋଇଛି। ଲକ୍ଷ୍ନୌ ଏୟାର ପୋର୍ଟରୁ ଅବୁଧାବି ଓ ସାରଝା ଯିବାକୁ ଥିବା ୨ଟି ବିମାନର ଉଡାଣ ବାତିଲ ହୋଇଥିଲା। ସେହିପରି ଅହମଦାବାଦ ଆସିବାକୁ ଥିବା ୫ଟି ଫ୍ଲାଇଟ୍‌କୁ ବାତିଲ କରାଯାଇଛି। ଏଥିରେ ଲଣ୍ଡନ, ଆବୁଧାବି, ଦୁବାଇ, କୁଏତ୍ ଓ ଦୋହାରୁ ଆସିବାକୁ ଥିବା ବିମାନ ସାମିଲ ରହିଛି। ସେହିପରି ଅମୃତସରରୁ ଦୁବାଇ ଯିବାକୁ ଥିବା ଫ୍ଲାଇଟ୍ ଏସ୍‌ଜି-୫୫କୁ ମଧ୍ୟ ବାତିଲ କରିବାକୁ ହୋଇଥିଲା। ଇତିମଧ୍ୟରେ ଇସ୍ରାଏଲ ଓ ଇରାନ ମଧ୍ୟରେ ଅସ୍ତ୍ରବିରତି ଘୋଷଣା ହେବା ଫଳରେ ଧିରେ ଧିରେ ବିମାନ ଉଡାଣ ପୁଣିଥରେ ଆରମ୍ଭ ହୋଇଛି।

## ରାଜସ୍ଥାନରେ ଲଜ୍ଜା: ଉଦୟପୁରରେ ଫ୍ରାନ୍ସ ମହିଳା ପର୍ଯ୍ୟଟକଙ୍କୁ ଦୁଷ୍କର୍ମ

ଉଦୟପୁର, ୨୪।୬(ଏଜେନ୍ସି): ରାଜସ୍ଥାନର ଉଦୟପୁରରେ ଏକ ଲଜ୍ଜାଜନକ ଘଟଣା ସାମ୍ନାକୁ ଆସିଛି। ଜଣେ ଫ୍ରେଞ୍ଚ୍ ମହିଳା ପର୍ଯ୍ୟଟକ ଏଠାରେ ଦୁଷ୍କର୍ମର ଶିକାର ହୋଇଛନ୍ତି। ଅଭିଯୁକ୍ତଙ୍କ ସହ ଏକ ପାର୍ଟିରେ ସାକ୍ଷାତ ହୋଇଥିଲା ବୋଲି ଫ୍ରେଞ୍ଚ୍ ମହିଳା ଜଣକ କହିଛନ୍ତି। ଗୁରୁବାର ଏ ନେଇ ପୁଲିସ ସୂଚନା ଦେବା ସହ ମାମଲା ରୁଜୁ କରିଛି। ଅଭିଯୁକ୍ତଙ୍କୁ ଗିରଫ କରିବାକୁ ପୁଲିସ ଅଭିଯାନ ଆରମ୍ଭ କରିଛି। ସୋମବାର ସନ୍ଧ୍ୟାରେ ଏହି ଘଟଣା ଘଟିଥିଲା। ଜୁନ୍ ୨୨ରେ ଦିଲ୍ଲୀରୁ ମହିଳା ଜଣକ ଉଦୟପୁରରେ ପହଞ୍ଚିଥିଲେ ଓ ଅମ୍ବାମାତା ଅଞ୍ଚଳରେ ଏକ ହୋଟେଲରେ ରହିଥିଲେ। ସୋମବାର ଟାଇଗର ହିଲସ୍ଥିତ ଗ୍ରୀକ୍ ଫାର୍ମ କେଫ୍ ଆଣ୍ଡ ରେଷ୍ଟ୍ରୋ କେଫ୍‌ରେ ମହିଳା ଜଣକ ଏକ ପାର୍ଟିରେ ଯୋଗ ଦେଇଥିଲେ।



ସେଠାରେ ଅଭିଯୁକ୍ତ ଶ୍ରୀକାନ୍ତଙ୍କ ସହ ତାଙ୍କର ସାକ୍ଷାତ ହୋଇଥିଲା। ଦର୍ଶନୀୟସ୍ଥାନ ବୁଲାଇ ନେବାକୁ ଶ୍ରୀକାନ୍ତ ତାଙ୍କୁ କହିଥିଲା। ବୁଲିବା ଅବସରରେ ସେ ତାଙ୍କୁ ଏକ ଆପାର୍ଟମେଣ୍ଟକୁ ନେଇଥିଲା। ଆପାର୍ଟମେଣ୍ଟରେ ପସିବା ପରେ ଶ୍ରୀକାନ୍ତ ତାଙ୍କ ସହ ଅସଦାଚରଣ କରିଥିଲା। ବିରୋଧ କରିବା ସତ୍ତ୍ୱେ ଶ୍ରୀକାନ୍ତ ତାଙ୍କୁ ବଳପୂର୍ବକ ଦୁଷ୍କର୍ମ କରିଥିଲା ବୋଲି ମହିଳା ଜଣକ ଅଭିଯୋଗ କରିଛନ୍ତି। ଏହାପରେ ଅସୁସ୍ଥ ହୋଇ ପଡ଼ିଥିବାରୁ ମହିଳା ଜଣକ ଏକ ଘରୋଇ ହସ୍ପିଟାଲରେ ଭର୍ତ୍ତି ହୋଇଥିଲେ। ଏବେ ସେ ବିପଦମୁକ୍ତ ଅଛନ୍ତି ବୋଲି କୁହାଯାଇଛି। ଫ୍ରେଞ୍ଚ ଦୂତାବାସକୁ ଏହି ଘଟଣା ସମ୍ପର୍କରେ ଅବଗତ କରାଯାଇଛି। ପୂର୍ବରୁ ମଧ୍ୟ ଏକାଧିକବାର ବିଦେଶୀ ମହିଳା ପର୍ଯ୍ୟଟକଙ୍କ ବିରୋଧରେ ଏହି ଅପରାଧ ଘଟିଛି।

## ନିଟ୍ ଟେଷ୍ଟରେ କମ୍ ନମ୍ବର ରଖିବାରୁ ଝିଅକୁ ବାଡ଼େଇ ମାରିଲା ବାପା

ନୂଆଦିଲ୍ଲୀ, ୨୪।୬(ଏଜେନ୍ସି): ମହାରାଷ୍ଟ୍ର ସଙ୍ଗଲି ଜିଲ୍ଲାରୁ ଏକ ଦୁଃଖଦ ଘଟଣା ସାମ୍ନାକୁ ଆସିଛି। ନ୍ୟାସନାଲ ଏଲିଜିବିଲିଟି କମ୍ ଏଣ୍ଟ୍ରାନ୍ସ ଟେଷ୍ଟ (ନିଟ) ମକ୍ ଟେଷ୍ଟରେ କମ୍ ନମ୍ବର ରଖିବାରୁ ଜଣେ ଝିଅକୁ ତା'ର ବାପା ବାଡେଇ ମାରିଛି। ଧୋଣ୍ଡିରାମ୍ ଭଗବାନ ବୋନସଲେ ନାମକ ଏହି ୫୦ ବର୍ଷୀୟ ବ୍ୟକ୍ତିଙ୍କୁ ପୁଲିସ ଗିରଫ କରିଛି। ଧୋଣ୍ଡିରାମ୍ ଏକ ଘରୋଇ ଶିକ୍ଷାନୁଷ୍ଠାନରେ ପ୍ରିନ୍‌ସିପାଲ ଭାବେ ଦାୟିତ୍ୱ ସମ୍ପାଦନ କରୁଛନ୍ତି। ଦ୍ୱାଦଶ ଶ୍ରେଣୀରେ ପଢୁଥିବା ଏହି ଝିଅର ନାମ ସାଧନା। ସେ ନିଟ୍ ପାଇଁ ପ୍ରସ୍ତୁତି କରୁଥିଲା। ସାଧନାଙ୍କ ମା ପ୍ରୀତି ବୋନସଲେ ଧୋଣ୍ଡିରାମଙ୍କ ବିରୋଧରେ ଥାନାରେ ଏ ନେଇ ଅଭିଯୋଗ କରିଛନ୍ତି। ଶୁକ୍ରବାର ରାତିରେ




ଧୋଣ୍ଡିରାମ ସାଧନାଙ୍କୁ ବାଡିରେ ପିଟିବା ଫଳରେ ସେ ଆହତ ହୋଇଥିଲା। ପରଦିନ ସକାଳେ ପ୍ରୀତି ଝିଅକୁ ମେଡିକାଲ ନେଇଥିଲେ। ସ୍ଥିତି ଆହୁରି ଖରାପ ହେବାରୁ ସାଧନାଙ୍କୁ ଜିଲ୍ଲା ହସ୍ପିଟାଲକୁ ପଠାଇ ଦିଆଯାଇଥିଲା। ସେଠାରେ ଚିକିତ୍ସା ଅବସରରେ ସାଧନା ମୃତ୍ୟୁବରଣ କରିଥିଲା। ୧୦ମ ଶ୍ରେଣୀରେ ଝିଅ ୯୫ ପ୍ରତିଶତ ନମ୍ବର ରଖିଥିଲା। ସେ ଡାକ୍ତର ହେବାକୁ ସ୍ୱପ୍ନ ଦେଖୁଥିଲା। କିନ୍ତୁ ସେ ନିଟ୍ ପରୀକ୍ଷାରେ କମ୍ ନମ୍ବର ରଖିଥିଲା ବୋଲି ପ୍ରୀତି କହିଛନ୍ତି। ମାଙ୍କ ଅଭିଯୋଗକୁ ଭିତ୍ତି କରି ପୁଲସି ଧୋଣ୍ଡିରାମଙ୍କ ବିରୋଧରେ ମାମଲା ରୁଜୁ କରିଛି। ତାଙ୍କୁ ଗିରଫ କରି ପୁଲିସ କୋର୍ଟ ଚାଲାଣ କରାଯାଇଛି।

ପ୍ରେମିକକୁ ଫସାଇବା ପାଇଁ...

## ୧୨ ରାଜ୍ୟକୁ ବୋମା ଧମକ ଦେଇ ମହିଳା ଇଞ୍ଜିନିୟର ଗିରଫ

ନୂଆଦିଲ୍ଲୀ,୨୪।୬ (ଏଜେନ୍ସି): ଏକପାଖିଆ ପ୍ରେମ କରୁଥିଲେ। କିନ୍ତୁ ଯୁବକ ତାଙ୍କୁ ପସନ୍ଦ କରୁ ନଥିଲେ। ଅନ୍ୟ ଜଣେ ଯୁବତୀଙ୍କୁ ସେ ବିବାହ କରି ନେଇଥିଲେ। ଏଥିରେ ଉତ୍‌କ୍ଷିପ୍ତ ହୋଇ ପ୍ରେମିକର ଜୀବନକୁ ନଷ୍ଟ କରିଦେବାକୁ ଚାହୁଁଥିଲେ। ତାଙ୍କୁ ଫସାଇବାକୁ ଷଡ଼ଯନ୍ତ୍ର କରିଥିଲେ। ସେଥିପାଇଁ ୧୨ ରାଜ୍ୟକୁ ଇମେଲ ପଠାଇ ୨୧ ଥର ବୋମା ଧମକ ଦେଇଥିଲେ। ଏବେ ଏହି ଯୁବତୀଙ୍କୁ ଚେନ୍ନଇରୁ ଗିରଫ କରାଯାଇଛି। ଅହମଦାବାଦ ପୁଲିସ ଏହି କାର୍ଯ୍ୟାନୁଷ୍ଠାନ ନେଇଛି। ରୋବୋଟିକ୍ସ ଇଞ୍ଜିନିୟର ଥିବା ଏହି ଯୁବତୀଙ୍କ ନାମ ରେନି ଜୋସିଲ୍ଡା ବୋଲି ଜଣାପଡ଼ିଛି।

ରେନି ଡିଲୟେଟରେ ସିନିୟର କନସଲଟାଣ୍ଟ ଭାବେ କାମ କରୁଛନ୍ତି। ସେ ନିଜ ଅଫିସର ଜଣେ ଯୁବକଙ୍କୁ ଏକପାଖିଆ ଭାବେ ଭଲ ପାଉଥିଲେ। ତାଙ୍କୁ ଫସାଇବା ପାଇଁ ନିଜ ପରିଚୟ ଏବଂ ଠିକଣା ଲୁଚାଇ ଥିଲେ। ଜାଲ୍ ଇମେଲ ଆଇଡି, ଭର୍ଚୁଆଲ ପ୍ରାଇଭେଟ ନେଟୱାର୍କ (ଭିପିଏନ) ଏବଂ ଡାର୍କ ୱେବ ବ୍ୟବହାର କରି ଧମକ ଦେଇଥିଲେ। ସେ ଅହମଦାବାଦର ନରେନ୍ଦ୍ର ମୋଦୀ ଷ୍ଟାଡିୟମ, ଜୟପୁରର ଏମଏମଏସ ଷ୍ଟାଡିୟମ ଉଡାଇବାକୁ ଧମକ ଦେଇଥିଲେ।



ଏହା ବ୍ୟତୀତ ଅହମଦାବାଦ ବିମାନ ଦୁର୍ଘଟଣା ପରେ ଇମେଲ ପଠାଇ ନିଜକୁ ଦାୟୀ କରିଥିଲେ। ଆଜି ମଧ୍ୟ ଗୁଜରାଟ ହାଇକୋର୍ଟକୁ ଏକ ଧମକପୂର୍ଣ୍ଣ ଇ-ମେଲ୍ ମିଳିଥିଲା। ଏଥିରେ ବି ରେନିଙ୍କ ନାମ ରହିଛି। ଏହା ପୂର୍ବ ନିର୍ଦ୍ଧାରିତ ଇ-ମେଲ ହୋଇପାରେ ବୋଲି ପୁଲିସ କହିଛି। ଅହମଦାବାଦ ଯୁଗ୍ମ ପୋଲିସ କମିଶନର (କ୍ରାଇମବ୍ରାଞ୍ଚ) ଶରଦ ସିଂଘଲ କହିଛନ୍ତି ଯେ ରେନି ତାଙ୍କ ସହଯୋଗୀ ଦିବିଜ ପ୍ରଭାକର ଏବଂ ପାକିସ୍ତାନ ୱେବ୍ ଭଳି ନାମ ବ୍ୟବହାର କରି ଧମକ ପଠାଇଥିଲେ।

## ଆଜିର ରାଶିଫଳ

**ମେଷ:** ଶିକ୍ଷା କ୍ଷେତ୍ରରେ ସଫଳତା ପ୍ରାପ୍ତ ହେବ। ଚାକିରିରେ ପରିବର୍ତ୍ତନ ହେବ। ରାଜନୀତିରେ ସଫଳ ହେବେ। ସ୍ୱାସ୍ଥ୍ୟ ସମସ୍ୟା ଦେଖା ଦେବ। ସନ୍ତାନଙ୍କ ଭବିଷ୍ୟତ ଲାଗି ବାପାମାଆ ଅର୍ଥ ନିବେଶ କରିବେ।

**ବୃଷ:** ବ୍ୟସ୍ତତା ଭିତରେ ଦିନଟି କଟିବ। ବ୍ୟବସାୟ ଆଗକୁ ବଢ଼ାଇବାକୁ ପ୍ରୟାସ କରିବେ। ପରିବାର ସଦସ୍ୟଙ୍କ ସହ ଧାର୍ମିକ ସ୍ଥାନକୁ ଯାତ୍ରା କରିବେ। ସୃଜାନାତ୍ମକ କ୍ଷେତ୍ରରେ ସଫଳତା ହାସଲ କରିବେ।

**ମିଥୁନ:** ଚାକିରିରେ ପଦୋନ୍ନତି ସମ୍ଭାବନା ଅଛି। ସ୍ୱାସ୍ଥ୍ୟରେ ସୁଧାର ଆସିବ। ଅଧିକ ପରିଶ୍ରମ କରିବେ। ପାରିବାରିକ ଜୀବନ ସୁଖମୟ ହେବ। ବାଦବିବାଦରୁ ଦୂରେଇ ରହିବେ। ଖର୍ଚ୍ଚରେ ନିୟନ୍ତ୍ରଣ ରକ୍ଷା କରିବେ।

**କର୍କଟ:** ଆର୍ଥିକ ସ୍ଥିତିରେ ଉନ୍ନତି ପରିଲକ୍ଷିତ ହେବ। ସମ୍ପର୍କୀୟଙ୍କ ଘରକୁ ବୁଲିବାକୁ ଯିବେ। ଚାକିରିରେ ନୂଆ ସୁଯୋଗ ଜୁଟିବ। ମାନସିକ ଶାନ୍ତି ପାଇଁ ଧାର୍ମିକ କାର୍ଯ୍ୟରେ ସମୟ ଅତିବାହିତ କରିବେ।

**ସିଂହ:** ନିବେଶରୁ ଲାଭ ପାଇବେ। କାର୍ଯ୍ୟରେ ସଫଳତା ମିଳିବ। ବ୍ୟବହାରରେ ସଂଯମତା ରକ୍ଷା କରିବେ। ତରିବରିଆ ଭାବେ କୌଣସି ନିଷ୍ପତ୍ତି ନେବେ ନାହିଁ। ଶିକ୍ଷା କ୍ଷେତ୍ରରେ ସମ୍ମାନ ମିଳିବ।

**କନ୍ୟା:** ନୂଆ ରଣନୀତିରେ କାରବାରକୁ ଆଗକୁ ନେବେ। ଘର ସାଜସଜ୍ଜାରେ ଅଧିକ ଖର୍ଚ୍ଚାନ୍ତ ହେବେ। ଭାଇ, ଭଉଣୀଙ୍କ ସହ ସୁଖଦୁଃଖ ବାଣ୍ଟିବେ। ଚାକିରିରେ ସହକର୍ମୀଙ୍କ ସହଯୋଗ ମିଳିବ।

**ତୁଳା:** ସରକାରୀ କ୍ଷେତ୍ରରେ ଲାଭ ମିଳିବ। ଧାର କରଜ କରିବାରୁ ରକ୍ଷା ପାଇବେ। ଭବିଷ୍ୟତ ପାଇଁ ବଡ଼ ନିଷ୍ପତ୍ତି ନେବେ। ଅଫିସ୍‌ରେ ପଦୋନ୍ନତି ସମ୍ଭାବନା ଅଛି। ଛାତ୍ରଛାତ୍ରୀ ଖେଳକୁଦରେ ସମୟ ଅତିବାହିତ କରିବେ।

**ବିଛା:** ଘରେ ମାଙ୍ଗଳିକ କାର୍ଯ୍ୟ ଆୟୋଜନ କରିବେ। ସମୟ ପୂର୍ବରୁ ସମସ୍ତ କାର୍ଯ୍ୟ ପୂରା କରିବେ। ଇଚ୍ଛା ପୂରଣ ହେବ। ଦାମ୍ପତ୍ୟ ଜୀବନ ଖୁସିରେ ବିତିବ। ବନ୍ଧୁଙ୍କ ସହ ବୁଲିବାକୁ ଯିବେ।

**ଧନୁ:** ଧାର୍ମିକ ସ୍ଥାନକୁ ଯାତ୍ରାଯୋଗ ଅଛି। ବ୍ୟବସାୟ ଜନିତ ସମସ୍ୟା ସମାଧାନ ହେବ। ସ୍ୱାସ୍ଥ୍ୟ ପ୍ରତି ଯତ୍ନବାନ ହେବେ। ଆର୍ଥିକ ଉନ୍ନତିକୁ ନେଇ ପ୍ରସନ୍ନ ରହିବେ। ନୂଆ ଲୋକଙ୍କ ସଂସ୍ପର୍ଶରେ ଆସିବେ।

**ମକର:** ନାଚ, ଗୀତରେ ସଫଳତା ମିଳିବ। ଛାତ୍ରଛାତ୍ରୀ ପଢ଼ା ପ୍ରତି ଆଗ୍ରହ ପ୍ରକାଶ କରିବେ। ବିଦେଶ ଯାତ୍ରା ଯୋଗ ଅଛି। ଭଉଣୀଙ୍କ ସ୍ୱାସ୍ଥ୍ୟରେ ସୁଧାର ଆସିବ। ଦାମ୍ପତ୍ୟ ଜୀବନରେ ସମସ୍ୟା ଦେଖା ଦେବ।

**କୁମ୍ଭ:** ପ୍ରେମିକ ପ୍ରେମିକାଙ୍କ ଲାଗି ଦିନଟି ଭଲ। ଘର ପାଇଁ ନୂଆ ଜିନିଷ କିଣିବେ। ସନ୍ତାନଙ୍କ ସହ ସମୟ ଅତିବାହିତ କରିବେ। ବନ୍ଧୁଙ୍କ ସାହାଯ୍ୟ ଓ ସହଯୋଗ ମିଳିବ। ଛାତ୍ରଛାତ୍ରୀ ପରୀକ୍ଷାରେ କୃତକାର୍ଯ୍ୟ ହେବେ।

**ମୀନ:** ବ୍ୟସ୍ତତା ଭିତରେ ନିଜ ପାଇଁ ସମୟ ବାହାର କରିବେ। ଧାର୍ମିକ କାର୍ଯ୍ୟରେ ନିୟୋଜିତ ହେବେ। ଶିକ୍ଷାରେ ସଫଳତା ମିଳିବ। ପୈତୃକ ସମ୍ପତ୍ତି ବିବାଦର ସମାଧାନ ହେବ। ବ୍ୟବସାୟରେ ପରିବର୍ତ୍ତନ ଆଣିବେ।

## ଆଜିର ଇତିହାସ

- ୧୯୪୧- ଫିନ୍‌ଲ୍ୟାଣ୍ଡ ସୋଭିଏତ୍ ସଂଘ ଉପରେ ଆକ୍ରମଣ ପାଇଁ ଘୋଷଣା କଲା।
- ୧୯୫୦-ଉତ୍ତର କୋରିଆ ଓ ଦକ୍ଷିଣ କୋରିଆ ମଧ୍ୟରେ ଗୃହଯୁଦ୍ଧ ଆରମ୍ଭ ହେଲା।
- ୧୯୭୫- ଭାରତରେ ଜରୁରିକାଳୀନ ପରିସ୍ଥିତି ଘୋଷଣା କରାଗଲା।
- ୨୦୦୯- ପପ୍ ଗାୟକ ମାଇକେଲ୍ ଜ୍ୟାକସନ୍‌ଙ୍କ ଦେହାନ୍ତ।
- ୨୦୧୧- ପ୍ରଥମ ଥର ପାଇଁ ଅନ୍ତରାଷ୍ଟ୍ରୀୟ ନାବିକ ଦିବସ ପାଳନ କରାଗଲା।

# ଏହି କାରଣରୁ ଅଟକିଛି 'ୱେଲକମ୍ ଟୁ ଦ ଜଙ୍ଗଲ'ର ସୁଟିଂ



ବଲିଉଡ୍ ଅଭିନେତା ଅକ୍ଷୟ କୁମାରଙ୍କ ଫିଲ୍ମ 'ୱେଲକମ୍ ଟୁ ଦ ଜଙ୍ଗଲ'ର ସୁଟିଂ ଅଚାନକ ଅଟକି ଯିବାରୁ ତାଙ୍କ ପ୍ରଶଂସକମାନେ ନିରାଶ ହୋଇଛନ୍ତି। ଫିଲ୍ମର କେତେଜଣ କଳାକାରଙ୍କୁ ସେମାନଙ୍କ ପାରିଶ୍ରମିକ ନ ମିଳିବାରୁ ଫିଲ୍ମ ସୁଟିଂ ବନ୍ଦ ହୋଇଯାଇଥିବା ନିକଟରେ କିଛି ରିପୋର୍ଟରେ ପ୍ରକାଶ ପାଇଥିଲା। ଏବେ ସୁଟିଂ ଅଟକି ରହିବାର ପ୍ରକୃତ କାରଣ ସାମ୍ନାକୁ ଆସିଛି। ଏହାର ସମ୍ପର୍କ ପହଲଗାମ ଆତଙ୍କବାଦୀ ଆକ୍ରମଣ ସହ ରହିଛି। ଫିଲ୍ମର ସୁଟିଂ କାଶ୍ମୀରରେ ହେବାର ଥିଲା। ସୁଟିଂରେ ହେଲିକପ୍ଟର, ୨୫୦ଟି ଘୋଡ଼ା, ୧୨୦୦ ଜୁନିୟର କଳାକାର ସାମିଲ ହେବାର ଥିଲା। ଏବେ ସୁରକ୍ଷା କାରଣରୁ ପହଲଗାମ ସୁଟିଂକୁ ସ୍ଥଗିତ ରଖାଯାଇଛି। ବର୍ଷାଦିନ ସରିଲେ ଏହାର ସୁଟିଂ ଅନ୍ୟସ୍ଥାନରେ କରାଯିବ ବୋଲି ଖବର ଆସିଛି। ଏନେଇ 'ୱେଲକମ୍ ଟୁ ଦ ଜଙ୍ଗଲ' ଟିମ୍‌ର ଜଣେ ସଦସ୍ୟ କହିଛନ୍ତି, 'ଫିଲ୍ମର ୭୦% ସୁଟିଂ ସରିଛି। ୩୦% କାଶ୍ମୀରରେ ସୁଟ୍ ହେବାର ଥିଲା। କିନ୍ତୁ ଆତଙ୍କବାଦୀ ଆକ୍ରମଣ ଯୋଗୁଁ ସୁଟିଂକୁ ଟାଳି ଦିଆଯାଇଛି। ବର୍ଷା ଦିନ ପରେ ନୂଆ ଲୋକେସନ୍‌ରେ ସୁଟ୍ କରାଯିବ।' ଅହମ୍ମଦ ଖାନ୍‌ଙ୍କ ନିର୍ଦ୍ଦେଶିତ ଏହି ଫିଲ୍ମରେ ଅକ୍ଷୟଙ୍କ ବ୍ୟତୀତ ସୁନୀଲ ସେଟ୍ଟୀ, ପରେଶ ରାୱଲ, ଅନୀଲ କପୁର, ଜ୍ୟାକଲିନ୍ ଫର୍ଣ୍ଣାଣ୍ଡିଜ୍, ରବିନା ଟଣ୍ଡନ ପ୍ରମୁଖ ନଜର ଆସିବେ।

## ମହିଳାଙ୍କ ଅଜବ ସଉକ

# ୪୨ କୋଟିର ଘର ପାଲଟିଲା ଅଳିଆଗଦା



ସାଧାରଣତଃ ଲୋକେ ଘରକୁ ପରିଷ୍କାର ରଖିବାକୁ ଚାହାନ୍ତି। ଏଥିପାଇଁ ଘରକୁ ନିୟମିତ ରୂପେ ଝାଡ଼ୁପୋଛା କରି ସ୍ୱଚ୍ଛ ରଖିଥାନ୍ତି। କିନ୍ତୁ କିଛି ଲୋକ ଅଛନ୍ତି, ଯେଉଁମାନେ ଘରେ ଅଳିଆ ଜମା କରିବାକୁ ପସନ୍ଦ କରନ୍ତି। ସେମିତି ଜଣେ ମହିଳା ହେଲେ ଚେଙ୍ଗ୍। ୭୦ ବର୍ଷିୟା ଏହି ବୃଦ୍ଧାଙ୍କର ଏଭଳି ଖରାପ ଅଭ୍ୟାସ ଯୋଗୁ ପଡ଼ୋଶୀମାନେ ମଧ୍ୟ ନାକେଦମ୍ ହୋଇଗଲେଣି। ଚେଙ୍ଗ୍‌ଙ୍କ ଫ୍ଲାଟ୍‌ର ମୂଲ୍ୟ ୪୨ କୋଟି ଟଙ୍କାରୁ ଅଧିକ ହେଲେ ହେଁ ସେ ଏହାକୁ ଅଳିଆଗଦା କରି ରଖିଛନ୍ତି। ଦୀର୍ଘ ବର୍ଷ ହେଲାଣି ସେ ଘରେ ଅଳିଆ ଗଦେଇ ରଖିଛନ୍ତି। ତାଙ୍କ ଫ୍ଲାଟ୍ ୧୬ ମହଲାରେ ଥିବାବେଳେ ଏହି ମହଲାଟି ଚେଙ୍ଗ୍‌ଙ୍କ ଯୋଗୁଁ ଦୁର୍ଗନ୍ଧମୟ ହୋଇଯାଇଛି। ତାଙ୍କର ଏହି ଅଭ୍ୟାସ ଯୋଗୁ ପଡ଼ୋଶୀ ଫ୍ଲାଟ୍ ଛାଡ଼ି ଯିବାକୁ ମଧ୍ୟ ସ୍ଥିର କରିଥିଲେ। ସେ ବୋତଲ, ପ୍ଲାଷ୍ଟିକ୍ ବ୍ୟାଗ୍‌ଠୁ ଆରମ୍ଭ କରି ବଳକା ଖାଦ୍ୟ ପର୍ଯ୍ୟନ୍ତ ସବୁକୁ ଘରେ ସାଇତି ରଖନ୍ତି। ଚେଙ୍ଗ୍ ଇଟାଲୀରୁ ଆଣିଥିବା ୨୩ ଲକ୍ଷ ଟଙ୍କାର ସୋଫା ଏବେ ଅଳିଆଗଦା ପାଲଟିଛି। ଚେଙ୍ଗ୍‌ଙ୍କ ପଡ଼ୋଶୀମାନଙ୍କ କହିବାନୁଯାୟୀ, ତାଙ୍କ ଘର ବାହାରେ ମାଛି, ମଶା, ବିଛା, ଅସରପା ସାଙ୍ଗକୁ ମଲା ମୂଷା ପଡ଼ିଥିବାର ଅନେକ ସମୟରେ ଦେଖିବାକୁ ମିଳିଥାଏ। ଚେଙ୍ଗ୍‌କୁ ସ୍ଥାନୀୟ ପ୍ରଶାସନର ଅଧିକାରୀମାନେ ସର୍ବସାଧାରଣଙ୍କ ସ୍ୱାସ୍ଥ୍ୟ ନିମନ୍ତେ ଏପରି ସମସ୍ୟା କର ନାହିଁ ବୋଲି ଚେତାବନୀ ମଧ୍ୟ ଦେଇଥିଲେ। ସେ କିନ୍ତୁ କାହାରି କଥା ଶୁଣି ନ ଥିଲେ। ବାରମ୍ବାର ଅଭିଯୋଗ ପରେ ଅଧିକାରୀମାନେ ଚେଙ୍ଗ୍‌ଙ୍କ ଝିଅ ସହିତ କଥା ହୋଇଥିଲେ। ପ୍ରଥମେ ସେ ନିଜ ମାଆଙ୍କୁ ବୁଝାଇବେ ବୋଲି କହିଥିଲେ। କିନ୍ତୁ ପରବର୍ତ୍ତୀ ସମୟରେ ସେ ଏହି ମାମଲାରେ ପଡ଼ିବେନି ବୋଲି କହିଥିଲେ। ଏହାପରେ ଅଧିକାରୀ ଚେଙ୍ଗ୍‌ଙ୍କ ସ୍ୱାମୀଙ୍କୁ ଯୋଗାଯୋଗ କରିଥିଲେ। ସେ ତାଙ୍କୁ ମାନସିକ ରୋଗୀ ବୋଲି କହିଥିଲେ। ସେ ଖୁବ୍‌ଶୀଘ୍ର ଚେଙ୍ଗ୍‌ଙ୍କ ଚିକିତ୍ସା କରାଇବେ ବୋଲି କହିଛନ୍ତି। ସେହିପରି ଚେଙ୍ଗ୍‌ଙ୍କ ଶୌଚାଳୟ, ବାଥ୍‌ଟବ, ବେଡ୍‌ରୁମ୍ ଏପରିକି ହଲ୍ ମଧ୍ୟ ଅଳିଆରେ ପୂର୍ଣ୍ଣ ହୋଇଛି। କିନ୍ତୁ ସେ ଏହି ଅଳିଆ ଗଦା କରି ନଥିବା ଚେଙ୍ଗ୍ କହିଛନ୍ତି। ପଡ଼ୋଶୀମାନେ ତାଙ୍କୁ ପାଗଳ ସାବ୍ୟସ୍ତ କରିବା ପାଇଁ ତାଙ୍କ ଘରେ ଏପରି ଅଳିଆ ଆବର୍ଜନା ଜମା କରିଥିବା ଚେଙ୍ଗ୍ କୁହନ୍ତି।

## ରେସ୍ତୋରାଁର ଅଜବ ନିୟମ



ଅନେକ ହୋଟେଲ ଓ ରେସ୍ତୋରାଁ ସେମାନଙ୍କ ଅଜବ ନିୟମ ପାଇଁ ଚର୍ଚ୍ଚାରେ ରହିଥାନ୍ତି। ଯାହା ଶୁଣିବାକୁ ବେଶ୍ ଅସ୍ୱାଭାବିକ ଲାଗିଥାଏ। ଏହି କ୍ରମରେ ଏକ ଫ୍ରେଞ୍ଚ୍ ରେସ୍ତୋରାଁର ଅଜବ ନିୟମ ଭାଇରାଲ ହୋଇଛି। ନିୟମ ଅନୁଯାୟୀ, ରେସ୍ତୋରାଁ ମଧ୍ୟକୁ ନିର୍ଦ୍ଦିଷ୍ଟ ସଂଖ୍ୟକ ଅତିଥିଙ୍କଠାରୁ କମ୍ କିମ୍ବା ଅଧିକ ଆସିଲେ ଏଥିପାଇଁ ଜରିମାନା ଦେବାକୁ ପଡ଼ିବ ବୋଲି ଲେଖାଯାଇଛି। ଅମ୍ବୋଇଜରେ ଥିବା ଲିଲାଟ ନାମକ ରେସ୍ତୋରାଁର ସେଫ୍ ଏବଂ ମ୍ୟାନେଜର ଓଲିବିୟା ଭିସେଣ୍ଟ ଦୀର୍ଘଦିନ ଧରି ଏକ ସମସ୍ୟାର ସମ୍ମୁଖୀନ ହେଉଥିଲେ। ତାଙ୍କ ରେସ୍ତୋରାଁରେ ମୋଟ ୨୦ ଟି ସିଟ୍ ରହିଛି। ଲୋକେ ପାର୍ଟି ଆୟୋଜନ କରିବାର ଥିଲେ ୨୦ ଟି ସିଟ୍ ବୁକ୍ କରିଥାନ୍ତି। କିନ୍ତୁ ଅନେକ ସମୟରେ ଲୋକମାନେ କମ୍ ଆସନ୍ତି। ଫଳରେ ରେସ୍ତୋରାଁକୁ କ୍ଷତି ସହିବାକୁ ପଡୁଥିଲା। ସେହିପରି ବୁକିଂ ସିଟ୍‌ରୁ ଅଧିକ ଲୋକ ହେଲେ ମଧ୍ୟ ରେସ୍ତୋରାଁକୁ ଏଥିପାଇଁ ସମସ୍ୟା ହେଉଥିଲା। ତେବେ ମ୍ୟାନେଜରଙ୍କୁ ପ୍ରତି ସପ୍ତାହରେ ଏଭଳି ସମସ୍ୟାର ସାମ୍ନା କରିବାକୁ ପଡୁଥିଲା। ଏଥିପାଇଁ ତାଙ୍କୁ ବ୍ୟବସାୟରେ ଅଧିକ କ୍ଷତି ସହିବାକୁ ପଡୁଥିଲା। ତେଣୁ ସେ ଫେସବୁକ୍‌ରେ ଏକ ପୋଷ୍ଟ ସେୟାର କରିଥିଲେ। ନିୟମ ଅନୁଯାୟୀ, ରେସ୍ତୋରାଁ ରିସେପସନରେ ପଞ୍ଜୀକୃତ ହୋଇଥିବା ସଂଖ୍ୟାରୁ କମ୍ କିମ୍ବା ଅଧିକ ଲୋକେ ଆସିଲେ ଏଥିପାଇଁ ଜଣକ ବାବଦରେ ଭାରତୀୟ ମୁଦ୍ରାରେ ୧୪୦୦ ଟଙ୍କା ନିଆଯିବ। ତେବେ ରେସ୍ତୋରାଁର ଏହି ନିୟମ ସାମାଜିକ ଗଣମାଧ୍ୟମରେ ଭାଇରାଲ ହେବା ପରେ କିଛି ଜଣ ମ୍ୟାନେଜରଙ୍କ ଏଭଳି ନିଷ୍ପତ୍ତିକୁ ସମର୍ଥନ କଲାବେଳେ ଆଉ କିଛି ଜଣ ସମାଲୋଚନା କରିଛନ୍ତି।

# ସମ୍ଭାବନା



## ଫ୍ରିଲାନ୍ସିଂ ଟିପ୍ସ



**ଫ୍ରିଲାନ୍ସିଂରେ କ୍ୟାରିୟର କରିବାର ଅନେକ ବିକଳ୍ପ ଅଛି। ଏଥିରେ ସ୍ୱାଧୀନ ଭାବେ କାମ କରାଯାଏ। ଫ୍ରିଲାନ୍ସିଂ ମାଧ୍ୟମରେ ଚାକିରି ସହିତ ଅତିରିକ୍ତ ଆୟ କରିବା ସମ୍ଭବପର। ତେବେ ଫ୍ରିଲାନ୍ସିଂ କରିବା ପୂର୍ବରୁ କେଉଁ ସବୁ ଦିଗ ଉପରେ ଧ୍ୟାନ ଦେବା ଦରକାର, ସେ ସମ୍ପର୍କରେ ଜାଣିବା।**

- ଯେଉଁ କ୍ଷେତ୍ରରେ ରୁଚି ଅଛି ତାହାକୁ ପ୍ରଥମେ ଜାଣନ୍ତୁ।
- ରୁଚି ଥିବା କାମରେ ଫ୍ରିଲାନ୍ସିଂ କରିବା ଭଲ।
- ଅନଲାଇନ୍ ମାଧ୍ୟମରେ କିଛି କାମ ଶିଖି, ଫ୍ରିଲାନ୍ସିଂ କରିପାରିବେ।
- ଫ୍ରିଲାନ୍ସିଂ ଯେଉଁ କ୍ଷେତ୍ରରେ କରିବାକୁ ଚାହୁଁଛନ୍ତି, ତା'ସହିତ ଜଡ଼ିତ ୱେବ୍‌ସାଇଟ୍‌ରେ ଆକାଉଣ୍ଟ ତିଆରି କରନ୍ତୁ। ଏହା ଦ୍ୱାରା କାମ ଖୋଜିବା ସହଜ ହୁଏ।
- ଫ୍ରିଲାନ୍ସିଂ କରିବା ପୂର୍ବରୁ ମାର୍କେଟ୍ ରିସର୍ଚ୍ଚ କରିବା ଜରୁରି।
- ଫ୍ରିଲାନ୍ସିଂରେ କାମ କରିବାକୁ ହେଲେ ତାହାକୁ ସମୟ ମଧ୍ୟରେ ପୂରା କରିବାକୁ ହୋଇଥାଏ।

# ଆତ୍ମସମୀକ୍ଷାରୁ ଆତ୍ମବିଶ୍ୱାସ ବୃଦ୍ଧି

ସମସ୍ତଙ୍କୁ ଶୋଇବା ପୂର୍ବରୁ ରାତିରେ କିଛି ସମୟ ଆତ୍ମସମୀକ୍ଷା କରିବା ନିହାତି ଦରକାର। ଏହାଦ୍ୱାରା ନିଜକୁ ବୁଝିବା ସହଜ ହୁଏ। ଆତ୍ମସମୀକ୍ଷାର ଅର୍ଥ ହେଉଛି, ନିଜ ଅଭ୍ୟାସ, ନିଷ୍ପତ୍ତି, ବିଚାରଧାରାକୁ ବୁଝିବା। ଏପରିକି ଏହା ଦ୍ୱାରା ନିଜେ କରିଥିବା କୌଣସି ଭୁଲ୍‌କୁ ସୁଧାରିବା ସହଜ ହୁଏ। ତେବେ ଆତ୍ମସମୀକ୍ଷା ଦ୍ୱାରା ଆତ୍ମବିଶ୍ୱାସ ବୃଦ୍ଧି ପାଏ। ଏହା ଦ୍ୱାରା କ୍ରୋଧକୁ ନିୟନ୍ତ୍ରଣରେ ରଖିବା ସହଜ ହୁଏ। କେବଳ ସେତିକି ନୁହେଁ, ଚାପ ଏବଂ ଚିନ୍ତାକୁ ସହଜରେ ନିୟନ୍ତ୍ରଣ କରି ହୁଏ। ଆତ୍ମସମୀକ୍ଷା ଦ୍ୱାରା ନିର୍ଣ୍ଣୟ ନେବା କ୍ଷମତା ମଜଭୁତ ହୁଏ। ଏହା ଦ୍ୱାରା କିଛି ନୂଆ ଶିଖିବାର କୌଶଳ ନିଜ ଭିତରେ ବୃଦ୍ଧି ପାଏ। ଅନ୍ୟପଟେ ଆତ୍ମସମୀକ୍ଷା କରିବାର ସବୁଠୁ ଉତ୍ତମ ଉପାୟ ହେଉଛି ନିଜକୁ ନିଜେ ପ୍ରଶ୍ନ କରିବା। ଏଇ ଯେମିତି ଦିନକ ଭିତରେ କେଉଁ କଥା ସମସ୍ୟାରେ ପକାଇଛି, କ'ଣ ନୂଆ ଶିଖିବାକୁ ମିଳିଲା ଭଳି ଆଉ କିଛି ପ୍ରଶ୍ନ ନିଜକୁ ପଚରା ଯାଇପାରିବ।



# ୱାର୍କେସନ୍ ବୁଲାବୁଲି ସହିତ କାମ



**ଅଫିସ୍ କାମ ଓ ବୁଲାବୁଲି ଏକକାଳୀନ କରିବାକୁ 'ୱାର୍କେସନ୍' କୁହାଯାଉଛି। ଏହାଦ୍ୱାରା ଅଫିସ୍‌ରେ ଛୁଟି ନ ମିଳିଲେ ବି ଜଣେ ଆଖପାଖ ସ୍ଥାନକୁ ବୁଲିବାକୁ ଯାଇ ସେଠାରେ ବସି କାମ କରିପାରିବେ। କରୋନାରେ ଘରୁ କାମ କରିବା ପରମ୍ପରା ଆରମ୍ଭ ହେବା ପରେ ହିଁ କାମ କରିବାର ଏହି ନୂଆ ଉପାୟ ଲୋକପ୍ରିୟତା ସାଉଁଟୁଛି।**

- 'ୱାର୍କ' ଏବଂ 'ଭାକେସନ୍' ଶବ୍ଦରୁ 'ୱାର୍କେସନ୍' ହୋଇଛି। ଛୁଟି ସହିତ କାମ କରିବା ଧାରାକୁ ଏହା ବୁଝାଏ। ଏହା ଦ୍ୱାରା କାମ ଉପରେ କୌଣସି ପ୍ରଭାବ ପଡ଼ି ନ ଥାଏ। କେବଳ ସେତିକି ନୁହେଁ, ଏହା ମାଧ୍ୟମରେ ଜଣେ ବ୍ୟକ୍ତି କାମକୁ ଉପଭୋଗ କରି ଖୁସିର ସହିତ କାମ କରିଥାନ୍ତି। ୱାର୍କେସନ୍ ଅସ୍ଥାୟୀ ହୋଇଥାଏ। କାରଣ କିଛି ସମୟ ପରେ କର୍ମଚାରୀ ପୁଣି କାର୍ଯ୍ୟାଳୟରୁ ନିଜ କାମ କରନ୍ତି। ତେବେ ଯେଉଁ କମ୍ପାନି ସ୍ଥାୟୀ ଭାବେ କର୍ମଚାରୀଙ୍କୁ ଘରୁ କାମ କରିବାର ସୁବିଧା ଦିଏ, ସେମାନଙ୍କ ପାଇଁ ୱାର୍କେସନ୍ ହେଉଛି ଏକ ସୁନ୍ଦର ବିକଳ୍ପ। ତେଣୁ କର୍ମଚାରୀ ଏବଂ କମ୍ପାନି ମଧ୍ୟରେ ୱାର୍କେସନ୍‌କୁ ନେଇ ଏକ ଉତ୍ତମ ବୁଝାମଣା ହେବା ଦରକାର।
- ତେବେ ୱାର୍କେସନର ପ୍ରଧାନ ଉପକରଣ ହେଉଛି ଲାପଟପ୍। ଲାପଟପ୍ ଥିଲେ କେଉଁଠୁ ବି କାମ କରିବା ସହଜ। ୱାର୍କେସନ୍ ମାଧ୍ୟମରେ କର୍ମଚାରୀ ସ୍ଥାୟୀ ଭାବେ ଯାତ୍ରା କରି ନ ଥାନ୍ତି। ୱାର୍କେସନ୍ ସମୟରେ କର୍ମଚାରୀ କିଛି ସପ୍ତାହ ପାଇଁ ଅନ୍ୟ ସ୍ଥାନକୁ ଯାଇ ସେଠାରେ ରହନ୍ତି। ଏହାର ଲୋକପ୍ରିୟତା ବି ଦିନକୁ ଦିନ ବୃଦ୍ଧି ପାଉଛି। ତେଣୁ ଏହାକୁ ନେଇ କର୍ମଚାରୀ ନିଜ ଚାକିରିକୁ ଭିନ୍ନ ଦୃଷ୍ଟିକୋଣରୁ ଦେଖିପାରିବେ।
- ୱାର୍କେସନ୍ ବିଭିନ୍ନ ଦୃଷ୍ଟିରୁ କର୍ମଚାରୀଙ୍କୁ ସୁବିଧା ପ୍ରଦାନ କରେ। ଏହା ସେମାନଙ୍କ କାମ ଚାପକୁ କମ୍ କରିଥାଏ। ଏହାଦ୍ୱାରା କର୍ମଚାରୀଙ୍କ କାର୍ଯ୍ୟକ୍ଷମତା ବୃଦ୍ଧି ପାଏ। ବେଳେ ବେଳେ ଏହା କର୍ମଚାରୀଙ୍କୁ ସମସ୍ୟାରେ ମଧ୍ୟ ପକାଇପାରେ। କିଛି କାମ ଠିକ୍ ସ୍ଥାନରେ ଠିକ୍ ସମୟରେ କରିବାକୁ ହୋଇଥାଏ, ଯାହାକି ୱାର୍କେସନ୍ ଦ୍ୱାରା ସମ୍ଭବ ହୋଇ ନ ଥାଏ। ଅନ୍ୟପକ୍ଷରେ ମଲଟିଟାସ୍କିଂ ବା ଏକକାଳୀନ ଅନେକ କାମ କରୁଥିବା ବ୍ୟକ୍ତି ବିଶେଷଙ୍କ ପାଇଁ ଏହାକୁ ଏକ ଉତ୍ତମ ବିକଳ୍ପ ବୋଲି କୁହାଯାଉଛି।

# ଇନଷ୍ଟାଗ୍ରାମ୍‌ର 'ରିପୋଷ୍ଟ ଫିଚର୍'

ଫଟୋ ଏବଂ ଭିଡିଓ ସେୟାରିଂ ପ୍ଲାଟ୍‌ଫର୍ମ ହେଉଛି ଇନଷ୍ଟାଗ୍ରାମ। ବିଭିନ୍ନ ସମୟରେ ବ୍ୟବହାରୀଙ୍କ ସୁବିଧାକୁ ଦୃଷ୍ଟିରେ ରଖାଯାଇ ଏଥିରେ ନୂଆ ନୂଆ ଫିଚର୍ ସାମ୍ନାକୁ ଆସେ। ତେବେ ଏବେ କମ୍ପାନି ଆଉ ଏକ ନୂଆ ଫିଚର୍ ଉପରେ କାମ କରୁଛି। ଯାହାର ନାଁ 'ରିପୋଷ୍ଟ ଫିଚର୍'। ଏହାଦ୍ୱାରା ବ୍ୟବହାରକାରୀ ଅନ୍ୟର ପୋଷ୍ଟ ଏବଂ ରିଲ୍ସକୁ ସିଧାସଳଖ ନିଜ ପ୍ରାଇମେରି ଫିଡ୍‌ରେ ସେୟାର୍ କରିପାରିବେ। ଇନଷ୍ଟାଗ୍ରାମ୍‌ରେ ଏବେ ସୁଦ୍ଧା ଅନ୍ୟ କାହାର ପୋଷ୍ଟକୁ ସେୟାର୍ କରିବା ଲାଗି ବ୍ୟବହାରକାରୀଙ୍କୁ ଭିନ୍ନ ଭିନ୍ନ ଉପାୟର ସାହାରା ନେବାକୁ ପଡୁଥିଲା। ଏଇ ଯେମିତି ସ୍କ୍ରିନ୍ ସଟ୍ ଦ୍ୱାରା ସେୟାର୍ କରିବା, ଥାର୍ଡ ପାର୍ଟି ଆପ୍ ବ୍ୟବହାର କରିବା ନଚେତ୍ ପୋଷ୍ଟକୁ ନିଜ ଷ୍ଟୋରିରେ ସେୟାର୍ କରିବା। ଅବଶ୍ୟ ଏହି ରିପୋଷ୍ଟ ଫିଚର୍ ଦ୍ୱାରା ଏବେ ଏସବୁ କିଛି ବ୍ୟବହାରକାରୀଙ୍କୁ କରିବାକୁ ପଡ଼ିବ ନାହିଁ।

ନୂଆ ଫିଚର୍ ମାଧ୍ୟମରେ ବ୍ୟବହାରକାରୀ ନିଜ ପୋଷ୍ଟ ସହ ଅନ୍ୟର ରିଲ୍ସ ଆଦିକୁ ପୁଣି ଥରେ ସେୟାର୍ କରିପାରିବେ। ସେହିପରି କୌଣସି ପୋଷ୍ଟକୁ ରିପୋଷ୍ଟ କଲେ, ପ୍ରୋଫାଇଲରେ ଏକ ଅଲଗା 'ରିପୋଷ୍ଟ' ଦେଖାଇବ। ଅନ୍ୟପକ୍ଷରେ ଏହି ଫିଚର୍ ଉପରେ ପରୀକ୍ଷା ଚାଲିଛି। ଖୁବ୍‌ଶୀଘ୍ର ଏହା ସମସ୍ତ ବ୍ୟବହାରକାରୀଙ୍କ ଲାଗି ଉପଲବ୍ଧ ହେବ।



ସକାଳ THE SAKALA
www.sakalaepaper.com

## ଭାରତର ୫ଟି ଶତକ ବ୍ୟର୍ଥ, ଅଧା ଡଜନେ କ୍ୟାଚ୍ ହାତଛଡ଼ା ମହଙ୍ଗା ପଡ଼ିଲା

# ପ୍ରଥମ ଟେଷ୍ଟରେ ଇଂଲଣ୍ଡର ବାଜିମାତ୍

ଲିଡ୍ସ, ୨୪।୬ (ଏଜେନ୍ସି)

ଗୋଟିଏ ଟେଷ୍ଟରେ ୫ଟି ଶତକ, ଉଭୟ ଇନିଂସରେ ୱିକେଟରକ୍ଷକ ଋଷଭ ପନ୍ତଙ୍କ ଶତକ କିମ୍ବା ଯଶପ୍ରୀତ୍ ବୁମ୍‌ରାଙ୍କ ୫ ୱିକେଟ ସଫଳତା କିଛି କାମ ଦେଲାନି। ଘରୋଇ ଦଳର ବ୍ୟାଟର ଦେଇଥିବା ଅଧାଡଜନେରୁ ଅଧିକ କ୍ୟାଚ୍‌କୁ ଧରି ନ ପାରିବା ଫଳରେ ଏଠାରେ ମଙ୍ଗଳବାର ଶେଷ ହୋଇଥିବା ଇଂଲଣ୍ଡ ବିପକ୍ଷ ଟେଷ୍ଟରେ ଭାରତକୁ ଏହି ମ୍ୟାଚ୍ ହାତଛଡ଼ା କରିବାକୁ ପଡ଼ିଛି। ଶେଷରେ ଭାରତକୁ ୫ ୱିକେଟରେ ପରାସ୍ତ କରି ଘରୋଇ ଇଂଲଣ୍ଡ ପ୍ରଥମ ଟେଷ୍ଟରେ ବିଜୟୀ ହୋଇଛି। ଏହା ଫଳରେ ୫ ମ୍ୟାଚ୍ ବିଶିଷ୍ଟ ଟେଷ୍ଟ ସିରିଜ୍‌ରେ ଇଂଲଣ୍ଡ ୧-୦ରେ ଆଗୁଆ ରହିଛି। ଏହି ସିରିଜ୍‌ର ଦ୍ୱିତୀୟ ଟେଷ୍ଟ ୮ ଦିନ ପରେ ବର୍ମିଂହାମ୍‌ର ଏଜବାଷ୍ଟନରେ ଜୁଲାଇ ୨ରୁ ଖେଳାଯିବାର କାର୍ଯ୍ୟକ୍ରମ ରହିଛି। ହେଡ୍ କୋଚ୍ ବ୍ରେଣ୍ଡାନ ମ୍ୟାକ୍‌କୁଲାମ ଓ ଅଧିନାୟକ ବେନ୍ ଷ୍ଟୋକ୍ସଙ୍କ ଯୋଡିରେ ଏଠାରେ ଇଂଲଣ୍ଡ ଏକ ଶ୍ରେଷ୍ଠ ଟେଷ୍ଟ ବିଜୟ ହାସଲ କରିଛି। ବାଜ୍‌ବଲ ଆଗରେ ହାର୍ ମାନିଛି ଭାରତ।

ଏହି ଟେଷ୍ଟରେ ଟସ୍ ହାରି ପ୍ରଥମେ ବ୍ୟାଟିଂ କରିଥିବା ଭାରତ ପ୍ରଥମ ଇନିଂସରେ ୪୭୧ ରନ୍ କରିଥିଲା। ଜବାବରେ ଇଂଲଣ୍ଡ ୪୬୫ ରନ୍ କରିବାକୁ ସମର୍ଥ ହୋଇଥିଲା। ପ୍ରଥମ ପାଳିରେ ୬ ରନ୍‌ରେ ଆଗୁଆ ରହିଥିବା ଭାରତ ଦ୍ୱିତୀୟ ଇନିଂସରେ ୩୬୪ ରନ୍ କରିଅଲଆଉଟ ହୋଇଥିଲା। ଏହା ଫଳରେ ଇଂଲଣ୍ଡକୁ ଏହି ମ୍ୟାଚ୍ ଜିତିବା ଲାଗି ପାଖାପାଖି ୯୬ ଓଭରରେ ୩୭୧ ରନ୍‌ର ବିଜୟ ଲକ୍ଷ୍ୟ ଧାର୍ଯ୍ୟ କରାଯାଇଥିଲା। ଚତୁର୍ଥ ଦିନରେ ଇଂଲଣ୍ଡ ବିନା ୱିକେଟରେ ୨୧ ରନ୍ ଭରଣା କରିଥିଲା।


ବେନ୍ ଡକେଟ୍: ମ୍ୟାନ୍ ଅଫ୍ ଦି ମ୍ୟାଚ୍

୫ମ ଦିନରେ ଦୁଇ ଓପନର ବେନ୍ ଡକେଟ (୧୪୯) ଓ ଜ୍ୟାକ୍ କ୍ରାଲୀ (୬୫) ପ୍ରଥମ ୱିକେଟରୁ ୧୮୮ ରନ୍ ଉଠାଇ ଦଳକୁ ବିଜୟ ରାସ୍ତାରେ ନେଇଯାଇଥିଲେ। ମଝିରେ ଦୁଇ ଥର ବର୍ଷା ଓ ଶାର୍ଦ୍ଦୁଳ ଠାକୁର ଗୋଟିଏ ଓଭରରେ ଡକେଟ ଓ ବ୍ରୁକ୍ (୦)ଙ୍କୁ ଆଉଟ କରି ଭାରତ ଲାଗି ମ୍ୟାଚ୍ ବଞ୍ଚାଇବାର ଆଶା ସଞ୍ଚାର କରିଥିଲେ। ଜୋ ରୁଟ୍ ତୃତୀୟ ୱିକେଟରେ ଡକେଟଙ୍କ ସହ ୪୭ ଓ ପଞ୍ଚମ ୱିକେଟରେ ବେନ୍ ଷ୍ଟୋକ୍ସଙ୍କ ସହ ୪୯ ରନ୍ ଉଠାଇ ଦଳର ବିଜୟ ରାସ୍ତା ପରିଷ୍କାର କରିନେଇଥିଲେ। ଏହି ସମୟରେ ଷ୍ଟୋକ୍ସ (୩୦)ଙ୍କୁ ଆଉଟ କରି ରବୀନ୍ଦ୍ର ଜାଡେଜା ଏହି ଯୋଡି ଭାଙ୍ଗିଦେଇଥିଲେ। ଏହି ସମୟରେ ମ୍ୟାଚ୍ ଜିତିବାକୁ ଆଉ ୬୯ ରନ୍ ଆବଶ୍ୟକ ହେଉଥିଲା। ରୁଟ୍ ଓ ଯୁବ ୱିକେଟରକ୍ଷକ ଜେମି ସ୍ମିଥ୍ ୬ଷ୍ଠ ୱିକେଟରେ ୭୧ ରନ୍ ଉଠାଇ ଇଂଲଣ୍ଡକୁ ବିଜୟୀ କରାଇଥିଲେ। ରୁଟ ଶେଷ ପର୍ଯ୍ୟନ୍ତ ଆଉଟ ନ ହୋଇ ୫୪ ଓ ଶେଷ ବଲ୍‌ରେ ଜାଡେଜାଙ୍କୁ ଛକା ମାରି ଜିତାଇଥିବା ସ୍ମିଥ୍ ୪୪ ରନ୍ କରିଥିଲେ। ରୁଟ ୮୪ ବଲ୍‌ର ସାମ୍ନା କରି ୬ଟି ଚୌକା ମାରିଥିଲାବେଳେ ସ୍ମିଥ୍ ମାତ୍ର ୫୫ ବଲ୍ ଖେଳି ୪ ଚୌକା ଓ ୨ଛକା ସହାୟତାରେ ଏହି ସ୍କୋର କରିଥିଲେ।

ଆଜି ରବୀନ୍ଦ୍ର ଜାଡେଜାଙ୍କ ଯାଦୁକରୀ ବୋଲିଂ କିମ୍ବା ବର୍ଷା ଭାରତକୁ ପରାଜୟରୁ ରକ୍ଷା କରି ପାରି ନ ଥିଲା। ଭାରତ ପକ୍ଷରୁ ଶାର୍ଦ୍ଦୁଳ ଠାକୁର ଓ ପ୍ରସିଦ୍ଧ କ୍ରିଷ୍ଣା ୨ଟି ଲେଖାଏଁ ୱିକେଟ ନେଇଥିଲେ। ପ୍ରତିପକ୍ଷ ଅଧିନାୟକ ବେନ୍ ଷ୍ଟୋକ୍ସଙ୍କୁ ଆଉଟ କରିଥିଲେ ଜାଡେଜା। ଏହା ସତ୍ତ୍ୱେ ଭାରତ ଏହି ମ୍ୟାଚ୍ ଜିତିବାରେ ସମର୍ଥ ହୋଇ ନ ଥିଲା। ୩୫୦ ରନ୍‌ରୁ ଉର୍ଦ୍ଧ୍ୱ ବିଜୟ ଲକ୍ଷ୍ୟକୁ ପିଛା କରି ଭାରତ ବିପକ୍ଷରେ ଇଂଲଣ୍ଡ ପୂର୍ବରୁ ଏଠାରେ ୨ଥର ବିଜୟୀ ହୋଇଛି। ଏଜ୍‌ବାଷ୍ଟନରେ ଭାରତ ପ୍ରଦତ୍ତ ୩୭୮ ରନ୍‌ର ବିଜୟ ଲକ୍ଷ୍ୟକୁ ଇଂଲଣ୍ଡ ସହଜରେ ହାସଲ କରିଥିଲା। ଏହି ମ୍ୟାଚ୍‌ରେ ଭାରତ ଆରମ୍ଭରୁ ଭଲ ସ୍ଥିତିରେ ରହିଥିଲା। ପ୍ରଥମ ୪ ଦିନ ଉଭୟ ଦଳ ପ୍ରାଧାନ୍ୟ ବିସ୍ତାର କରିବାକୁ ସଂଘର୍ଷ କରିଥିଲେ।

### ସଂକ୍ଷିପ୍ତ ସ୍କୋର

**ଭାରତ ପ୍ରଥମ ଇନିଂସ** : ୪୭୧ (ଗିଲ-୧୪୭, ପନ୍ତ-୧୩୪, ଜୟସ୍ୱାଲ-୧୦୧, ଷ୍ଟୋକ୍ସ-୪/୬୬, ଟଙ୍ଗ୍-୪/୮୬)।
**ଇଂଲଣ୍ଡ ପ୍ରଥମ ଇନିଂସ** : ୪୬୫ (ପୋପ୍-୧୦୬, ବ୍ରୁକ୍- ୯୯, ଡକେଟ-୬୨, ବୁମ୍‌ରା-୫/୮୩, କ୍ରିଷ୍ଣା- ୩/୧୨୮, ସିରାଜ- ୨/୧୨୨)।
**ଭାରତ ଦ୍ୱିତୀୟ ଇନିଂସ** : ୩୬୪ (ରାହୁଲ-୧୩୭, ପନ୍ତ-୧୧୮, ଟଙ୍ଗ୍-୩/୭୨, କାର୍ସ-୩/୮୦, ବସିର-୨/୯୦)।
**ଇଂଲଣ୍ଡ ଦ୍ୱିତୀୟ ଇନିଂସ** : ୩୭୩/୫, ୮୨ ଓଭର (ଡକେଟ-୧୪୯, କ୍ରାଲୀ-୬୫, ରୁଟ୍ -୫୩*, ଶାର୍ଦ୍ଦୁଳ-୨/୫୧, କ୍ରିଷ୍ଣା- ୨/୯୨)।

## ତୃତୀୟଥର କଳାପଟି ବାନ୍ଧିଲେ ଖେଳାଳି

ଏଠାରେ ଚାଲିଥିବା ପ୍ରଥମ ମ୍ୟାଚ୍‌ରେ ଉଭୟ ଦଳର ଖେଳାଳିମାନେ ମଙ୍ଗଳବାର କଳାପଟି ବାନ୍ଧି ଖେଳିଥିଲେ। ଏହା କାରଣ ଥିଲା ଗତକାଲି ରାତିରେ ଭାରତୀୟ କ୍ରିକେଟର ଦିଲୀପ ଦୋଶୀଙ୍କ ବିୟୋଗ। ତାଙ୍କ ଅମର ଆତ୍ମାକୁ ସମ୍ମାନ ଜଣାଇ ଉଭୟ ଦଳର ଖେଳାଳିମାନେ ଏହି ମ୍ୟାଚ୍‌ର ୫ମ ଦିନରେ ହାତରେ କଳାପଟି ବାନ୍ଧି ଖେଳିଥିଲେ। ଏହା ପୂର୍ବରୁ ତୃତୀୟ ଦିନ ଇଂଲଣ୍ଡର କ୍ରିକେଟର ଡାନ ଲରେନ୍ସଙ୍କ ପରଲୋକ ଯୋଗୁଁ ମଧ୍ୟ ଉଭୟ ଖେଳାଳିମାନେ କଳାପଟି ବାନ୍ଧିଥିଲେ। ପ୍ରଥମ ଦିନ ଅହମ୍ମଦାବାଦ୍ ବିମାନ ଦୁର୍ଘଟଣାରେ ଆତ୍ମାକୁ ସମ୍ମାନ ଜଣାଇ ଉଭୟ ଖେଳାଳିମାନେ ହାତରେ କଳାପଟି ବାନ୍ଧି ଖେଳିଥିଲେ।

## ଋଷଭ ପନ୍ତ ଦଣ୍ଡିତ

ଲିଡ୍ସ, ୨୪।୬ (ଏଜେନ୍ସି): ଇଂଲଣ୍ଡ ବିପକ୍ଷ ପ୍ରଥମ ଟେଷ୍ଟରେ ଭାରତୀୟ ୱିକେଟ ରକ୍ଷକ ଋଷଭ ପନ୍ତ ଆଇସିସି ଆଚରଣ ସଂହିତା ଉଲ୍ଲଙ୍ଘନ କରି ଦଣ୍ଡିତ ହୋଇଛନ୍ତି। ଦଣ୍ଡସ୍ୱରୂପ ତାଙ୍କୁ ଗୋଟିଏ



ଡିମେରିଟ ପଏଣ୍ଟ ମିଳିଛି ଓ ଏଭଳି କାମ ଆଉଥରେ ନ କରିବାକୁ ଚେତାବନୀ ଦିଆଯାଇଛି। ଏହି ମ୍ୟାଚ୍‌ର ତୃତୀୟ ଦିନ ଇଂଲଣ୍ଡ ପ୍ରଥମ ଇନିଂସର ୬୧ତମ ଓଭର ବେଳେ ବଲର ଆକାର ଖରାପ ହୋଇଥିବା ନେଇ ପନ୍ତ ଫିଲ୍ଡ ଅମ୍ପାୟାର ପଲ ରିଫେଲଙ୍କୁ ଦେଖାଇଥିଲେ। ଏହି ବଲ୍‌କୁ ବଦଳାଇବା ଲାଗି ମଧ୍ୟ ଦାବି କରିଥିଲେ। କିନ୍ତୁ ରିଫେଲ ଏହି ଦାବିର ପରୀକ୍ଷା କରିବା ପରେ ବଲର ଆକାରରେ କୌଣସି ଅସୁବିଧା ନାହିଁ ବୋଲି କହିବା ସହ ବଲ ବଦଳାଇବାକୁ ମନା କରିଦେଇଥିଲେ। ଏହା ଫଳରେ ପନ୍ତ ନିରାଶ ହେବା ସହ ବଲ୍‌କୁ ପଡ଼ିଆରେ ଫିଙ୍ଗିଦେଇଥିଲେ। ତାଙ୍କର ଏଭଳି ଆଚରଣ ଆଇସିସି ଆଚରଣ ସଂହିତାର ଧାରା ୨.୮ ଅନୁଯାୟୀ ଲେଭଲ-୧ ଅପରାଧ ଭାବେ ବିବେଚନା କରାଯାଇଛି। ଗତ ୨୪ ମାସ ମଧ୍ୟରେ ପନ୍ତଙ୍କର ଏହା ପ୍ରଥମ ଅପରାଧ ହୋଇଥିବାରୁ ଡିମେରିଟ୍ ପଏଣ୍ଟ ସହ ଚେତାବନି ଦିଆଯାଇ ଛାଡିଦିଆଯାଇଛି। ପନ୍ତ ଏହି ଟେଷ୍ଟର ଉଭୟ ଇନିଂସରେ ଶତକ ହାସଲ କରିଛନ୍ତି। ଏଭଳି ସଫଳତା ପାଇବାରେ ସେ ଭାରତର ୭ମ ବ୍ୟାଟର ଓ ପ୍ରଥମ ୱିକେଟ ରକ୍ଷକ।


## ୪ଟି କ୍ୟାଚ୍ ଡ୍ରପ୍ କଲେ ଜୟସ୍ୱାଲ

ଲିଡ୍ସ, ୨୪।୬ (ଏଜେନ୍ସି): ଇଂଲଣ୍ଡ ବିପକ୍ଷ ପ୍ରଥମ ଟେଷ୍ଟରେ ଭାରତର କ୍ଷେତ୍ରରକ୍ଷଣ ସବୁଠାରୁ ଦୁର୍ବଳ ହୋଇଥିଲା। ଏଥିରେ ପ୍ରତିପକ୍ଷ ବ୍ୟାଟରଙ୍କୁ ଆଉଟ କରିବାକୁ ମିଳିଥିବା ସୁଯୋଗ ମଧ୍ୟରୁ ଭାରତୀୟ ଫିଲ୍ଡରମାନେ ଅଧା ଡଜନେରୁ ଅଧିକ କ୍ୟାଚ୍ ଡ୍ରପ୍ କରିଥିଲେ। ଏହା ମଧ୍ୟରୁ କେବଳ ଓପନର ଯଶସ୍ୱୀ ଜୟସ୍ୱାଲ ୪ଟି କ୍ୟାଚ୍ ଡ୍ରପ କରି ଜଣେ ଭାରତୀୟ ଭାବେ ଗୋଟିଏ ଟେଷ୍ଟରେ ସର୍ବାଧିକ କ୍ୟାଚ୍ ଛାଡିବାର ରେକର୍ଡ କରିଛନ୍ତି। ଇଂଲଣ୍ଡ ପ୍ରଥମ ଇନିଂସରେ ସେ ୩ଟି କ୍ୟାଚ୍ ଡ୍ରପ୍ କରିଥିଲେ। ଏ ସବୁ କ୍ୟାଚ୍ ବୁମ୍‌ରାଙ୍କ ବୋଲିଂରୁ ମିଳିଥିଲା। ପ୍ରଥମ ଇନିଂସରେ ବୁମ୍‌ରାଙ୍କ ବୋଲିଂରେ ଋଷଭ ପନ୍ତ ଓ ରବୀନ୍ଦ୍ର ଜାଡେଜା ମଧ୍ୟ ଗୋଟିଏ ଲେଖାଏଁ କ୍ୟାଚ୍ ଡ୍ରପ୍ କରିଥିଲେ। ଏହାର ଫଳ ଭାରତକୁ ଭୋଗିବାକୁ ପଡ଼ିଛି। ଏହି ମ୍ୟାଚ୍‌ର ମଙ୍ଗଳବାର ଖେଳ ଶେଷ ଦିନରେ ପ୍ରତିପକ୍ଷ ଓପନର ବେନ୍



ଡକେଟ ୯୭ ରନ୍ କରିଥିଲାବେଳେ ଡିପ୍ ବ୍ୟାକ୍‌ୱାର୍ଡରେ ଦେଇଥିବା କ୍ୟାଚ୍‌କୁ ଜୟସ୍ୱାଲ ଧରି ପାରି ନ ଥିଲେ। ଫଳରେ ବୋଲର ମହମ୍ମଦ୍ ସିରାଜ ଓ ଭାରତୀୟ ଟିମ୍ ନିରାଶ ହୋଇଥିଲେ। ଏହି କ୍ୟାଚ୍ ଡ୍ରପ ଯୋଗୁଁ ପ୍ରଥମ ଟେଷ୍ଟ ଭାରତ ନିକଟରୁ ହାତଛଡ଼ା ହୋଇଯାଇଥିଲା।

## ରିଙ୍କୁ-ପ୍ରିୟାଙ୍କ ବିବାହ ଫେବୃଆରୀକୁ ଘୁଞ୍ଚିଲା



ଲକ୍ଷ୍ନୌ, ୨୪।୬ (ଏଜେନ୍ସି): ଭାରତୀୟ ଯୁବ କ୍ରିକେଟର୍ ରିଙ୍କୁ ସିଂ ଓ ସାଂସଦ ପ୍ରିୟା ସରୋଜଙ୍କ ମଧ୍ୟରେ ଚର୍ଚ୍ଚିତ ବିବାହ ନଭେମ୍ବର ୧୯ରେ ବାରଣାସୀରେ ହେବାର କାର୍ଯ୍ୟସୂଚୀ ରହିଥିଲା। ତେବେ ସଦ୍ୟ ରିପୋର୍ଟ ମୁତାବକ, ଏହି ବିବାହକୁ ଘୁଞ୍ଚାଇ ଦିଆଯାଇଛି। ଆସନ୍ତାବର୍ଷ ଫେବୃଆରୀରେ ବିବାହ ଲାଗି ନୂଆ ସମୟ ଧାର୍ଯ୍ୟ ହୋଇଛି। କିନ୍ତୁ ତାରିଖ ଧାର୍ଯ୍ୟ ହୋଇ ନ ଥିବା ପରିବାର ସୂତ୍ରରୁ ଜଣାପଡ଼ିଛି। ନଭେମ୍ବରରେ ରିଙ୍କୁଙ୍କ ଘରୋଇ କ୍ରିକେଟ୍‌ର ବ୍ୟସ୍ତ କାର୍ଯ୍ୟସୂଚୀକୁ ନଜରରେ ରଖି ବିବାହକୁ ଘୁଞ୍ଚାଇ ଦିଆଯାଇଛି ବୋଲି ଜଣାପଡ଼ିଛି। ପ୍ରକାଶଯୋଗ୍ୟ, ଚଳିତ ମାସ ପ୍ରାରମ୍ଭରେ ଲକ୍ଷ୍ନୌରେ ଏକ ଜାକଜମକ ଉତ୍ସବରେ ରିଙ୍କୁ ଓ ପ୍ରିୟାଙ୍କ ନିର୍ବନ୍ଧ ଅନୁଷ୍ଠିତ ହୋଇଥିଲା। ପ୍ରିୟା ସମାଜବାଦୀ ପାର୍ଟିର ସାଂସଦ ଥିବାରୁ ଏହା ମୁଖ୍ୟ ତଥା ପୂର୍ବତନ ମୁଖ୍ୟମନ୍ତ୍ରୀ ଅଖିଳେଶ ଯାଦବ, ଅଭିନେତ୍ରୀ ଜୟା ବଚ୍ଚନ, ଭାରତୀୟ କ୍ରିକେଟର୍ ଭୁବନେଶ୍ୱର କୁମାରଙ୍କ ସମେତ ଏକାଧିକ ସେଲିବ୍ରିଟ ଏହି ନିର୍ବନ୍ଧରେ ଉପସ୍ଥିତ ରହିଥିଲେ।

## କାଉଣ୍ଟି ପଦାର୍ପଣରେ ତିଲକ ବର୍ମାଙ୍କ ଶତକ

ନୂଆଦିଲ୍ଲୀ,୨୪।୬ (ଏଜେନ୍ସି): ଭାରତୀୟ ସୀମିତ ଓଭର କ୍ରିକେଟ ବିଶେଷଜ୍ଞ ତିଲକ ବର୍ମା ବିଶ୍ୱର ଖ୍ୟାତନାମା କାଉଣ୍ଟି କ୍ରିକେଟର ପଦାର୍ପଣରେ ଶତକ ହାସଲ କରିଛନ୍ତି। ହାଇଦରାବାଦର ଏହି ଖେଳାଳି କାଉଣ୍ଟି ଚାମ୍ପିଅନସିପ୍‌ରେ ହାମ୍ପସାୟର ପକ୍ଷରୁ ପ୍ରତିନିଧିତ୍ୱ କରି ଇସେକ୍ସ ବିପକ୍ଷରେ ଶତକ ହାସଲ କରିଛନ୍ତି। ଚେମ୍ସଫୋର୍ଡ କ୍ରିକେଟ ଗ୍ରାଉଣ୍ଡରେ ଖେଳାଯାଇଥିବା ଏହି ମ୍ୟାଚ୍‌ରେ ସେ ୨୩୯ ବଲ୍‌ରେ ଶତକ ପୂରଣ କରିଥିଲେ। ଏହି ଶତକୀୟ ପାଳିରେ ୧୧ଟି ଚୌକା ଓ ୩ଟି ଛକା ସାମିଲ ଥିଲା। ଏହା ସହ ସେ ଲିଆମ ଡାଓସନଙ୍କ ସହ ମିଶି ୫ମ ୱିକେଟ ଭାଗୀଦାରିରେ ୧୩୩ ରନ୍ ଉଠାଇଥିଲେ। ପ୍ରଥମଶ୍ରେଣୀ କ୍ରିକେଟରେ




ଏହା ତିଲକଙ୍କ ଷଷ୍ଠ ଶତକ। ଏହା ପୂର୍ବରୁ ସେ ହାଇଦରାବାଦ୍ ପକ୍ଷରୁ ରଣଜୀ ଟ୍ରଫିରେ ୩ଟି, ଭାରତ-ଏ’ ପକ୍ଷରୁ ଖେଳି ନ୍ୟୁଜିଲାଣ୍ଡ ଓ ଦକ୍ଷିଣାଞ୍ଚଳ ପକ୍ଷରୁ ଦୁଲୀପ ଟ୍ରଫି ଖେଳି ଗୋଟିଏ ଲେଖାଏଁ ଶତକ ହାସଲ କରିଛନ୍ତି। ଭାରତ ପକ୍ଷରୁ ୪ଟି ଦିନିକିଆ ଓ ୨୫ଟି ଟି-୨୦ ଅନ୍ତର୍ଜାତୀୟ ମ୍ୟାଚ୍ ଖେଳିଥିବା ତିଲକ ଏବେ ମୁମ୍ବାଇ ଇଣ୍ଡିଆନ୍ସ ପକ୍ଷରୁ ଆଇପିଏଲ୍ ଖେଳୁଛନ୍ତି।

## କ୍ଲବ୍ ବିଶ୍ୱକପ୍: ପ୍ରି-କ୍ୱାର୍ଟରରେ ଇଣ୍ଟର ମିଆମି

ସିନ୍‌ସିନାଟି, ୨୪।୬ (ଏଜେନ୍ସି): ଲିଓନେଲ ମେସୀ ଓ କାର୍ଲୋସ ସୁଆରେଜ୍ ଗୋଲ ସ୍କୋର କରିବାରେ ବିଫଳ ହେବା ଫଳରେ ଏଠାରେ ମଙ୍ଗଳବାର ସକାଳେ ଅନୁଷ୍ଠିତ ଗ୍ରୁପ୍-ଏ’ ମ୍ୟାଚ୍‌ରେ ଇଣ୍ଟର ମିଆମି ୨-୨ ଗୋଲରେ ପାଲମେଇରାସ ସହ ମ୍ୟାଚ୍ ଡ୍ର ରଖିଛି। ଏହା ଫଳରେ ଉଭୟ ଦଳ ସମାନ ୫ ପଏଣ୍ଟ ଲେଖାଏଁ ସଂଗ୍ରହ କରି ପ୍ରି-କ୍ୱାର୍ଟର ଫାଇନାଲ୍‌ରେ ପ୍ରବେଶ କରିଛନ୍ତି। ଗ୍ରୁପ୍-ଏ’ର ପ୍ରଥମ ସ୍ଥାନରେ ରହିଥିବା ପାଲମେଇରାସ ପ୍ରି-କ୍ୱାର୍ଟରରେ ନିଜ ଦେଶ ବ୍ରାଜିଲ୍‌ର ବୋଟାଫୋଗୋ ସହ ଖେଳିବେ। ସେହିପରି ଅନ୍ୟଏକ ମୁକାବିଲାରେ ପ୍ୟାରିସ ସେଣ୍ଟ ଜର୍ମେନ ସହ ମେସୀଙ୍କ ଇଣ୍ଟର ମିଆମି କ୍ୱାର୍ଟର ଫାଇନାଲ ସ୍ଥାନ ଲାଗି ମୁକାବିଲା କରିବ। ଆମେରିକାର ଏକମାତ୍ର କ୍ଲବ୍ ଭାବେ ଇଣ୍ଟର ମିଆମି ଫିଫା କ୍ଲବ୍ ବିଶ୍ୱକପ୍ ନକ୍‌ଆଉଟରେ ପ୍ରବେଶ କରିଛି।

## ଓଷ୍ଟ୍ରାଭାରେ ନୀରଜଙ୍କୁ ଟାଇଟଲ୍

ଓଷ୍ଟ୍ରାଭା, ୨୪।୬ (ଏଜେନ୍ସି): ଦୁଇଥରର ଅଲିମ୍ପିକ ପଦକ ବିଜେତା ତଥା ଭାରତୀୟ ଆଥ୍‌ଲେଟିକ ସୁପର୍ ଷ୍ଟାର୍ ନୀରଜ ଚୋପ୍ରା କ୍ରମାଗତ ଦ୍ୱିତୀୟ ସପ୍ତାହରେ ବିଶ୍ୱସ୍ତରରେ ଦୁଇଟି ପ୍ରତିଯୋଗିତାରେ ବିଜୟୀ ହେବାର



ସୌଭାଗ୍ୟ ଲାଭ କରିଛନ୍ତି। ଗତ ଶୁକ୍ରବାର ପ୍ୟାରିସ ଡାଏମଣ୍ଡ ଲିଗ୍‌ରେ ପ୍ରଥମ ହୋଇଥିବା ନୀରଜ ମଙ୍ଗଳବାର ରାତିରେ ଚେକ୍ ରିପବ୍ଲିକରେ ଅନୁଷ୍ଠିତ ଓଷ୍ଟ୍ରାଭା ଗୋଲ୍ଡେନ ସ୍ପାଇକ୍ ମିଟ୍‌ରେ ଟାଇଟଲ୍ ହାସଲ କରିଛନ୍ତି। ଓଷ୍ଟ୍ରାଭାରେ ନୀରଜ ତାଙ୍କ ୩ୟ ପ୍ରୟାସରେ ୮୫.୨୯ ମିଟର ଜାଭେଲିନ୍ ଫିଙ୍ଗିଥିଲେ। ସେ ଫିଙ୍ଗିଥିବା ୬ଟି ଯାକ ପ୍ରୟାସରେ ଏହା ଶ୍ରେଷ୍ଠ ଥ୍ରୋ ଥିଲା ଏବଂ ସେ ପ୍ରଥମ ସ୍ଥାନରେ ରହି ଏଠାରେ ବିଜୟୀ ହୋଇଥିଲେ।

**୭୮ତମ ଜାତୀୟ ଜଳକ୍ରୀଡ଼ା**

## ସ୍ରିଷ୍ଟି ଜିତିଲେ ତୃତୀୟ ପଦକ

ଭୁବନେଶ୍ୱର, ୨୪।୬ (ସମିସ): କଳିଙ୍ଗ ଷ୍ଟାଡିୟମସ୍ଥିତ ଇଣ୍ଡୋର ଆକ୍ୱାଟିକ ସେଣ୍ଟରରେ ଚାଲିଥିବା ୭୮ତମ ଜାତୀୟ ସିନିଅର ଜଳକ୍ରୀଡ଼ା ଚାମ୍ପିଅନସିପ୍‌ର ତୃତୀୟ ଦିବସରେ ଓଡ଼ିଶାକୁ ୨ ପଦକ ମିଳିଛି। ମହିଳା ୪ ଗୁଣା ୧୦୦ ମିଟର୍ ମେଡଲେ ରିଲେରେ ଓଡ଼ିଶା ଦଳ ରୌପ୍ୟ ପଦକ ଜିତିଛି। ପ୍ରତ୍ୟାଶା ରାୟ, ମନ୍ନତା ମିଶ୍ର, ସ୍ରିଷ୍ଟି ଉପାଧ୍ୟାୟ ଓ ଦିବ୍ୟାଙ୍କା ଦିବ୍ୟଜ୍ୟୋତି ପ୍ରଧାନଙ୍କୁ ନେଇ ଗଠିତ ଓଡ଼ିଶା ଦଳ ଦ୍ୱିତୀୟ ସ୍ଥାନରେ ରହି ଏହି ସଫଳତା ପାଇଥିଲା। ସେହିଭଳି ମହିଳା ୨୦୦ ମିଟର ବଟରଫ୍ଲାଏ ଫାଇନାଲରେ ସ୍ରିଷ୍ଟି ୨ ମିନିଟ୍ ୨୩.୧୧ ସେକେଣ୍ଡରେ ଫିନିଶ କରି ୩ୟ ସ୍ଥାନରେ ରହିବା ସହ କାଂସ୍ୟ ପଦକ ଜିତିଛନ୍ତି। ଚାମ୍ପିଅନସିପ୍‌ରେ ସ୍ରିଷ୍ଟିଙ୍କ ଏହା ୩ୟ ପଦକ। ପୂର୍ବରୁ ସେ ପ୍ରଥମ ଦିବସରେ ୧୦୦ ମିଟର ବଟରଫ୍ଲାଏରେ ସ୍ୱର୍ଣ୍ଣିମ ସଫଳତା ପାଇଥିଲେ। ଅପରପକ୍ଷର ତୃତୀୟ ଦିବସରେ ୩ଟି ନୂଆ ଜାତୀୟ ରେକର୍ଡ ଦେଖିବାକୁ ମିଳିଛି। ମଙ୍ଗଳବାର ଅନୁଷ୍ଠିତ ମହିଳା ୧୫୦୦ ମିଟର ଫ୍ରିଷ୍ଟାଇଲରେ ଦିଲ୍ଲୀର ଭବ୍ୟା ସଚଦେବ ମିଟ୍ ରେକର୍ଡ ପ୍ରତିଷ୍ଠା କରିଛନ୍ତି। ଏହି ଦୂରତାକୁ ସେ ୧୭ ମିନିଟ୍ ୩୫.୦୭ ସେକେଣ୍ଡରେ ଫିନିଶ୍ କରି ସ୍ୱର୍ଣ୍ଣ ପଦକ ଜିତିଥିଲେ। ସେହିଭଳି ମହିଳା ୫୦ ମିଟର ଫ୍ରିଷ୍ଟାଇଲରେ ଏସ୍. ରୁଜୁଲା ୨୬.୩୬ ସେକେଣ୍ଡରେ ଫିନିଶ୍ କରି ମିଟ୍ ରେକର୍ଡ ସହ ପ୍ରଥମ ସ୍ଥାନରେ ରହିଥିଲେ। ଦିବସର ତୃତୀୟ ମିଟ୍ ରେକର୍ଡ ତାମିଲନାଡୁ ନାମରେ ଲିପିବଦ୍ଧ ହୋଇଛି। ପୁରୁଷ ୪ ଗୁଣା ୧୦୦ ମିଟର ମେଡଲେ ରିଲେ ରେସରେ ତାମିଲନାଡୁ ଦଳ ୩ ମିନିଟ୍ ୪୫.୦୯ ସେକେଣ୍ଡରେ ରେସ୍ ଶେଷ କରି ପୋଡିୟମର ପ୍ରଥମ ସ୍ଥାନ ହାସଲ କରିଥିଲା। ଅପରପକ୍ଷରେ ପୁରୁଷ ୫୦ ମିଟର୍ ବ୍ୟାକ୍‌ଷ୍ଟ୍ରୋକରେ କର୍ଣ୍ଣାଟକର ଶ୍ରୀହରି ନଟରାଜ (୨୫.୭୦ ସେକେଣ୍ଡ) ସ୍ୱର୍ଣ୍ଣ ପଦକ ଜିତିଛନ୍ତି। ପୁରୁଷ ୨୦୦ ମିଟର ବଟରଫ୍ଲାଏରେ ସଜନ କୁମାର ମଧ୍ୟ ସ୍ୱର୍ଣ୍ଣିମ ସଫଳତା ପାଇଛନ୍ତି।

## ମାଷ୍ଟର୍ସ କପ୍ ହକି: ସେମିରେ ଓଡ଼ିଶା ମହିଳା

ଭୁବନେଶ୍ୱର, ୨୪।୬ (ସମିସ): ଚେନ୍ନଇରେ ହକି ଇଣ୍ଡିଆ ଆନୁକୂଲ୍ୟରେ ଚାଲିଥିବା ପ୍ରଥମ ମାଷ୍ଟର୍ସ କପ୍ ହକିର ମହିଳା ବିଭାଗରେ ଓଡ଼ିଶା ଦଳ ସେମିଫାଇନାଲରେ ପହଞ୍ଚିଛି। ମଙ୍ଗଳବାର ଖେଳାଯାଇଥିବା କ୍ୱାର୍ଟର ଫାଇନାଲରେ ଓଡ଼ିଶା ଭେଟେରାନ ମହିଳା ହକି ଦଳ ୧୦-୦ ଗୋଲରେ କେରଳକୁ ପରାସ୍ତ କରିଛି। ବିଜୟୀ ଓଡ଼ିଶା ପକ୍ଷରୁ ସରିତା ଲାକ୍ରା ୫ ଓ ରୋଶନ ସରିତା ମିଞ୍ଜ ୩ଟି ଗୋଲ୍ ଦେଇଥିଲେ। ସେହିଭଳି ଅନ୍ୟ ୩ଟି କ୍ୱାର୍ଟରରେ ପଞ୍ଜାବ, ହରିୟାଣା ଓ ତାମିଲନାଡୁ ବିଜୟୀ ହୋଇ ସେମିଫାଇନାଲକୁ ଉଠିଛନ୍ତି। ଗୁରୁବାର ସେମିଫାଇନାଲ ଖେଳାଯିବ। ସେମିଫାଇନାଲରେ ଓଡ଼ିଶାର ମୁକାବିଲା ତାମିଲନାଡୁ ସହ ହେବ। ଅପରପକ୍ଷରେ ପୁରୁଷ ବିଭାଗରେ ବୁଧବାର ଦୁଇଟି ଯାକ ସେମିଫାଇନାଲ ଅନୁଷ୍ଠିତ ହେବ। ଏଥିରେ ଓଡ଼ିଶା ଓ ମହାରାଷ୍ଟ୍ର ମଧ୍ୟରେ ଦ୍ୱିତୀୟ ସେମିଫାଇନାଲ ଖେଳାଯିବ।



## ଜାତୀୟ ଜୁନିଅର ଆଥ୍‌ଲେଟିକ୍ସରେ ଓଡ଼ିଆଙ୍କ ଚମକ

ଭୁବନେଶ୍ୱର, ୨୪।୬ (ସମିସ)

ଉତ୍ତର ପ୍ରଦେଶର ପ୍ରୟାଗରାଜରେ ଶେଷ ହୋଇଥିବା ଜାତୀୟ ଜୁନିଅର ଫେଡେରେସନ ଆଥ୍‌ଲେଟିକ୍ସ ଚାମ୍ପିଅନସିପ୍(୨୦ ବର୍ଷରୁ କମ୍)ର ୨୩ତମ ସଂସ୍କରଣରେ ଓଡ଼ିଆ କ୍ରୀଡ଼ାବିତ୍‌ଙ୍କ ଚମକ ଦେଖିବାକୁ ମିଳିଛି। ପ୍ରତିଯୋଗିତାର ଶେଷ ଦିବସରେ ମଙ୍ଗଳବାର ଓଡ଼ିଶାକୁ ୨ଟି ପଦକ ମିଳିଛି। ଓମକାର ପ୍ରସାଦ ନନ୍ଦ ପୁରୁଷ ସଟ୍‌ପୁଟ୍‌ରେ ରୌପ୍ୟ ଓ ମହିଳା ହାମର ଥ୍ରୋରେ ଅଙ୍କିତା ମହାପାତ୍ର କାଂସ୍ୟ ପଦକ ଜିତିଛନ୍ତି। ଓମକାର ୧୮.୪୬ ମିଟର ଦୂରକୁ ଫିଙ୍ଗି ଦ୍ୱିତୀୟ ସ୍ଥାନ ହାସଲ କରିଥିଲେ। ଉତ୍ତରପ୍ରଦେଶର ଅନୁରାଗ ସିଂ ୧୮.୯୯ ମିଟର ସହ ସ୍ୱର୍ଣ୍ଣପଦକ ହାସଲ କରିଥିଲେ। ସେହିଭଳି ମହିଳା ହାମର ଥ୍ରୋ’ରେ ଅଙ୍କିତା ୪୭.୪୦ ମିଟର ଦୂରତା ହାସଲ କରି ପୋଡିୟମର ୩ୟ ସ୍ଥାନରେ ରହିଥିଲେ। ପୂର୍ବରୁ





ସୋମବାର ଓଡ଼ିଶାର ଧାବକ ଅସତିକ ପ୍ରଧାନ ୪୦୦ ମିଟର ରେସରେ ମିଟ୍ ରେକର୍ଡ ସହ ସ୍ୱର୍ଣ୍ଣ ପଦକ ସଫଳତା ପାଇଥିଲେ। ଅସତିକ ୪୬.୫୮ ସେକେଣ୍ଡରେ ରେସ୍ ଶେଷ କରିଥିଲେ। ଉଲ୍ଲେଖଯୋଗ୍ୟ, ଓମକାର, ଅସତିକ କଳିଙ୍ଗ ଷ୍ଟାଡିୟମସ୍ଥିତ ଓଡ଼ିଶା ରିଲାଏନ୍ସ ଫାଉଣ୍ଡେସନ ଏଚ୍‌ପିସିରେ ପ୍ରଶିକ୍ଷଣ ନେଉଛନ୍ତି।

**ଏସିଆନ୍ ସ୍କ୍ୱାଶ ଚାମ୍ପିଅନସିପ୍**

## ଭାରତର ଦୁଇ ପଦକ ନିଶ୍ଚିତ

ନୂଆଦିଲ୍ଲୀ, ୨୪।୬ (ଏଜେନ୍ସି): ମାଲେସିଆରେ ଚାଲିଥିବା ଦ୍ୱିତୀୟ ଏସିଆନ ଡବଲ୍ ସ୍କ୍ୱାଶ ଚାମ୍ପିଅନସିପ୍‌ରେ ଭାରତ ଦୁଇ ପଦକ ନିଶ୍ଚିତ କରିଛି। ଭାରତର ଉଭୟ ପୁରୁଷ ଓ ମହିଳା ଦଳ ସେମିଫାଇନାଲରେ ସ୍ଥାନ ପକ୍କା କରିବା ସହ ପଦକ ପାଇବା ନିଶ୍ଚିତ ହୋଇଛି। ପୁରୁଷ ଡବଲ୍ସ କ୍ୱାର୍ଟର ଫାଇନାଲରେ ଅଭୟ ସିଂ ଓ ଭେଲାଭାନ ସେନ୍ଥିଲକୁମାରଙ୍କୁ ନେଇ ଭାରତୀୟ ଯୋଡ଼ି ୧୦-୧୧, ୧୧-୩, ୧୧-୫ରେ କୋରିଆ ଯୋଡ଼ିଙ୍କୁ ପରାସ୍ତ କରିଥିଲେ। ସେମିଫାଇନାଲରେ ଏହି ଭାରତୀୟ ଯୋଡ଼ି ହଂକଂର ଚି ହିମ୍ ୱଙ୍ଗ୍ ଓ ମିଙ୍ଗ୍ ହଙ୍ଗ୍ ଟାଙ୍ଗ୍ ଯୋଡ଼ିଙ୍କୁ ଭେଟିବେ। ସେହିଭଳି ମହିଳା ଡବଲ୍ସରେ ଜୋସ୍ନା ଚିନ୍ନାପ୍ପା ଓ ଅନହାତ ସିଂ ମାତ୍ର ୧୨ ମିନିଟ୍‌ରେ ୧୧-୬, ୧୧-୩ରେ ଫିଲିପାଇନ୍ସ ଯୋଡ଼ିଙ୍କୁ ପରାସ୍ତ କରି ସେମିକୁ ଉଠିଛନ୍ତି। ସେମିଫାଇନାଲରେ ପ୍ରବେଶ କରିଥିବାରୁ ପରାସ୍ତ ହେଲେ ମଧ୍ୟ କାଂସ୍ୟ ପଦକ ନିଶ୍ଚିତ କରିଛନ୍ତି।

PRINTED & PUBLISHED BY AMIT KUMAR MALLICK FOR ‘THE SAKALA’ A UNIT OF NANDIGHOSHA NETWORK PRIVATE LIMITED IN ITS PRESS AT IDCO PLOT NO.90 & 91, BHAGABANPUR INDUSTRIAL ESTATE, BHUBANESWAR-751019, DIST: KHORDHA, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦ୍ର ଦାସ
EXECUTIVE EDITOR: SAMARENDU DAS